


◀ ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-126 ◆SUNDAY ◆2 NOVEMBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୨୬ ◆ରବିବାର ◆୨ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦ (ସିନ୍ଦୂରା ସହ)


# ମନ୍ଦିରରେ ଦଳାଚକଟା ୧୨ ଶ୍ରଦ୍ଧାଳୁ ମୃତ





**୨୫ରୁ ଊର୍ଦ୍ଧ୍ୱ ଲୋକ ଆହତ**

■ **ଶ୍ରୀକାକୁଲମ, ୧।୧୧ (ଏଜେନ୍ସି):** ଆନ୍ଧ୍ରପ୍ରଦେଶର ଶ୍ରୀକାକୁଲମ୍‌ସ୍ଥିତ ଭେଙ୍କଟେଶ୍ୱର ମନ୍ଦିରରେ ପ୍ରବଳ ଭିଡ଼ ଯୋଗୁଁ ଦଳାଚକଟାରେ ୧୨ ଜଣ ଭକ୍ତ ପ୍ରାଣ ହରାଇଥିବା ବେଳେ ୫୦ରୁ ଅଧିକ ଆହତ ହୋଇଛନ୍ତି। ପ୍ରାଣ ହରାଇଥିବା ଭକ୍ତଙ୍କ ମଧ୍ୟରେ ମଧ୍ୟରେ ୮ ମହିଳା ଓ ୨ ଜଣ ଶିଶୁ ଅଛନ୍ତି। ବେସରକାରୀ ସଂସ୍ଥା ଦ୍ୱାରା ପରିଚାଳିତ ଏହି ମନ୍ଦିରରେ ଏକକାଳୀନ ଦର୍ଶନ ପାଇଁ ୫ ହଜାର ଲୋକଙ୍କର ବ୍ୟବସ୍ଥା ଥିବା ବେଳେ ଆଜି ପ୍ରାୟ ୨୫ ହଜାର ଲୋକଙ୍କର ସମାଗମ ହୋଇଥିଲା। ଭିଡ଼ ଅସମ୍ଭାଳ ହୋଇପଡ଼ିବାରୁ ଏଭଳି ଦୁର୍ଭାଗ୍ୟପୂର୍ଣ୍ଣ ଘଟଣା ଘଟିଥିବା କୁହାଯାଉଛି। ରାଜ୍ୟ ସରକାର ଏହାର ଯାଞ୍ଚ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଚଳିତ ବର୍ଷ ଆନ୍ଧ୍ର ▶ପୃଷ୍ଠା-୭

## ଆଖିବୁଜିଲେ ପାତ୍ରପୁର ଝିଅ ରୁପା

■ **ପାତ୍ରପୁର, ୧।୧୧ (ସମିସ):** ଆନ୍ଧ୍ରପ୍ରଦେଶ ଭେଙ୍କଟେଶ୍ୱର ମନ୍ଦିର ଦଳାଚକଟାରେ ପ୍ରାଣ ହରାଇଥିବା ୧୨ଶ୍ରଦ୍ଧାଳୁଙ୍କ ମଧ୍ୟରେ ଓଡ଼ିଶାର ଜଣେ ଯୁବତୀ ଅଛନ୍ତି। ସେ ହେଲେ, ଗଞ୍ଜାମ ଜିଲ୍ଲା ପାତ୍ରପୁର ଗୁଡ଼ିପଦର ଗ୍ରାମର ଆର. ଦିଲେଶଙ୍କ ଝିଅ ଆର. ରୁପା (୨୧)। ଗ୍ରାମର କିଛି ଲୋକଙ୍କ ସହ ରୁପା ଉକ୍ତ ମନ୍ଦିରକୁ ଯାଇଥିଲେ। ସେଠାରେ ଦଳାଚକଟାରେ ରୁପାଙ୍କ ମୃତ୍ୟୁ ଘଟିଥିବା ବେଳେ ଅନ୍ୟମାନେ ସୁରକ୍ଷିତ ଥିବା ଜଣାପଡ଼ିଛି। ଏହି ଖବର ଜଣାପଡ଼ିବା ପରେ ଗ୍ରାମରେ ଶୋକର ଛାୟା ଖେଳିଯାଇଛି। ଖବର ପାଇ ଚିକିଟି ବିଧାୟକ ମନୋରଞ୍ଜନ ଦ୍ୟାନସାମନ୍ତରା ଓ ସାଂସଦ ▶ପୃଷ୍ଠା-୭

# ବିଶ୍ୱକପ୍ ଫାଇନାଲ ଆଜି



ରବିବାର ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ମହିଳା ଦିନିକିଆ ବିଶ୍ୱକପ୍ କ୍ରିକେଟର ଫାଇନାଲ ଖେଳାଯିବ। ଦକ୍ଷିଣ ଆଫ୍ରିକାର ଏହା ପ୍ରଥମ ଓ ଭାରତର ତୃତୀୟ ଫାଇନାଲ। ୨୦୦୫ ଓ ୨୦୧୭ରେ ଭାରତ ରନର୍ସ ଅପ୍‌ରେ ସନ୍ତୁଷ୍ଟ ହୋଇଥିଲା। ଫାଇନାଲରେ ବିଜୟୀ ଦଳ ପ୍ରଥମଥର ଚାମ୍ପିଅନ ଆଖ୍ୟା ଅର୍ଜନ କରିବ।

ଅଧିକ ବିବରଣୀ ପୃଷ୍ଠା-୧୨

**ଏମିତି ବି ଆସେ ମୃତ୍ୟୁ ...**

# ବସ୍‌ରେ ଚାଳକଙ୍କୁ ହୃଦ୍‌ଘାତ



**ଅଳ୍ପକେ ବର୍ତ୍ତିଗଲେ ୫୦ରୁ ଊର୍ଦ୍ଧ୍ୱ ଯାତ୍ରୀ**

■ **ବୋଲଗଡ଼, ୧।୧୧ (ସମିସ):** ଏମିତି ବି ଆସେ ମୃତ୍ୟୁ! ବସ୍ ଚଳାଉ ଚଳାଉ ହୃଦ୍‌ଘାତରେ ଟଳିପଡ଼ିଲେ ଚାଳକ। ଖୋର୍ଦ୍ଧା ଜିଲ୍ଲା ବୋଲଗଡ଼ ସଦର ମୁଖ୍ୟାଳୟ ବସ୍‌ଷ୍ଟାଣ୍ଡ ବଜାରଠାରେ ଆଜି ଅପରାହ୍ନରେ ଏହି ଅଘଟଣ ଘଟିଛି। ମୃତ ବସ୍ ଚାଳକ ହେଲେ, ସ୍ଥାନୀୟ ଗୋଡ଼ିଆଳି ଗ୍ରାମର ସୁବଳ ମାର୍ଥାଙ୍କ ପୁଅ ଶରତ ଚନ୍ଦ୍ର ମାର୍ଥା (୫୫)। ତାଙ୍କ ଘର ଗୋଡ଼ିଆଳି ଗ୍ରାମରେ। ଦୀର୍ଘ ବର୍ଷ ହେଲା ସେ ସପରିବାରେ ବୁଢ଼ା ଗ୍ରାମରେ ରହି ଆସୁଥିଲେ। ଅପରପକ୍ଷେ, ବସ୍‌ରେ ଥିବା ୫୦ରୁ ଊର୍ଦ୍ଧ୍ୱ ଯାତ୍ରୀ ସୌଭାଗ୍ୟବଶତଃ ଏକ ବଡ଼ ଅଘଟଣରୁ ଅଳ୍ପକେ ବର୍ତ୍ତି ଯାଇଛନ୍ତି। ସୂଚନାନୁଯାୟୀ, 'ବିଶାଖା' (ଓଡି-୦୨ ଏବି ୦୫୯୯) ନାମକ ବସ୍‌ଟି ମହିଳା, ପୁରୁଷ ଓ ଛୋଟ ଛୁଆଙ୍କ ସମେତ ପ୍ରାୟତଃ ୫୦ରୁ ଊର୍ଦ୍ଧ୍ୱ ଯାତ୍ରୀଙ୍କୁ ନେଇ ଭୁବନେଶ୍ୱରରୁ ସୋରଡ଼ା ଭଞ୍ଜନଗର ଅଭିମୁଖେ ଯାଉଥିଲା। ବୋଲଗଡ଼ ଷ୍ଟାଣ୍ଡରେ ଗାଡ଼ିଟି ରହଣି ▶ପୃଷ୍ଠା-୭

**ପୁଲିସ ଚାକିରି ବେପାର**

# ନେପାଳ ସୀମାରୁ ମାଷ୍ଟର୍‌ମାଇଣ୍ଡ ଶଙ୍କର ଗିରଫ




**ଗିରଫଦାରୀ ସଂଖ୍ୟା ୧୨୪ ଛୁଇଁଲା**

■ **ଭୁବନେଶ୍ୱର, ୧।୧୧ (ସମିସ):** ପୁଲିସ ଏସ୍‌ଆଇ ଚାକିରି ବିକ୍ରି ମାମଲାର ମାଷ୍ଟରମାଇଣ୍ଡ ଶଙ୍କର ପୃଷ୍ଟିଙ୍କୁ କ୍ରାଇମ୍‌ବ୍ରାଞ୍ଚ ଶନିବାର ବିଳମ୍ବିତ ରାତିରେ ଉତ୍ତରାଖଣ୍ଡରୁ ଗିରଫ କରିଛି। ଉତ୍ତରାଖଣ୍ଡ-ନେପାଳ ସୀମାବର୍ତ୍ତୀ ଏକ ଅଞ୍ଚଳରୁ ଶଙ୍କରଙ୍କୁ ଗିରଫ କରାଯାଇଛି। ଚାକିରି କେଳେଙ୍କାରୀ ସାମ୍ନାକୁ ଆସିବା ପରଠାରୁ ସେ ଫେରାର୍ ଥିଲା। ଏକାଧିକ ଠିକଣା ବଦଳାଇ ଶେଷରେ ଉତ୍ତରାଖଣ୍ଡରେ ଲୁଚିଥିଲା। ଏଠାରୁ ସେ ନେପାଳ ଖସିଯିବାକୁ ମଉକା ଖୋଜୁଥିଲା ବେଳେ କ୍ରାଇମ୍‌ବ୍ରାଞ୍ଚ ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ତାଙ୍କର ଗୁପ୍ତ ଠିକଣା ଉପରେ ଚଢ଼ଉ କରିଥିଲା। ପରେ ତାକୁ ସେଠାରୁ ଗିରଫ କରାଯାଇଛି। ନେପାଳରୁ ସେ ଦୁବାଇ ଖସିଯିବାକୁ ଯୋଜନା କରୁଥିଲା ବୋଲି କ୍ରାଇମ୍‌ବ୍ରାଞ୍ଚ ସୂତ୍ରରୁ ଜଣାପଡ଼ିଛି। ଶଙ୍କରଙ୍କୁ ସ୍ଥାନୀୟ କୋର୍ଟରେ ହାଜର କରାଯିବା ପରେ ଟ୍ରାଞ୍ଜିଟ୍ ରିମାଣ୍ଡରେ ଓଡ଼ିଶା ଅଣାଯିବ। ଚାକିରି ବିକ୍ରି ମାମଲାର ପର୍ଦ୍ଦାଫାସ କରିବାକୁ କ୍ରାଇମ୍‌ବ୍ରାଞ୍ଚ ତାଙ୍କୁ ରିମାଣ୍ଡରେ ଆଣି ପଚରାଉଚରା କରିବାକୁ ଯୋଜନା କରିଛି। ଏହି ମାମଲାରେ ଶଙ୍କର ଗିରଫ ହେବା ପରେ ଗିରଫଦାରୀ ସଂଖ୍ୟା ମୋଟ ୧୨୪ରେ ପହଞ୍ଚିଛି।

ଏହି ଜାଲିଆତି କିପରି ହେଲା। କେଉଁ ପର୍ଯ୍ୟାୟରେ କେଉଁମାନେ ତାଙ୍କ ସହ ସାମିଲ ହୋଇ ପ୍ରଶ୍ନପତ୍ର ଲିକ୍ କରି ଚାକିରି ବିକ୍ରି କରିବାକୁ ଷଡଯନ୍ତ୍ର ରଚିଥିଲେ। ଗିରଫ ହୋଇଥିବା ଆଶାୟୀଙ୍କୁ ବିଶାଖାପାଟଣା ରଖିବା ପାଇଁ କିଏ ▶ପୃଷ୍ଠା-୭

# ଜାଭେଦ ଅଖତର୍‌ଙ୍କୁ ସୋଆ ସାହିତ୍ୟ ସମ୍ମାନ



■ **ଭୁବନେଶ୍ୱର, ୧।୧୧ (ସମିସ):** ଭାରତୀୟ ଚଳଚ୍ଚିତ୍ର ଓ ସାହିତ୍ୟ ଜଗତକୁ ଉଲ୍ଲେଖନୀୟ ଅବଦାନ ଓ ଜୀବନ ଜୀବନବ୍ୟାପୀ ସାଧନା ପାଇଁ ପ୍ରଖ୍ୟାତ କବି, ସଂଳାପ ଲେଖକ, ଗୀତିକାର ଓ ସମାଜ ଚିନ୍ତକ ପଦ୍ମଭୂଷଣ ଜାଭେଦ ଅଖତରଙ୍କୁ 'ସୋଆ ସାହିତ୍ୟ ସମ୍ମାନ-୨୦୨୫' ପ୍ରଦାନ କରାଯିବ। ଶିକ୍ଷା ଓ ଅନୁସନ୍ଧାନ (ସୋଆ) ବିଶ୍ୱବିଦ୍ୟାଳୟ ପରିସରରେ ନଭେମ୍ବର ୨୯ ତାରିଖରୁ ଆୟୋଜିତ ହେବାକୁ ଥିବା ଦୁଇଦିନିଆ 'ତୃତୀୟ ସୋଆ ସାହିତ୍ୟ ଉତ୍ସବ'ର ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ଏହି ପ୍ରଖ୍ୟାତ ସାହିତ୍ୟ ସାଧକଙ୍କୁ ସମ୍ବର୍ଦ୍ଧିତ କରାଯିବ। ସମ୍ବର୍ଦ୍ଧନା ସ୍ୱରୂପ, ୭ ଲକ୍ଷ ଟଙ୍କାର ପୁରସ୍କାର ରାଶି ସହ ମାନପତ୍ର, ଦେବୀ ସରସ୍ୱତୀଙ୍କ ରୌପ୍ୟ ମୂର୍ତ୍ତି ଓ ଉତ୍ତରୀୟ ପ୍ରଦାନ କରାଯିବ ବୋଲି ସୋଆ 'ପ୍ରାଚୀନ'ର ମୁଖ୍ୟ ତଥା ଉତ୍ସବର ନିର୍ଦ୍ଦେଶିକା ପ୍ରଫେସର୍ ଗାୟତ୍ରୀବାଳା ପଣ୍ଡା ସୂଚନା ଦେଇଛନ୍ତି। ▶ପୃଷ୍ଠା-୭

**ଚନ୍ଦକାରୁ ନରକଙ୍କାଳ ମିଳିବା ଘଟଣାର ପର୍ଦ୍ଦାଫାସ**

# ରାଜଧାନୀରେ ବି ଗୁଣିଗାରେଡ଼ି ପାଇଁ ହତ୍ୟା

■ **ଭୁବନେଶ୍ୱର, ୧।୧୧ (ସମିସ):** ଚନ୍ଦକା ଜଙ୍ଗଲରୁ ନରକଙ୍କାଳ ମିଳିବା ଘଟଣାରୁ ପରଦା ହଟିଛି। ୨୪ଘଣ୍ଟା ଭିତରେ ମୃତକଙ୍କୁ ଚିହ୍ନଟ କରିବା ସହ ଦୁଇ ଅଭିଯୁକ୍ତଙ୍କୁ ଗିରଫ କରିଛି ଚନ୍ଦକା ଥାନା ପୁଲିସ। ମୃତକ ହେଉଛନ୍ତି, ପିତାଗାଡ଼ିଆ ଗାଁର ବଳରାମ ଦେଓଗାମ୍ (୭୨)। ତାଙ୍କୁ ହତ୍ୟା କରି ପୋତିଦେଇଥିବା ଅଭିଯୋଗରେ ପୁଲିସ ଦୁଇ ଜଣଙ୍କୁ ଗିରଫ କରିଛି। ସେମାନେ ହେଲେ ଫରେଷ୍ଟ ୱାଚମ୍ୟାନ କହ୍ନେଇ ହେମ୍ବ୍ରମ (୨୭) ଓ ରାମ ସାମଦା (୨୫)। ଗୁଣିଗାରେଡ଼ି ସନ୍ଦେହରେ ବଳରାମଙ୍କୁ ସେମାନେ ହତ୍ୟା କରିଥିବା ଅଭିଯୁକ୍ତ ଦ୍ୱୟ ପ୍ରକାଶ କରିଛନ୍ତି। ସେମାନଙ୍କର ଏଭଳି ସ୍ୱୀକାରୋକ୍ତି ରାଜଧାନୀରେ ଆଲୋଡ଼ନ ସୃଷ୍ଟି କରିଛି। ପଛୁଆ ଓ ଦୁର୍ଗମ ଅଞ୍ଚଳରେ ଘଟୁଥିବା ଏଭଳି ବୀଭତ୍ସ କାଣ୍ଡ ରାଜଧାନୀକୁ ଛୁଇଁଥିବାରୁ ବୁଦ୍ଧିଜୀବୀ ମହଲରେ ଉଦବେଗ ପ୍ରକାଶ ପାଇଛି।



**ଧରାପଡ଼ିଲେ ଦୁଇ ଅଭିଯୁକ୍ତ**

**'ବାପାଙ୍କ ମୃତ୍ୟୁ ପାଇଁ ସେ ଦାୟୀ'**

ପୁଲିସ ସୂଚନାନୁସାରେ, ଗତ ସେପ୍ଟେମ୍ବରରେ ବଳରାମଙ୍କ ନାତୁଣୀ ତଥା ରାମଚରଣଙ୍କ ଝିଅର ଏକୋଇଶିଆକୁ କହ୍ନେଇର ବାପା ପର୍ଶୁରାମ ହେମ୍ବ୍ରମ ଯାଇଥିଲେ। ସେଠାରୁ ସାରି ଫେରିବା ବେଳେ ବଳରାମଙ୍କ ଘର ଠାରୁ ମାତ୍ର ୫୦ ▶ପୃଷ୍ଠା-୭

# ସେମିକଣ୍ଡକ୍ଟର କ୍ଷେତ୍ରରେ ଆଗେଇଲା ଓଡ଼ିଶା

**ଇନ୍‌ଫୋଭ୍ୟାଲିଠାରେ ସିକ୍‌ସେମ୍‌ର ଭୂମି ପୂଜନ ସମାରୋହରେ ମୁଖ୍ୟମନ୍ତ୍ରୀ**



**୨୦୦୦ କୋଟି ନିବେଶ, ୧୦୦୦ ନିଯୁକ୍ତି**

**ସେମିକଣ୍ଡକ୍ଟର କ୍ଷେତ୍ରରେ ଓଡ଼ିଶା ଦେଶରେ ଏକ ହବ୍ ଭାବେ ପରିଗଣିତ ହେବ: ମୁଖ୍ୟମନ୍ତ୍ରୀ**

**ଆଇ.ଆଇ.ଟି ଭୁବନେଶ୍ୱରରେ ପ୍ରତିଷ୍ଠା ହେବ 'ପାୱାର ଇଲୋକ୍ଟ୍ରୋନିକ୍ସ ହବ୍': ଅଶ୍ୱିନୀ ବୈଷ୍ଣବ**

■ **ଭୁବନେଶ୍ୱର, ୧।୧୧ (ସମିସ):** ପୂର୍ବ ସରକାର ଆରମ୍ଭ କରିଥିବା ସେମିକଣ୍ଡକ୍ଟର ଯାତ୍ରା କ୍ଷେତ୍ରରେ ଓଡ଼ିଶା ଶନିବାର ଆଉ ପାଦେ ଆଗକୁ ବଢ଼ିଛି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶନିବାର ଭୁବନେଶ୍ୱରର ଇନ୍‌ଫୋଭ୍ୟାଲିଠାରେ ସିକ୍‌ସେମ୍ ପ୍ରାଇଭେଟ୍ ଲିମିଟେଡର ଭୂମିପୂଜନ ସମାରୋହରେ ଯୋଗ ଦେଇଛନ୍ତି। ୨୦୦୦ କୋଟି ଟଙ୍କାର ପୁଞ୍ଜିନିବେଶରେ ଏହି ମ୍ୟାନୁଫାକ୍ଚରିଂ ୟୁନିଟର ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଛି। ଏହି ପ୍ରକଳ୍ପ କାର୍ଯ୍ୟକ୍ଷମ ହେବାଦ୍ୱାରା ପ୍ରାୟ ୧୦୦୦ ପ୍ରଫେସନାଲ(ବୃତ୍ତିଧାରୀ)ଙ୍କୁ ନିଯୁକ୍ତି ମିଳିବ ବୋଲି ▶ପୃଷ୍ଠା-୭




# ରାଜସ୍ଥାନରେ ଶହେବର୍ଷର ରେକର୍ଡ ଭାଙ୍ଗିଲା ବର୍ଷା



ନୂଆଦିଲ୍ଲୀ, ୧।୧୧(ଏଜେନ୍ସି): ରାଜସ୍ଥାନରେ ଦୀର୍ଘ ୧୦୮ ବର୍ଷ ପରେ ଚଳିତ ବର୍ଷ ସର୍ବାଧିକ ବର୍ଷା ହୋଇଛି । ୨୦୨୫ରେ ସର୍ବାଧିକ ବର୍ଷା ହୋଇଥିବାର ରେକର୍ଡ କରାଯାଇଛି । ପୂର୍ବରୁ ୧୯୧୭ରେ ମୌସୁମୀ ଋତୁରେ ସର୍ବାଧିକ ୮୪୪.୨ ମିମି ବର୍ଷା ହୋଇଥିଲା । କିନ୍ତୁ ଏବର୍ଷ ଜୁଲାଇରୁ ସେପ୍ଟେମ୍ବର ମଧ୍ୟରେ ୭୧୫.୨ ମିମି ବର୍ଷା ହୋଇଛି ବୋଲି ଭାରତୀୟ ପାଣିପାଗ ବିଭାଗ (ଆଇଏମ୍‌ଡି) ତରଫରୁ କୁହାଯାଇଛି । ଏଥିସହ ଇତିହାସରେ ରାଜସ୍ଥାନରେ ଚଳିତ ବର୍ଷରେ ଦ୍ୱିତୀୟ ସର୍ବାଧିକ ବର୍ଷା ହୋଇଛି । ୧୯୦୧ ପରେ ଅର୍ଥାତ ୧୨୫ ବର୍ଷ ପରେ ରାଜସ୍ଥାନରେ ଚଳିତ ବର୍ଷରେ ଦ୍ୱିତୀୟ ସର୍ବାଧିକ ବର୍ଷା ହୋଇଛି । ରାଜ୍ୟରେ ହାରାହାରି ବର୍ଷା ୪୩୫.୬ ମିମି ଥିବା ବେଳେ ଏଥର ୬୪ ପ୍ରତିଶତ ଅଧିକ ବର୍ଷା ହୋଇଛି । ରାଜସ୍ଥାନରେ ଗତ ୧୫ ବର୍ଷ ମଧ୍ୟରେ ୫ଥର ଅସାଧାରଣ ଭାବେ ସର୍ବାଧିକ ବର୍ଷା ହୋଇଛି ଓ ଏହା ରାଜ୍ୟର ଶ୍ରେଷ୍ଠ-୧୦ ସର୍ବକାଳୀନ ରେକର୍ଡରେ ସାମିଲ ହୋଇଛି । ପୂର୍ବରୁ ୧୯୦୮ ରୁ ୧୯୭୫ ମଧ୍ୟରେ ସ୍ୱାଭାବିକ ମୌସୁମୀ ବର୍ଷାଠାରୁ ଅଧିକ ୫ ଥର ଯଥା ୧୯୦୮, ୧୯୧୭, ୧୯୪୪, ୧୯୭୩ ଓ ୧୯୭୫ରେ ହୋଇଥିଲା । କିନ୍ତୁ ୨୦୧୧ ଓ ୨୦୨୫ ମଧ୍ୟରେ ବର୍ଷାର ରେକର୍ଡ ବାରମ୍ବାର ଭାଙ୍ଗିଥିଲା । ୨୦୧୧, ୨୦୧୯, ୨୦୨୨, ୨୦୨୪ ଓ ୨୦୨୫ରେ ବର୍ଷାର ରେକର୍ଡ ଟପ୍-୧୦ ତାଲିକାରେ ସାମିଲ ହୋଇଛି । ପୁଣି ପ୍ରଥମଥର ପାଇଁ ୧୧୭ ବର୍ଷର ମଧ୍ୟରେ ରାଜସ୍ଥାନରେ କ୍ରମାଗତ ଦୁଇବର୍ଷ ହରାହାରିଠାରୁ ଅଧିକ ବର୍ଷା ହୋଇଛି ।

ପାଣିପାଗ ବିଭାଗ ପକ୍ଷରୁ କୁହାଯାଉଛି ଯେ ଗତ ୪ ମାସ ହେଲା ରାଜ୍ୟରେ କ୍ରମାଗତ ବର୍ଷା ହେବାରେ ଲାଗିଛି । ନଭେମ୍ବର ମାସରେ ମଧ୍ୟ ପ୍ରବଳ ବର୍ଷା ହେବ ବୋଲି ଆକଳନ କରାଯାଇଛି ।

## ଟ୍ରମ୍ପଙ୍କୁ କ୍ଷମା ମାଗିଲେ କାନାଡ଼ା ପ୍ରଧାନମନ୍ତ୍ରୀ କାର୍ଣ୍ଣି

ସଓଲ, ୧।୧୧(ଏଜେନ୍ସି): କାନାଡ଼ା ପ୍ରଧାନମନ୍ତ୍ରୀ ମାର୍କ କାର୍ଣ୍ଣି ଶନିବାର ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ କ୍ଷମା ମାଗିଛନ୍ତି । ଫଳରେ ଦୁଇ ନେତାଙ୍କ ମଧ୍ୟରେ ଚାଲିଥିବା ଶୀତଳ ଯୁଦ୍ଧ ଶେଷ ବୋଲି ଅନୁମାନ କରାଯାଉଛି । ଏକ ବିବାଦୀୟ ବିଜ୍ଞାପନ କାରଣରୁ ଦୁହିଁଙ୍କ ମଧ୍ୟରେ ମତପାର୍ଥକ୍ୟ ସୃଷ୍ଟି ହୋଇଥିଲା । ଏଥିରେ ପୂର୍ବତନ ଆମେରିକାର ରାଷ୍ଟ୍ରପତି ରୋନାଲ୍ଡ ରେଗାନଙ୍କ ପୁରୁଣା ଭାଷଣକୁ ବ୍ୟବହାର କରି ଟାରିଫ୍ ବିରୋଧରେ ବାର୍ତ୍ତା ଦେବାକୁ ପ୍ରୟାସ କରାଯାଇଥିଲା । ଦକ୍ଷିଣ କୋରିଆର ଗୁଆନଝୁ ସହରରେ ସାମ୍ବାଦିକମାନଙ୍କ ସହ କଥା ହେବା ବେଳେ କାର୍ଣ୍ଣି ଟ୍ରମ୍ପଙ୍କୁ କ୍ଷମା ମାଗିବା କଥା କହିଛନ୍ତି । ସେ ରାଗିବା ସହ ମୋ ଉପରେ ଅସନ୍ତୋଷ ଜାହିର କରିଥିଲେ । ଯଦି ଆମେରିକା ପ୍ରସ୍ତୁତ ହେବ ତେବେ ବାଣିଜ୍ୟ ନେଇ ପୁଣି କଥାବାର୍ତ୍ତା ଆରମ୍ଭ କରିବାକୁ କାନାଡ଼ା ରାଜି ଅଛି ବୋଲି ସେ କହିଛନ୍ତି । ଏହି ବିବାଦୀୟ ବିଜ୍ଞାପନ କାନାଡାର ଓଣ୍ଟାରିଓ ରାଜ୍ୟ ସରକାର ପ୍ରସାରଣ କରିଥିଲେ । ଏଥିରେ ଟାରିଫ ଆମେରିକା ପାଇଁ କ୍ଷତିକାରକ ବୋଲି ରେଗାନ କହୁଥିବାର ଦେଖାଯାଇଥିଲା । ଏଥିରେ ଟ୍ରମ୍ପ ରାଗି ଯାଇଥିଲେ । ଫଳରେ ସେ କାନାଡା ଉପରେ ଅତିରିକ୍ତ ୧୦ ପ୍ରତିଶତ ଟାରିଫ ଲାଗୁ କରିଥିଲେ । ଫଳରେ କାନାଡା ଉପରେ ଆମେରିକାର ଟାରିଫ ୩୫ରୁ ୪୫ ପ୍ରତିଶତରେ ପହଞ୍ଚିଥିଲା । ଭାରତ ଓ ବ୍ରାଜିଲ ପରେ ଏହା ତୃତୀୟ ସର୍ବାଧିକ ଟାରିଫ ବିବେଚିତ ହେଉଛି ।

## ଅପରେସନ ସିନ୍ଦୂର ହେଉଛି ଧର୍ମଯୁଦ୍ଧ: ସେନାମୁଖ୍ୟ

ନୂଆଦିଲ୍ଲୀ, ୧।୧୧(ଏଜେନ୍ସି): ଭାରତୀୟ ସ୍ଥଳ ସେନା ମୁଖ୍ୟ ଜେନେରାଲ ଉପେନ୍ଦ୍ର ଦ୍ୱିବେଦୀ ୫୩ ବର୍ଷ ପରେ ନିଜ ପିଲାବେଳର ବିଦ୍ୟାଳୟ ପରିଦର୍ଶନରେ ମଧ୍ୟପ୍ରଦେଶର ସତନା ଗସ୍ତରେ ଯାଇଛନ୍ତି । ପିଲାମାନଙ୍କୁ ଉଦ୍‌ବୋଧନ ଦେବା ଅବସରରେ ସେ ପାକିସ୍ତାନ ବିରୋଧରେ ହୋଇଥିବା ଅପରେସନ ସିନ୍ଦୂରକୁ ଏକ ଧର୍ମ ଯୁଦ୍ଧର ଆଖ୍ୟା ଦେଇଛନ୍ତି । ଏହା ଆଗକୁ ଜାରି ରହିବ ବୋଲି ସେ ସ୍ପଷ୍ଟ କରିଛନ୍ତି । ଆମେ କେବେ କୌଣସି ନିର୍ଦ୍ଦୋଷ ନାଗରିକଙ୍କର କ୍ଷତି ପହଞ୍ଚାଇନାହୁଁ । ନମାଜ କିମ୍ବା କୌଣସି ଧାର୍ମିକ ପ୍ରାର୍ଥନା ସମୟରେ ଆମେ କେବେବି ଆକ୍ରମଣ କରିନାହୁଁ ବୋଲି ସେ କହିଛନ୍ତି । ୧୯୭୧ ଯୁଦ୍ଧ ସମୟରେ ସେ ଏହି ସ୍କୁଲର ଚତୁର୍ଥ ଶ୍ରେଣୀରେ ପଢୁଥିଲେ । ଦୀର୍ଘ ୫୬ ବର୍ଷ ପରେ ନିଜ ପିଲା ବେଳର ସ୍କୁଲରେ ପହଞ୍ଚି ସେ ଭାବପ୍ରବଣ ହୋଇ ପଡ଼ିଥିଲେ । ଅପରେସନ ସିନ୍ଦୂର ପୂରା ଦେଶକୁ ଏକାଠି କରିବା ସହ ଗୋଟିଏ ସୂତ୍ରରେ ବାନ୍ଧିଥିଲା । ଟେକନିକ୍ ଓ ଦୃଢ଼ ଇଚ୍ଛାଶକ୍ତି କାରଣରୁ ଏହି ମିଶନ ସଫଳ ହୋଇଥିଲା ବୋଲି ସେ କହିଛନ୍ତି । ଏହି ଅବସରରେ ସେ ଛାତ୍ରଛାତ୍ରୀଙ୍କୁ ସଫଳତାର ମନ୍ତ୍ର ଦେଇଥିଲେ । ଗତ ମେ ୭ରେ ଭାରତୀୟ ସେନା ଅପରେସନ ସିନ୍ଦୂର ମାଧ୍ୟମରେ ପାକିସ୍ତାନ ଓ ପାକିସ୍ତାନ ଅଧିକୃତ କଶ୍ମୀର (ପିଓକେ)ରେ ୯ଟି ଆତଙ୍କବାଦୀ ଠିକଣାକୁ ମିସାଇଲ ମାଡ କରି ଧ୍ୱଂସ କରିଥିଲା । ଏଥିରେ ୧୦୦ରୁ ଉର୍ଦ୍ଧ୍ୱ ଆତଙ୍କବାଦୀ ନିହତ ହୋଇଥିଲେ । ସରକାର ସେନାର ଏହି କାର୍ଯ୍ୟାନୁଷ୍ଠାନକୁ ଅପରେସନ ସିନ୍ଦୂର ବୋଲି କହିଥିଲେ ।

## ୩୦ ପାଲେଷ୍ଟାଇନ୍ ନାଗରିକଙ୍କ ମୃତଦେହ ଫେରାଇଲା ଇସ୍ରାଏଲ

ତେଲ ଅଭିଭ୍, ୧।୧୧(ଏଜେନ୍ସି): ଅସ୍ତ୍ରବିରତି ଚୁକ୍ତି ଅନୁସାରେ ଇସ୍ରାଏଲ ୩୦ଜଣ ପାଲେଷ୍ଟାଇନ୍ ନାଗରିକଙ୍କ ମୃତଦେହ ଗାଜାକୁ ଫେରାଇଛି ବୋଲି ଖାନ୍ ୟୁନିସ ସ୍ଥିତ ନାସେର ମେଡିକାଲ କମ୍ପ୍ଲେକ୍ସ ତରଫରୁ କୁହାଯାଇଛି । ପଣବନ୍ଦୀ ପ୍ରତିବଦଳ ଚୁକ୍ତି ଅନୁସାରେ ଇସ୍ରାଏଲ ଏହି ପଦକ୍ଷେପ ନେଇଛି ବୋଲି କୁହାଯାଇଛି । ପ୍ରଥମେ ଜଣେ ମୃତ ପଣବନ୍ଦୀଙ୍କ ବଦଳରେ ଇସ୍ରାଏଲ ୧୫ ଜଣ ପାଲେଷ୍ଟାଇନ୍‌ଙ୍କୁ ଫେରାଇବାର ଚୁକ୍ତି ହୋଇଥିଲା । ଏଥିସହ ଇସ୍ରାଏଲ ଗାଜାକୁ ମୋଟ୍ ଉପରେ ୨୨୫ ଜଣ ନାଗରିକଙ୍କୁ ମୃତ ବା ଜୀବିତ ଅବସ୍ଥାରେ ଫେରାଇ ସାରିଛି । ରେଡ୍ କ୍ରସ୍ ଏହି ମୃତଦେହଗୁଡ଼ିକୁ ନାସେର ଆଣିଥିଲା । ଅକ୍ଟୋବର ୧୦ରେ ଏହି ଅସ୍ତ୍ରବିରତି ଚୁକ୍ତି ସ୍ୱାକ୍ଷରିତ ହୋଇଥିଲା । ୨୦୨୩ ଅକ୍ଟୋବର ୭ରେ ହମାସ ଇସ୍ରାଏଲ ଉପରେ ଆକ୍ରମଣ କରିଥିଲା । ହାମାସ ଏପର୍ଯ୍ୟନ୍ତ ଇସ୍ରାଏଲ ୨୦ଜର ପଣବନ୍ଦୀଙ୍କୁ ଫେରାଇ ସାରିଛି । ହମାସ ମଧ୍ୟ ଥାଇଲାଣ୍ଡ ଓ ନେପାଳ ଜଣେ ନାଗରିକଙ୍କୁ ଫେରାଇଥିଲା । ଅବଶ୍ୟ ପୂର୍ବରୁ ହମାସ ଅସ୍ତ୍ରବିରତି ଚୁକ୍ତି ଉଲ୍ଲଂଘନ କରୁଛି ବୋଲି ଇସ୍ରାଏଲ ଅଭିଯୋଗ କରି ଗାଜାରେ ଆକ୍ରମଣ କରିଥିଲା ଓ ଏଥିରେ ୩୦ ଜଣ ମୃତ୍ୟୁବରଣ କରିଥିଲେ ।

## ସାଉଦିରେ ପୁଲିସ ଗୁଳିରେ ଭାରତୀୟ ମୃତ

ନୂଆଦିଲ୍ଲୀ, ୧।୧୧(ଏଜେନ୍ସି): ଝାଡ଼ଖଣ୍ଡରୁ ଶ୍ରମିକ ଭାବେ କାର୍ଯ୍ୟ କରିବାକୁ ସାଉଦି ଆରବ ଯାଇଥିବା ଜଣେ ଭାରତୀୟ ଯୁବକ ଗୁଳିମାଡ଼ରେ ନିହତ ହୋଇଛନ୍ତି । ସାଉଦି ଆରବରେ ପୁଲିସ ଓ ଜବରଦସ୍ତ ଚାନ୍ଦା ଆଦାୟ କରୁଥିବା ଗ୍ୟାଙ୍ଗ୍ ମଧ୍ୟରେ ଗୁଳିଚାଳନା ଚାଲଥିବା ବେଳେ ଏହି ଯୁବକଙ୍କ ଦେହରେ ଭୁଲରେ ଗୁଳି ବାଜିଥିଲା । ଘଟଣାସ୍ଥଳରେ ଯୁବକଙ୍କର ମୃତ୍ୟୁ ହୋଇଥିଲା । ଏହି ଯୁବକଙ୍କ ଘର ହେଉଛି ଝାଡ଼ଖଣ୍ଡ ଗିରିଡିହରେ । ପୁଲିସ ଓ ଗ୍ୟାଙ୍ଗ୍ ମଧ୍ୟରେ ଗୁଳି ବିନମୟ ବେଳେ ଏହି ଯୁବକ ଫସି ଯାଇଥିଲେ ଓ ଭୁଲ୍‌ରେ ଗୁଳି ବାଜିବା କାରଣରୁ ମୃତ୍ୟୁବରଣ କରିଛନ୍ତି ବୋଲି ଭାରତୀୟ ଦୂତାବାସ ତରଫରୁ କୁହାଯାଇଛି । ଏ ସଂକ୍ରାନ୍ତରେ ଝାଡଖଣ୍ଡ ଶ୍ରମ ବିଭାଗର ଅଧିକାରୀ ମାନେ ଭାରତୀୟ ଦୂତାବାସ ଓ ସାଉଦି ଆରବର ଜେଦ୍ଦା ପୁଲିସ ସହ ଯୋଗାଯୋଗ କରିଛନ୍ତି । ମୃତ୍ୟୁ ପୂର୍ବରୁ ସମ୍ପୃକ୍ତ ଯୁବକ ନିଜ ପତ୍ନୀ ଓ ପିଲାଙ୍କୁ ହ୍ୱାଟ୍ସଆପ୍‌ରେ ମେସେଜ ଦେଇଥିଲେ । ଗୁଳି ବିନିମୟରେ ଫସିଯାଇଛି ଓ ଆହତ ହୋଇଛି ବୋଲି ଯୁବକ ଜଣକ ଉଲ୍ଲେଖ କରିଥିଲେ ।

### ଭାରତୀୟ ବଂଶୋଦ୍ଭବ ବ୍ୟବସାୟୀଙ୍କ ବିରୋଧରେ ଠକେଇ ଅଭିଯୋଗ

## ବ୍ୟାଙ୍କରୁ ଠକି ନେଲେ ୪,୪୪୦ କୋଟି

ନୂଆଦିଲ୍ଲୀ, ୧।୧୧ (ଏଜେନ୍ସି): ଆମେରିକାର ଦୂରସଞ୍ଚାର କ୍ଷେତ୍ରରେ କାମ କରୁଥିବା ଏକ କମ୍ପାନୀ ଅଚାନକ ଚର୍ଚ୍ଚାକୁ ଆସି ଯାଇଛି । ଏହି କମ୍ପାନୀ ଶହେ କି ଦୁଇ ଶହ ନୁହେଁ, ପ୍ରାୟ ୫୦୦ ମିଲିୟନ ଡଲାର ଅର୍ଥାତ୍ ପ୍ରାୟ ୪,୪୦୦ କୋଟି ଟଙ୍କା ଠକି ନେଇଛି । ଏହି ଦୁର୍ନୀତି ଠକେଇ ବିବାଦର କେନ୍ଦ୍ରରେ ଭାରତୀୟ ବଂଶୋଭବ ସିଇଓ ବଙ୍କିମ ବ୍ରହ୍ମଭଟ୍ଟ ଅଛନ୍ତି । ସେ ଆମେରିକାରେ ବ୍ରଡ୍‌ବ୍ୟାଣ୍ଡ ଟେଲିକମ ଏବଂ ବ୍ରିଜଭଏସର ମାଲିକ ମଧ୍ୟ । ତାଙ୍କ ବିରୋଧରେ ବଡ଼ ଅଭିଯୋଗ ଲାଗିଛି । ସେ ଆମେରିକା କମ୍ପାନୀ ବ୍ଲାକରକ୍‌ର ପ୍ରାଇଭେଟ କ୍ରେଡିଟ ୟୁନିଟ ଏଚ୍‌ପିଏସ ଇନ୍‌ଭେଷ୍ଟମେଣ୍ଟ ପାର୍ଟନର୍ସ ଏବଂ ଫ୍ରାନ୍ସର ବିଏନପି ପିରିବାସ ଭଳି ଗ୍ଲୋବାଲ ବ୍ୟାଙ୍କକୁ ଠକି ଦେଇଛନ୍ତି ।






ୱାଲ ଷ୍ଟ୍ରିଟ୍ ଜର୍ଣ୍ଣାଲର ରିପୋର୍ଟ ଅନୁଯାୟୀ, ବିଶ୍ୱର ସବୁଠାରୁ ବଡ଼ ନିବେଶ କମ୍ପାନୀ ମଧ୍ୟରୁ ଅନ୍ୟତମ ବ୍ଲାକରକ୍ ଇଙ୍କର ଏକ ଶାଖା ଏବଂ ଅନ୍ୟ କିଛି ଋଣ ଦେଇଥିବା କମ୍ପାନୀ ବ୍ରହ୍ମଭଟ୍ଟଙ୍କଠାରୁ ଏହି ଅର୍ଥ ଫେରସ୍ତ ଚାହୁଁଛନ୍ତି । ବଙ୍କିମ ଜାଲ୍ ଟେଲିକମ ସମ୍ପତ୍ତି, ଇନ୍‌ଭଏସ, ଇମେଲ ଏବଂ ଠିକା ପ୍ରସ୍ତୁତ କରି ଋଣ ନେଇଥିବା ଅଭିଯୋଗ ହୋଇଛି । ଅସଲି ଟେଲିକମ୍ କ୍ଲାଇଣ୍ଟ ଭଳି ଭେକ ୱେବସାଇଟ ମଧ୍ୟ ପ୍ରସ୍ତୁତ କରାଯାଇଥିଲା । ଅଡିଟର୍ସ ଏବଂ ଋଣଦାତାଙ୍କୁ ଅନ୍ଧାରରେ ରଖିବା ପାଇଁ ଏପରି କରାଯାଇଥିଲା । ଗତ ଦୁଇ ବର୍ଷରେ ଯାଞ୍ଚ ପାଇଁ କରାଯାଇଥିବା ପ୍ରତ୍ୟେକ ଇମେଲ ଜାଲ୍ ଥିଲା । ୨୦୧୮ ରୁ ଏହି କଳା କାରନାମା ଚାଲିଥିଲା । ମୋଟ ଋଣ ପରିମାଣ ୫୦୦ ନିୟୁତ ଡଲାରରୁ ଅଧିକ ହେବ ବୋଲି ଆକଳନ କରାଯାଉଛି । ୨୦୨୪ରେ ବଙ୍କିମଙ୍କ ଋଣ ଠକେଇ ବିଷୟରେ ଜଣା ପଡିଥିଲା । ଏହା ପରେ ତାଙ୍କ କମ୍ପାନୀଗୁଡ଼ିକ ଏବଂ ସେ ନିଜେ ଦେବାଳିଆ ହୋଇଯାଇଥିଲେ । ଏହି କାରବାରରେ ଫ୍ରାନ୍ସ ବ୍ୟାଙ୍କ ବିଏନପି ପରିବାସର ମଧ୍ୟ ଭୂମିକା ଥିଲା । ଏହି ବ୍ୟାଙ୍କ ବ୍ଲାକରକ୍‌ର ସହଯୋଗୀ ଗୋଷ୍ଠୀ ଏଚିପିଏସ ଇନଭେଷ୍ଟମେଣ୍ଟ ପାଟନର୍ସଙ୍କୁ ବଙ୍କିମଙ୍କୁ ଋଣ ଦେବାରେ ସହାୟତା କରିଥିଲା । ତେବେ ବିଏନପି ପକ୍ଷରୁ ଏ ନେଇ କୌଣସି ଟିପ୍ପଣୀ ଦିଆଯାଇ ନାହିଁ ।

୨୦୨୪ ଜୁଲାଇରେ ଏଚ୍‌ପିଏସର ଜଣେ କର୍ମଚାରୀ କଷ୍ଟମର ଇମେଲ ଆଡ୍ରେସରେ ତ୍ରୁଟି ଥିବା ଦେଖିବାକୁ ପାଇଥିଲେ । ପୁନଃ ଯାଞ୍ଚ ପରେ ବେଲ୍‌ଜିଆନ ଟେଲିକମ୍ କମ୍ପାନୀ ବିଆଇସିଏସ ପକ୍ଷରୁ କୁହାଯାଇଥିଲା ଯେ ବ୍ରିଜଭଏସ ସହ କମ୍ପାନୀର କୌଣସି ଚୁକ୍ତି ହୋଇନାହିଁ । କମ୍ପାନୀ ନାମରେ ଜାଲିଆତି ହୋଇଥିବା ସ୍ପଷ୍ଟ କରାଯାଇଥିଲା । ଏହା ପରେ ଡିଲଏଟ ଏବଂ ସିବିଆଇଜେଡ୍ ଯାଞ୍ଚରେ କଷ୍ଟମର ଡାଟା, ଇନଭଏସ ଏବଂ ଠିକା ସବୁ କିଛି ଜାଲ୍ ଥିବା ଜଣାପଡ଼ିଥିଲା । ଋଣଦାତା ଯୋଗାଯୋଗ କରିବା ପରେ ବ୍ରହ୍ମଭଟ୍ଟ କଲ୍ ଏବଂ ଇମେଲ ବନ୍ଦ କରିଦେଇଥିଲେ । ତାଙ୍କର ନ୍ୟୁୟର୍କ ସ୍ଥିତ ଅଫିସ ବନ୍ଦ ଥିବାବେଳେ ଘର ଖାଲି ଥିଲା । ତେବେ ମହଙ୍ଗା କାର୍‌ଗୁଡ଼ିକ ଘର ବାହାରେ ଛିଡ଼ା ହୋଇଥିଲା । ସେ ଭାରତ କିମ୍ବା ମରିସସ୍ ପଳାୟନ କରିଥିବା କୁହାଯାଉଛି । ୨୦୨୪ ଅଗଷ୍ଟରେ ବ୍ରଡବ୍ୟାଣ୍ଡ ଟେଲିକମ, ବ୍ରିଜଭଏସ, କ୍ୟାରିଅକ୍ସ କ୍ୟାପିଟାଲ ୨ ଏବଂ ବିବି କ୍ୟାପିଟାଲ ଏସପିଭି ଦେବାଳିଆ ହୋଇ ଯାଇଥିଲା । ଅଗଷ୍ଟ ୧୨ରେ ବ୍ରହ୍ମଭଟ୍ଟ ବ୍ୟକ୍ତିଗତ ଦେବାଳିଆ ପାଇଁ ଆବେଦନ କରିଥିଲେ । ତେବେ ବ୍ରହ୍ମଭଟ୍ଟଙ୍କ ଓକିଲ ସବୁ ଅଭିଯୋଗକୁ ଭ୍ରମାତ୍ମକ ଏବଂ ଆଧାରହୀନ କହିଛନ୍ତି । କମ୍ପାନୀର ବ୍ୟବସାୟ ବୈଧ ଥିଲା ଏବଂ ଯାଞ୍ଚ ଅଧୁରା ଥିବା କୁହାଯାଇଥିଲା ।

## ଭାଗ୍ୟ ଖୋଲିଦେଲା ଲଟେରି , ୧୧ ବର୍ଷର ପିଲା ଏବେ କୋଟିପତି



ଲୁଧିୟାନା, ୧।୧୧ (ଏଜେନ୍ସି): ପଞ୍ଜାବ ଲୁଧିୟାନାରେ ଜଣେ ଶିଶୁଙ୍କ ଭାଗ୍ୟ ଅଚାନକ ଖୋଲିଯାଇଛି । ସେ ୧୧ ବର୍ଷ ବୟସରେ କୋଟିପତି ପାଲଟି ଯାଇଛନ୍ତି । ଏହାକୁ ନେଇ ପରିବାର ସଦସ୍ୟ ବହୁତ ଖୁସି ଅଛନ୍ତି । ଘରେ ବ୍ୟାଣ୍ଡବାଜା ବାଜୁଛି । ଲୋକେ ଖୁସିରେ ନାଚୁଛନ୍ତି । ସମସ୍ତେ ଏହି ଶିଶୁକୁ ଭାଗ୍ୟଶାଳୀ କହୁଛନ୍ତି । ଏହି ଶିଶୁ ପାଇଁ ହିଁ ଘରେ ବସି ବସି ଲକ୍ଷ୍ମୀ ଆସିଥିଲେ । ଏହି ଶିଶୁର ନାମ ଆରବ । ସେ ହୋସିୟାରପୁରର ମୂଳ ବାସିନ୍ଦା । ଏବେ ସେ ମାମୁ କରନଙ୍କ ସହ ଲୁଧିୟାନାର ହେବୋୱାଲରେ ରହୁଛନ୍ତି । ସେ ଶୁକ୍ରବାର ସନ୍ଧ୍ୟାରେ ବଜାରକୁ ଯାଇଥିଲେ । ଏହି ସମୟରେ ଲଟେରି ଦୋକାନରେ ଭିଡ଼ ଲାଗିଥିବା ଦେଖିବାକୁ ପାଇଥିଲେ । ତେଣୁ ସେ ମାମୁଁଙ୍କୁ ଲଟେରି ଟିକଟ କିଣିବାକୁ କହିଥିଲେ । କିନ୍ତୁ ମାମୁ ମନା କରିବାରୁ ସେ ଜିଦ୍ କରିଥିଲେ । ଶେଷରେ ଆରବଙ୍କ ନାମରେ ମାମୁ ଏକ ଟିକଟ କିଣି ଦେଇଥିଲେ । ଏହା ଦୋକାନର ଶେଷ ଟିକଟ ମଧ୍ୟ ଥିଲା । ଏବେ ଫଳାଫଳ ଘୋଷଣା ହେବା ପରେ ଆରବ କୋଟିଏ ଟଙ୍କା ପୁରସ୍କାର ଜିତିଥିବା ଘୋଷଣା କରାଯାଇଥିଲା । ଏହା ଶୁଣି ପରିବାର ଲୋକେ ଭାବବିହ୍ୱଳ ହୋଇ ଯାଇଥିଲେ । ଗାଁ ଏବଂ ପଡ଼ିଶାରେ ମିଠା ବାଣ୍ଟି ଥିଲେ ।

## ହାଇଦ୍ରାବାଦ ବିମାନକୁ ବୋମା ଧମକ

ହାଇଦରାବାଦ୍, ୧।୧୧(ଏଜେନ୍ସି): ହାଇଦରାବାଦ୍‌ର ରାଜୀବ ଗାନ୍ଧୀ ଅନ୍ତର୍ଜାତୀୟ ବିମାନ ବନ୍ଦର (ଆରଜିଆଇଏ) ଶନିବାର ଏକ ଇ-ମେଲ ଜରିଆରେ ବୋମା ଧମକ ପାଇଥିଲା । ସାଉଦି ଆରବର ଜେଦ୍ଦାରୁ ହାଇଦରାବାଦ ଆସୁଥିବା ଇଣ୍ଡିଗୋ ବିମାନରେ ମାନବ ବୋମା ଥିବା ଏହି ମେଲ୍‌ରେ ଦାବି କରାଯାଇଥିଲା । ଧମକ ମିଳିବା ପରେ ଏହି ବିମାନ ହାଇଦରାବାଦ ଯିବା ବଦଳରେ ମୁମ୍ବଇ ଯାଇ ସୁରକ୍ଷିତ ଭାବେ ଅବତରଣ କରିଥିଲେ । ଏ ନେଇ ବିମାନ ବନ୍ଦର କର୍ତ୍ତୃପକ୍ଷ ପୁଲିସ୍‌ରେ ଅଭିଯୋଗ କରିଛି । ଏଲ୍‌ଟିଟିଇ-ଆଇଏସ୍‌ଆଇ କାର୍ଯ୍ୟକର୍ତ୍ତାମାନେ ୧୯୮୪ ଭଳି ବୋମା ବିସ୍ଫୋରଣ ଘଟାଇବାକୁ ଯୋଜନା କରିଛନ୍ତି ବୋଲି ମେଲ୍‌ରେ ଉଲ୍ଲେଖ କରାଯାଇଥିଲା । ବିମାନ ବନ୍ଦର ସହିତ ଜଡିତ ସବୁ କର୍ମକର୍ତ୍ତାଙ୍କୁ ଏ ନେଇ ସଜାଗ କରାଯାଇଥିଲା ଓ ବିମାନର ଗତିପଥକୁ ମୁମ୍ବଇକୁ ବଦଳାଯାଇଥିଲା ।



ଆନ୍ଧ୍ରପ୍ରଦେଶର ଶ୍ରୀକାକୁଲମସ୍ଥିତ ଭେଙ୍କଟେଶ୍ୱର ମନ୍ଦିରରେ ଦଳାଚକଟା

## ମହିଳାଙ୍କଠୁ ୪୭ କୋଟିର କୋକେନ୍ ଜବତ

ମୁମ୍ବଇ, ୧।୧୧(ଏଜେନ୍ସି): ମୁମ୍ବଇ ଅନ୍ତର୍ଜାତୀୟ ବିମାନ ବନ୍ଦରରେ ଡାଇରେକ୍ଟୋରେଟ ଅଫ ରେଭେନ୍ୟୁ ଇଣ୍ଟେଲିଜେନ୍ସ (ଡିଆରଆଇ) ଅଧିକାରୀମାନେ ଜଣେ ମହିଳାଙ୍କଠାରୁ ୪୭ କୋଟି ଟଙ୍କାର କୋକେନ ତଥା ନିଶାଦ୍ରବ୍ୟ ଜବତ କରିଛନ୍ତି । ଶନିବାର ଶ୍ରୀଲଙ୍କା ରାଜଧାନୀ କଲମ୍ବୋରୁ ଆସି ମୁମ୍ବଇରେ ପହଞ୍ଚିବା ପରେ ଏହି ମହିଳା ଯାତ୍ରୀଙ୍କଠାରୁ ୪ କେଜି ୭୦ ଗ୍ରାମର କୋକେନ ଜବତ କରାଯାଇଥିଲା । ଏହି ନିଶାଦ୍ରବ୍ୟକୁ ସେ କଫି ପ୍ୟାକେଟ୍‌ରେ ଅତି ଚତୁରତାର ସହ ଛୁପାଇ ଆଣିଥିଲେ । ଜବତ ହୋଇଥିବା ଏହି ପ୍ୟାକେଟଗୁଡ଼ିକ ବିଦେଶରୁ ମୁମ୍ବଇ ଆସି ପହଞ୍ଚିଥିଲା । ଯାଞ୍ଚ ଅବସରରେ ଡିଆରଆଇ ଟିମ୍‌ର ସନ୍ଦେହ ଉପୁଜିଥିଲା । ଏହାପରେ ପ୍ୟାକେଟଗୁଡ଼ିକର ସ୍କାନିଂ କରାଯାଇଥିଲା ଓ ଡ୍ରଗ୍ସ ଥିବା ଜଣାପଡ଼ିଥିଲା । ଏହି ମାମଲାରେ ଡିଆରଆଇ ଅଧିକାରୀମାନେ ୫ ଜଣଙ୍କୁ ଗିରଫ କରିଛନ୍ତି । ଏମାନଙ୍କ ମଧ୍ୟରେ ଦୁଇଜଣ ଯାତ୍ରୀ ଓ ୩ ଜଣ ସହଯୋଗୀ ସାମିଲ ରହିଛନ୍ତି । ଅଭିଯୁକ୍ତମାନେ ଏହି ନିଶାଦ୍ରବ୍ୟଗୁଡ଼ିକୁ ବିମାନ ବନ୍ଦର ବାହାରକୁ ନେବା ପାଇଁ ପ୍ରୟସା କରୁଥିଲେ । ଏହି ମାମଲା ସହିତ ଏକ ଅନ୍ତର୍ଜାତୀୟ ଡ୍ରଗ୍ସ ଚୋରାଚାଲଣକାରୀ ନେଟ୍‌ୱର୍କ ଜଡିତ ରହିଛି ବୋଲି ପଚରାଉଚରା ପରେ ଜଣାପଡ଼ିଛି । ଜବତ ହୋଇଥିବା କୋକେନର ମୂଲ୍ୟ ଅନ୍ତର୍ଜାତୀୟ ବଜାରରେ ୪୭ କୋଟି ଟଙ୍କା ବୋଲି କୁହାଯାଇଛି । ସବୁ ଅଭିଯୁକ୍ତଙ୍କ ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଛି ଓ ଯାଞ୍ଚ ପ୍ରକ୍ରିୟା ଆରମ୍ଭ କରାଯାଇଛି ।

### ଫେରିଲା ୧୫୦ ବର୍ଷର ପରମ୍ପରା ‘ଦରବାର ମୁଭ୍’

## ଜମ୍ମୁରୁ ପୁଣି ଚାଲିବ ସରକାର

ଶ୍ରୀନଗର, ୧।୧୧(ଏଜେନ୍ସି): ଜମ୍ମୁ-କଶ୍ମୀରରେ ୧୫୦ ବର୍ଷ ତଳର ‘ଦରବାର ମୁଭ’ ପରମ୍ପରା ପ୍ରତ୍ୟାବର୍ତ୍ତନ କରିଛି । ୪ ବର୍ଷ ପରେ ପୁଣି ଜମ୍ମୁରୁ ରାଜ୍ୟ ସରକାରଙ୍କ କାର୍ଯ୍ୟାଳୟ ପରିଚାଳିତ ହେବ । ଆଗାମୀ ଶୀତ ଋତୁକୁ ଦୃଷ୍ଟିରେ ରଖି ଏପରି ନିଷ୍ପତ୍ତି ନିଆଯାଇଛି । ଶୁକ୍ରବାର ସବୁ ସରକାରୀ କାର୍ଯ୍ୟାଳୟ ବନ୍ଦ ହେବା ପରେ ସବୁ ଜିନିଷପତ୍ର ଓ କର୍ମଚାରୀ ଶ୍ରୀନଗରରୁ ଜମ୍ମୁ ସ୍ଥାନାନ୍ତର ହେବାର ପ୍ରକ୍ରିୟା ଆରମ୍ଭ ହୋଇଛି । ଜମ୍ମୁରୁ ହିଁ ସବୁ ସରକାରୀ କାର୍ଯ୍ୟ ନଭେମ୍ବର ୩ରୁ ଆରମ୍ଭ ହେବ । ମୁଖ୍ୟମନ୍ତ୍ରୀଙ୍କ ସଚିବାଳୟ, ସିଭିଲ ସଚିବାଳୟ ସହିତ ସବୁ ଅନ୍ୟ ବିଭାଗର ମୋଟ ୩୯ଟି କାର୍ଯ୍ୟାଳୟ ସମ୍ପୂର୍ଣ୍ଣ ଭାବେ ଜମ୍ମୁକୁ ପଠାଯିବ । ସେହିପରି ୪୭ ବିଭାଗର କାର୍ଯ୍ୟାଳୟ ତମ୍ବୁରେ ଚାଲିବ । ଏହି ବିଭାଗଗୁଡ଼ିରେ ୩୩ ପ୍ରତିଶତ କର୍ମଚାରୀ କିମ୍ବା ୧୦ ଜଣ ଅଧିକାରୀଙ୍କ ସହ କାର୍ଯ୍ୟ କରିବେ । ଶୀତ ଯିବା ପରେ ଗ୍ରୀଷ୍ମ ଆରମ୍ଭ ହେବା ପରେ ଏହି ଅସ୍ଥାୟୀ କାର୍ଯ୍ୟାଳୟଗୁଡ଼ିକ ପୁଣି ଶ୍ରୀନଗରକୁ ସ୍ଥାନାନ୍ତର ହେବ । ଏହି ପରମ୍ପରା ୧୫୦ ବର୍ଷ ହେବ ଚାଲିଆସୁ ଥିଲେ ମଧ୍ୟ ୨୦୨୧ରେ ଉପ-ରାଜ୍ୟପାଳ ବନ୍ଦ କରିଦେଇଥିଲେ । କିନ୍ତୁ ଏବେ ମୁଖ୍ୟମନ୍ତ୍ରୀ ଉମର ଅବଦୁଲ୍ଲା ପୁଣିଥରେ ଏହି ପରମ୍ପରାକୁ ଆରମ୍ଭ କରିବାକୁ ନିଷ୍ପତ୍ତି ନେଇଛନ୍ତି । ଫଳରେ ୬ ଲକ୍ଷ କର୍ମଚାରୀ ଏବେ ଜମ୍ମୁ ଯିବେ । ଏହା ଦ୍ୱାରା ଶୀତ ଋତୁରେ ଜମ୍ମୁର ଅର୍ଥ ବ୍ୟବସ୍ଥାକୁ ପୁଣିଥରେ ବଳ ମିଳିବ । ଉଲ୍ଲେଖଥାଉ କି, ୧୮୭୨ରେ ଡୋଗରା ଶାସକ ମହାରାଜା ରଣବୀର ସିଂ ଏହି ପରମ୍ପରା ଆରମ୍ଭ କରିଥିଲେ । ଗ୍ରୀଷ୍ମଋତୁରେ ଶ୍ରୀନଗର ଓ ଶୀତଋତୁରେ ଜମ୍ମୁ ରାଜ୍ୟର ରାଜଧାନୀ ବିବେଚିତ ହେଉଥିଲା । ଦରବାର ମୁଭ ପାଇଁ ନଭେମ୍ବର ୧ ଓ ୨ରେ ଟ୍ରାଫିକକୁ ବନ୍ଦ କରାଯିବ ।

## ଧଉଳି ଗଙ୍ଗାରେ ସୃଷ୍ଟି ହେଉଛି ହ୍ରଦ, ଚିନ୍ତାରେ ପରିବେଶବିତ୍



ଚମୋଲି, ୧।୧୧(ଏଜେନ୍ସି): ଉତ୍ତରାଖଣ୍ଡର ଚମୋଲି ଜିଲ୍ଲାର ନୀତି ଘାଟିରେ ଧଉଳି ଗଙ୍ଗା ନଦୀରେ ନୂଆ ହ୍ରଦ ସୃଷ୍ଟି ହୋଇଥିବା ଲକ୍ଷ୍ୟ କରାଯାଇଛି । ଫଳରେ ଏହା ବୈଜ୍ଞାନିକ ଓ ପରିବେଶବିତ୍‌ଙ୍କୁ ଚିନ୍ତାରେ ପକାଇଛି । ଯଦି ଏହି ହ୍ରଦ ଭବିଷ୍ୟତରେ ବୃଦ୍ଧିପାଏ, ତେବେ ତଳିଆ ଅଞ୍ଚଳରେ ବିପଦ ଓ ଧ୍ୱଂସ ଆଣିଦେବ ବୋଲି ସେମାନେ ଆଶଙ୍କା ପ୍ରକାଶ କରିଛନ୍ତି । ସୃଷ୍ଟି ହୋଇଥିବା ଏହି ନୂଆ ହ୍ରଦର ଦୈର୍ଘ୍ୟ ୩୫୦ ମିଟର ରହିଛି ଓ ଏହା କ୍ରମାଗତ ବୃଦ୍ଧିପାଇବାରେ ଲାଗିଛି । କିନ୍ତୁ ଏହି ହ୍ରଦ ପୂର୍ବରୁ ଥିଲା । କିନ୍ତୁ ଏତେ ବଡ଼ ହ୍ରଦ ପ୍ରଥମଥର ପାଇଁ ସୃଷ୍ଟି ହୋଇଛି ବୋଲି ସ୍ଥାନୀୟ ଲୋକେ କହିଛନ୍ତି । ଏହି ହ୍ରଦ ତମଙ୍ଗ ନାଳ ନିକଟରେ ସୃଷ୍ଟି ହୋଇଛି । ଗତ ଅଗଷ୍ଟରେ ହୋଇଥିବା ପ୍ରବଳ ବର୍ଷା ଓ ତୁଷାରପାତ ଯୋଗୁଁ ଧଉଳି ଗଙ୍ଗା ପ୍ରବାହରେ ବାଧା ସୃଷ୍ଟି ହୋଇଥିଲା । ହିମପ୍ରବାହ ତରଳିବା ଯୋଗୁଁ କାରଣରୁ ଏପରି ସ୍ଥିତି ସୃଷ୍ଟି ହୋଇଛି ବୋଲି ପରିବେଶବିତମାନେ କହିଛନ୍ତି । ୨୦୧୯ ରେ ସରକାରଙ୍କୁ ଏ ନେଇ ଚେତାବନୀ ଦିଆଯାଇଥିଲା । ତମଙ୍ଗ ନାଳ ଉପରେ ପୋଲ ନିର୍ମାଣ ହୋଇଥିଲା ଓ ଏହି ପୋଲ ବର୍ଷା ଓ ତୁଷାରପାତ କାରଣରୁ ଭାଙ୍ଗିଯାଇ ନାଳ ଉପରେ ପଡ଼ିଥିଲ । ଫଳରେ ପ୍ରବାହ ବାଧିତ ହୋଇଥିଲା । ଏହି କାରଣରୁ ମଧ୍ୟ ହ୍ରଦ ସୃଷ୍ଟି ହୋଇଥାଇ ପାରେ ବୋଲି କୁହାଯାଉଛି ।

## ମସ୍କୋରେ ୟୁକ୍ରେନର ଡ୍ରୋନ୍ ଆକ୍ରମଣ

କିଭ୍, ୧।୧୧(ଏଜେନ୍ସି): ରୁଷିଆ ଓ ୟୁକ୍ରେନ ମଧ୍ୟରେ ଚାଲିଥିବା ଯୁଦ୍ଧ ଥମିବାର ନାମ ନେଉ ନାହିଁ । ଏବେ ୟୁକ୍ରେନ୍ ରୁଷିଆର ରାଜଧାନୀ ମସ୍କୋ ଉପରେ ଡ୍ରୋନ ଆକ୍ରମଣ କରିଛି । ୟୁକ୍ରେନର ଗୁଇନ୍ଦା ଏଜେନ୍ସି (ହଚ୍‌ୟୁଆର) ଶୁକ୍ରବାର ମସ୍କୋ ନିକଟରେ ଥିବା ଏକ ୪୦୦ କିମି ଦୀର୍ଘ ଫୁଏଲ ପାଇପ୍ ଲାଇନ୍ ଉପରେ ଆକ୍ରମଣ କରିଛି । ଏହି ପାଇପ୍ ଲାଇନ୍‌ର ନାମ ‘ରିଙ୍ଗ’ ବୋଲି ଜଣାପଡ଼ିଛି । ଏହି ଆକ୍ରମଣ ପରେ ରୁଷ୍‌ର ପେଟ୍ରୋଲ, ଡିଜେଲ ଓ ବିମାନର ଇନ୍ଧନ ଯୋଗାଣ ବନ୍ଦ ହୋଇଛି । ୟୁକ୍ରେନର ଏହି ଆକ୍ରମଣରେ ମସ୍କୋର ଦକ୍ଷିଣ ପୂର୍ବ ଅଞ୍ଚଳରେ ଥିବା ୩ଟି ମୁଖ୍ୟ ପାଇପ୍ ଲାଇନ ଏକାସଙ୍ଗେ ଧ୍ୱଂସ ପାଇଛି । ସେଠାରେ ଡ୍ରୋନ୍‌କୁ ନିଷ୍କ୍ରିୟ କରିବାକୁ ରୁଷିଆ ଅସ୍ତ୍ରଶସ୍ତ୍ର ନିୟୋଜିତ କରିଥିଲା । ତେବେ ସେ ସବୁ ଠିକ୍ ସମୟରେ କାର୍ଯ୍ୟ କରି ନଥିଲା । ଏବେ ରୁଷ୍ ସେନାକୁ ଇନ୍ଧନ ମିଳିବା କଷ୍ଟକର ହୋଇ ପଡ଼ିଛି । ଏହି ପାଇପ୍ ଲାଇନ ଜରିଆରେ ପ୍ରତିବର୍ଷ ୩୦ ଲକ୍ଷ ଟନ୍ ଜେଟ୍ ଇନ୍ଧନ, ଲକ୍ଷ ଲକ୍ଷ ଟନ ପେଟ୍ରୋଲ ଓ ଡିଜେଲ ପଠାଯାଇଥାଏ । ଏବେ ଏହି କାରଣରୁ ମସ୍କୋର ଅର୍ଥବ୍ୟବସ୍ଥା ନକାରାତ୍ମକ ଭାବେ ପ୍ରଭାବିତ ହେବାର ଆଶଙ୍କା ସୃଷ୍ଟି ହୋଇଛି । ରାତି ସାରା ହୋଇଥିବା ଡ୍ରୋନ ଆକ୍ରମଣର ଏହା ଏକ ଅଂଶ ଥିଲା ବୋଲି ରୁଷିଆ ତରଫରୁ କୁହାଯାଇଛି । ଅନ୍ୟପଟେ ୧୦ଟି ଅଞ୍ଚଳରେ ୟୁକ୍ରେନର ୯୮ଟି ଡ୍ରୋନକୁ ମାରି ଖସାଇଛୁ ବୋଲି ରୁଷ୍ ସେନା ତରଫରୁ କୁହାଯାଇଛି ।

# ଆଜିଠୁ ପଞ୍ଚୁକ ବ୍ରତ

■ ଲକ୍ଷ୍ମୀନାରାୟଣ ବେଶରେ ଦର୍ଶନ ଦେବେ ମହାପ୍ରଭୁ
■ ଲକ୍ଷାଧିକ ଶ୍ରଦ୍ଧାଳୁଙ୍କ ସମାଗମ ସମ୍ଭାବନା
■ ଏଥର ଚାରିଦିନିଆ ପଞ୍ଚୁକ, ବାଙ୍କଚୂଡ଼ା ବେଶ ନାହିଁ

ପୁରୀ,୧।୧୧(ସମିସ): ରବିବାରଠାରୁ ମହାକାର୍ତ୍ତିକର ପଞ୍ଚୁକ ବ୍ରତ। ଚଳିତ ବର୍ଷ ୫ଦିନ ପରିବର୍ତ୍ତେ ୪ଦିନ ପାଳନ ହେବ ପଞ୍ଚୁକ ବ୍ରତ। ଏହି ଉପଲକ୍ଷେ ଶ୍ରୀମନ୍ଦିରରେ ମହାପ୍ରଭୁଙ୍କ ସ୍ୱତନ୍ତ୍ର ବେଶ ଅନୁଷ୍ଠିତ ହେବ। ଦ୍ୱାଦଶୀ ତିଥି କ୍ଷୟ ଯାଉଥିବାରୁ ମହାପ୍ରଭୁଙ୍କ ୪ଟି ବେଶ ଦର୍ଶନର ସୁଯୋଗ ପାଇବେ ଭକ୍ତ। ବାଙ୍କଚୂଡ଼ା ବେଶ ଦର୍ଶନରୁ ଶ୍ରଦ୍ଧାଳୁ ବଞ୍ଚିତ ରହିବେ। ଏହାସହ ଶ୍ରୀମନ୍ଦିରରେ ହରି ଉତ୍ଥାପନ ଏକାଦଶୀ ନୀତି ସମ୍ପନ୍ନ ହେବ। ସେହିପରି ୩ ତାରିଖରେ ଡାଳିକିଆ ବା ତ୍ରିବିକ୍ରମ ବେଶ, ୪ରେ ଲକ୍ଷ୍ମୀନୃସିଂହ ବେଶ ଏବଂ ପଞ୍ଚକର ଶେଷ ଦିନ ଅର୍ଥାତ୍ ନଭେମ୍ବର ୫ରେ ମହାପ୍ରଭୁଙ୍କ ସୁନାବେଶ ତଥା ରାଜାଧିରାଜ ବେଶ ଅନୁଷ୍ଠିତ ହେବ। ମହାପ୍ରଭୁଙ୍କ ସ୍ୱତନ୍ତ୍ର ବେଶ ଦର୍ଶନ ଲାଗି ପ୍ରତିଦିନ ପୁରୀରେ ଲକ୍ଷାଧିକ ଭକ୍ତଙ୍କ ଆଗମନ ହେବାକୁ ଥିବାରୁ ପୁରୀ ପୁଲିସ ପକ୍ଷରୁ ଶୃଙ୍ଖଳିତ ଦର୍ଶନ ଓ ଭକ୍ତଙ୍କ ସୁରକ୍ଷା ଏବଂ ଟ୍ରାଫିକ୍ ପରିଚାଳନା ପାଇଁ ସ୍ୱତନ୍ତ୍ର ପଦକ୍ଷେପ ନିଆଯାଇଛି।

ପ୍ରଥମ ଦିନ ଅର୍ଥାତ୍ କାର୍ତ୍ତିକ ଶୁକ୍ଳ ଏକାଦଶୀରେ ଶ୍ରୀବିଗ୍ରହମାନଙ୍କର ଅବକାଶ ନୀତି ପରେ ଲକ୍ଷ୍ମୀନାରାୟଣ ବା ଠିଆକିଆ ବେଶ ହୋଇଥାଏ। ଏହି ବେଶ ଥାଇ ଠାକୁରମାନଙ୍କର ଗୋପାଳବଲ୍ଲଭ, ସକାଳଧୂପ, ବାଲଧୂପ, ଭୋଗମଣ୍ଡପ ଇତ୍ୟାଦି ନୀତି ସମ୍ପନ୍ନ ହେବ। ସ୍ୱର୍ଣ୍ଣ ଅଳଙ୍କାର, ପୁଷ୍ପମାଲ୍ୟ, ପାଟବସ୍ତ୍ର ଇତ୍ୟାଦିରେ ପୁଷ୍ପାଳକ ସେବକମାନେ ଶ୍ରୀବିଗ୍ରହଙ୍କୁ ବେଶ କରିବେ। କାର୍ତ୍ତିକରେ ଅନୁଷ୍ଠିତ ରାଧାଦାମୋଦର ବେଶରେ ଠାକୁରମାନେ ଶ୍ରୀହସ୍ତରେ ନଳୀଭୁଜ ଧାରଣ କରୁଥିବା ବେଳେ ଲକ୍ଷ୍ମୀନାରାୟଣ ବେଶରେ ଶ୍ରୀଭୁଜ ଓ ଶଙ୍ଖ, ଚକ୍ର, ହଳ, ମୂଷଳ ଓ କେତେକ ଅଧିକ ସ୍ୱର୍ଣ୍ଣ ଅଳଙ୍କାର ଧାରଣ କରିଥା'ନ୍ତି। ସୁଭଦ୍ରାଙ୍କ ବେଶରେ କିଛି ପରିବର୍ତ୍ତନ ହୁଏ ନାହିଁ।

ଏତଦ୍‌ବ୍ୟତୀତ ସୁନାବେଶ ଭଳି ଏହି ବେଶରେ ଠାକୁରମାନଙ୍କ ମସ୍ତକରେ ସ୍ୱର୍ଣ୍ଣ କିରୀଟ ଶୋଭାପାଏ ଓ କିରୀଟ ପଛ ପାର୍ଶ୍ୱରେ ସୁବର୍ଣ୍ଣ କିଆ ଖଞ୍ଜା ଯାଇଥାଏ। ପଞ୍ଚୁକରେ ଲକ୍ଷାଧିକ ଭକ୍ତଙ୍କ ଭିଡ଼କୁ ଦୃଷ୍ଟିରେ ରଖି ପୁଲିସ ପ୍ରଶାସନ ପକ୍ଷରୁ ବ୍ୟାପକ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି। ବଡ଼ଦାଣ୍ଡର ମାର୍କେଟ୍ ଛକଠାରୁ ହୋଇଥିବା ବ୍ୟାରିକେଡ୍ ଦେଇ ଶ୍ରଦ୍ଧାଳୁ ମହାପ୍ରଭୁଙ୍କ ଦର୍ଶନ ପାଇଁ ଯିବେ। ସେହିପରି ଭକ୍ତଙ୍କ ଶୃଙ୍ଖଳିତ ଦର୍ଶନ, ସୁରକ୍ଷା, ଭିଡ଼ ଓ ଟ୍ରାଫିକ୍ ନିୟନ୍ତ୍ରଣ ପାଇଁ ୯୬ ସେକ୍ସନ୍ ଫୋର୍ସ ମୁତୟନ ହୋଇଛନ୍ତି। ୫ ଅତିରିକ୍ତ ଏସ୍‌ପି, ୧୬ ଡିଏସ୍‌ପି, ୩୫ ଇନ୍ସପେକ୍ଟରଙ୍କ ସହ ଅନ୍ୟାନ୍ୟ ଅଧିକାରୀ ମଧ୍ୟ ନିୟୋଜିତ ହୋଇଛନ୍ତି। ଶ୍ରୀମନ୍ଦିରକୁ ଆସୁଥିବା ଭକ୍ତମାନେ ଯେଭଳି କୌଣସି ସମସ୍ୟାର ସମ୍ମୁଖୀନ ହେବେ ନାହିଁ, ତାହା ପୁରୀ ପୁଲିସର ପ୍ରାଥମିକତା ରହିବ ବୋଲି କହିଛନ୍ତି ଏସ୍‌ପି ପ୍ରତୀକ୍ ସିଂ।

### ପଦୋନ୍ନତି କ୍ଷେତ୍ରରେ ବରିଷ୍ଠତାକୁ ଉପେକ୍ଷା ପ୍ରସଙ୍ଗ

# ଆର୍‌ଆଇ ପଦୋନ୍ନତି ପାଇଥିବା ପ୍ରତିପକ୍ଷଙ୍କୁ ପୂର୍ବ ପଦକୁ ଆଣିବାକୁ ହାଇକୋର୍ଟଙ୍କ ନିର୍ଦ୍ଦେଶ

କଟକ, ୧।୧୧ (ସମିସ): ବରିଷ୍ଠତାକୁ ଉପେକ୍ଷା ପୂର୍ବକ କେନ୍ଦୁଝର ଜିଲ୍ଲାରେ କେତେକ ସାଧାରଣ ବର୍ଗ ପ୍ରାର୍ଥୀଙ୍କୁ ରାଜସ୍ୱ ନିରୀକ୍ଷକ (ଆର୍‌ଆଇ) ପଦକୁ ବେଆଇନ ପଦୋନ୍ନତି ପ୍ରଦାନ କରାଯାଇଥିବା ଅଭିଯୋଗରେ ରୁଜୁ ମାମଲାରେ ହାଇକୋର୍ଟ ପୂର୍ଣ୍ଣଚ୍ଛେଦ ପକାଇଛନ୍ତି। ଏହି ମାମଲାର ପ୍ରତିପକ୍ଷ ତଥା ଆର୍‌ଆଇ ପଦୋନ୍ନତି ପାଇଥିବା କର୍ମଚାରୀଙ୍କୁ ସେମାନଙ୍କ ପୂର୍ବ ପଦକୁ ଫେରାଇ ଅଣାଯିବ ବୋଲି ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ତେବେ ପଦୋନ୍ନତି ପାଇଁ ପାଇଥିବା ଦରମା ଓ ଅନ୍ୟାନ୍ୟ ଆର୍ଥିକ ଲାଭ ସେମାନଙ୍କ ନିକଟରୁ ଭରଣା କରାଯିବ ନାହିଁ। ଆର୍‌ଆଇ ପଦକୁ ପଦୋନ୍ନତି ପାଇଁ ଏକ ଡିପିସି ଡାକିବାକୁ କର୍ତ୍ତୃପକ୍ଷଙ୍କୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ସଂଜୟ କୁମାର ପେରେଇ ଓ ଅନ୍ୟ ଚାରିଜଣଙ୍କ ଆବେଦନର ଶୁଣାଣି କରି ଜଷ୍ଟିସ୍ ଶଶିକାନ୍ତ ମିଶ୍ର ଏପରି ରାୟ ପ୍ରଦାନ କରିଛନ୍ତି। ଡିପିସିର ଫଳାଫଳ ଆଧାରରେ ସାନି ପଦୋନ୍ନତି ନିର୍ଦ୍ଦେଶନାମା ଜାରି ପ୍ରକ୍ରିୟା ତିନି ମାସ ଭିତରେ ସଂପୂର୍ଣ୍ଣ ହେବ ବୋଲି ହାଇକୋର୍ଟ କହିଛନ୍ତି।

ମାମଲାରୁ ପ୍ରକାଶ, କେନ୍ଦୁଝର ଜିଲ୍ଲାରେ ଗତ ୨୦୧୯ରେ ଗ୍ରେଡେସନ୍ ତାଲିକାରେ ବରିଷ୍ଠତା କ୍ଷେତ୍ରରେ ଆବେଦନକାରୀଙ୍କ ସ୍ଥାନର ତଳେ ଥିବା ପ୍ରତିପକ୍ଷ ସାଧାରଣବର୍ଗର ପ୍ରାର୍ଥୀଙ୍କୁ ପଦୋନ୍ନତି ପ୍ରଦାନ କରାଯାଇଥିଲା। ଏହାକୁ ଚାଲେଞ୍ଜ କରି ଆବେଦନକାରୀ ଓଡ଼ିଶା ପ୍ରଶାସନିକ ଟ୍ରିବ୍ୟୁନାଲର ଦ୍ୱାରସ୍ଥ ହୋଇଥିଲେ। ଟ୍ରିବ୍ୟୁନାଲ ଉଚ୍ଛେଦ ପରେ ମାମଲା ଶୁଣାଣି ପାଇଁ ହାଇକୋର୍ଟକୁ ସ୍ଥାନାନ୍ତର ହୋଇ ଆସିଥିଲା।

### ■ ୩୬ କଲେଜ ସ୍ୱୟଂଶାସିତ ମାନ୍ୟତା ହରାଇବା ପ୍ରସଙ୍ଗ

# ନବୀକରଣ ପାଇଁ ତାଗିଦ କରୁଛି ବିଭାଗ: ଉଚ୍ଚଶିକ୍ଷା ମନ୍ତ୍ରୀ

ଭୁବନେଶ୍ୱର, ୧।୧୧(ସମିସ): ରାଜ୍ୟର ମୋଟ୍ ୫୩ଟି ସ୍ୱୟଂଶାସିତ ମହାବିଦ୍ୟାଳୟ ମଧ୍ୟରୁ ୩୬ଟି ମହାବିଦ୍ୟାଳୟ ସ୍ୱୟଂଶାସିତ ମାନ୍ୟତା ହରାଇ ସାରିଛନ୍ତି। ଅନେକ ନବୀକରଣ ପାଇଁ ଆବେଦନ କରୁ ନଥିବାବେଳେ ଆଉକିଛି ଆବେଦନ କରିଥିଲେ ମଧ୍ୟ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ (ୟୁଜିସି) ପକ୍ଷରୁ ମାନ୍ୟତା ନବୀକରଣ କରାଯାଇନାହିଁ। ଏନେଇ ଖବର ପ୍ରକାଶ ପାଇଲା ପରେ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ପ୍ରତିକ୍ରିୟା ରଖି କହିଛନ୍ତି ଯେ, ସମସ୍ତ ପ୍ରକାର ତ୍ରୁଟି ସୁଧାରି ମାନ୍ୟତା ଫେରିପାଇବା ପାଇଁ ସରକାର ପ୍ରୟାସ କରୁଛନ୍ତି। ପାଠପଢ଼ା ସହିତ ଅଫିସିଆଲ୍ କାର୍ଯ୍ୟକୁ ମଧ୍ୟ ଗୁରୁତ୍ୱ ଦେବାକୁ କଲେଜ ଅଧ୍ୟକ୍ଷମାନଙ୍କୁ କୁହାଯାଇଛି। ମାନ୍ୟତା ଅବଧି ଶେଷ ହେବା ପରେ ଆବେଦନ କରି ନ ଥିବା ଉଚ୍ଚ ଶିକ୍ଷାନୁଷ୍ଠାନଗୁଡ଼ିକୁ ବିଭାଗ ପକ୍ଷରୁ ତାଗିଦ୍ କରାଯାଉଛି। ଆବେଦନ କରି ମଧ୍ୟ ମାନ୍ୟତା ନବୀକରଣ ହୋଇ ନଥିବା ଶିକ୍ଷାନୁଷ୍ଠାନଗୁଡ଼ିକୁ ପ୍ରକ୍ରିୟା ତ୍ୱରାନ୍ୱିତ କରିବାକୁ କୁହାଯାଇଛି। ଏଥିପାଇଁ ଟାଇମ୍‌ଲାଇନ୍ ସହ ଡେଡ୍ ଲାଇନ୍ ମଧ୍ୟ ଦିଆଯାଉଛି। ସେହିପରି ବିଶ୍ୱବିଦ୍ୟାଳୟ ସହ କଲେଜଗୁଡ଼ିକର ଅଫିଲେସନ୍‌କୁ ମଧ୍ୟ ଗୁରୁତ୍ୱ ଦିଆଯାଇ ନବୀକରଣ କରିବାକୁ ପଦକ୍ଷେପ ନିଆଯାଉଥିବା ମନ୍ତ୍ରୀ ଶ୍ରୀ ସୂରଜ କହିଛନ୍ତି।

### ଘୋଷଣାକୁ ପୂରିଲା ବର୍ଷେ

# ଘୋଷଣାରେ ସୀମିତ ଶିଶୁ ସୁରକ୍ଷା ହେଲ୍‌ପଲାଇନ୍ ନମ୍ବର

ଭୁବନେଶ୍ୱର,୧।୧୧(ସମିସ): ଶିଶୁମାନଙ୍କୁ ଶୋଷଣ, ଚାଲାଣ, ନିର୍ଯାତନା ଓ ଯୌନ ଉତ୍ପୀଡ଼ନରୁ ସୁରକ୍ଷା ଦେବା ପାଇଁ ସରକାର ସର୍ବଦା ସମ୍ବେଦନଶୀଳ ଅଛନ୍ତି। ଦାନ୍ତ ବିହୀନ କିମସନକୁ ନୂଆ ସରକାରରେ ଶକ୍ତିଶାଳୀ କରିବାକୁ ସମସ୍ତ ପ୍ରଚେଷ୍ଟା କରାଯିବ। ନୂଆ, ଢାଞ୍ଚାରେ ନୂଆ ନିୟମରେ ପରିବର୍ତ୍ତନ କରାଯିବ। ଏଥିପାଇଁ ରହିଥିବା ଆଇନ ଓ ନିୟମକୁ ମଧ୍ୟ ପରିବର୍ତ୍ତନ କରାଯାଇ ଆୟୋଗକୁ ସୁଦୃଢ଼ କରାଯିବ ବୋଲି ଉପମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁ ବିକାଶ ବିଭାଗ ମନ୍ତ୍ରୀ ପ୍ରଭାତୀ ପରିଡ଼ା ଗତବର୍ଷ ଓଡ଼ିଶା ରାଜ୍ୟ ଶିଶୁ ସୁରକ୍ଷା ଅଧିକାର ଆୟୋଗ(ଓଏସସିପିସିଆର)ର ପ୍ରତିଷ୍ଠା ଦିବସ ଅବସରରେ ଘୋଷଣା କରିଥିଲେ। ସେହିପରି ଯୌନ ଉତ୍ପୀଡ଼ନର ପ୍ରଥମ ପ୍ରୟାସକୁ ହିଁ ବିରୋଧ କରାଯିବା ସହ ରାଜ୍ୟର କୌଣସି ବି ସ୍ଥାନରେ ପିଲାମାନେ ଯଦି କୌଣସି ଅସୁବିଧାର ସମ୍ମୁଖୀନ ହୁଅନ୍ତି, ତେବେ ଦେୟମୁକ୍ତ ନମ୍ବର(୧୮୦୦-୩୪୫-୪୪୯୪)ରେ ଯୋଗାଯୋଗ କରିପାରିବେ। ଏହି ନମ୍ବରକୁ ବ୍ଲକ୍ ସ୍ତରରୁ ଜିଲ୍ଲା ସ୍ତରଯାଏଁ ବ୍ୟାପକ କରାଯିବ। ହେଲେ ଉପମୁଖ୍ୟମନ୍ତ୍ରୀଙ୍କ ଘୋଷଣାକୁ ବର୍ଷେ ପୂରିଥିଲେ ମଧ୍ୟ ଏହି ନମ୍ବର ଗାଁ ଗାଁରେ ପହଞ୍ଚିବା ତ ଦୂରର କଥା, ବ୍ଲକ୍ କି ଜିଲ୍ଲା ସ୍ତରକୁ ମଧ୍ୟ ଯାଇ ପାରିଲା ନାହିଁ।

ରାଜ୍ୟରେ ଶିଶୁମାନେ ସାମ୍ନା କରୁଥିବା ବିଭିନ୍ନ ସମସ୍ୟା ବିଷୟରେ ଅବଗତ ହେବା ଏବଂ ଏହାର ସମାଧାନ ଦିଗରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବାକୁ ବିଭାଗ ପକ୍ଷରୁ ଜାରି କରାଯାଇଥିବା ଏହି ଟୋଲ୍ ଫ୍ରି ନମ୍ବର ସହ ପୁଲିସ ସହାୟତା ନମ୍ବର, ଚାଇଲ୍ଡ ହେଲ୍‌ପଲାଇନ୍ ନମ୍ବର ବିଷୟରେ ସଚେତନ କରାଯିବାକୁ ଯୋଜନା ରହିଥିଲା। ଶିଶୁ ଚାଲାଣ ରୋକିବା ପାଇଁ ଗାଁ ମାନଙ୍କରେ ଏସ୍‌ଏଚ୍‌ଜି ମହିଳା ଓ 'ଅଦ୍ୱିକା' ଯୋଜନାରେ କିଶୋରୀ ବାଳିକାଙ୍କୁ ଟ୍ରେନିଂ ଦିଆଯିବ। ସେମାନେ ଘର ଘର ବୁଲି ଏ ବାବଦରେ ଅଭିଭାବକମାନଙ୍କୁ ଅବଗତ କରାଇବେ। ଏଥିପାଇଁ ବିଭାଗ ପକ୍ଷରୁ ଅର୍ଥ ଯୋଗାଇ ଦିଆଯିବ। କେବଳ ସେତିକି ନୁହେଁ; ଶିଶୁ ଶ୍ରମିକ, ବାଲ୍ୟ ବିବାହ, ଶିଶୁ ନିର୍ଯାତନା, ଯୌନ ଉତ୍ପୀଡ଼ନ ସମେତ ଶିଶୁମାନଙ୍କ ଅଧିକାର କ୍ଷୁଣ୍ଣ ହେଲା ଭଳି କୌଣସି ଘଟଣା ସାମ୍ନାକୁ ଆସିଲେ ପୁଲିସ

**ସହରରୁ ଗାଁ ଯାଏଁ ବ୍ୟାପିଗଲାଣି ଶିଶୁ ଚାଲାଣ, ଯୌନ ଉତ୍ପୀଡ଼ନ ସମସ୍ୟା**

ପ୍ରଶାସନ ସହାୟତାରେ ତୁରନ୍ତ ପଦକ୍ଷେପ ନିଆଯିବ। ଜିରୋ ଟଲେରାନ୍ସ ବ୍ୟବସ୍ଥାରେ ଦୋଷୀକୁ ତୁରନ୍ତ ଦଣ୍ଡ ଦିଆଯିବା ସହ ପୀଡ଼ିତାଙ୍କୁ ଅନୁକମ୍ପା ମୂଳକ ସହାୟତା ରାଶି ମଧ୍ୟ ପ୍ରଦାନ କରାଯିବାର ବ୍ୟବସ୍ଥା ପାଇଁ ବିଭାଗ ଘୋଷଣା କରିଥିଲା। ଏଦିଗରେ ପିଲାମାନଙ୍କୁ ଅଧିକ ସଚେତନ କରିବାକୁ ବିଦ୍ୟାଳୟରେ ଶିକ୍ଷା ଓ ସଚେତନତା ବାର୍ତ୍ତା ଦିଆଯିବ; ଯାହାକି ଏପର୍ଯ୍ୟନ୍ତ ହୋଇପାରି ନାହିଁ।

ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ସକାଳ ୧୦ ଟା ରୁ ଅପରାହ୍ନ ୫ ପର୍ଯ୍ୟନ୍ତ ଉପଲବ୍ଧ ରହିଥିବା ଏହି ସରକାରୀ ଟ୍ରୋଲ ଫ୍ରି ନମ୍ବର କେବଳ ସରକାରୀ ବ୍ୟବସ୍ଥା ମଧ୍ୟରେ ସୀମିତ ରହିଯାଇଛି। ବ୍ଲକ ତ ଦୂରର କଥା; ଜିଲ୍ଲା ସ୍ତରରେ ବି ପହଞ୍ଚିପାରି ନାହିଁ। ତେବେ ସରକାର ଏହାକୁ ଗୁରୁତ୍ୱର ସହ ନେଉ ନ ଥିବାରୁ ପ୍ରତିଦିନ ରାଜ୍ୟର ବିଭିନ୍ନ ସ୍ଥାନରୁ ଶିଶୁମାନେ ଗଣଦୁଷ୍କର୍ମ, ଯୌନ ଉତ୍ପୀଡ଼ନର ଶିକାର ହେବା ସହ ଶିଶୁ ଚାଲାଣ ସଂଖ୍ୟା ମଧ୍ୟ ବୃଦ୍ଧି ପାଉଥିବା ବିଭିନ୍ନ ମହଲରେ ଆଲୋଚନା ହେଉଛି। ଏଥିପ୍ରତି ସରକାର ଏବଂ ବିଭାଗୀୟ ତତ୍ପରତା ପ୍ରକାଶ କରିବାର ଆବଶ୍ୟକତା ଥିବା ନେଇ ବୁଦ୍ଧିଜୀବୀ ମହଲରେ ମତପ୍ରକାଶ ପାଇଛି।

### କୋମନାରେ ଫାଙ୍କା ଗୁଳି ଚାଳନା

# ପିଏସ୍‌ଓଙ୍କୁ ଗିରଫ ଦାବିରେ କଂଗ୍ରେସର ଥାନା ଘେରାଉ

ନୂଆପଡ଼ା,୧।୧୧(ସମିସ): ଶୁକ୍ରବାର ବିଳମ୍ବିତ ରାତିରେ ନୂଆପଡ଼ା ଜିଲ୍ଲା କୋମନା ବ୍ଲକ୍ ସଦର ମହକୁମା ପୁରୁଣା ଛକରେ ଥିବା ଏକ ହୋଟେଲରେ କୋରାପୁଟ ବିଧାୟକଙ୍କ ପିଏସ୍‌ଓ ଡମ୍ବରୁ ହନ୍ତାଳ ଫାଙ୍କା ଗୁଳି ଚାଳନା କରିବା ଘଟଣା ଆଲୋଡ଼ନ ସୃଷ୍ଟି କରିଛି। ଏହି ଘଟଣାରେ କୋମନା ଥାନା ପୁଲିସ ମାମଲା ରୁଜୁ କରି ପିଏସ୍‌ଓଙ୍କ ବନ୍ଧୁକ ସହ ଗୁଳି, ଖୋକାକୁ ଜବତ କରିଛି। ତଦନ୍ତ ରିପୋର୍ଟ ଆଧାରରେ କୋରାପୁଟ ଏସ୍‌ପି ଅଭିଯୁକ୍ତ ପିଏସ୍‌ଓଙ୍କୁ ନିଲମ୍ବନ କରିଥିବା ଜଣାପଡ଼ିଛି। ସୂଚନାଯୋଗ୍ୟ, କୋମନା ପୁରୁଣା ବ୍ଲକ୍

**ଅଭିଯୁକ୍ତ ପିଏସ୍‌ଓ ନିଲମ୍ବିତ**

ଛକରେ ଥିବା ଏକ ହୋଟେଲରେ ବିଜେପିର ଅସ୍ଥାୟୀ କାର୍ଯ୍ୟାଳୟ କରାଯାଇଛି। ଏଥିରେ କୋରାପୁଟ ବିଧାୟକ ରଘୁରାମ ମାଛ ରହୁଥିଲେ। ଶୁକ୍ରବାର ବିଳମ୍ବିତ ରାତିରେ ତାଙ୍କର ପିଏସ୍‌ଓ ଡମ୍ବରୁ ହନ୍ତାଳ ହୋଟେଲରେ ଖାଇବାକୁ ବସିଥିବା ଜଣେ ଗ୍ରାହକଙ୍କୁ ବସିବାକୁ ସିଟ୍ ମାଗିଥିଲେ। ସେ ସିଟ୍ ନ ଛାଡ଼ିବାରୁ ବଚସା ହୋଇଥିଲା। ଏଥିରେ ରାଗିଯାଇ ପିଏସ୍‌ଓ ନିଜ ବନ୍ଧୁକରୁ ଫାଙ୍କା ଗୁଳିଚାଳନା କରିଥିଲେ। ରାତି ୧୨ଟା ବେଳେ କୋମନା ଥାନାଧିକାରୀ ରଶ୍ମିତା ପଧାନ ଖବର ପାଇ ଘଟଣାସ୍ଥଳରେ ପହଞ୍ଚିଥିଲେ। ତେବେ ହୋଟେଲ ମାଲିକ ଗୁଳିକାଣ୍ଡ ସଂପର୍କରେ କିଛି କହିନଥିଲେ। ଶନିବାର ସକାଳେ ପୁଲିସ ଟିମ୍ ପୁଣିଥରେ ଛାନ୍‌ଭିନ୍ କରିବାରୁ ଅସଲ କଥା ଜଣାପଡ଼ିଥିଲା। ପିଏସ୍‌ଓଙ୍କଠାରୁ ସଂପୃକ୍ତ ବନ୍ଧୁକ, ଗୋଟିଏ ଗୁଳି ସହ ଏକ ଖୋକାକୁ ମଧ୍ୟ ଜବତ କରାଯାଇଛି। ଏହାକୁ ନେଇ ଏକ ୩୧୯/୨୫, ଆର୍ମସ ଆକ୍ଟରେ ମାମଲା ରୁଜୁ କରି ତଦନ୍ତ ଚାଲିଛି ବୋଲି ଥାନାଧିକାରୀ କହିଛନ୍ତି।

ଅପରପକ୍ଷରେ, ଏହି ଘଟଣାରେ ଅଭିଯୁକ୍ତ ପିଏସ୍‌ଓଙ୍କୁ ଗିରଫ କରିବା ସହ ନିର୍ବାଚନୀ ପ୍ରଚାରରେ ଥିବା ସଂପୃକ୍ତ ବିଧାୟକଙ୍କୁ ଜିଲ୍ଲାରୁ ଅପସାରଣ କରିବାକୁ କଂଗ୍ରେସ ଦାବି କରିଛି। ପ୍ରତିବାଦରେ ଆଜି କଂଗ୍ରେସ ତରଫରୁ କୋମନା ଥାନା ଘେରାଉ କରାଯାଇଛି। ଯୁବନେତା କମଳ ଚରଣ ତାଣ୍ଡିଙ୍କ ନେତୃତ୍ୱରେ କଂଗ୍ରେସ କର୍ମୀମାନେ ଥାନା ଘେରିବା ସହ ଥାନାଧିକାରୀ ରଶ୍ମିତା ପଧାନଙ୍କୁ ଏକ ଦାବିପତ୍ର ପ୍ରଦାନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଶାହରୁଖ ଖାନ, ପାଶା ମହାନନ୍ଦ, ସେମ ମହାନନ୍ଦ, କୈଳାସ ବାଗ, ଦିଲୀପ ଦୁରିଆ, ପ୍ରବୀଣ ପଟ୍ଟନାୟକ, ଗରିଆମଣି ସଗରିଆ, ଲବ ମଙ୍ଗରାଜ ପ୍ରମୁଖ ସାମିଲ ଥିଲେ। ଦାବି ପୂରଣ ନହେଲେ ଆଗାମୀ ଦିନରେ ଥାନା ଘେରାଉ କରିବେ ବୋଲି କଂଗ୍ରେସ ପକ୍ଷରୁ ଚେତାବନୀ ଦିଆଯାଇଛି।

# ବବି ଦାସଙ୍କ ନାଁରେ ଥାନାରେ ମାମଲା

ନୂଆପଡ଼ା/କୋମନା, ୧।୧୧(ସମିସ): ନୂଆପଡ଼ା ଜିଲ୍ଲା କୋମନା ଥାନା ଅନ୍ତର୍ଗତ ସଦର ଟାଉନର ଜଣେ ଯୁବକଙ୍କ ଅଭିଯୋଗ ଆଧାରରେ ବିଜେଡି ଉପସଭାପତି ପ୍ରଣବ ପ୍ରକାଶ ଦାସ (ବବି ଦାସ)ଙ୍କ ନାଁରେ ମାମଲା ରୁଜୁ ହୋଇଛି। ଅଭିଯୋଗରେ ଦର୍ଶାଯାଇଛି ଯେ କୋମନା ସହରର ପାଇକପଡ଼ାର ଜିତୁ ଆଡବଙ୍ଗଙ୍କୁ ବିଜେଡି ନେତାମାନେ କୋମନାସ୍ଥିତ ଏକ ଫାର୍ମ ହାଉସ୍‌କୁ ଡାକିଥିଲେ। ସେଠାରେ ବବି ତାଙ୍କୁ ଗାଳିଗୁଲଜ କରିବା ସହ ତାଙ୍କ ସାର୍ଟ କଲର୍ ଧରି ମାଡ଼ ମାରିଥିଲେ। ଜିତୁଙ୍କ ଅଭିଯୋଗକ୍ରମେ ଏକ ମାମଲା ରୁଜୁ କରାଯାଇ ତଦନ୍ତ ଚାଲିଛି ବୋଲି କୋମନା ଥାନାଧିକାରୀ ସୂଚନା ଦେଇଛନ୍ତି।

### ■ ହାତୀଦାନ୍ତ ବିକ୍ରି ମାମଲା

# ୩ଜଣଙ୍କୁ ୩ବର୍ଷ ଜେଲ୍

ବାଲେଶ୍ୱର,୧।୧୧(ସମିସ): ହାତୀ ଶିକାର କରି ଦାନ୍ତ ବିକ୍ରି ମାମଲାର ବିଚାର କରି ବାଲେଶ୍ୱର ମୁଖ୍ୟ ବିଚାର ବିଭାଗୀୟ ବିଚାରପତି ଜନକ ରାଉତ ଆଜି ୩ ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରିବା ସହ ୩ବର୍ଷ ଲେଖାଏଁ ଜେଲ୍ ଓ ୧୦ ହଜାର ଟଙ୍କା ଲେଖାଏଁ ଜରିମାନାରେ ଦଣ୍ଡିତ କରିଛନ୍ତି। ଜରିମାନା ଅନାଦେୟ ହେଲେ, ଅତିରିକ୍ତ ୩ ମାସ ଲେଖାଏଁ ଜେଲ୍‌ଦଣ୍ଡ ଭୋଗିବାକୁ ପଡ଼ିବ ବୋଲି ରାୟରେ ନିର୍ଦ୍ଦେଶ ରହିଛି। ସେମାନେ ହେଲେ, ସାଇଁକୁଳା ଅଞ୍ଚଳର ଅଶ୍ୱିନୀ କୁମାର ଦେ, ଶାନ୍ତନୁ ସାହୁ ଏବଂ ତରତରୀ ଅଞ୍ଚଳର ଡୁମା ବେହେରା। ଏମାନେ କୁଲଡ଼ିହା ଜଙ୍ଗଲରୁ ହାତୀ ଶିକାର କରି ଦାନ୍ତ ବିକ୍ରି କରିବାକୁ ଯୋଜନା କରୁଥିବା ବେଳେ ବନ ବିଭାଗ ହାତରେ ଧରାପଡ଼ିଥିଲେ। ସୂଚନାନୁସାରେ, ୨୦୦୬ ଡିସେମ୍ବର ୨୭ ରାତିରେ ଫରେଷ୍ଟର ଭାଗୀରଥି ତୁଙ୍ଗ ଓ ଅନ୍ୟମାନେ କୁଲଡହା ଜଙ୍ଗଲର ପଞ୍ଚୁଲିଙ୍ଗେଶ୍ୱରସ୍ଥିତ ସଂରକ୍ଷିତ ଜଙ୍ଗଲ ନିକଟରେ ପାଟ୍ରୋଲିଂ କରୁଥିଲେ। ସାଇଁକୁଳା-ମିତ୍ରପୁର ରାସ୍ତାର ପୁରୁଣାଗାଁଠାରେ ହାତୀଦାନ୍ତ ଡିଲ୍ ଚାଲୁଥିବା ଖବର ପାଇ ଶ୍ରୀ ତୁଙ୍ଗ ସେଠାରେ ଚଢ଼ଉ କରିଥିଲେ। ଚଢ଼ଉ ବେଳେ ଅଶ୍ୱିନୀ କୁମାର ଦେଙ୍କ ଠାରୁ ବ୍ୟାଗ ଜବତ କରି ଯାଞ୍ଚ ପରେ ସେଥିରେ ଦୁଇଟି ହାତୀଦାନ୍ତ ରହିଥିଲା। ଯାହାର ଓଜନ ୨କେଜି ୮୫୦ ଗ୍ରାମ ଓ ୨ କେଜି ୨୫୦୦ ଗ୍ରାମ୍ ଥିଲା। ଏହାସହ ଏକ ବଡ଼ ହାତୁଡ଼ି ମଧ୍ୟ ଜବତ ହୋଇଥିଲା। ଫରେଷ୍ଟ କର୍ମଚାରୀ ଏହି ଘଟଣାରେ ସମ୍ପୃକ୍ତ ଥିବା ତିନି ଅଭିଯୁକ୍ତ ଅଶ୍ୱିନୀ କୁମାର ଦେ, ଶାନ୍ତନୁ ସାହୁ ଏବଂ ତରତରୀ ଅଞ୍ଚଳର ଡୁମା ବେହେରାକୁ ଗିରଫ କରି କୋର୍ଟ ଚାଲାଣ କରିଥିଲା। ଏହି ମାମଲାକୁ ସରକାରୀ ଓକିଲ ପ୍ରଭାତ କୁମାର ଦାସ ପରିଚାଳନା କରୁଥିଲେ।

### ■ ଅନୁକମ୍ପା ନିଯୁକ୍ତି ପ୍ରଦାନରେ ଅବହେଳା

# ଲକ୍ଷେ ଡଣ୍ଡ ଗଣିବ ଉତ୍କଳ ବିଶ୍ୱବିଦ୍ୟାଳୟ: ହାଇକୋର୍ଟ

କଟକ, ୧।୧୧(ସମିସ): ଜଣେ କର୍ମଚାରୀଙ୍କ ମୃତ୍ୟୁ ପରେ ତାଙ୍କ ଉତ୍ତରାଧିକାରୀଙ୍କୁ ଅନୁକମ୍ପା ନିଯୁକ୍ତି ପ୍ରଦାନରେ ଅବହେଳା ପାଇଁ ଉତ୍କଳ ବିଶ୍ୱବିଦ୍ୟାଳୟ ୧ଲକ୍ଷ ଟଙ୍କା ଡଣ୍ଡ ରାଶି ଗଣିବ ବୋଲି ହାଇକୋର୍ଟ ଏକ ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ୧ ମାସ ମଧ୍ୟରେ ଏହା ପଇଠ କରାନଗଲେ, ଦିନକୁ ଅତିରିକ୍ତ ୧ହଜାର ଟଙ୍କା ଦେବାକୁ ପଡ଼ିବ। ଏହି ଡଣ୍ଡରାଶି ସମ୍ପୃକ୍ତ ଦୋଷୀ ଅଧିକାରୀଙ୍କ ଦରମାରୁ ଭରଣା କରାଯିବ ବୋଲି ହାଇକୋର୍ଟ ସ୍ପଷ୍ଟ କରିଛନ୍ତି। ଡି. ସୁରେଶ ଦାସଙ୍କ ତରଫରୁ ରୁଜୁ ଆବେଦନର ଶୁଣାଣି କରି ଜଷ୍ଟିସ ଦୀକ୍ଷିତ କ୍ରିଷ୍ଣା ଶ୍ରୀପଦ ଏପରି ରାୟ ପ୍ରକାଶ କରିଛନ୍ତି।

ହାଇକୋର୍ଟ କହିଛନ୍ତି ଯେ ବାରମ୍ବାର ନିର୍ଦ୍ଦେଶ ପରେ ବି ଆଦେଶ ଅନୁପାଳନ ନହେବା, ନ୍ୟାୟିକ ପ୍ରକ୍ରିୟାରେ ମକଦ୍ଦମାକାରୀଙ୍କ ବିଶ୍ୱାସକୁ ଦୋହଲାଇ ଦେବ। ଏଭଳି ସ୍ଥିତିରେ ନିଜ କର୍ମଚାରୀଙ୍କ ପରିବାର ପ୍ରତି ନିଷ୍ଠୁର ମନୋଭାବ ଦେଖାଇବା ପାଇଁ ଉତ୍କଳ ବିଶ୍ୱବିଦ୍ୟାଳୟର କାର୍ଯ୍ୟ ଦଣ୍ଡମୁକ୍ତ ହୋଇପାରିବ ନାହିଁ। ଏଥିସହ, ଅନୁକମ୍ପା ନିଯୁକ୍ତି ଆବେଦନକୁ ଖାରଜ କରି ବିଶ୍ୱବିଦ୍ୟାଳୟ କୁଳସଚିବଙ୍କ ଦ୍ୱାରା ଗତ ୨୦୨୪ ମାର୍ଚ୍ଚ ୧୧ର ଆଦେଶକୁ ହାଇକୋର୍ଟ ରଦ୍ଦ କରିଦେଇଛନ୍ତି। ଆସନ୍ତା ୩ସପ୍ତାହ ମଧ୍ୟରେ ଆବେଦନକାରୀଙ୍କ ଅନୁକମ୍ପା ନିଯୁକ୍ତିର ଆଦେଶ ଜାରି କରିବା ସହ ଅଦାଲତଙ୍କ ଆଦେଶ ଅନୁପାଳନ ସଂକ୍ରାନ୍ତରେ ରେଜିଷ୍ଟ୍ରାର୍ ଜେନେରାଲଙ୍କୁ ରିପୋର୍ଟ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି ହାଇକୋର୍ଟ।

ଆବେଦନକାରୀଙ୍କ ପିତା ବିଶ୍ୱବିଦ୍ୟାଳୟରେ କମନ ରୁମ୍ ଆଟେଣ୍ଡାଣ୍ଟ ଭାବରେ ନିଯୁକ୍ତି ପାଇଥିଲେ। ହାଇକୋର୍ଟଙ୍କ ନିର୍ଦ୍ଦେଶକ୍ରମେ ତାଙ୍କ ଚାକିରି ଗତ ୨୦୦୪ ନଭେମ୍ବର ୨୭ରୁ ନିୟମିତ କରାଯାଇଥିଲା। ୨୦୧୦ ମାର୍ଚ୍ଚ ୧୦ରେ ତାଙ୍କର ମୃତ୍ୟୁ ହୋଇଥିଲା। ଏହା ପରେ ଆବେଦନକାରୀ ଅନୁକମ୍ପା ନିଯୁକ୍ତିରୁ ବଞ୍ଚିତ ହେବାରୁ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ଆବେଦନକାରୀଙ୍କ ସପକ୍ଷରେ ହାଇକୋର୍ଟ ରାୟ ଦେଇଥିଲେ ସୁଦ୍ଧା ଏହାକୁ ସରକାର କିମ୍ବା ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ ପାଳନ ନକରିବାରୁ ସେ ଅଦାଲତ ଅବମାନନା ମାମଲା କରିଥିଲେ। ଏହି ମାମଲାରେ ବି ଆବେଦନକାରୀଙ୍କୁ ନିଯୁକ୍ତି ପ୍ରଦାନ ପାଇଁ କୁହାଯାଇଥିଲା। ପ୍ରଚଳିତ ନିୟମ ଅନୁଯାୟୀ, ଏହି ପ୍ରସଙ୍ଗରେ ବିଶ୍ୱବିଦ୍ୟାଳୟ ନିଷ୍ପତ୍ତି ନେବା ଆବଶ୍ୟକ ବୋଲି ସରକାର କହିବା ପରେ ଗତ ୨୦୨୪ ମାର୍ଚ୍ଚ ୧୧ରେ ଆବେଦନକାରୀଙ୍କ ଦାବିକୁ ପ୍ରତ୍ୟାଖ୍ୟାନ କରିଥିଲେ।

# ଆଚରଣ ବିଧି ଉଲ୍ଲଙ୍ଘନ ଅଭିଯୋଗରେ ସିଇଓଙ୍କୁ ଭେଟିଲା ବିଜେଡି

ଭୁବନେଶ୍ୱର,୧।୧୧(ସମିସ): ନୂଆପଡ଼ାରେ ପୁଲିସ ଅଧିକାରୀମାନେ ନିଜକୁ ଶାସକ ବିଜେପିର ଏଜେଣ୍ଟ ପରି ଆଚରଣ କରୁଛନ୍ତି। ପୁଲିସ ପ୍ରଶାସନର ଅପବ୍ୟବହାର କରି ବିଜେପି ନୂଆପଡା ଉପନିର୍ବାଚନକୁ ପ୍ରଭାବିତ କରିବାକୁ



■ ପୁଲିସ ପ୍ରଶାସନକୁ ବ୍ୟବହାର କରି ବିଜେପି ନିର୍ବାଚନ ଜିତିବାକୁ ଅପଚେଷ୍ଟା କରୁଛି
■ ବିଜେପିରେ ଯୋଗଦେବା ପାଇଁ ପୁଲିସ ବିଜେଡି କର୍ମୀଙ୍କ ଉପରେ ଚାପ ପକାଉଛି
■ ବିଜେପିର ଷ୍ଟାର୍ ପ୍ରଚାରକ ଭଳି କାମ କରୁଛନ୍ତି ଉତ୍ତରାଞ୍ଚଳ ଆଇଜି ହିମାଂଶୁ ଲାଲ୍

ଚେଷ୍ଟା କରୁଥିବା ଅଭିଯୋଗ କରି ବିଜୁ ଜନତା ଦଳ ମୁଖ୍ୟ ନିର୍ବାଚନ ଅଧିକାରୀ(ସିଇଓ)ଙ୍କ ଆଗରେ ଫେରାଦ ହୋଇଛି।

ଦଳର ଏକ ପ୍ରତିନିଧି ମଣ୍ଡଳୀ ଶନିବାର ସିଇଓଙ୍କୁ ଭେଟି ନୂଆପଡ଼ା ଉପନିର୍ବାଚନରେ ବିଜେପି ଦ୍ୱାରା ପ୍ରଶାସନିକ କଳର ଅପବ୍ୟବହାର ଅଭିଯୋଗ କରି ଏକ ସ୍ମାରକପତ୍ର ପ୍ରଦାନ କରିଛନ୍ତି। ଏଥିରେ ବିଜେଡି ଅଭିଯୋଗ କରିଛି ଯେ ଖରିଆର ରୋଡ୍‌ର ବିଜେଡି ଛାତ୍ର ସଭାପତି ମନୀଷ ଦେବଙ୍ଗନଙ୍କୁ ପୁଲିସ ଦ୍ୱାରା ଚାପ ପକାଯାଇ ବିଜେପିରେ ଯୋଗଦାନ କରାଯାଇଛି। ମନୀଷ ବିଜେପିରେ ଯୋଗଦାନ କରିବାର ପୂର୍ବ ସନ୍ଧ୍ୟାରେ ସାମାଜିକ ଗଣମାଧ୍ୟମରେ ସେ ନବୀନ ପଟ୍ଟନାୟକଙ୍କ ନେତୃତ୍ୱକୁ ପ୍ରଶଂସା କରିବା ସହିତ ସେ ବିଜେଡିରେ ଅଛନ୍ତି ବୋଲି କହିଥିଲେ। ଏହାର କିଛି ଘଣ୍ଟା ପରେ ସେ ହ୍ୱାଟ୍ସଆପରେ ମେସେଜ୍ ଦେଇ ତାଙ୍କୁ ପୁଲିସ ଉଠାଇ ନେଇଛି ଓ ବିଜେପିରେ ଯୋଗଦେବା ପାଇଁ ତାଙ୍କ ଉପରେ ଚାପ ପକାଉଛି ବୋଲି କହିଥିଲେ। ଏହାର ପରଦିନ ମନୀଷ ବିଜେପିରେ ଯୋଗ ଦେଇଥିଲେ। ଏହି ଘଟଣାରୁ ବିଜେପି ପୁଲିସ ପ୍ରଶାସନକୁ ବ୍ୟବହାର କରି ନିର୍ବାଚନକୁ ପ୍ରଭାବିତ କରୁଥିବା ସ୍ପଷ୍ଟ ପ୍ରମାଣିତ ହେଉଛି ବୋଲି ବିଜେଡି ଅଭିଯୋଗ କରିଛି।

ସ୍ମାରକପତ୍ରରେ ଆହୁରି କୁହାଯାଇଛି ଯେ ଜିଲ୍ଲାରେ କାର୍ଯ୍ୟରତ ଏସ୍‌ପି ଅମ୍ରିତପାଲ ସିଂହଙ୍କ କାର୍ଯ୍ୟକଳାପକୁ ନେଇ ସନ୍ଦେହ ପ୍ରକାଶ ପାଇଛି। ପୂର୍ବରୁ ଦକ୍ଷିଣ-ପଶ୍ଚିମାଞ୍ଚଳ ଡିଆଇଜି କନୱର ବିଶାଳ ସିଂହଙ୍କୁ ଛୁଟିରେ ପଠାଯାଇ ଉତ୍ତରାଞ୍ଚଳ ଆଇଜି ହିମାଂଶୁ ଲାଲ୍‌ଙ୍କୁ ଦାୟିତ୍ୱ ପ୍ରଦାନ କରାଯାଇଛି। ଆଇଜି ଏବେ ବିଜେପିର ଷ୍ଟାର୍ ପ୍ରଚାରକ ଭଳି କାର୍ଯ୍ୟ କରୁଥିବା ବିଜେଡି ପକ୍ଷରୁ ଅଭିଯୋଗ ହୋଇଛି। ବିଜେପି ଦ୍ୱାରା ପ୍ରଶାସନିକ କଳର ଅପବ୍ୟବହାର କରି ବିଜେପି ନିର୍ବାଚନର ଆଦର୍ଶ ଆଚରଣ ବିଧିକୁ ଉଲ୍ଲଙ୍ଘନ କରୁଥିବାର ଦଳ କହିଛି।

ସ୍ମାରକପତ୍ର ପ୍ରଦାନ କରିବା ପରେ ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ବିଜେଡିର ମୁଖପାତ୍ର ଡ. ଲେନିନ ମହାନ୍ତି କହିଥିଲେ ଯେ ପରାଜୟ ଭୟରେ ବିଜେପି ଆତଙ୍କିତ ହୋଇ ପ୍ରଶାସନକୁ ବ୍ୟବହାର କରି ନିର୍ବାଚନ ବୈତରଣୀ ପାର ହେବାକୁ ଉଦ୍ୟମ କରୁଛି। ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କ ନିର୍ବାଚନୀ ଗସ୍ତ କାର୍ଯ୍ୟକ୍ରମ ସ୍ଥିର ହୋଇଯିବା ପରେ, ବିଜେପି ଭୟଭୀତ ହୋଇପଡିଛି । କିନ୍ତୁ ବିଜେପିର କୌଣସି ଚାଲ ଚଳିବ ନାହିଁ । ନୂଆପଡ଼ାବାସୀ ବିଜୁ ଜନତା ଦଳ ସହିତ ଅଛନ୍ତି ସେ କହିଛନ୍ତି।

### ସମୁଦ୍ର ତଟ ସୁରକ୍ଷା ବାହିନୀର ରୋଡ୍ ମ୍ୟାପ୍

# ସାବାଡ଼ ହେବେ ଜଳଦସ୍ୟୁ

ଭୁବନେଶ୍ୱର,୧।୧୧(ସମିସ): ବେଆଇନ ଅସ୍ତ୍ରଶସ୍ତ୍ର ଚାଲାଣ ହେଉ କିମ୍ବା ଜାଲ୍ ନୋଟ କାରବାର, ଅଥବା ବାଂଲାଦେଶ ଅନୁପ୍ରବେଶକାରୀ ଅପରାଧୀଙ୍କୁ ବେଶ୍ ସୁହାଉଛି ଓଡ଼ିଶାର ଜଳପଥ। ସ୍ଥଳପଥରେ ଚେକିଂ ବ୍ଲକିଂକୁ ଭୟ କରୁଥିବା ଆନ୍ତରାଜ୍ୟ ମାଫିଆ ଆପଣାଇଛନ୍ତି ଜଳପଥର ବିସ୍ତିର୍ଣ୍ଣ ରାସ୍ତା। ଗୋଟିଏ ବୋଟ ଜରିଆରେ ସେମାନେ ନିଜ ଗନ୍ତବ୍ୟସ୍ଥଳରେ ପହଞ୍ଚିବାରେ ସକ୍ଷମ ହେଉଛନ୍ତି, ଆଉ ତିଆରି କରୁଛନ୍ତି ଅପରାଧର ନୀଳ ନକ୍ସା। ଏଭଳି ରାସ୍ତାକୁ ବନ୍ଦ କରିବା ସହ ଜଳଦସ୍ୟୁଙ୍କୁ ସାବାଡ୍ କରିବା ପାଇଁ ଆହ୍ୱାନ ମୋଡ୍ଡୁ ଆସିଛି ଓଡ଼ିଶା ତଟ ସୁରକ୍ଷା ବାହିନୀ।

ଅନୁପ୍ରବେଶ ଦ୍ୱାରା ଦେଶର ଅର୍ଥନୀତି ପ୍ରଭାବିତ ହେବାରୁ ବିଭିନ୍ନ ମହଲରୁ କ୍ଷୋଭ ପ୍ରକାଶ ପରେ ଏଭଳି ରୋଡ୍‌ମ୍ୟାପ୍ ପ୍ରସ୍ତୁତ କରାଯାଇଛି। ଓଡ଼ିଶାରେ ରହିଛି ୫୭୪ କିଲୋମିଟର ସମୁଦ୍ର ତଟ ଓ ଜଳପଥ। ସୁରକ୍ଷା ଦାୟିତ୍ୱରେ ରହିଛନ୍ତି ୧୮ ଟି ମେରାଇନ ଥାନା। ଯେଉଁ ଥାନା ଅଧୀନରେ ରହିଛି ୧୫ଟି ବୋଟ। ହାଇ ଟେକ୍ନୋଲୋଜିର ଫାଷ୍ଟ ଇଣ୍ଟରସେପ୍ଟର ବୋଟ୍ ମଧ୍ୟ ବିନା ଅନୁମତିରେ ପଶି ଆସୁଥିବା ପାଣିଜାହାଜ ଓ ବେଆଇନ ମାଛ ଧରାଳିଙ୍କ ଉପରେ ନଜର




ରଖିଛି। ତେବେ ବର୍ତ୍ତମାନ ମେରାଇନ ପୁଲିସିଂକୁ ଅଧିକ କ୍ରିୟାଶୀଳ କରିଛି ହାଇପ୍ରୋଫାଇଲ ଡ୍ରୋନ୍। ଯେଉଁ ଡ୍ରୋନ୍ ମାଧ୍ୟମରେ ୫ ମିନିଟ ମଧ୍ୟରେ ୧୫ କିଲୋମିଟର ପର୍ଯ୍ୟନ୍ତ ମଝି ଦରିଆର ଭିଡିଓ ଉତ୍ତୋଳନ କରାଯାଇପାରୁଛି। କଣ୍ଟ୍ରୋଲ ରୁମ୍ ଡ୍ରୋନ୍ରୁ ସଂଗୃହୀତ ଭିଡିଓ ଜରିଆରେ ମତ୍ସ୍ୟଜୀବୀଙ୍କୁ ଉଦ୍ଧାର ଠାରୁ ଆରମ୍ଭ କରି ବେଆଇନ ଟ୍ରଲର ଚାଳନା ପର୍ଯ୍ୟନ୍ତ ମେରାଇନ ପୁଲିସ କାମ କରିପାରୁଛି। କୋଷ୍ଟଗାର୍ଡ, ଭାରତୀୟ ନୌସେନା ସହ ସମନ୍ୱୟ ରକ୍ଷା କରି ଓଡ଼ିଶା ପୁଲିସ ନିତିଦିନ ଅପରେସନ ଚଳାଇଛି। ସେପଟେ ଜଳପଥରେ ଏରିଏଲ ସର୍ଭେ କରି ରିପୋର୍ଟ ଦେବାକୁ

■ ପୋଟ୍ରୋଲିଂ ପାଇଁ ମିଳିବ ନୌସେନା ଅଧିକାରୀଙ୍କୁ ନିଯୁକ୍ତି
■ ଅନୁପ୍ରବେଶ ଓ ମାନବ ଚାଲାଣ ପାଲଟିଛି ମୁଣ୍ଡବିନ୍ଧା

ଡିଜିପି ନିର୍ଦ୍ଦେଶ ଦେଇଛନ୍ତି। ଫିସିଂ ଟ୍ରେନିଂ ସେଣ୍ଟର ଉପରେ କଡ଼ା ନଜର ରଖାଯାଇଛି। ୧୦ ନୂଆ ଫିସିଙ୍ଗ କ୍ରାଫ୍ଟ ପାଇଁ ରାଜ୍ୟ ସରକାରଙ୍କ ସହ ଆଲୋଚନା ହୋଇଛି। ଉପକୂଳ ତଥା ସମୁଦ୍ର ତଟରେ ପାଟ୍ରୋଲିଂ ପାଇଁ ଅଭିଜ୍ଞ ଅବସରପ୍ରାପ୍ତ ନୌସେନା ଅଧିକାରୀଙ୍କୁ ନିଯୁକ୍ତି ମିଳିବ ବୋଲି ପୁଲିସ ପକ୍ଷରୁ କୁହାଯାଇଛି। ବ୍ରାହ୍ମଣୀ ଓ ମହାନଦୀ ଡେଲ୍ଟା ଓ ପୂର୍ବତଟ କେନାଲରେ ଜାତୀୟ ଜଳପଥ (ଏନ୍ଡବ୍ଲ୍ୟୁ)-୫, ବ୍ରାହ୍ମଣୀ ନଦୀରେ ଏନ୍ଡବ୍ଲ୍ୟୁ-୧୪, ବିରୂପା-ଗେଙ୍ଗୁଟି-ବ୍ରାହ୍ମଣୀ ନଦୀରେ ଏନ୍ଡବ୍ଲ୍ୟୁ-୨୨, ବୁଢ଼ାବଳଙ୍ଗ ନଦୀରେ ଏନ୍ଡବ୍ଲ୍ୟୁ-୨୩, ମହାନଦୀରେ ଏନ୍ଡବ୍ଲ୍ୟୁ-୬୪ ଓ ସୁବର୍ଣ୍ଣରେଖା ନଦୀରେ ଏନ୍ଡବ୍ଲ-୯୬ ବିକାଶ କରାଯାଉଛି।

ଓଡ଼ିଶାରେ ବନ୍ଦର, ଟର୍ମିନାଲ୍, ଡକ୍ ଓ ଦିଗ ନିର୍ଣ୍ଣୟ ବ୍ୟବସ୍ଥା ଆଦି ବ୍ୟାପକ ଜଳ ଭିତ୍ତିଭୂମି ପ୍ରକଳ୍ପଗୁଡ଼ିକ ଉପରେ କାମ ଚାଲିଥିବା ବେଳେ ଏସବୁକୁ ସୁରକ୍ଷା ଦେବା ଏବେ ବଡ଼ ଚ୍ୟାଲେଞ୍ଜ ପାଲଟିଛି। ଧାମରା ଓ ପାରାଦୀପ ବନ୍ଦର ମଧ୍ୟରେ ପରିବହନ ପାଇଁ ଏକାଧିକ ଜାହାଜ ଚଳାଚଳ କରୁଛି। ପୂର୍ବରୁ ସର୍ଭେଲାନ୍ସକୁ କଡ଼ାକଡ଼ି କରିବା ପାଇଁ ସ୍ଥାନୀୟ ଯୁବକମାନଙ୍କୁ ନେଇ ଗଠନ ହୋଇଥିବା "ସାଗର ରକ୍ଷକ ଦଳ'କୁ ମଧ୍ୟ ଅଧିକ ସଜାଗ କରାଯାଇଛି। ଯେଉଁମାନେ ତଟରକ୍ଷା ନିୟମର ଖିଲାପ କରୁଛନ୍ତି ସେମାନଙ୍କ ବିରୋଧରେ ଦେଶଦ୍ରୋହ ଦଫା ଲଗାଯାଇ ଗିରଫ କରିବାକୁ କଡା ନିର୍ଦ୍ଦେଶ ଦିଆଯାଇଥିବା ପୁଲିସ ପକ୍ଷରୁ କୁହାଯାଇଛି।

# ଦୁଇ ଦିନିଆ ହସ୍ତତନ୍ତ ଓ ହସ୍ତଶିଳ୍ପ ସମ୍ମିଳନୀ ଉଦଯାପିତ




ଭୁବନେଶ୍ୱର,୧।୧୧(ସମିସ): ହସ୍ତତନ୍ତ ଓ ହସ୍ତଶିଳ୍ପ କ୍ଷେତ୍ରର ବିକାଶ ତଥା ବୁଣାକାର ଓ ହସ୍ତଶିଳ୍ପୀଙ୍କ କଲ୍ୟାଣ ହିଁ ପ୍ରାଥମିକତା। ସେମାନଙ୍କୁ ଉନ୍ନତ ଉପକରଣ ପ୍ରଦାନ ଦ୍ୱାରା ସେମାନଙ୍କ ସମୟ, ଶକ୍ତି ଓ ଶ୍ରମ ହ୍ରାସ ହେବା ସହ ଉନ୍ନତମାନର ସାମଗ୍ରୀ ପ୍ରସ୍ତୁତ ହୋଇପାରିବ ବୋଲି ଭାରତ ସରକାରଙ୍କ ବୟନଶିଳ୍ପ ମନ୍ତ୍ରାଳୟର ସଚିବ ନୀଲମ ଶମ୍ମି ରାଓ କହିଛନ୍ତି। ଭୁବନେଶ୍ୱର ତାଜ ଭିଭାନ୍ତା ହୋଟେଲଠାରେ ଆୟୋଜିତ ଦୁଇ ଦିନିଆ ଜାତୀୟ ହସ୍ତତନ୍ତ ଏବଂ ହସ୍ତଶିଳ୍ପ ସମ୍ମିଳନୀର ଉଦଯାପନୀ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ସେ ଏହା କହିଛନ୍ତି। ଏହି କ୍ଷେତ୍ରର ବିକାଶ ପାଇଁ ମିଳିତ ପ୍ରୟାସ, କ୍ଲଷ୍ଟର-ଆଧାରିତ ଅଭିବୃଦ୍ଧି, ଉନ୍ନତ ଡିଜାଇନ୍, ପ୍ରଯୁକ୍ତିବିଦ୍ୟାର ପ୍ରୟୋଗ, ଡିଜିଟାଲ୍ ମାର୍କେଟିଂକୁ ସେ ଗୁରୁତ୍ୱାରୋପ କରିଥିଲେ। ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ ଏହି ଉଦଯାପନୀ କାର୍ଯ୍ୟକ୍ରମରେ ଯୋଗ ଦେଇ ପାରମ୍ପରିକ କୌଶଳ ସହ ନବସୃଜନର ମିଶ୍ରଣ କରି ସମୟ ଉପଯୋଗୀ ସାମଗ୍ରୀ ପ୍ରସ୍ତୁତି ଉପରେ ଗୁରୁତ୍ୱାରୋପ କରିଥିଲେ। ହସ୍ତତନ୍ତ ଏବଂ ହସ୍ତଶିଳ୍ପ କେବଳ ଗ୍ରାମୀଣ ଭାରତର ଆର୍ଥିକ ମେରୁଦଣ୍ଡ ନୁହେଁ ବରଂ ଦେଶର ସାଂସ୍କୃତିକ ଏବଂ ଆଧ୍ୟାତ୍ମିକ ଐତିହ୍ୟର ଜୀବନ୍ତ ପରିଚୟ। କାରିଗର ଓ ବୁଣାକାରଙ୍କ ସମ୍ମାନ ଏବଂ କଲ୍ୟାଣର ଆହ୍ୱାନ ଦେଇ ସେ ଭିତ୍ତିଭୂମି ବିକାଶ, କଞ୍ଚାମାଲ ଯୋଗାଣ ଶୃଙ୍ଖଳର ସୁଦୃଢ଼ୀକରଣ, ନୂତନ ଗୋଦାମ ନିର୍ମାଣ, ପ୍ରଶିକ୍ଷଣ, ସଂରକ୍ଷଣ ଏବଂ ବଜାର ସଂଯୋଗ ଉପରେ ଆଲୋକପାତ କରିଥିଲେ। ଏମ୍. ବୀଣା, ଉନ୍ନୟନ ଆୟୁକ୍ତ (ହସ୍ତତନ୍ତ) ଏବଂ ଅମୃତା ରାଜ, ଉନ୍ନୟନ ଆୟୁକ୍ତ (ହସ୍ତଶିଳ୍ପ) ଭାରତୀୟ ସାମଗ୍ରୀର ବିଶ୍ୱସ୍ତରୀୟ ବ୍ରାଣ୍ଡିଂକୁ ଅଧିକ ଧ୍ୟାନ ଦେବାକୁ କହିଥିବାବେଳେ ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗର କମିଶନର ଗୁହା ପୁନମ ତାପସ କୁମାର ବୁଣାକାର ଏବଂ କାରିଗରଙ୍କ ମଙ୍ଗଳ ପାଇଁ ଓଡ଼ିଶା ସରକାର ପ୍ରତିଶ୍ରୁତିବଦ୍ଧ ବୋଲି କହିଥିଲେ।

ସକାଳ THE SAKALA



## ଅନୁଗୋଳ ଜିଲ୍ଲା ଅଭିଯୋଜନ ନିର୍ଦ୍ଦେଶାଳୟ ଉଦଘାଟିତ

ଅନୁଗୋଳ,୧।୧୧(ସମିସ)

ଦେଶରେ ନୂଆ ଆଇନ ଯଥା ଭାରତୀୟ ନ୍ୟାୟ ସଂହିତା, ଭାରତୀୟ ନାଗରିକ ସୁରକ୍ଷା ସଂହିତା, ଭାରତୀୟ ସାକ୍ଷ ଅଧିନିୟମ ଆଦି ଲାଗୁ ହେବା ପରେ ଜିଲ୍ଲା ଅଭିଯୋଜନ ନିର୍ଦ୍ଦେଶାଳୟ ପ୍ରତିଷ୍ଠା କରାଯାଉଛି। ଏହା ପୀଡ଼ିତ ତଥା ଜଣସାଧାରଣଙ୍କୁ ତ୍ୱରିତ ନ୍ୟାୟ ପ୍ରଦାନରେ ସହାୟକ ହେବ ବୋଲି ଶନିବାର ଅନୁଗୋଳ ଜିଲ୍ଲା ଅଭିଯୋଜନ ନିର୍ଦ୍ଦେଶାଳୟର ଉଦଘାଟନୀ ସମାରୋହରେ। ମୁଖ୍ୟଅତିଥି ଭାବେ ଯୋଗଦେଇ ଜିଲ୍ଲାପାଳ ଅବଦଲ ଏମ ଅଖତର କହିଛନ୍ତି। କାର୍ଯ୍ୟକରମରେ ଅନୁଗୋଳ ଏସପି ରାହୁଲ ଜୈନ, ଏଡିଏମ ଉଦୟ ମହାପାତ୍ର, ଡିଏଫଓ ନୀତୀଶ କୁମାର, ସିଡିଏମଓ ମଦନ ମୋହନ ସାହୁ, ଅତିରିକ୍ତ ଏସପି ରାଜୀବ ଲୋଚନ ପଣ୍ଡା, ସରକାରୀ ଓକିଲ ପରମାନନ୍ଦ ମିଶ୍ର, ପିପି ପ୍ରଶାନ୍ତ କୁମାର ମଲ୍ଲିକଙ୍କ ସମେତ ଜିଲ୍ଲାସ୍ତରୀୟ ବିଭିନ୍ନ ବିଭାଗର ଅଧିକାରୀ ଯୋଗଦେଇଥିଲେ। ଏହି କାର୍ଯ୍ୟାଳୟରେ ନୂତନ ଉପନିର୍ଦ୍ଦେଶକ ଭାବେ ଗଣେଶ କୁମାର ବେହେରା, ସହ-ନିର୍ଦ୍ଦେଶିକା ହରପ୍ରିୟା ସ ଏବଂ ରୀତି ମିଞ୍ଜଙ୍କୁ ଅବସ୍ଥାପିତ କରାଯାଇଛି। ଏହି ନିର୍ଦ୍ଦେଶାଳୟ ପ୍ରତିଷ୍ଠାରେ ସବୁ ଅଧିକାରୀଙ୍କ ସହଯୋଗ ପାଇଁ ନିର୍ଦ୍ଦେଶାଳୟ ତରଫରୁ କୃତଜ୍ଞତା ଜ୍ଞାପନ ପୂର୍ବକ ରାଜ୍ୟ ଅଭିଯୋଜନ ନିର୍ଦ୍ଦେଶାଳୟ ନିର୍ଦ୍ଦେଶକ ଦୀପ୍ତିରଞ୍ଜନ କାନୁନଗୋଙ୍କ ପ୍ରେରିତ ବାର୍ତ୍ତାକୁ ଉପନିର୍ଦ୍ଦେଶକ ବେହେରା ପାଠ କରିଥିଲେ।



## ଦୁର୍ଘଟଣା ଘଟାଇଥିବା ବସ୍ ଚାଳକ ଗିରଫ

ଛେଣ୍ଡିପଦା,୧।୧୧(ସମିସ): ଅନୁଗୋଳ-ସମ୍ବଲପୁର ୫୫ନଂ ଜାତୀୟ ରାଜପଥର ଅନୁଗୋଳ ଜିଲ୍ଲା ଜରପଡ଼ା ଥାନା କୁମୁରସିଂ ଗାଁ ନିକଟରେ ବାଇକ୍‌କୁ ବସ୍ ପଛରୁ ଧକ୍କା ଦେଇଥିଲା। ଏଥିରେ ବାଇକ୍ ଚାଳକଙ୍କ ମୃତ୍ୟୁ ହୋଇଥିଲା। ଏହି ଘଟଣାରେ ପୁଲିସ ବସ ଚଳକ ଦେବଗଡ଼ ଜିଲ୍ଲା ରିଆମାଳ ଥାନା ତୁଙ୍ଗାମାଳ ଗାଁର ଗୁରୁଚରଣ ସାହୁଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି।ସୂଚନାଯୋଗ୍ୟ ଗତ ୩୦ ତାରିଖ ଦିନ ଠାକୁରଗଡ଼ ଥାନା କୃତିବାସପୁର ଗାଁର ଶତ୍ରୁଘନ ସାହୁ ତାଙ୍କ ବାଇକ୍‌ରେ ଅନୁଗୋଳ ଯାଉଥିବା ବେଳେ କୁମୁରସିଂ ଗାଁ ନିକଟରେ ବଇଣ୍ଡାରୁ ଅନୁଗୋଳ ଯାଉଥିବା ପୃଷ୍ଟି ନାମକ ବସ ତାଙ୍କୁ ପଛରୁ ଧକ୍କା ଦେଇଥିଲା। ଫଳରେ ଶତ୍ରୁଘନ ଛିଟିକି ପଡ଼ି ଗୁରୁତର ଆହତ ହୋଇଥିଲେ। ସ୍ଥାନୀୟ ଲୋକଙ୍କ ସହାୟତାରେ ପୁଲିସ ତାଙ୍କୁ ଉଦ୍ଧାର କରି ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ନେଉଥିବା ବେଳେ ରାସ୍ତାରେ ତାଙ୍କ ମୃତ୍ୟୁ ହୋଇଥିଲା। ଏନେଇ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଥିଲା।

## ଆମ୍ବୁଲାନ୍ସ ସେବା ଠପ୍

ଖମାର,୧।୧୧(ସମିସ): ଖମାର ସରକାରୀ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧୀନ ମୁଣ୍ଡୁରିବେଢ଼ା ପଞ୍ଚାୟତରେ ଥିବା ୧୦୮ ଆମ୍ବୁଲାନ୍ସ ସେବା ଶନିବାର ପୂର୍ବାହ୍ନ ୧୦ଟାରୁ ଅଚଳ ହୋଇଯାଇଛି। ମୁଣ୍ଡୁରିବେଢ଼ା ଅନ୍ତର୍ଗତ ସିଆରିମାଳିଆ ହାଇସ୍କୁଲ ସାମ୍ନାରେ ସକାଳୁ ଆମ୍ବୁଲାନ୍ସ ଅଚଳ ଅବସ୍ଥାରେ ରହିଛି। ବର୍ତ୍ତମାନ ସୁଦ୍ଧା ଏହା ସଚଳ ହୋଇପାରି ନାହିଁ। ତୁରନ୍ତ ଏହାକୁ ମରାମତି କରି ଲୋକଙ୍କୁ ସେବା ଯୋଗାଇ ଦେବାକୁ ସାଧାରଣରେ ଦାବି ହେଉଛ।

## ଯୁବକଙ୍କୁ ମରଣାନ୍ତକ ଆକ୍ରମଣ

ତିର୍ତ୍ତୋଲ, ୧।୧୧(ସମିସ): ତିର୍ତ୍ତୋଲ ଥାନା ଅନ୍ତର୍ଗତ ତରଜଙ୍ଗା ପଞ୍ଚାୟତ ଅନ୍ତର୍ଗତ ତେରତାଙ୍ଗ ଗ୍ରାମର ଯୁବକ ଅମର ମହାନ୍ତି( ୨୭)ଙ୍କୁ ମରଣାନ୍ତକ ଆକ୍ରମଣ କରାଯାଇଥିବା ନେଇ ତିର୍ତ୍ତୋଲ ଥାନାରେ ଅଭିଯୋଗ ହୋଇଛି। ଅମର ଗ୍ରାମର ଜଣେ ବ୍ୟକ୍ତିଙ୍କ ପିଣ୍ଡାରେ ବସିଥିବାବେଳେ ଜଡତିରା ଗ୍ରାମର ଆଶୁତୋଷ ନନ୍ଦୀ ସେଠାରେ ପହଞ୍ଚି ଅତର୍କିତ ଭାବେ ଏକ ଧାରୁଆ ମାରଣାସ୍ତ୍ରରେ ଆକ୍ରମଣ କରିଥିଲା। ଅମରଙ୍କ ପିଠି, କାଖ, ବାମ ହାତରେ କ୍ଷତ ସୃଷ୍ଟି ହୋଇଥିଲା। ଘଟଣା ଘଟାଇ ଆଶୁତୋଷ ଘଟଣାସ୍ଥଳରୁ ଫେରାର ହୋଇଯାଇଥିଲା। ପରିବାର ଲୋକ ରକ୍ତ ଜୁଡୁବୁଡୁ ଅମରଙ୍କୁ ମଣିଜଙ୍ଗା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ। ଆଜି ଅମର ତିର୍ତ୍ତୋଲ ଥାନାରେ ଅଭିଯୋଗ କରିଛନ୍ତି। ଅଭିଯୋଗ ପରେ ତିର୍ତ୍ତୋଲ ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଥିବା ଜଣାପଡ଼ିଛି।

## ଜିଲ୍ଲାସ୍ତରୀୟ ମଡେଲ ପାର୍ଲାମେଣ୍ଟ



ଜଗତସିଂହପୁର,୧।୧୧(ସମିସ): ଜଗତସିଂହପୁର ଜିଲ୍ଲା ଶିକ୍ଷା ବିଭାଗ ଆନୁକୂଲ୍ୟରେ ଜିଲ୍ଲାର ୧୦ଟି ପିଏମଶ୍ରୀ ଉଚ୍ଚବିଦ୍ୟାଳୟର ୮୦ ଜଣ ଛାତ୍ରଛାତ୍ରୀଙ୍କୁ ନେଇ ଜିଲ୍ଲାସ୍ତରୀୟ ମଡେଲ ପାର୍ଲାମେଣ୍ଟ ଜଗତସିଂହପୁର ସରକାରୀ ଉଚ୍ଚ ବାଳିକା ବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ଶିକ୍ଷାଧିକାରୀ ରାଜ୍ୟଶ୍ରୀ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉକ୍ତ କାର୍ଯ୍ୟକ୍ରମରେ ଅଧ୍ୟାପକ ହୃଦାନନ୍ଦ ସ୍ୱାଇଁ, ମନୋଜ ମିଶ୍ର, ଲକ୍ଷ୍ମୀଧର ପ୍ରଧାନ ଓ ଶିକ୍ଷକ ତ୍ରିଲୋଚନ ସାହୁ ବିଚାରକ ଭାବେ ଯୋଗଦେଇ ୨ ଜଣ ଛାତ୍ରୀଙ୍କୁ ଶ୍ରେଷ୍ଠ ବକ୍ତା ଭାବେ ମନୋନୀତ କରିଥିଲେ। କାର୍ଯ୍ୟକ୍ରମକୁ ପ୍ରଧାନଶିକ୍ଷକ ଉଦଘାଟନ କରିଥିଲେ। ଶିକ୍ଷକ ଶିକ୍ଷୟିତ୍ରୀ, ଶିକ୍ଷା କାର୍ଯ୍ୟାଳୟର କର୍ମକର୍ତ୍ତା ଓ ଅଭିଭାବକ ଏଥିରେ ଯୋଗଦେଇ ସହଯୋଗ କରିଥିଲେ। ଜିଲ୍ଲା ସମଗ୍ର ଶିକ୍ଷା କାର୍ଯ୍ୟାଳୟର ସଂଯୋଜକ ଚନ୍ଦ୍ରଜିତ ପରିଜା କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଜଗତସିଂହପୁର ବ୍ଲକ୍ ଶିକ୍ଷା ଅଧିକାରୀ ମଧୁସ୍ମିତା ପତି ଧନ୍ୟବାଦ ଅର୍ପଣ କରିଥିଲେ।

## ସମବାୟ ସଂସ୍ଥା ଦ୍ୱାରା ପରିଚାଳିତ ସମସ୍ତ ପ୍ରକଳ୍ପରେ ସ୍ୱଚ୍ଛତା ଅବଲମ୍ବନ ପାଇଁ ପରାମର୍ଶ



ଅନୁଗୋଳ,୧।୧୧(ସମିସ): ଅନ୍ତର୍ଜାତୀୟ ସମବାୟ ବର୍ଷ-୨୦୨୫ ଅବସରରେ ଅକ୍ଟୋବର ମାସ କର୍ମଶାଳା ଅନୁଗୋଳ ସମବାୟ ସମିତି ସମୂହ ଉପନିବନ୍ଧକ ଶରତ ଚନ୍ଦ୍ର ପାଣିଗ୍ରାହୀଙ୍କ ସଭାପତିତ୍ୱରେ ଅନୁଗୋଳ ପୌରପାଳିକା ଟାଉନ ହଲରେ ଅନୁଷ୍ଠିତ ହୋଇଛି। ମୁଖ୍ୟଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ଉଦୟ କୁମାର ମହାପାତ୍ର ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ସମାଜରେ ତୃଣମୂଳ ସ୍ତରରେ କିପରି ସମବାୟ ମାଧ୍ୟମରେ ଲୋକଙ୍କ ବିକାଶ ହୋଇପାରିବ ସେ ସମ୍ବନ୍ଧରେ ବ୍ୟକ୍ତବ୍ୟ ରଖିବା ସହ ସମବାୟ ସଂସ୍ଥା ଦ୍ୱାରା ପରିଚାଳିତ ସମସ୍ତ ପ୍ରକଳ୍ପରେ ସ୍ୱଚ୍ଛତା ଅବଲମ୍ବନ ପାଇଁ ପରାମର୍ଶ ଦେଇଥିଲେ। ଏହି ଅବସରରେ ସେ ସମବାୟ ଆନ୍ଦୋଳନରେ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଭୂମିକା ଉପରେ ଆଲୋକପାତ କରିଥିଲେ। ପ୍ରାରମ୍ଭରେ ରାଷ୍ଟ୍ରୀୟ ଏକତା ଦିବସ ନିମନ୍ତେ ଶପଥପାଠ କରାଯାଇଥିଲା। କର୍ମଶାଳାରେ ଅନୁଗୋଳ ସଞ୍ଜୁକ୍ତ କେନ୍ଦ୍ର ସମବାୟ ବ୍ୟାଙ୍କ ସଭାପତି ସନ୍ତୋଷ କୁମାର ପ୍ରଧାନ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ଏନସିଡିସି ଭୁବନେଶ୍ୱର ଜୋନ ସଂଯୋଜକ ରିଖିଆ ମଜୁମଦାର, ଇଏନ୍ଏମ୍ ଷ୍ଟେଟ କୋ-ଅର୍ଡିନେଟର ପ୍ରସନ୍ନଜିତ ଶାହା, ଓଏସ୍ଏମ୍ ବୋର୍ଡ ରିସର୍ଚ୍ଚ ଆସିଷ୍ଟାଣ୍ଟ କେଦାରନାଥ ସ୍ୱାଇଁ, ସିଏସ୍ସି ଜିଲ୍ଲା କୋ-ଅର୍ଡିନେଟର ମାନସ ରଞ୍ଜନ ସିଠ, ମିଲ୍କ ୟୁନିଅନ ଜିଏମ୍ ପ୍ରିୟବ୍ରତ ତରାଇ ପ୍ରମୁଖ ଯୋଗଦେଇ ବିଭିନ୍ନ ଯୋଜନା ଏବଂ ପ୍ରକଳ୍ପ ସମ୍ବନ୍ଧରେ ଆଲୋକପାତ କରିଥିଲେ। ଅନୁଗୋଳ ମଣ୍ଡଳ ସମବାୟ ସମିତି ସମୂହ ସହକାରୀ ନିବନ୍ଧକ ନିରଞ୍ଜନ ସେଠ ମଞ୍ଚ ପରିଚାଳନା କରିଥିଲେ। ଆଠମଲ୍ଲିକ ମଣ୍ଡଳ ସମବାୟ ସମିତି ସମୂହ ସହକାରୀ ନିବନ୍ଧକ ସାରଦା ପ୍ରସାଦ ମିଶ୍ର ଏବଂ ପାଲଲହଡ଼ା ଭାରପ୍ରାପ୍ତ ସହକାରୀ ନିବନ୍ଧକ ଭୀମ ଚରଣ ବାସ୍କେଙ୍କ ସହିତ ଜିଲ୍ଲା ସମବାୟ ବିଭାଗର ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ।

## ପ୍ରଧାନଶିକ୍ଷୟିତ୍ରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା



ପଟ୍ଟାମୁଣ୍ଡାଇ,୧।୧୧(ସମିସ): ପଟ୍ଟାମୁଣ୍ଡାଇ ପୌରାଞ୍ଚଳ ଅଧୀନ ୧୭ନଂ ୱାର୍ଡ ଅରଡା-ମାଟିଆ ପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ମିନତୀ ମିଶ୍ରଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଛି। ବରିଷ୍ଠ ଶିକ୍ଷକ ନିରଞ୍ଜନ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସମ୍ବର୍ଦ୍ଧନା ସଭାରେ ପଟ୍ଟାମୁଣ୍ଡାଇ ବ୍ଲକ୍ ମଣ୍ଡଳ ସାଧନ କେନ୍ଦ୍ର ସଂଯୋଜିକା ପ୍ରେମବାଳା ମହାପାତ୍ର ମୁଖ୍ୟଅତିଥି, ବରିଷ୍ଠ ସାମ୍ବାଦିକ ଅନୀଲ ଚୌଧୁରୀ ମୁଖ୍ୟବକ୍ତା, ବକ୍ତାରପୁର ନୋଡାଲ ଉପ୍ରା ବିଦ୍ୟାଳୟ କ୍ଲଷ୍ଟର ସାଧନ କେନ୍ଦ୍ର ସଂଯୋଜିକା ସଂଘମିତ୍ରା ନାୟକ, କାଉନସିଲର ଶ୍ରୀମତୀ ମଲିକ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଅବସରପ୍ରାପ୍ତ ଶିକ୍ଷୟିତ୍ରୀ ମିନତୀ ମିଶ୍ରଙ୍କୁ ମୁଖ୍ୟଅତିଥି ଓ ଅନ୍ୟ ଅତିଥିମାନେ ଉପଢୌକନ ପ୍ରଦାନ କରି ସମ୍ବର୍ଦ୍ଧିତ କରିଥିଲେ। ଅବସରପ୍ରାପ୍ତ ଶିକ୍ଷୟିତ୍ରୀ ଶ୍ରୀମତୀ ମିଶ୍ର ଅରଡା-ମାଟିଆ ପ୍ରାଥମିକ ବିଦ୍ୟାଳୟରେ ଦୀର୍ଘ ୩୦ ବର୍ଷର ଚାକିରି କାଳର ଅନୁଭୂତି ବର୍ଣ୍ଣନା କରିଥିଲେ। ପରେ ଏକ ବିରାଟ ପଟୁଆରରେ ଅବସରପ୍ରାପ୍ତ ଶିକ୍ଷୟିତ୍ରୀଙ୍କୁ ଗ୍ରାମ ପରିକ୍ରମା କରାଯାଇଥିଲା। କାର୍ଯ୍ୟକ୍ରମକୁ ଗ୍ରାମ ମୁରବୀ ରଞ୍ଜିତ ମଲିକ, ଦୀପକ ମଲିକ, କୁଳମଣି ମଲିକ, ପ୍ରଦୀପ ମଲିକ ପ୍ରମୁଖ ପରିଚାଳନା କରିଥିଲେ। ବରିଷ୍ଠ ଶିକ୍ଷୟିତ୍ରୀ ଲୋପାମୁଦ୍ରା ବିଶ୍ୱାଳ ଧନ୍ୟବାଦ ଦେଇଥିଲେ।

### ଜବରଦଖଲ ଉଚ୍ଛେଦ ପାଇଁ ନୋଟିସ

## ମା' ରାମଚଣ୍ଡି ଢିଙ୍କିଆ-ମାହାଳ ବାସ ସୁରକ୍ଷା କମିଟିର ମେଳି

ପାରାଦୀପ,୧।୧୧(ସମିସ): ଜିଲ୍ଲା ପ୍ରଶାସନ ପକ୍ଷରୁ ଜେଏସଡବ୍ଲୁ ନିକଟରେ ଥିବା ଅସାମାଜିକଙ୍କ ଆ‡। ଉପରେ ଚଢ଼ଉ କରିଥିବାବେଳେ ପ୍ରଶାସନ ସେ ସ୍ଥାନରୁ ଜବରଦଖଲକାରୀଙ୍କୁ ଉଚ୍ଛେଦ କରିବାକୁ ନେଇଥିବା ପଦକ୍ଷେପକୁ ମା' ରାମଚଣ୍ଡୀ ଢିଙ୍କିଆ-ମାହାଳ ବାସ ସୁରକ୍ଷା କମିଟି ପକ୍ଷରୁ ବିରୋଧ କରାଯାଇଛି। ଏରସମା ତହସିଲ ଅଧୀନ ଢିଙ୍କିଆ ଚାରିଦେଶରେ ନିର୍ମାଣାଧୀନ ଜେଏସଡବ୍ଲୁ ପାଚେରି ବାହାର ରାସ୍ତା କଡ଼ ସରକାରୀ ଜମିରେ ଦୀର୍ଘ ଦିନରୁ ଘର କରି ବସବାସ କରୁଥିବା ମାଲିକଙ୍କୁ ତହସିଲଦାର ଚିହ୍ନଟ କରି, ପରେ କାରଣ ଦର୍ଶାଓ ନୋଟିସ୍ ଜାରି କରିଛନ୍ତି। ଏହାକୁ ନେଇ ସ୍ଥାନୀୟ ଅଧିବାସୀଙ୍କ ମଧ୍ୟର ଅସେନ୍ତୋଷ ଦେଖାଦେଇଛି। ସରକାରୀ ଜମିରେ ବସବାସ କରୁଥିବା ଲୋକ ଏକାଠି ହୋଇ ବୈଠକ କରିଛନ୍ତି। ଶିଳ୍ପ ପାଇଁ ଆମେ ଜିଲ୍ଲା ପ୍ରଶାସନକୁ ସମର୍ଥନ ଦେଲୁ ଓ ଜୀବିକା ହରାଇଲୁ। ତା' ବଦଳରେ ପାଇଲୁ କଣ? ଏବେ ପ୍ରଶାସନର ଆଖି ଆମ ବାସଗୃହ ଉପରେ ନଜର ପକାଇଛି। ଆମକୁ କାରଣ ଦର୍ଶାଓ ନୋଟିସ୍ ଜାରି କରାଯାଇଛି। ଏହି ମାଟିରେ ଆମେ ଜନ୍ମ ହୋଇଛୁ। ଏଇଠି ଆମେ ମରିବୁ, ନିଜ ଭିଟାମାଟି ନିଜ ଘର ପାଇଁ ଆମେ ଜୀବନ ଦେବୁ। ରାଜାରାସ୍ତାକୁ ଓହ୍ଲାଇବାକୁ ବି ପ୍ରସ୍ତୁତ। ଆମର ଜିଲ୍ଲାପାଳ ଓ ତହସିଲଦାରଙ୍କ ଉପରେ ଦୃଢ଼ ବିଶ୍ୱାସ ଅଛି। ଯଦି ଏ ଅଞ୍ଚଳରେ କେହି ଅସାମାଜିକ ଗୋଷ୍ଠୀ ନିଜର ଅସାମାଜିକ ଆଡ୍ଡା କରୁଛନ୍ତି, ପ୍ରଶାସନ ତା' ଉପରେ କାର୍ଯ୍ୟାନୁଷ୍ଠାନ ନେଉ। ଆମ ପେଟକୁ ଲାତ ନ ମାରନ୍ତୁ ବୋଲି କମିଟି ପକ୍ଷରୁ କୁହାଯାଇଛି।

## ବଟମହାପୁରୁଷ ବିଦ୍ୟାପୀଠରେ ସ୍ୱନକ୍ଷତ୍ର ଉତ୍ସବ

ଡେରାବିଶ,୧।୧୧(ସମିସ): ଡେରାବିଶ ଶିକ୍ଷାମଣ୍ଡଳ ମୁକୁନ୍ଦପୁର ସାଧନକେନ୍ଦ୍ର ଅନ୍ତର୍ଗତ ଶ୍ରୀଧରପୁରସ୍ଥ ବଟମହାପୁରୁଷ ସରକାରୀ ଉଚ୍ଚପ୍ରାଥମିକ ବିଦ୍ୟାଳୟର ସ୍ୱନକ୍ଷତ୍ର ଉତ୍ସବ ପାଳିତ ହୋଇଯାଇଛି। ପୂର୍ବାହ୍ନରେ ଗ୍ରାମର ଇଷ୍ଟ ବଟମହାପୁରୁଷଙ୍କ ପୂଜାର୍ଚ୍ଚନା ପରେ ବିଦ୍ୟାଳୟ ପରିସରରେ ଥିବା ବିଦ୍ୟାଳୟ ପ୍ରତିଷ୍ଠାତା ପୂଣ୍ୟଶ୍ଳୋକ କିଶୋର ଚନ୍ଦ୍ର ମହାନ୍ତିଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ ଓ ପ୍ରଦୀପ ପ୍ରଜ୍ୱଳନ କରାଯାଇ ବିଦ୍ୟାଳୟ ସଭାଗୃହରେ ସଭାର ଆୟୋଜନ କରାଯାଇଥିଲା। ପ୍ରଧାନଶିକ୍ଷକ ଚୌଧୁରୀ ସରୋଜକାନ୍ତ ପ୍ରହାରାଜ ସଭାପତିତ୍ୱ କରିଥିବାବେଳେ ପୂର୍ବତନ ପ୍ରଧାନଶିକ୍ଷକ ବୈକୁଣ୍ଠ ନାଥ ନାୟକ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ପୂର୍ବତନ ଶିକ୍ଷକ ମନୋରଞ୍ଜନ ନାୟକ, ସମାଜସେବୀ ରଘୁନାଥ ଦାସ, ସୁଧୀର ମହାନ୍ତି ପ୍ରମୁଖ ଯୋଗ ଦେଇଥିବାବେଳେ ସ୍ମାରକ ମହାନ୍ତି ମୁଖ୍ୟବକ୍ତା ଭାବେ ଯୋଗ ଦେଇଥିଲେ। ଶିକ୍ଷକ ଭାବଗ୍ରାହୀ କର ସ୍ୱାଗତ ଭାଷଣ ଓ ଶିକ୍ଷୟିତ୍ରୀ ପ୍ରଜ୍ଞାପାରମିତା ନାୟକ ଅତିଥି ପରିଚୟ ପ୍ରଦାନ କରିଥିଲେ। ପୁରାତନ ଛାତ୍ର ପ୍ରଭାକର ବେହେରା ଧନ୍ୟବାଦ ଅର୍ପଣ କରିଥିଲେ। ଉତ୍ସବକୁ ବିଦ୍ୟାଳୟ ପରିଚାଳନା କମିଟି ସଭ୍ୟ ଓ ଅଭିଭାବକ ପରିଚାଳନା କରିଥିଲେ।

## ମହାକାଳପଡ଼ା ମଣ୍ଡଳସ୍ତରୀୟ ଶିଶୁ ମହୋତ୍ସବ



ମହାକାଳପଡ଼ା, ୧।୧୧(ସମିସ): ମହାକାଳପଡ଼ା ବ୍ଲକ୍ କେୟାରବାଙ୍କ ଉଚ୍ଚବିଦ୍ୟାଳୟରେ ମହାକାଳପଡ଼ା ମଣ୍ଡଳସ୍ତରୀୟ ଶିଶୁ ମହୋତ୍ସବ ସୁରଭି ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ମହାକାଳପଡ଼ା ପଞ୍ଚାୟତ ସମିତି ଅଧ୍ୟକ୍ଷା ମୀରାରାଣୀ ମହାନ୍ତି ଯୋଗ ଦେଇଥିଲେ। ମଣ୍ଡଳ ଶିକ୍ଷାଧିକାରୀ କୈଳାସ ଦଳାଇ ସଭାପତିତ୍ୱ କରିଥିବାବେଳେ ମହାକାଳପଡ଼ା ସରପଞ୍ଚ ରତିକାନ୍ତ ପଣ୍ଡା, ମଣ୍ଡଳ ସାଧନ କେନ୍ଦ୍ର ସଂଯୋଜକ ଅକ୍ଷୟ ମହାପାତ୍ର, ଏବିଇଓ ମିନତୀ ସେଠୀ, ଏବିଏନଓ ବିଚିତ୍ରାନନ୍ଦ ସାମଲ, ବ୍ଲକ ନୋଡାଲ ପ୍ରଧାନଶିକ୍ଷକ ରଘୁନାଥ ଦାସ, କେୟାରବାଙ୍କ ପଞ୍ଚାୟତ ନୋଡାଲ ଉଚ୍ଚବିଦ୍ୟାଳୟ ପ୍ରଧାନ ଶିକ୍ଷକ ଅଞ୍ଜଳି ବେହେରା, ସମନ୍ୱୟ ସମିତି ସଭାପତି ଅଶୋକ ମହାପାତ୍ର, ସମ୍ପାଦକ ରମେଶ ସାହାଣୀ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। ୨୦ଟି କ୍ଲଷ୍ଟରର ଛାତ୍ରଛାତ୍ରୀ ବିଭିନ୍ନ ବିଭାଗରେ ଅଂଶଗ୍ରହଣ କରିଥିଲେ। କୃତୀ ପ୍ରତିଯୋଗୀ ଜିଲ୍ଲାସ୍ତରୀୟ ସୁରଭି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବେ। ନୋଡାଲ ସିଆରସିସି ସୁଜିତ ପରିଡା, ବରିଷ୍ଠ ଶିକ୍ଷକ ଶିଶିର ଦାସ, ଶିକ୍ଷକ ବିଭାସ ରଞ୍ଜନ ବେହେରା, ପ୍ରକାଶ କୁମାର ମନ୍ତ୍ରୀଙ୍କ ସମେତ ବ୍ଲକର ସମସ୍ତ ସିଆରସିସି, ଶିକ୍ଷକ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ।

## ଶ୍ରୀରାଧା ସେବା ସଂଗଠନର ବାର୍ଷିକ ଉତ୍ସବ

ତିର୍ତ୍ତୋଲ, ୧।୧୧(ସମିସ): ତିର୍ତ୍ତୋଲ ବ୍ଲକ୍ ଗରାମ ପଞ୍ଚାୟତ ଅଧୀନ ରାସବେରୁଁଆ ଗ୍ରାମସ୍ଥ ଗାଲେଶ୍ୱର ମହାଦେବ ମନ୍ଦିର ପାଶ୍ୱର୍ରେ ପବିତ୍ର ଅଁଳା ନବମୀ ଅବସରରେ ଶ୍ରୀରାମ ସେବା ସଂଗଠନର ଷଷ୍ଠ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ସଭାପତି ଦେବେନ୍ଦ୍ର ନାୟକ ଓ ଉପସଭାପତି ପ୍ରଦ୍ୟୁମ୍ନ ରଥଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ପ୍ରାକ୍ତନ ଶିକ୍ଷକ ଦିଗାମ୍ବର ରାଉତ ଅଧ୍ୟକ୍ଷତା କରିଥିଲେ। ମୁଖ୍ୟଅତିଥି ଡ ପ୍ରଶାନ୍ତ ଦାଶ, ମୁଖ୍ୟବକ୍ତା ଝଙ୍କଡ଼ ସାହିତ୍ୟ ସଂସଦ ପ୍ରତିଷ୍ଠାତା ସମ୍ପାଦକ ଗୋଲକ ପଲାଇ ଓ ସମ୍ମାନିତ ଅତିଥି ସୁଶ୍ରୀ ସାହିତ୍ୟ ସଂସଦ ସଭାପତି ଡ. ବସନ୍ତ ମଞ୍ଜରୀ ଦାସ, ଶିକ୍ଷାବିତ୍ ଶରତ ତାରେଣିଆ, ଜ୍ୟୋତିର୍ବିତ ଡ. ଅରୁଣ ପାଣି, ପଣ୍ଡିତ ରବିନାରାୟଣ ପଣ୍ଡା ପ୍ରମୁଖ ଯୋଗଦେଇ ସେବା ଧର୍ମର ମହତ୍ୱ ଉପରେ ନିଜ ନିଜର ମତ ପ୍ରଦାନ କରିଥିଲେ। ପଣ୍ଡିତ ପ୍ରବୋଧ ରଥ ସ୍ୱାଗତ ଭାଷଣ ଓ କେଦାର କିଶୋର ରାଉତ ସମ୍ପାଦକୀୟ ବିବରଣୀ ପାଠ କରିଥିଲେ। ସନ୍ଧ୍ୟାରେ ନୃତ୍ୟ ସଂଗୀତ ଆଦି ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା।

## ବିଦ୍ୟାଳୟ ପାର୍ଶ୍ୱ ସରକାରୀ ଜମି ଜବରଦଖଲ



ପରଜଙ୍ଗ,୧।୧୧(ସମିସ)

- ଦୋକାନ ସାଜିଛି ମାଦକ ଦ୍ରବ୍ୟର ଗନ୍ତାଘର
- ଉଚ୍ଛେଦ ନିମନ୍ତେ ଗ୍ରାମବାସୀଙ୍କ ଦାବି

ଭବିଷ୍ୟତ ଗଢ଼ିବା କାରଖାନା ପାର୍ଶ୍ୱରେ ଖୁଲମଖୁଲା ମାଦକଦ୍ରବ୍ୟ ବିକ୍ରି ହେଉଛି ତାହା ପୁଣି ସରକାରୀ ଜମି ଜବରଦଖଲ କରି ଗଢ଼ି ଉଠିଥିବା ତେଜରାତି ଦୋକାନରେ। ଏ ସମ୍ପର୍କରେ ପ୍ରଶାସନକୁ ଗ୍ରାମବାସୀଠାରୁ ଆରମ୍ଭ କରି ସରପଞ୍ଚ ବାରମ୍ବାର ଅଭିଯୋଗ କରିଆସୁଥିଲେ ମଧ୍ୟ ଉଚ୍ଛେଦ କରିବାରେ ସ୍ଥାନୀୟ ପ୍ରଶାସନ କୁଣ୍ଠାବୋଧ କରୁଥିବା ଅଭିଯୋଗ ହୋଇଛି। ଅଭିଯୋଗ ମୁତାବକ ପରଜଙ୍ଗ ବ୍ଲକ ରୋଡ଼ ପଞ୍ଚାୟତ ରୋଡ଼ କୁନ୍ଦନଦେଇପୁର ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟକୁ ଲାଗିରହିଥିବା ଏକ ତେଜରାତି ଦୋକାନରେ ଦିବାଲୋକରେ ଚୋରାମଦ, ତମାଖୁ ଓ ଅନ୍ୟାନ୍ୟ ମାଦକଦ୍ରବ୍ୟ ବିକ୍ରି ହେଉଛି। ଫଳରେ ସେଠାରେ ଅସାମାଜିକ ବ୍ୟକ୍ତିମାନଙ୍କ ଭିଡ଼ ଜମୁଛି। କୋମଳମତି ଛାତ୍ରଛାତ୍ରୀଙ୍କ ଉପରେ ଏହାର କୁପ୍ରଭାବ ପଡୁଛି। ସେହିପରି ଉକ୍ତ ଦୋକାନ ରୋଡ଼ ମୌଜାର ଖାତା ନଂ ୪୪୮, ପ୍ଲଟ ନଂ ୪୬୮୬ ସରକାରୀ ଜମିରେ ଗଢ଼ି ଉଠିଛି। ଗ୍ରାମ୍ୟ କମିଟି ପକ୍ଷରୁ ଏ ସମ୍ପର୍କରେ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣିରେ ଅଭିଯୋଗ ହୋଇଥିଲା। ସରପଞ୍ଚ ମଧ୍ୟ ଏହାକୁ ବିରୋଧ କରି ଜିଲ୍ଲାପାଳଙ୍କୁ ଅଭିଯୋଗ କରିଛନ୍ତି। ମାତ୍ର ଜବରଦଖଲକାରୀ ଦୋକାନୀ ଜଣକ ରାଜନୈତିକ ଦଳର ପ୍ରଭାବଶାଳୀ ବ୍ୟକ୍ତି ହୋଇଥିବାରୁ ତହସିଲ ପ୍ରଶାସନ ଉଚ୍ଛେଦ କରିବାକୁ ସାହସ କରୁ ନ ଥିବା ଅଭିଯୋଗ ହୋଇଛି। ଉକ୍ତ ଦୋକାନୀ ଜଣକ ଖୁଲମଖୁଲା ଚୋରାମଦ ବିକ୍ରି କରୁଥିବା ବେଳେ ଅବକାରୀ ବିଭାଗ ମଧ୍ୟ ଏଥିପ୍ରତି ଦୃଷ୍ଟି ଦେଉ ନ ଥିବାରୁ ସାଧାରଣରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ପ୍ରତ୍ୟେକ ଦିନ ବିଦ୍ୟାଳୟକୁ ଛାତ୍ରଛାତ୍ରୀ ଶିକ୍ଷା ଗ୍ରହଣ ନିମନ୍ତେ ଆସୁଥିବା ବେଳେ ପଞ୍ଚାୟତ କାର୍ଯ୍ୟାଳୟକୁ ବିଭିନ୍ନ ବର୍ଗର ଲୋକ ଆସୁଛନ୍ତି। ସେହିପରି ପାଖରେ ଉପ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ରହିଥିବାରୁ ଅନେକ ସମୟରେ ଲୋକେ ଆସୁଛନ୍ତି। ଦୋକାନରେ ମଦ୍ୟପାନ କରି ଅସାମାଜିକ ମାନେ ବିଶୃଙ୍ଖଳା ସୃଷ୍ଟି କରୁଛନ୍ତି। ଛାତ୍ରଛାତ୍ରୀଙ୍କ ଭବିଷ୍ୟତକୁ ଦୃଷ୍ଟିରେ ରଖି ଉକ୍ତ ଦୋକାନୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବା ସହ ତହସିଲ ପ୍ରଶାସନ ଜବରଦଖଲ ଉଚ୍ଛେଦ କରିବାକୁ ଦାବି ହେଉଛି।



# କୋଇଲା ଗାଡ଼ି ଚଳାଚଳ ବନ୍ଦ ଦାବିରେ ଧାରଣା

ପରଜଙ୍ଗ,୧।୧୧(ସମିସ):



ପରଜଙ୍ଗ ରେଳଷ୍ଟେସନ କୋଇଲା ଡିପ୍ପୋକୁ ବାରିହାପୁର ପଞ୍ଚାୟତ ରାସ୍ତା ଦେଇ କୋଇଲା ବୋଝେଇ ଗାଡ଼ି ଚଳାଚଳ ସମ୍ପୂର୍ଣ୍ଣ ବନ୍ଦ ଦାବିରେ ଗ୍ରାମ ଦୋଳମଣ୍ଡପରେ ଶତାଧିକ ମହିଳା ଓ ପୁରୁଷ ଏକତ୍ରିତ ହୋଇ ଶୁକ୍ରବାରଠାରୁ ଧାରଣାରେ ବସିଛନ୍ତି। ରେଳଷ୍ଟେସନ କୋଇଲା ଡିପ୍ପୋକୁ ବାରିହାପୁର ଗ୍ରାମ ଦେଇ ଗାଡ଼ି ଚଳାଚଳ ହେବା ଦିନଠାରୁ ଗ୍ରାମବାସୀ ବିଭିନ୍ନ ସମୟରେ ବିରୋଧ କରୁଥିବା ସତ୍ତ୍ୱେ କୋଇଲା ପରିବହନ ଠିକାସଂସ୍ଥା ପ୍ରଶାସନ ଓ ପୁଲିସକୁ ଚାପ ପ୍ରୟୋଗ କରି ଗ୍ରାମବାସୀଙ୍କୁ ଭୟଭୀତ କରି ବିରୋଧକୁ ଭଣ୍ଡୁର କରିବା ସହ ବଳପୂର୍ବକ ଗାଡ଼ି ଚଳାଚଳ କରିଆସୁଛି ବୋଲି ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଗୁରୁବାର ପୂର୍ବତଟ ରେଳବାଇ ଅଧିକୃତ ଜମି ରାସ୍ତାରେ ଗ୍ରାମବାସୀଙ୍କ ପକ୍ଷରୁ ନିର୍ମାଣ କରାଯାଇଥିବା ଅସ୍ଥାୟୀ ପାଚେରିକୁ ପରଜଙ୍ଗ ତହସିଲଦାର, ଏସ୍‌ଡିପିଓ, ପରଜଙ୍ଗ ଥାନା ଅଧିକାରୀ ପୁଲିସ କର୍ମଚାରୀଙ୍କ ଉପସ୍ଥିତିରେ ଉଚ୍ଛେଦ କରି ଗାଡ଼ି ଚଳାଚଳ ନିମନ୍ତେ ମସୁଧା ଚଳାଇଥିଲେ। ସନ୍ଧ୍ୟା ବେଳକୁ ଗ୍ରାମର ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ହୋଇଥିଲା। ଗାଁ ଶ୍ମଶାନକୁ ଯିବା ପାଇଁ ରେଳବାଇ ଅଧିକୃତ ଜମି ରାସ୍ତା ଏକମାତ୍ର ବିକଳ୍ପ। ଗ୍ରାମବାସୀ ପୂର୍ତ୍ତ ବିଭାଗ ରାସ୍ତା ଉପରେ ଶବଦାହ କରିବାକୁ ସ୍ଥିର କରିଥିବା ଜାଣି ତହସିଲ ଓ ପୁଲିସ ପ୍ରଶାସନ ପଳାଇଥିଲେ। ଶୁକ୍ରବାର ପରଜଙ୍ଗ ତହସିଲଦାର ସୁଦେବ ପୃଷ୍ଟି, ଅତିରିକ୍ତ ତହସିଲଦାର ମନୋରଞ୍ଜନ ସାହୁ, କାମାକ୍ଷାନଗର ଏସ୍‌ଡିପିଓ ରଜନୀକାନ୍ତ ସାମଲ, ଥାନା ଅଧିକାରୀ ଧୀରେନ କୁମାର ବେହେରା, ମହାବିରୋଡ୍ ଥାନା ଅଧିକାରୀ କାଶୀନାଥ ହାଁସଦା, କଙ୍କଡ଼ାହାଡ଼ ଥାନା ଅଧିକାରିଣୀ କଳ୍ପନା ବେହେରା, ତୁମୁସିଂହା ଥାନା ଅଧିକାରିଣୀ ମନସ୍ୱିନୀ ମହାନ୍ତି, ଭୁବନ ଥାନା ଅଧିକାରୀ ସମେତ ସାଆନ୍ଦା, ସରାଙ୍ଗ, ଦଦରାଘାଟି ଫାଣ୍ଡି ଅଧିକାରୀ ଓ ଦୁଇ ପ୍ଲାଟୁନ ପୁଲିସ ଫୋର୍ସ ଦୋଳମଣ୍ଡପଠାରେ ମୁତୟନ ହୋଇ କୋଇଲା ବୋଝେଇ ଗାଡ଼ି ଚଳାଚଳ କରାଇଥିଲେ। ଗ୍ରାମବାସୀ ଏକତ୍ରିତ ହୋଇ ଯେପର୍ଯ୍ୟନ୍ତ କୋଇଲା ଗାଡ଼ି ଚଳାଚଳ ସମ୍ପୂର୍ଣ୍ଣ ବନ୍ଦ ନ ହୋଇଛି ସେ ପର୍ଯ୍ୟନ୍ତ ଶାନ୍ତିପୂର୍ଣ୍ଣ ଭାବେ ଧାରଣା ଜାରି ରହିବ ବୋଲି ନିଷ୍ପତ୍ତି ନେଇଥିବା ପ୍ରକାଶ କରିଛନ୍ତି।

## ବରିଷ୍ଠ ନାଗରିକଙ୍କ ଆର୍ଥିକ ସାକ୍ଷରତା ଶିବିର



ଢେଙ୍କାନାଳ,୧।୧୧(ସମିସ): ରାଜ୍ୟରେ ସଞ୍ଚୟ ପକ୍ଷ ପାଳନ କରାଯାଉଛି। ଏହି ଉପଲକ୍ଷେ ସଞ୍ଚୟ ଓ ଆର୍ଥିକ ସେବା ବିଭାଗ ଏବଂ ସଞ୍ଚୟ ଓ ଆର୍ଥିକ ସେବା ସଙ୍ଗଠନ, ମିଳିତ ସହଯୋଗରେ ଜିଲ୍ଲା କାର୍ଯ୍ୟାଳୟ ସଦ୍ଭାବନା ସଭାଗୃହରେ ବରିଷ୍ଠ ନାଗରିକ ଓ ପେନସନଭୋଗୀଙ୍କ ନିମନ୍ତେ ସ୍ୱତନ୍ତ୍ର ଆର୍ଥିକ ସାକ୍ଷରତା ଶିବିର ଅନୁଷ୍ଠିତ ହୋଇଛି। ସଞ୍ଚୟ ଓ ଆର୍ଥିକ ସେବା ବିଭାଗ ସହ ନିର୍ଦ୍ଦେଶକ ପ୍ରଜ୍ଞା ମିଶ୍ର ସମସ୍ତଙ୍କୁ ସ୍ୱାଗତ କରି ଡାକଘର ଓ ବ୍ୟାଙ୍କଗୁଡ଼ିକରେ ବରିଷ୍ଠ ନାଗରିକ ଓ ପେନସନଭୋଗୀମାନେ ନିଜର ଲବ୍ଧ ଅର୍ଥରାଶିକୁ ଜମା ରଖିଲେ ତାହା ସୁରକ୍ଷିତ ରହିବ ବୋଲି କରିଥିଲେ। କୌଣସି ପ୍ରକାରର ଠକେଇଠାରୁ ସୁରକ୍ଷିତ ରହିବା ସହ ଅଧିକ ସୁଧରାଶି ପାଇପାରିବେ ବୋଲି ଜଣାଇଥିଲେ। ସାଇବର ଠକମାନେ କିଭିଳି ଉପାୟରେ ଅର୍ଥ ହଡ଼ପ କରୁଛନ୍ତି ସେ ସମ୍ପର୍କରେ ଡିଏସପି ସନ୍ଧ୍ୟାରାଣୀ ବେଉରା ସୂଚନା ଦେଇ ସଚେତନ କରାଇଥିଲେ। ଇଣ୍ଟରନେଟ ବ୍ୟବହାର ସମୟରେ ସର୍ବାଧିକ ସତର୍କତା ଅବଲମ୍ବନ କରିବାକୁ ପରାମର୍ଶ ଦେଇଥିଲେ। ପୋଷ୍ଟ ଅଫିସରେ ଅର୍ଥରାଶି ଜମା କଲେ ଅଧିକ ଆୟ ହେବ। ଅର୍ଥ ସୁରକ୍ଷିତ ରହିବା ସହ ଦେଶର ଆର୍ଥିକ ସ୍ଥିତି ମଜବୁତ ହେବ ବୋଲି ସିନିୟର ପୋଷ୍ଟମାଷ୍ଟର ସତ୍ୟବାଦୀ ଦାଶ ମତବ୍ୟକ୍ତ କରିଥିଲେ। ପୋଷ୍ଟ ଅଫିସର ଟ୍ରେନର ଦୀପକ ଲେଙ୍କା ପୋଷ୍ଟ ଅଫିସରେ ଜମା ସମ୍ପର୍କିତ ସମସ୍ତ ଲାଭଦାୟକ ସ୍କିମ ସମ୍ପର୍କରେ ବୁଝାଇଥିଲେ। ଘରେ ବସି ମୋବାଇଲ ଦ୍ୱାରା କିପରି ବିଭିନ୍ନ ସ୍କିମରେ ଅର୍ଥ ଲଗାଣ ଓ ଉଠାଣ କରି ଲାଭାନ୍ୱିତ ହୋଇପାରିବେ ସେ ସମ୍ପର୍କରେ ବର୍ଣ୍ଣନା କରିଥିଲେ। କାର୍ଯ୍ୟକ୍ରମରେ ଢେଙ୍କାନାଳ ବରିଷ୍ଠ ନାଗରିକ ମଞ୍ଚ ସଭାପତି ପ୍ରହ୍ଲାଦ ତ୍ରିପାଠୀ, ସାଧାରଣ ସମ୍ପାଦକ କୃଷ୍ଣମୋହନ ସାହୁଙ୍କ ସମେତ ବହୁ ବରିଷ୍ଠ ନାଗରିକ ଓ ପେନେସନଭୋଗୀ ଯୋଗଦେଇଥିଲେ।

## କାର୍ତ୍ତିକେଶ୍ୱର ପୂଜାରେ ଦୁଲୁକୁଛି ମହୁଲପାଳ

ଭୁବନ,୧।୧୧(ସମିସ): ଢେଙ୍କାନାଳ ଜିଲ୍ଲା ଭୁବନ ବ୍ଲକ ମହୁଲପାଳ ଗ୍ରାମରେ ରାସ ଉତ୍ସବ ସହିତ ପ୍ରଭୁ କାର୍ତ୍ତିକେଶ୍ୱରଙ୍କ ୧୦ଟି ମେଢ଼ ପୂଜା ପାଉଛନ୍ତି। ମଙ୍ଗଳା ସାହିରେ ପ୍ରଥମେ ରାସ ପୂର୍ଣ୍ଣିମା ହେଉଥିଲା। ଗ୍ରାମର ଯୁବକମାନେ ଏକତ୍ରିତ ହୋଇ ୨୦୦୫ରେ ମଙ୍ଗଳା ସାହି, ପଶ୍ଚିମ ସାହି, ତାରିଣୀ ଛକ, ମଝି ସାହି, ଝରିମୂଳ ସାହି, ବଉଳ ମୂଳ ସାହି, ଜଗତପତା ସାହି, ବାରିକ ସାହି, ରାଉଳ ସାହିରେ ପୂଜା ଅନୁଷ୍ଠାନ କରିଆସୁଛନ୍ତି। ରଙ୍ଗୀନ ଆଲୋକମାଳା ସାଙ୍ଗକୁ ପାର୍କରେ ବୁଲିବାର ସୁଯୋଗ ପାଉଛନ୍ତି ଶ୍ରଦ୍ଧାଳୁ। ୫ ଦିନ ଧରି ରାସ ଉତ୍ସବରେ ଦୂର ଦୂରାନ୍ତରୁ ଶ୍ରଦ୍ଧାଳୁଙ୍କ ସୁଅ ଛୁଟୁଛି। ଚଳିତ ବର୍ଷ ବର ସାହିରେ ନୂତନ ଭାବେ ପୂଜା ଆରମ୍ଭ ହୋଇଛି। ୧୯ ବର୍ଷରେ ପଦାର୍ପଣ କରିଛି ମହୁଲପାଳ କାର୍ତ୍ତିକେଶ୍ୱର ପୂଜା। ୧୦ ସ୍ଥାନରେ ଶନିବାର ସନ୍ଧ୍ୟାରେ କଳସ ଶୋଭାଯାତ୍ରା ଅନୁଷ୍ଠିତ ହୋଇଛି। ଦେଶ କମିଟି ପକ୍ଷରୁ ପ୍ରତିବର୍ଷ ୨ ରାତି ଅପେରା ପରିବେଷଣ ହୋଇଥାଏ। ଚଳିତ ବର୍ଷ ୪ ଓ ୫ ତାରିଖ ଅପେରା ପରିବେଷଣ କରାଯିବ ବୋଲି ଗ୍ରାମ୍ୟ କମିଟି ପକ୍ଷରୁ ସୂଚନା ଦିଆଯାଇଛି।

## ଓଲଟିଲା ଟ୍ରକ; ଚାଳକ ଗୁରୁତର

ପରଜଙ୍ଗ,୧।୧୧(ସମିସ): ୧୪୯ନଂ ଜାତୀୟ ରାଜପଥର ପରଜଙ୍ଗ ଥାନା ଦଦରାଘାଟି ଫାଣ୍ଡି କୁଲେଇ ଛକ ନିକଟରେ ଭାରସାମ୍ୟ ହରାଇ ଲୁହାପଥର ବୋଝେଇ ୧୮ ଚକିଆ ଟ୍ରକ ଓଲଟି ପଡ଼ିଛି। ଏଥିରେ ଚାଳକ ଗୁରୁତର ଆହତ ହୋଇଛନ୍ତି। ସେ ଗାଡ଼ି ଭିତରେ ଚାପି ହୋଇ ରହିଯାଇଥିଲେ। ସ୍ଥାନୀୟ ଲୋକଙ୍କ ସହାୟତାରେ ଅଗ୍ନିଶମ ବାହିନୀ କର୍ମଚାରୀ ତଙ୍କୁ ଉଦ୍ଧାର କରି ମେଡିକାଲରେ ଭର୍ତ୍ତି କରିଛନ୍ତି। ଏହି ଦୁର୍ଘଟଣା ଫଳରେ ରାସ୍ତାର ଉଭୟ ପାର୍ଶ୍ୱରେ ଶତାଧିକ ଗାଡ଼ି ଅଟକି ରହିଥିଲା। ଦଦରାଘାଟି ଫାଣ୍ଡି ପୁଲିସ ଘଟଣାସ୍ଥଳରେ ପହଞ୍ଚି ଦୁର୍ଘଟଣାଗ୍ରସ୍ତ ଟ୍ରକକୁ ଉଠାଇବା ପରେ ଗାଡ଼ି ଚଳାଚଳ ସ୍ୱାଭାବିକ ହୋଇଥିଲା।

## ୩ ନୂଆ ସବରେଜିଷ୍ଟ୍ରାର କାର୍ଯ୍ୟାଳୟ ଉଦଘାଟିତ

### ଗନ୍ଦିଆ, କଙ୍କଡ଼ାହାଡ଼ ଓ ଓଡ଼ାପଡ଼ା ତହସିଲରେ ହେବ ଜମିଜମା ପଞ୍ଜିକରଣ



ଢେଙ୍କାନାଳ,୧।୧୧(ସମିସ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଆଭାସୀ ମାଧ୍ୟମରେ ରାଜ୍ୟର ୪୪ ଟି ନୂଆ ସବରେଜଷ୍ଟ୍ରେସନ କାର୍ଯ୍ୟାଳୟ ଉଦଘାଟନ କରିବା ସହିତ ଜିଲ୍ଲାର ଗନ୍ଦିଆ, କଙ୍କଡ଼ାହାଡ଼ ଓ ଓଡ଼ାପଡ଼ା ତହସିଲରେ ନୂଆ ସବ ରେଜିଷ୍ଟ୍ରେସନ ଅଫିସର ଉଦଘାଟନ କରିଛନ୍ତି। ଏହି ଅବସରରେ ଜିଲ୍ଲା ମୁଖ୍ୟାଳୟ ଓସ୍ୱାନ ହଲ ଠାରେ ଆୟୋଜିତ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମରେ ଜିଲ୍ଲାପାଳ ଆଶିଷ ଈଶ୍ୱର ପାଟିଲ ଉପସ୍ଥିତ ରହି ଏହି କାର୍ଯ୍ୟକ୍ରମରେ ଜିଲ୍ଲାର ପ୍ରତିନିଧିତ୍ୱ କରିଥିଲେ। ସୂଚନା ଯୋଗ୍ୟ ଯେ ଏହି ନୂଆ ସବ ରେଜିଷ୍ଟ୍ରେସନ କାର୍ଯ୍ୟାଳୟ ଦ୍ୱାରା ଏହି ଅଞ୍ଚଳର ଲୋକମାନେ ଏବେ ଜମିଜମା ପଞ୍ଜୀକରଣ, ମ୍ୟୁଟେସନ ପଟ୍ଟା ମିଳିବା, ଏବଂ ଅନ୍ୟାନ୍ୟ ରାଜସ୍ୱ ସେବା ସୁବିଧାକୁ ଉତ୍ତମ ଓ ସହଜ ଭାବେ ନିଜ ତହସିଲରେ ପାଇପାରିବେ। ମୁଖ୍ୟମନ୍ତ୍ରୀ ଏହି ଅବସରରେ କହିଥିଲେ ଯେ, ରାଜ୍ୟର ପ୍ରତ୍ୟେକ ତହସିଲରେ ସବରେଜିଷ୍ଟ୍ରେସନ ଅଫିସ ଖୋଲାଗଲେ ଜନସାଧାରଣଙ୍କ ପାଇଁ ଏକ ବିଶେଷ ସୁବିଧା ଓ କ୍ଷ ସହଜତା ଆସିବ। ଏଥିରେ ଲୋକମାନେ ଦୂର ସ୍ଥାନକୁ ଯିବା ଓ ଅନାବଶ୍ୟକ ଖର୍ଚ୍ଚ ଓ ସମୟ ହାନିରୁ ମୁକ୍ତି ପାଇବେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ, ଟେକ୍ନୋଲୋଜି ଜରିଆରେ ରାଜସ୍ୱ ବ୍ୟବସ୍ଥାକୁ ମଧ୍ୟସ୍ଥି ମୁକ୍ତ ଓ ଦୁର୍ନୀତି ମୁକ୍ତ କରାଯାଉଛି। ସମସ୍ତ ସବରେଜିଷ୍ଟ୍ରେସନ କାର୍ଯ୍ୟାଳୟରେ ସିସିଟିଭି ଜରିଆରେ ସ୍ମାର୍ଟ ସର୍ଭିଲାନ୍ସ ସିଷ୍ଟମ ସ୍ଥାପିତ ହୋଇଛି। ଯାହା ଦ୍ୱାରା କର୍ମଚାରୀ ମାନଙ୍କର ପାରଦର୍ଶିତା ଓ ସମୟାନୁବର୍ତ୍ତୀତା ସୁନିଶ୍ଚିତ ହେଉଛି। ଏହି ନୂଆ କାର୍ଯ୍ୟାଳୟ ସ୍ଥାପନ ଦ୍ୱାରା ଢେଙ୍କାନାଳ ଜିଲ୍ଲାର ଲୋକମାନେ ଏବେ ନିଜ ଅଞ୍ଚଳରେ ବସିବା ଅବସ୍ଥାରେ ଅନ୍ଲାଇନ ମାଧ୍ୟମରେ ସ୍ଲଟ୍ ବୁକିଂ, ଇ ସି, ଓ ଅନ୍ୟାନ୍ୟ ରେକର୍ଡ ସେବା ନିଜେ ପାଇପାରିବେ। ଜିଲ୍ଲାପାଳ ଶ୍ରୀ ପାଟିଲ ଏହି ଅବସରରେ କହିଥିଲେ ଯେ, ଗନ୍ଦିଆ, କଙ୍କଡ଼ାହାଡ଼ ଓ ଓଡ଼ାପଡ଼ା ଅଞ୍ଚଳ ଜନସାଧାରଣଙ୍କ ପାଇଁ ଏହି ନୂଆ ସବ ରେଜିଷ୍ଟ୍ରେସନ ଅଫିସ ଏକ ମହତ୍ତ୍ୱପୂର୍ଣ୍ଣ ପଦକ୍ଷେପ। ଏହା ଦ୍ୱାରା ଲୋକମାନେ ସରକାରୀ ସେବାରେ ସହଜ ପ୍ରବେଶ ଓ ସମ୍ମାନ ସୂଚକ ବ୍ୟବହାର ପାଇବେ।

## ମୁଖ୍ୟ ଚିକିତ୍ସାଳୟରେ ସ୍ୱଚ୍ଛତା ପକ୍ଷ ପାଳନ




ଢେଙ୍କାନାଳ,୧।୧୧(ସମିସ): ଢେଙ୍କାନାଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ସ୍ୱଚ୍ଛତା ପକ୍ଷ ପାଳନ କରାଯାଇଛି। ଚିକିତ୍ସାଳୟ ପରିସର ଦକ୍ଷିଣକାଳୀ ମନ୍ଦିର ନିକଟସ୍ଥ କଲୋନୀ ସାହିରେ ଏକ ସଫେଇ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଚିକିତ୍ସାଳୟର ମେଡିକାଲ ସୁପରିଟେଣ୍ଡେଟ ଡାକ୍ତରଇଶାନୀ ମିତ୍ର,ଡିପିଏଚଓ ଡାକ୍ତର ସପନ କୁମାର ମହାନ୍ତି, କ୍ୱାଲିଟି ମ୍ୟାନେଜର ସମରେନ୍ଦ୍ର ଶତପଥୀ, ହସପିଟାଲ ମ୍ୟାନେଜର ଡାକ୍ତର ବିନାୟକ ପାଣିଗ୍ରାହୀ,ସିଦ୍ଧାର୍ଥ ସାହୁଙ୍କ ସହିତ ସମସ୍ତ ସୁପରଭାଇଜର,ସଫେଇ କର୍ମଚାରୀମାନେ ଉପସ୍ଥିତ ରହିଥିଲେ।

● ଆଦର୍ଶ ବିଦ୍ୟାଳୟ ଛାତ୍ର ନିଖୋଜ ଘଟଣା

## ୧୦ ଦିନପରେ ବି ପତ୍ତା ମିଳୁନି



**ପରିବାର ଜିଲ୍ଲାପାଳଙ୍କ ଦ୍ୱାରସ୍ଥ**

ଢେଙ୍କାନାଳ,୧।୧୧(ସମିସ): ସଦରଥାନା ଅନ୍ତର୍ଗତ ଅଙ୍କରାନ୍ତିପୁର ଆଦର୍ଶ ବିଦ୍ୟାଳୟର ଛାତ୍ର ୧୦ ଦିନ ହେବ ନିଖୋଜ ହୋଇଯାଇଥିବା ବେଳେ ବର୍ତ୍ତମାନ ସୁଦ୍ଧା ତାର କୌଣସି ସନ୍ଧାନ ମିଳୁନଥିବାର ଜଣାପଡିଛି। କୌଣସି ଉପାୟ ନପାଇ ପରିବାର ବର୍ଗ ଜିଲ୍ଲାପାଳଙ୍କୁ ଲିଖିତ ଭାବରେ ଅଭିଯୋଗ କରିଛନ୍ତି।

ବାଲିମୀ ଥାନା କୋଠାଲୁ ଗ୍ରାମର ଲୁଲୁ ମହାପାତ୍ରଙ୍କ ଅଭିଯୋଗ ଅନୁସାରେ ଗତ ୨୪ ତାରିଖ ଦିନ ତାଙ୍କ ପୁଅ ସୁମିତ କୁମାର ମହାପାତ୍ର (୧୫) ସିମିନଇରେ ଥିବା ଘରୋଇ ହଷ୍ଟେଲରେ ରହୁଥିବା ବେଳେ ସେଠାରୁ ବିଦ୍ୟାଳୟକୁ ଯିବାପାଇଁ ବାହାରି କେଉଁଆଡ଼େ ନିଖୋଜ ହୋଇଯାଇଛି। ଘଟଣା ସମ୍ପର୍କରେ ପରିବାର ବର୍ଗବିଦ୍ୟାଳୟ ଠାରୁ ଜାଣିବା ପରେ ସଦରଥାନାରେ ଅଭିଯୋଗକରିବା ସହିତ ଏସପିଙ୍କୁ ମଧ୍ୟ ଲିଖିତ ଭାବରେ ଜଣାଇଥିଲେ। ଘଟଣାକୁ ୧୦ ଦିନ ପୁରୀ ଯାଇଥିବା ବେଳେ କୌଣସି ସନ୍ଧାନ ନପାଇ ଆଜି ପୁଣି ଥରେ ଜିଲ୍ଲାପାଳଙ୍କୁ ଲିଖିତ ଭାବରେ ଜଣାଇଛନ୍ତି। ଏ ଦିଗରେ ପଦକ୍ଷେପ ଗ୍ରହଣ କରିବା ସହିତ ତଦନ୍ତ କରିବାକୁ ଦାବୀ କରିଛନ୍ତି।

## ସିନର୍ଜୀରେ ଅଧ୍ୟାପକ ବିକାଶ କାର୍ଯ୍ୟକ୍ରମ

ଢେଙ୍କାନାଳ,୧।୧୧(ସମିସ): ଢେଙ୍କାନାଳ ସହରନିକଟରେ ଥିବା ସିନର୍ଜୀ ବୈଷୟିକ ମହାବିଦ୍ୟାଳୟରେ ବୈଷୟିକ ଶିକ୍ଷା ପରିଷଦ ଦ୍ୱାରା ପ୍ରାୟୋଜିତ ପ୍ରଶିକ୍ଷଣ ଶିବିରରେ ଅଧ୍ୟାପକ ବିକାଶ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କର୍ମଶାଳାରେ ଦେଶରୁ ବହୁ ଖ୍ୟାତନାମା ବରିଷ୍ଠ ବୈଜ୍ଞାନିକ ପ୍ରଧ୍ୟାପକ, ଶିଳ୍ପଅଧିକାରୀ, ଗବେଷକ ଏବଂ ଛାତ୍ରଛାତ୍ରୀମାନେ ଯୋଗଦେଇଥିଲେ। ଶିଳ୍ପ ଓ କୃଷି ଅବଶିଷ୍ଟର ସମସ୍ତ ଉପଯୋଗର ଗୁରୁତ୍ୱ ଉପରେ ନିଜ ନିଜର ମତ ଉପସ୍ଥାପନ କରିଥିଲେ। ସମୃଦ୍ଧ ଦିର୍ଘସ୍ଥାୟୀ ପରିବେଶ ଯେ ମନୁଷ୍ୟର ଦୈନନ୍ଦିନ ଜୀବନ ଶୈଳୀ ପାଇଁ ଅପରିହାର୍ଯ୍ୟ ହୃଦୟଙ୍ଗମ କରିଥିଲେ। କର୍ମଶାଳାରେ ବୀର ସୁରେନ୍ଦ୍ରସାଏ ପ୍ରଯୁକ୍ତି ବିଦ୍ୟାଳୟର ସିଭିଲ ଇଞ୍ଜିନିୟରିଂ ବିଭାଗର ପ୍ରଧ୍ୟାପକ ଡ. ସଞ୍ଜୟ କୁମାର ମିଶ୍ର ଯୋଗଦେଇ ବିଷୟବସ୍ତୁ ଉପରେ ନିଜର ବକ୍ତବ୍ୟ ରଖିଥିଲେ। ମହାବିଦ୍ୟାଳୟର ନିର୍ଦ୍ଦେଶକ ପ୍ରଶାନ୍ତ କୁମାର ନାୟକ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ପ୍ରଶାସନିକ ନିର୍ଦ୍ଦେଶକ ଡ. ଇତିଶ୍ରୀ ମହାନ୍ତି ତଥା ସହସଂଯୋଜକ ଡ. ଶୁଭକାନ୍ତ ଦାଶ କର୍ମଶାଳା ସନ୍ଦର୍ଭରେ ବିବରଣୀ ପାଠ କରିଥିଲେ। କର୍ମଶାଳାରେ ବିଶେଷଜ୍ଞ ଭାବରେ ଡ.ଭରଦ୍ୱାଜ ନନ୍ଦ, ଡ.ସୁବାସ ଚନ୍ଦ୍ର ମଲ୍ଲିକ, ଡ.ନିରଞ୍ଜନମିଶ୍ର, ଡ.ନବୀନ କୁମାର ଧଳ, ସୟଦ ମହମ୍ମଦ ମୁସ୍ତାକିମ, ବିଶ୍ୱବନ୍ଦିତା କର, ଏସକେ ବିଶ୍ୱାଳ, ନୀହାର ରଞ୍ଜନ ସିଂହ, ଅମ୍ବିକେଶ କୁମାର ମିଶ୍ର, ବିଦ୍ୟାପତି ଷଡ଼ଙ୍ଗୀ ପ୍ରମୁଖଯୋଗ ଦେଇ ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ। ସ୍ଥାନୀୟ ଶିଳ୍ପ ପ୍ରତିଷ୍ଠାନ ଉତ୍କଳ ଆଜବେଷ୍ଟସ ଭ୍ରମଣ ନିମନ୍ତେ ନିଆଯାଇ କର୍ମଶାଳା ସମ୍ପର୍କିତ ତଥ୍ୟ ଉପସ୍ଥାପନା କରାଯାଇଥିଲା। ଏହି କର୍ମଶାଳାରେ ପରିଚାଳନା ଟ୍ରଷ୍ଟି ବିନୋଦ ଦାଶ, ପ୍ରଶାସନିକ ଅଧିକାରୀ ଚନ୍ଦ୍ରକାନ୍ତ ମିଶ୍ର, ଆୟୋଜକ କମିଟିର ସଦସ୍ୟମାନେ ଉପସ୍ଥିତ ରହିଥିଲେ। ଶେଷରେ ପଦାର୍ଥ ବିଜ୍ଞାନ ପ୍ରଧ୍ୟାପିକା ତଥା କର୍ମଶାଳା ସଙ୍ଗଠନ ସଚିବ ଜୟଶ୍ରୀ ସିଂହ ଧନ୍ୟବାଦ ଅର୍ପଣ କରିଥିଲେ।

● ୧୨ରୁ ଶ୍ରୀଲଙ୍କାରେ ଯୁବ ସମ୍ମିଳନୀ

## ପ୍ରତିନିଧିତ୍ୱ କରିବେ ୨ ଭଉଣୀ

ଢେଙ୍କାନାଳ,୧।୧୧(ସମିସ): ଶ୍ରୀଲଙ୍କାର କଲୋମ୍ବୋଠାରେ ନଭେମ୍ବର ୧୨ରୁ ୧୫ ତାରିଖ ପର୍ଯ୍ୟନ୍ତ ଅନୁଷ୍ଠିତ ହେବାକୁ ଥିବା ଅର୍ନ୍ତଜାତୀୟ ଯୁବ ସମ୍ମିଳନୀରେ ଢେଙ୍କାନାଳର ୨ଭଉଣୀ ବିଭାରାଣୀ ପାଟରା ଓ ସନ୍ଧ୍ୟାରାଣୀ ପାଟରା ପ୍ରତିନିଧିତ୍ୱ କରିବେ। ପ୍ରୋଜେକ୍ଟ ପଏଣ୍ଟ, କମନୱେଲଥ ଓ ମାଇଁ ଭାରତ ଯୁବ କ୍ରୀଡ଼ା ମନ୍ତ୍ରାଳୟ ପକ୍ଷରୁ ଭାରତ ସରକାରଙ୍କ ଦ୍ୱାରା





ଏହି ଯୁବ ସମ୍ମିଳନୀ ଆୟୋଜିତ ହେଉଛି। ଢେଙ୍କାନାଳ ଜିଲ୍ଲା ଓଡ଼ାପଡ଼ା ବ୍ଲକ ମେରାମଣ୍ଡଳୀ ଗ୍ରାମର ବ୍ୟବସାୟୀ ବିଷ୍ଣୁପ୍ରସାଦ ପାଟରା ଓ ବିଦ୍ୟୁତପ୍ରଭା ପାଟରାଙ୍କ ଝିଅ ହେଉଛନ୍ତି ବିଭାରାଣୀ ଓ ସନ୍ଧ୍ୟାରାଣୀ। ପୂର୍ବରୁ ବିଭାରାଣୀ ଅନ୍ତର୍ଜାତୀୟ ପର୍ବତରୋହୀ ଭାବରେ ଆଫ୍ରିକା, ୟୁରୋପ, ଋଷିଆ, ବାଂଲାଦେଶ, ଆବୁଧାବିରେ ସଫଳତାର ସହ ପ୍ରତିନିଧତ୍ୱ କରିଛନ୍ତି। ସନ୍ଧ୍ୟାରାଣୀ ବର୍ତ୍ତମାନ ରେଭେନ୍ସା ବିଶ୍ୱବଦ୍ୟାଳୟରେ ସଂସ୍କୃତ ଭାଷାରେ ପିଜି ପାଠ୍ୟକ୍ରମ ଅଧ୍ୟୟନ କରୁଛନ୍ତି। ଦୁଇ ଭଉଣୀ ଯୁବ ସମ୍ମିଳନୀରେ ଅଂଶଗ୍ରହଣ କରିବାକୁ ମନୋନୀତ ହୋଇଥିବାରୁ ବିଭିନ୍ନ ମହଲରୁ ତାଙ୍କୁ ଶୁଭେଚ୍ଛାର ସୁଅ ଛୁଟିଛି।

## ହାତୀଠାରୁ ସୁରକ୍ଷା ସମ୍ପର୍କିତ ସଚେତନତା

ହିନ୍ଦୋଳ,୧।୧୧(ସମିସ): ଢେଙ୍କାନାଳ ଜିଲ୍ଲାର ଓଡ଼ାପଡ଼ା ବ୍ଲକ ଅରବିନ୍ଦ ବିଦ୍ୟା ମନ୍ଦିର ସରକାରୀ ଉଚ୍ଚ ବିଦ୍ୟାଳୟରେ ହାତୀ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ହାତୀ ଆକ୍ରମଣର କାରଣ ଏବଂ ଏହାକୁ କିଭଳି ହ୍ରାସ କରାଯାଇ ପାରିବ ସେ ବିଷୟରେ ଅବଗତ କରାଯାଇଛି। ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ଅନୁସୟା ପରିଡ଼ା, ଶିକ୍ଷକ ରାମଚନ୍ଦ୍ର ନାଥ ଏବଂ ବିଦ୍ୟାଳୟ କାର୍ଯ୍ୟାଳୟ କର୍ମକର୍ତ୍ତା ରଞ୍ଜନ କୁମାର ସାହୁଙ୍କ ତତ୍ତ୍ୱାବଧାନରେ ଛାତ୍ରଛାତ୍ରୀଙ୍କୁ ହାତୀ ଆକ୍ରମଣ ଓ ହାତୀଙ୍କଠାରୁ ମଣିଷ କିଭଳି ସୁରକ୍ଷା ପାଇପାରିବେ ସେ ନେଇ ସଚେତନ କରାଯାଇଥିଲା। ଅରବିନ୍ଦ ବିଦ୍ୟାମନ୍ଦିର ପରିଚାଳନା କମିଟିର ସଦସ୍ୟ, ନିମବାହାଲି ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ସମ୍ପାଦକ ସମାଜସେବୀ ଯଶୋବନ୍ତ ରଣଜିତ ରାୟ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ବେଶାଳିଆ ଗଡ଼ଜାତ ମହୋତ୍ସବ ପର୍ବ ଆରମ୍ଭ



ଢେଙ୍କାନାଳ,୧।୧୧(ସମିସ): ଢେଙ୍କାନାଳ ଜିଲ୍ଲା ଓଡ଼ାପଡ଼ା ବ୍ଲକ ବେଶାଳିଆ ଗ୍ରାମରେ ଆରମ୍ଭ ହୋଇଛି ବେଶାଳିଆ ଗଡ଼ଜାତ ମହୋତ୍ସବ ପର୍ବ। ଢେଙ୍କାନାଳର ପୁରାତନ ଗ୍ରାମ ବେଶାଳିଆ ପୂର୍ବରୁ ବେଶାଳିଆ ଗଡ଼ ଭାବେ ପରିଚିତ ଥିଲା। ଏହି ଐତିହ୍ୟକୁ ମନେ ରଖିବା ଓ ପ୍ରଚାର ପ୍ରସାର ପାଇଁ ପ୍ରଥମଥର ଆରମ୍ଭ ହୋଇଛି ବେଶାଳିଆ ଗଡ଼ଜାତ ମହୋତ୍ସବ ପର୍ବ। ଏହି ମହୋତ୍ସବ ଚଳିତ ବର୍ଷ ଗୋଟିଏ ଦିନ ପାଇଁ ଆୟୋଜନ କରାଯାଇଥିଲେ ମଧ୍ୟ ଏହା ସବୁବର୍ଷ ପାଳନ କରାଯିବ ବୋଲି ଗ୍ରାମବାସୀ ପ୍ରକାଶ କରିଛନ୍ତି। ମହୋତ୍ସବରେ ଗ୍ରାମର ସମସ୍ତ ଦେବଦେବୀ ମନ୍ଦିରରୁ ମଶାଲ ଓ ଆଜ୍ଞାମାଳ ଅଣାଯାଇ ହନୁମାନ ମନ୍ଦିରଠାରେ ପୂଜାର୍ଚ୍ଚନା କରାଯାଇ ମଶାଲ ଶୋଭାଯାତ୍ରା ଆରମ୍ଭ ହୋଇଥିଲା। ଓଡ଼ାପଡ଼ା ବିଡିଓ ଦିଲୀପ କୁମାର ଶତପଥୀ ଶୋଭାଯାତ୍ରାକୁ ଉଦଘାଟନ କରିଥିଲେ। ଏଥିରେ ପାଇକ ଆଖଡ଼ା ଓ କୀର୍ତ୍ତନମଣ୍ଡଳୀ ସାମିଲ ହୋଇ ଗ୍ରାମ ପରିକ୍ରମା କରି ସ୍କୁଲ ପଡ଼ିଆରେ ପହଞ୍ଚିବା ପରେ ମହୋତ୍ସବ ଉଦଘାଟିତ ହୋଇଥିଲା। ମୁଖ୍ୟଅତିଥି ଭାବେ ନାଟ୍ୟକାର ଡ. ଅରୁଣ କୁମାର ନାୟକ, ସମ୍ମାନିତ ଅତିଥି ଭାବେ ନର୍ଭେରାମ ଷ୍ଟିଲର ପରିଚାଳକ ଅନନ୍ତ କୁମାର ମିଶ୍ର, ଇଣ୍ଡିଆନ ପୋଟାସ ଲିମିଟେଡ୍‌ର ପରିଚାଳନା ନିର୍ଦ୍ଦେଶକ ବିକାଶ ଚନ୍ଦ୍ର ଚୌଧୁରୀ, ଗୁଣ୍ଡିଚାପଡ଼ା ସରପଞ୍ଚ ସୁଜାତା ପ୍ରଧାନ, ବନ୍ଦେ ଉତ୍କଳ ଲୋକକଳା ଓ ଲୋକ ସଂସ୍କୃତି ମହାସଂଘ ରାଜ୍ୟ ସଭାପତି ବିଜୟ କୁମାର ମିଶ୍ର, ଜିଲ୍ଲା ସଭାପତି ସୁଧାକର ଦାସ, ସମ୍ପାଦକ ହେମନ୍ତ କୁମାର ପ୍ରଧାନ, ବେଶାଳିଆ ଗ୍ରାମ ସଭାପତି ଶ୍ରୀବତ୍ସ ପଟ୍ଟନାୟକ, ବେଶାଳିଆ ଗଡ଼ଜାତ ମହୋତ୍ସବ କମିଟି ସଭାପତି ପ୍ରଶାନ୍ତ କୁମାର ପ୍ରଧାନ ଓ ସମ୍ପାଦକ ବିଷ୍ଣୁପ୍ରସାଦ ସାମଲ ଉପସ୍ଥିତ ଥିଲେ। ସମ୍ପାଦକ ସାମଲ ବେଶାଳିଆ ଗଡ଼ ବିଷୟରେ ଢେଙ୍କାନାଳ ଇତିହାସରେ ଲିଖିତ ତଥ୍ୟ ସମ୍ପର୍କରେ ଅବଗତ କରାଇଥିଲେ। ଷୋଡ଼ଶ ଶତାବ୍ଦୀରେ ବେଶାଳିଆ ଗଡ଼ରେ ରାଜାମାନେ ଶାସନ କରୁଥିଲେ। ବେଶାଳିଆ ଗଡ଼ର ଶେଷ ରାଜା ଶ୍ରୀଧର ଭଞ୍ଜ ଥିଲେ ବୋଲି ଢେଙ୍କାନାଳ ଇତିହାସରେ ଲିଖିତ ଥିବା ଜଣାଇଥିଲେ। ମହୋତ୍ସବରେ ଜିଲ୍ଲା ଓ ଜିଲ୍ଲା ବାହାରୁ ଆସିଥିବା କଳାକାରମାନେ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ। ଢେଙ୍କାନାଳ ଜିଲ୍ଲାର ୮ ବ୍ଲକରୁ ୧୮ଟି ସାଂସ୍କୃତିକ ଦଳ ଭାଗ ନେଇଥିଲେ। ସେମାନଙ୍କୁ ମାନପତ୍ର ସହ ପ୍ରମାଣପତ୍ର ପ୍ରଦାନ କରାଯାଇଥିଲା।

## ବିଦ୍ୟାଳୟ ସମୂହ ଖୋଖୋ ଓ କବାଡ଼ି ପ୍ରତିଯୋଗିତା ଉଦଘାଟିତ

ଢେଙ୍କାନାଳ,୧।୧୧(ସମିସ):




**୩୮୪ ପ୍ରତିଯୋଗୀଙ୍କ ଅଂଶଗ୍ରହଣ**

ସଦର ବ୍ଲକ୍ ନଡ଼ିଆଲୀ ଗ୍ରାମସ୍ଥିତ ବାଣୀ ସରକାରୀ ଉଚ୍ଚ ବିଦ୍ୟାପୀଠରେ ଦୁଇଦିନିଆ ଜିଲ୍ଲାସ୍ତରୀୟ ବିଦ୍ୟାଳୟ ସମୂହ ଖୋଖୋ ଓ କବାଡ଼ି ପ୍ରତିଯୋଗିତା ଉଦ୍‌ଘାଟିତ ହୋଇଛି। ବିଦ୍ୟାଳୟର ପ୍ରଧାନଶିକ୍ଷକ ପ୍ରମୋଦ କୁମାର ପଣ୍ଡାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦଘାଟନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ଜିଲ୍ଲା ଶିକ୍ଷାଧିକାରୀ ପରେଶ ଚନ୍ଦ୍ର ପାତ୍ର ଯୋଗଦେଇ କ୍ରୀଡ଼ାବିତ୍‌ମାନଙ୍କୁ ଶୃଙ୍ଖଳା, ସୁନ୍ଦର ସ୍ୱାସ୍ଥ୍ୟ ଏବଂ ଜ୍ଞାନ ମାଧ୍ୟମରେ ବିଜୟ ହାସଲ କରିବାର ମନ୍ତ୍ର ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ସୌମ୍ୟାଶ୍ରୀ ପଣ୍ଡା, ମନୋଜ ରଞ୍ଜନ ଦଳେଇ, ଅବସରପ୍ରାପ୍ତ ଜିଲ୍ଲା କ୍ରୀଡ଼ା ଅଧିକାରୀ ପ୍ରଦୀପ୍ତ କୁମାର ମହାନ୍ତି, ବିଦ୍ୟାଳୟର ପ୍ରଥମ ସମ୍ପାଦକ କୈଳାସ ଚନ୍ଦ୍ର ସାହୁ, ପୂର୍ବତନ ଭାରପ୍ରାପ୍ତ ଶାରୀରିକ ଶିକ୍ଷା ଅଧିକାରୀ ପ୍ରକାଶ ଚନ୍ଦ୍ର ବେହେରା, ନଡ଼ିଆଲୀ ସରପଞ୍ଚ ଫିରୋଜ କୁମାର ସାହୁ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ସୁରେଶ ସାହୁ, ଗ୍ରାମ ସଭାପତି ଭଜମନ ବେହେରା ଯୋଗଦେଇଥିଲେ। ଜିଲ୍ଲା ଭାରପ୍ରାପ୍ତ ଶାରୀରିକ ଶିକ୍ଷା ଅଧିକାରୀ ଉମେଶ ଚନ୍ଦ୍ର ସାମଲଙ୍କ ତତ୍ତ୍ୱାବଧାନରେ ସମସ୍ତ କାର୍ଯ୍ୟ ପରିଚାଳିତ ହୋଇଥିଲା। ଜିଲ୍ଲାର ୮ ବ୍ଲକର ୧୪ ଓ ୧୭ ବର୍ଷରୁ କମ୍ ବୟସ୍କ ବାଳକ ଓ ବାଳିକା ବିଭାଗ ଖୋଖୋ ପ୍ରତିଯୋଗିତାରେ ୩୮୪ ପ୍ରତିଯୋଗୀ, ୩୦ଜଣ ଖେଳ ପରିଚାଳକ ଓ ୧୬ଜଣ ଟିମ ମ୍ୟାନେଜର ଯୋଗଦେଇଥିଲେ। ୧୪ ବର୍ଷରୁ କମ ବାଳିକା ବିଭାଗରେ ଓଡ଼ାପଡ଼ା ବ୍ଲକ୍ ଚାମ୍ପିଅନ୍ କାମାକ୍ଷାନଗର ବ୍ଲକ୍ ରନର୍ସଅପ୍ ଓ ୧୭ ବର୍ଷରୁ କମ ବାଳିକା ବିଭାଗର ଓଡ଼ାପଡ଼ା ବ୍ଲକ୍ ଚାମ୍ପିଅନ୍ ଓ ଗଁଦିଆ ବ୍ଲକ୍ ରନର୍ସଅପ୍ ହୋଇଛି। ସେହିପରି ୧୪ ବର୍ଷରୁ କମ୍ ବାଳକ ବିଭାଗରେ ସଦର ବ୍ଲକ୍ ଚାମ୍ପିଅନ୍, ଓଡ଼ାପଡ଼ା ବ୍ଲକ୍ ରନର୍ସଅପ୍ ଓ ୧୭ ବର୍ଷରୁ କମ ବାଳକ ବିଭାଗରେ ଓଡ଼ାପଡ଼ା ବ୍ଲକ ଚାମ୍ପିଅନ୍ ଓ ସଦର ବ୍ଲକ୍ ରନର୍ସଅପ୍ ହୋଇଛି। କାର୍ଯ୍ୟକ୍ରମରେ ଶାରୀରିକ ଶିକ୍ଷା ଶିକ୍ଷକ ବିପିନ୍ ବିହାରୀ ସାହୁ ମଞ୍ଚ ପରିଚାଳନା କରିଥିବାବେଳେ ବିଦ୍ୟାଳୟର ପ୍ରଧାନଶିକ୍ଷକ ପଣ୍ଡା ଧନ୍ୟବାଦ ଦେଇଥିଲେ। ଅଗ୍ନିଶମ ବିଭାଗ, ପୁଲିସ, ସ୍ୱାସ୍ଥ୍ୟ ବିଭାଗ ଅଧିକାରୀ, ଅବସରପ୍ରାପ୍ତ ଶାରୀରିକ ଶିକ୍ଷା ଶିକ୍ଷକ ସନ୍ତୋଷ କୁମାର ପରିଡ଼ା, ନରେଶ କୁମାର ମହାରଣା, ପ୍ରଶାନ୍ତ ଧଳ, ବିଦ୍ୟାଳୟର ପୂର୍ବତନ ଛାତ୍ର, ଶିକ୍ଷକ, ଶିକ୍ଷୟିତ୍ରୀ, ଶିକ୍ଷାକର୍ମୀ ଓ ଗ୍ରାମବାସୀ ସହଯୋଗ କରିଥିଲେ।

## ଝିଅ ପାଇଁ ଗୋଟିଏ କବିତା

ରାଜେନ୍ଦ୍ର କିଶୋର ପଣ୍ଡା

ଯିବାକୁ ହବ ଦୂର ବହୁ ଦୂର ।
କାହାକୁ ମାନ କରିଚୁ ଝିଅ ମୋର, ସୁନାଝିଅ ମୋର?
ତୋ' ରୁଷାଘର ଆଗରେ ତତେ ଅପେକ୍ଷା କରୁଚି ଜୀବନ
ଖୋଲିଦେ କବାଟ, ଆ, ଯିବାକୁ ହବ ଦୂର ବହୁ ଦୂର
ଯା, ମା, ତୁ ପରା ଘର କରିବୁ, ଘର ॥

କଳ୍ପବୃକ୍ଷ ହେଲି ବୋଲି ଭାବି ନେବାଟା ଇ ପ୍ରାୟ
କଳ୍ପବୃକ୍ଷ ହେବା ।
ଭାବିନେବୁ ॥

ଲାଜକୁଳୀ ବୁଦା ପରି ମୁଦି ହୋଇ ସାଂକୁଡ଼ିଯାଇ
କୁଜୀ ହୋଇ ରହିବୁ କାହିଁକି?
ଛୁଆଁ ବାଜିବା ମାତ୍ରକେ ଠିଆ ହେବୁ ସିଧା ହୋଇ, ତରୁ ପରି,
ପଲ୍ଲବିବୁ,
ମେଲିଦେବୁ ଫୁଲମେଢ଼, ଫଳଭାର, ପକ୍ଷୀବସା ଡାଳ ଡାଳ
ପୁଣି କିଛି କଂଟାର ସଂଭାର, ମେଲିଦେବୁ...
ଦେବୁ ଆଉ ଦିଆଇବୁ, ଦେ ପଦ ବୋଲିବୁ ॥

ତୋ' ଆକାଶରେ ଶକୁନ ଉଡ଼ିବେ,
ଶକୁଂତ ରହିବେ ଡେଣା ଫଡ଼କେଇ
ଲହୁଲୁହାଣ ହବୁ କେବେ ତ ମହୁମୁହାଣ ହବୁ ॥

କେତେ ସରାଗରେ ରାଂଧି ତୁ ପରିଷିଥିବା ସୁଆଦିଆ ତିଅଣକୁ
ଥୁ ଥୁ କରିଦେଲେ ପ୍ରିୟଜନଟିଏ,
କୋହ ଚାପି ସ୍ମିତ ଖେଳାଇବୁ
ଅମୃତ ଗିନାକ ତୋର ବିଷ ହବ ନାଇଁ, ଝିଅ,
ଅମୃତ ତ କେବେ ଅଇଁଠା ହୁଏ ନାଇଁ, ଝିଅ!
ଯୋଗ୍ୟତମ ଦେଖି ସମର୍ପିବୁ ।
କାହାଣୀର ବୁଢ଼ୀ ଅସୁରୁଣୀ
ଗୋଟିଏ ଗୋଡ଼କୁ ତା'ର ଚୁଲୀରେ ପୂରାଇ ଜାଳି
ଆରଟି ସେକିଲା ପରି ତୁ ବି ବଂଚିବୁ ॥

ମାଟିକୁ ଫାଟିଯା ବୋଲି କେବେ କହିବୁନି,ମା,
ପୋତି ହୋଇଯିବ ଆକାଶ ॥

ତତଲା ତାୱା ଉପରେ ମାଛଖଂଡ଼େ ଭାଜିହବା ପରି,
ଅଂଧାର ହିଁ କାଂଥ ଯହିଁ ଛାତ ଯହିଁ ଚଟାଣ ଯହିଁ ବିଛଣା ଯହିଁ
ସେଇଠି ଜହ୍ନ ବି କଳା, ସେଇଠାରେ ରାତି ତୋର ପୁହାଇଦବୁ
ଶରତର ଜହ୍ନରାତି ।
ପାହାଂତାରେ ନିଦ ମଳମଳ ଆଖିରେ ବଗିଚାକୁ ଆସି ଦେଖିବୁ
କାରୁପର୍ଣ୍ଣ କୋଣରେ
ଊର୍ଣ୍ଣାଜାଲରେ ବିଂନ୍ଦୁ ବିଂନ୍ଦୁ ଶିଶିର
ପ୍ରତିଟି ବୁଂଦାରେ ଝଲମଲ ସୂର୍ଯବିଂବ....
ଶିରିଶିରି ପବନରେ ଶିହରିଗଲା ଜାଲ ଭାବୁ ଭାବୁ
ନିଘା ପଡ଼ିଯିବ ଶିକାରରତ ରତ୍ନବୁଢ଼ିଆଣୀ ଉପରେ
ମାୟା ଘନଘୋର ଏ ସଂସାର ବଡ଼ ବିଚିତ୍ର, ମା,
ଛଟପଟ ପତଂଗଟି ଭିତରେ ନିଜକୁ ଥାପି ଅନୁଭବ କରି
ଜାଣିବୁ ତୁ ଶିହରି ଉଠୁଚୁ
ଯଂତ୍ରଣାରେ ଯେତିକି
ଉଲ୍ଲାସରେ ତତୋଽଧିକ !!


ଶତେକ ଶରତ ଥିବୁ, ବୁଢ଼ୀ ହବୁ ନାଇଁ ଝିଅ!
ସଂପାକଟା କରିବୁନି, ନିଜକୁ ନୁହେଁ କି ନିୟତିକି ନୁହେଁ,
କେତେ ଝୀନ କେତେ ସୂକ୍ଷ୍ମ ତୋର ଜୀବନ
ଉଡେଇଯିବ କବିତା, ଚହଲିଯିବ ମିଳେଇଯିବ ସ୍ୱପ୍ନ ।
ଦାରୁଣତମ ଦୁଃଖରେ ବି
ମାଟିକୁ ଫାଟିଯା ବୋଲି କେବେ କହିବୁନି, ମା,
ପୋତିହୋଇଯିବ ଆକାଶ ॥

ବରଂ, ଯଦି ପାରୁ, ପଦ୍ମାମୟ ହୋଇଯିବୁ
ନିଜକୁ ଟିକେ ଉଖାରିଦବୁ ।
ଆଂଟୁଡ଼ାରେ ପାତାଳଗଂଗାର ଫୁଆର, ମା,
ଅଂଧାର ଘନେଇ ପାଷାଣ ହୋଇ ବିଦୀର୍ଣ୍ଣ ହୋଇଗଲେ
ସିଂଦୂରା ଆକାଶରେ ପଜେରା ଫାଟିବାର ଦୃଶ୍ୟ ॥

ମାଟିକୁ ଫାଟିଯା ବୋଲି କେବେ କହିବୁନି ଝିଅ,
ବରଂ ତୁ ଦେବକୀ ପରି ନିଜେ ଫାଟିଯିବୁ
ଈଶ୍ୱରଂକ ଜନ୍ମ ପାଇଁ ଦ୍ୱାରା ଖୋଲିଦେବୁ ॥ ■

# ଶିଖର ମାତ୍ରେ ଇ ଆରୋହ୍ୟ...

**ରାଜେନ୍ଦ୍ର କିଶୋର ପଣ୍ଡା । ଓଡ଼ିଆ କବିତାର ଏକ ଉଦାତ୍ତ ଉଚ୍ଚାରଣ । ଶବ୍ଦ ନିର୍ମାଣରେ ଧୂରୀଣ । ଆବେଗର ଐଶ୍ୱର୍ଯ୍ୟରେ ବିତ୍ତବାନ୍ । ଭାବ, ଭାଷା, ଶୈଳୀରେ ଚିର ନୂତନ । ପ୍ରତ୍ୟେକ କବିତା ପ୍ରତ୍ୟେକଠୁ ଭିନ୍ନ, ନିରୁତା କାବ୍ୟଦୃଷ୍ଟି, ତୀବ୍ର ସୂକ୍ଷ୍ମାନୁଭବର ସହଜ ଉନ୍ମୀଳନ । ତାଙ୍କ କବିତା କେବେ ବୋମା ପରି ତ କେବେ କଢ଼ ପରି ଫୁଟିଯାଏ । ସବୁ ବାଦ, ଆଦର୍ଶ ଓ ପକ୍ଷର ବାହାରେ ଛିଡ଼ା ହୋଇଥାନ୍ତି ସେ । କେତେ ଆଲୋକବର୍ଷ ଦୂରରେ ଏଇ ପୃଥିବୀରେ କୋଉଠି ଗୋଟାଏ ମହୋତ୍ସବ ହେଉଥାଏ, ଧିମା ଆଲୁଅ ଦିଶୁଥାଏ ଦିଗନ୍ତ ପାଖ ଦୂର ବିନ୍ଦୁରେ, ଅତି କ୍ଷୀଣଧ୍ୱନିର ଆଭାସ ଶୁଭୁଥାଏ ହୃତ୍‌ପିଣ୍ଡ ଭିତରେ । ଆଜି ହୁଏତ ନୀରବି ଯାଇଛି ରାଜେନ୍ଦ୍ରୀୟ କାବ୍ୟ ସ୍ୱର । କବି ବିଦାୟ ନେଇ ସାରିଛନ୍ତି ଆମ ଗହଣରୁ । ତାଙ୍କର ଦଶାହ ଅବସରରେ ବିନମ୍ର ଶ୍ରଦ୍ଧାଞ୍ଜଳି ଜଣାଇବା ଉଦ୍ଦେଶ୍ୟରେ 'ସକାଳ'ର ସ୍ୱତନ୍ତ୍ର ଉପସ୍ଥାପନା ।**




## ରାଜେନ୍ଦ୍ରୋକ୍ତି



କହିଦିଏ ଆଉ ଥରେ:
ପକ୍ଷ କଥା ଉଠୁଚି ତ
ମୋତେ ରଖ ଅପର ପକ୍ଷରେ
'ବହୁ' ନୁହେଁ 'ଏକ' ବଚନରେ ॥
'ଅପରପକ୍ଷ', (ନିଜ ପାଇଁ ନାନାବାୟା)

ମୁକ୍ତି ନାହିଁ ସ୍ୱପ୍ନ ଆଉ ସ୍ୱପ୍ନଭଂଗରୁ
ମୁକ୍ତି ନାହିଁ ପ୍ରତିଶ୍ରୁତି ଦେବାରୁ ଆଉ ଭାଙ୍ଗିଦେବାରୁ
କୃତଘ୍ନତାରୁ, ବିଶ୍ୱାସଘାତରୁ ।
ବାଲି ମାଟି କଂକରରେ ହିମରେ ଅଶ୍ମରେ
ରକ୍ତ ମାଂସ ଅଛି ମଜ୍ଜା ଶୁକ୍ର ମନ ଚୈତନ୍ୟ ପ୍ରାଣରେ
ଗତି ମୋର ପାଦ-ବେଡ଼ି,
ମୁକ୍ତି ନାହିଁ
ମୁକ୍ତ ନାହିଁ ନାହିଁ ନାହିଁ ନିଜର ସୁଅରୁ ॥
'ଉପନଦୀ ପ୍ରତି ନଦୀ', (ଶୈଳକଳ୍ପ)


ମତେ ଏଇ ବର ଦେରେ ଜୀବନ୍!
ଥରକୁ ଥର ମୁଁ ଯେମିତି ତୋର
ଅଥଳ ଅଥୟ ଡଆଁର ଭିତରେ
ଅତି ଛୋଟ ଏକ ହୁଲିଡଂଗା ପରି
ଏମ୍ତି ଉଲ୍ଲାସରେ ବେଦନାରେ
ନାଚୁଥିବି ଡେଉଁଥିବି ଘୂରୁଥିବି ଛିଟ୍‌କୁଥିବି
ମୋକ୍ଷ ଫୋକ୍ଷ ମୋର ଲୋଡ଼ା ନାହିଁ ॥
'ଜୀବନ ପ୍ରତି', (ଶୈଳକଳ୍ପ)

ସଂବିଧାନରେ
ଅଂଧାର ପାଇଁ କୌଣସି ଧାରା ନାହିଁ
ଖବରକାଗଜରେ
ଅଂଧାର ଆଉ ବ୍ୟବହୃତ ହଉନି
ଛପା କାଳି ଭାବରେ;
ସମ୍ରାଟଂକ ନୂତନ ଅକ୍ଷର
ଅଦୃଶ୍ୟ ଇ
ହବାର କଥା!
- 'ଷଡ଼ଯଂତ୍ର', (ନିଜପାଇଁ ନାନାବାୟା)

ତୁମକୁ ଭେଟିବା ପୁଣ୍ୟ ଏତେ ଅଧିକ ଯେ
ଭୟ ହୁଏ ମୋକ୍ଷ ଯିବି ପାଇ
ଆଉ ଥରେ ପୁନର୍ଜନ୍ମ ଦେବାକୁ ସକ୍ଷମ
ସବୁଠୁ ସାନ ପାପଟି ଦିଅ ଗୋ ବତାଇ ॥
'ସବୁଠୁ ସାନ ପାପଟି', (ଅନ୍ୟା)

ନକ୍ଷତ୍ର ନୁହେଁ କି ନିର୍ବାଣ ନୁହେଁ-
ଗୋଟା ପଣେ ଈଶ୍ୱର ହୋଇଯିବା ହିଁ
ମଣିଷର ତପସ୍ୟାର ଧ୍ରୁବ ଲକ୍ଷ୍ୟ
ଏକମାତ୍ର ଲକ୍ଷ୍ୟ ॥
'ଶଂବୁକର ତପସ୍ୟା', (ନିଜ ପାଇଁ ନାନାବାୟା)

ଅମୃତ ଆଣନା କି ହଳାହଳ ଆଣନା
ପ୍ରିୟତମ,
ମୋହିନୀ ନୁହେଁ ବାରୁଣୀ ପରି ଉଠିଆସ ଏଥର
ମୃଦୁ-ମୃଦୁ ମତ୍ତ କରିରଖ ଚିରକାଳ-
ସୁର ଅସୁର ନର
କବି କରିଦିଅ ସଭିଙ୍କୁ!
'ବାରୁଣୀ ପରି ଉଠିଆସ ଏଥର', (ଅନ୍ୟା)




ଗୋଟିଏ ଗୋଟିଏ ଭୂମି ଆସେ
ଜୀବନରେ,ଯେତେବେଳେ
ପହଞ୍ଚିବାର ଭ୍ରମ ଜାଗେ ଅର୍ଦ୍ଧ
ପଥରେ । ସେଇ ମାୟାଭୂମିରୁ
ଦିଶିଯାଏ ଶିଖର ଆଉ ଦିଶିଯାଏ
ସୁଗଭୀର ତଳ ବିତଳ, ଦ୍ୱିଧା
ବିଭକ୍ତ ହୋଇ ମୁଁ ମାଡ଼ିଯାଏ
ସେତେବେଳେ, ଅଲୌକିକ
ଗୋଟିଏ ପକ୍ଷୀ ଆଉ ପ୍ରଖର
ଗୋଟିଏ ଗିରି ନିର୍ଝର ପରି,
ଉତ୍‌ଥାନ ଓ ପତନ ଉଭୟ ଆଡ଼େ,
ସମାନ ବେଗରେ, ସେଇ ଗତି,
ସେଇ ଦୁର୍ଗତି କିନ୍ତୁ ବସାଇ ଦେଇ
ପାରେନା ମୋତେ ଶିଖରରେ
କି ନିପାତ କରି ଦେଇପାରେନା
କଚାଡ଼ି ଦେଇ ସବାତଳ
ବିନ୍ଦୁରେ । ଫେରିଆସେ ମୁଁ ଉଭୟ
ଆଡୁ । ପୁଣିଥରେ, ବିପରୀତ
ଗତିରେ । ରେ ମାୟାଭୂମି!
'ଶୈଳକଳ୍ପ' ମୋର ନିବେଦିତ
ହେଉ ତୋ'ରି ଉଦ୍ଦେଶ୍ୟରେ ।
ତୁ ଏମିତି ଆସିଯାଉଥା
ବେଳେବେଳେ, ଯାତ୍ରା ପଥରେ ।
-'ଉତ୍ସର୍ଗଲିପି', (ଶୈଳକଳ୍ପ)




ବେଳେବେଳେ, ରହସ୍ୟ ହେଉ କି ପ୍ରେମ ହେଉ କି ବିଦ୍ରୋହ ଭାବ ହେଉ, କବିର ଅବଧାରଣା ଏତେ ପବିତ୍ର ଓ ଏକାନ୍ତ ଭାବରେ ତା'ର ନିଜସ୍ୱ ହୋଇଥାଏ ଯେ ତା'ର ସାର୍ବଜନନୀକରଣ ହୋଇପାରେନା । ବେଳେବେଳେ ପକ୍ଷଭୁକ୍ତ ହେବା ବି କଷ୍ଟକର ହୁଏ । ତୁମେ ଯଦି ପକ୍ଷଭୁକ୍ତ ହେବାର ପ୍ରଶ୍ନ ଉଠାଅ, ମୁଁ ଗୋଟିଏ କବିତାରେ ଲେଖିଛି, "ପକ୍ଷ କଥା ଉଠୁଛି ତ/ ମୋତେ ସାମିଲ୍ କରି ଅପରପକ୍ଷରେ/ ବହୁବଚନରେ ନୁହେଁ/ ପ୍ରଥମ ପୁରୁଷ ଏକବଚନରେ । ଗୋଟିଏ କଥା ସ୍ୱଷ୍ଟ କବିର ସାନ୍ଦ୍ର ଉପଲବ୍ଧିର ନିଷ୍ପାପର ଉଚ୍ଚାରଣ । କିଏ ଜଣେ କହିଥିଲେ, 'ଆମେ ବସ୍ତୁ ସକଳର Passion ପ୍ରତି, କବିତାର ବିଦ୍ରୋହ ଭାବ ପ୍ରତି ଜାଗ୍ରତ ହୋଇ ରହିବା ଉଚିତ୍ ।"

x x x

ମୋର ପ୍ରଥମ କବିତାଟି ଏକ ହାତ ଲେଖା ପତ୍ରିକାରେ ୧୯୫୫-୫୬ରେ ପ୍ରକାଶ ପାଇଥିଲା । କିନ୍ତୁ ଉଚ୍ଚାଙ୍ଗ ପତ୍ରିକାରେ ମୁଦ୍ରିତ ଭାବରେ ମୋ କବିତାର ପ୍ରକାଶନ ୧୯୫୯ ରେ ଆରମ୍ଭ ହୋଇଥିଲା । ଯାହା ମନେ ପଡୁଚି, ମୋର ପ୍ରଥମ କବିତାଟି ଈଶ୍ୱରଙ୍କ ପ୍ରତି ପ୍ରାର୍ଥନାମୂଳକ ଏକ ଅସଫଳ କବିତା ଥିଲା ।xxx ପିଲାଦିନୁ ମା'ଙ୍କର ଭାଗବତ, ମହାଭାରତର ସେଟ୍ ମୁଁ ପଢ଼ିଥିଲି । ଏ ସମସ୍ତ ପ୍ରକ୍ରିୟା ହୁଏତ ମୋ ଚେତନାର ନିର୍ମାଣରେ ସହାୟକ ହୋଇଥିଲା ।

x x x

ଭଲ କବିତାର ସଂଜ୍ଞା ନିରୂପଣ ବା ସ୍ୱରୂପ ବଖାଣ ପାଇଁ ମୁଁ ଅପାରଗ । ମନେ ହୁଏ, ପ୍ରତ୍ୟେକ ଭଲ କବିତା ଗହୀରେଇଦିଏ, ପ୍ରସାରିଦିଏ ବା ଡେଣେଇଦିଏ ଏବଂ ଅନୁଭବକୁ ଉପଲବ୍ଧି ଆଡ଼କୁ ନିଏ ।

ଭାବର ଭିତ୍ତିରେ କବିତା ତା'ର ଅଂଗ ଆଉ ବସ୍ତ୍ର ନେଇ ଆସେ । ଧ୍ୱନି ନେଇ ଆସେ । ବହିର୍ଛନ୍ଦ ଓ ଅନ୍ତର୍ଛନ୍ଦ: ଉଭୟ ମାଧ୍ୟମ ନେଇ ମୁଁ କବିତା ଲେଖିଛି ।

କବିତା ତା'ର ବସ୍ତ୍ର ପିନ୍ଧି ଜନ୍ମନିଏ । ଯେଉଁ କବିତା ଛନ୍ଦରେ ଗୁଞ୍ଜରିତ, ମୁଁ ତାକୁ ସେମିତି ଆସିବାକୁ ଦେଇଛି, କୃତ୍ରିମ ଗଦ୍ୟ ରୂପ ଦେଇନି । ଏପରିକି ସମ୍ପୂର୍ଣ୍ଣ – ଗଦ୍ୟର କବିତା ବି ଲେଖିଛି ।

-ରାଜେନ୍ଦ୍ର କିଶୋର ପଣ୍ଡା (ଅନ୍ୟା,ପୂଜା ବିଶେଷାଙ୍କ)

### ରାଜେନ୍ଦ୍ରଙ୍କ କବିତା ଯୁବପିଢ଼ି ପାଇଁ ପ୍ରେରଣାପ୍ରଦ

ରାଜେନ୍ଦ୍ର କିଶୋର ପଣ୍ଡା ମୋର ଅତି ପ୍ରିୟ କବି । ଗୁରୁ ପ୍ରସାଦ ମହାନ୍ତି, ସଚ୍ଚି ରାଉତରାୟଙ୍କ ପରେ ଓଡ଼ିଆ କବିତାକୁ ଜୀବନ୍ୟାସ ଦେଇଥିବା କବିଙ୍କ ମଧ୍ୟରେ ରମାକାନ୍ତ ରଥ, ସୀତାକାନ୍ତ ମହାପାତ୍ର ଏବଂ ରାଜେନ୍ଦ୍ର କିଶୋର ପଣ୍ଡା ରହିଛନ୍ତି । ଏହି ତ୍ରୟୀ ଓଡ଼ିଆ କବିତାର ଦିଗ ପରିବର୍ତ୍ତନ କରି ଦେଇଛନ୍ତି । ବିଶେଷକରି ରାଜେନ୍ଦ୍ର କିଶୋର ପଣ୍ଡା ନିପଟ ମଫସଲର ଓଡ଼ିଆ ଶବ୍ଦ ତାଙ୍କ କବିତାରେ ବ୍ୟବହାର କରିଥାନ୍ତି, ଯାହାର କୌଣସି ତୁଳନା ନାହିଁ । ତାଙ୍କ ସହ ମୋର ସମ୍ପର୍କ କେବଳ ବ୍ୟକ୍ତିଗତ ନୁହେଁ, ସାହିତ୍ୟିକ ଦୃଷ୍ଟିକୋଣରୁ ମଧ୍ୟ ବେଶ୍ ଭଲ ଥିଲା । ଯେତେବେଳେ ମୁଁ ଆଣ୍ଠୁଗଣ୍ଠି ବାତରୋଗରେ ପୀଡ଼ିତ ହୋଇ ଗୃହବନ୍ଦୀ ହୋଇଥିଲି, ସେଇ ସମୟରେ ତାଙ୍କର ଆକସ୍ମିକ ବିୟୋଗ ହୋଇଥିଲା । ତାଙ୍କ ଲେଖା କେବଳ ଏହି ପିଢ଼ି ପାଇଁ ନୁହେଁ, ଆଗାମୀ ପିଢ଼ିର ଯୁବ ଲେଖକଲେଖିକାମାନଙ୍କ ପାଇଁ ମଧ୍ୟ ଦିଗଦର୍ଶନ ଓ ପ୍ରେରଣାପ୍ରଦ ହେବ । ମୁଁ ତାଙ୍କ ବିୟୋଗରେ ନିରବ ପ୍ରାର୍ଥନା କରୁଛି ।

- ବିଭୂତି ପଟ୍ଟନାୟକ, କଥାଶିଳ୍ପୀ

### କବିତାର ପ୍ରେମିକ: ରାଜେନ୍ଦ୍ର-କିଶୋର

କବିତାର ପ୍ରେମିକ ହେବାକୁ ହେଲେ ଯେ ଚତୁର୍ବର୍ଗର ଊର୍ଦ୍ଧ୍ୱରେ ରହିବାକୁ ପଡ଼େ, ତଥାକଥିତ ପାପ-ପୁଣ୍ୟ, ସତ୍ୟ-ମିଥ୍ୟା, ଜନ୍ମ-ମୃତ୍ୟୁର ଦେହଳୀକୁ ଲଂଘିବାକୁ ପଡ଼େ । ଏକ ଅନବତାରର ଅଧିକାରରେ ଚୌକାଠରେ ଚିରକାଳ ଏକପାଦରେ ଦଣ୍ଡାୟମାନ ରହି 'ଶିଖର ମାତ୍ରେ ଇ ଆରୋହ୍ୟ'ର ମନ୍ତ୍ର ଜପି ଶୈଳକଳ୍ପ ହୋଇଯିବାକୁ ପଡ଼େ ।

କବି ରାଜେନ୍ଦ୍ର କିଶୋର ପଣ୍ଡାଙ୍କ କବିତାର ଅରଣ୍ୟରେ ହଜିବାକୁ ଆରମ୍ଭ କରିବା ଅର୍ଥ ନିଜକୁ ହିଁ ଖୋଜି ପାଇବା । ଆଦିମା, ମଧ୍ୟମା, ଅନ୍ତିମା ଓ ପରମା ଯେଉଁମାନେ ମୋ ଭିତରେ ହିଁ ଲୁଚି ରହିଥିଲେ ସେମାନେ କ୍ରମଶଃ ନିଜକୁ ବ୍ୟକ୍ତ କରୁଥିଲେ । କବିତା ନାରୀରେ ଓ ନାରୀ କବିତାରେ ରୂପାନ୍ତର ହୋଇଯାଉଥିଲେ । ନାରୀ ଓ କବିତାକୁ ଏକାକାର କରି ଜୀବନ-ମରଣ-ରମଣ- ନିର୍ବାଣକୁ ପ୍ରେମରେ ସଜାଉଥିବା କବି ସୃଜନର ମନ୍ତ୍ରପାଠ କରୁଥିଲେ ।

କେଉଁ ଅନୁପମ ଲଗ୍ନରେ ପିତାମାତା କ'ଣ ଭାବି ନାମ ରଖିଥିଲେ ରାଜେନ୍ଦ୍ର-କିଶୋର । ରାଜେନ୍ଦ୍ରର ତୁଙ୍ଗ ସ୍ୱାଭିମାନ, ତପୋନିଷ୍ଠ ଦାୟିତ୍ୱବୋଧ ଓ କିଶୋରର ପାରଦର୍ଶୀ ନିସର୍ଗ ପ୍ରେମପ୍ରବଣତା – ଏ ଦୁଇଟି ଯାକ ପ୍ରବୃତ୍ତି ଗୋଳାଗୋଳି ହୋଇ କବିତାର ପରମ ପ୍ରେମିକ, ଏପରି ଅର୍ଦ୍ଧନାରୀଶ୍ୱର ଶିବମୟ କାବ୍ୟପୁରୁଷଟିଏ ନିର୍ମିତ ହେବାକୁ ଅଛି ବୋଲି ସେମାନେ ଅନୁମାନ କରିଥିଲେ କି??

- ଅପର୍ଣ୍ଣା ମହାନ୍ତି, କବି

### ବିଦାୟ ରାଜେନ୍ଦ୍ର

ରାଜେନ୍ଦ୍ର କିଶୋର ପଣ୍ଡା ଆମ ସମୟର ପ୍ରଖର ଓ ଶକ୍ତିଶାଳୀ କବି । ରାଜେନ୍ଦ୍ର କିଶୋର ତାଙ୍କ ସମଗ୍ର ଜୀବନ କବିତା ପାଇଁ ସମର୍ପିତ କରିଥିବା ବିରଳ ବ୍ୟକ୍ତିତ୍ୱ । ଜୀବନର ଶେଷ ପର୍ଯ୍ୟନ୍ତ ସେ କବିତାକୁ ବ୍ରତ ଓ ମନ୍ତ୍ର ଭାବରେ ବିବେଚନା କରିଆସିଥିଲେ ।

ଅନନ୍ୟ ଭାବସମ୍ପଦ, ଚମତ୍କାର ଉପସ୍ଥାପନା ଶୈଳୀ, ଶବ୍ଦର ଦୀପ୍ତି ଓ ବିଷୟ ବିନ୍ୟାସରେ ଅଳଙ୍କୃତ ତାଙ୍କର କବିତା । ତାଙ୍କ କବିତାରେ କେତେବେଳେ ଗୀତିମୟତା ତ କେତେବେଳେ ଅସାଧାରଣ ଛନ୍ଦୋବଦ୍ଧତା ଦେଖିବାକୁ ମିଳେ । ତୀକ୍ଷ୍ଣ ଉପଲବ୍ଧି, ଅନୁଭବ ଓ ଅନ୍ତର୍ଦୃଷ୍ଟିସଂପନ୍ନ ତାଙ୍କ କବିତା ସବୁ ଆଙ୍ଗିକ ତଥା ଆତ୍ମିକ ଦୃଷ୍ଟିରୁ ତାତ୍ପର୍ଯ୍ୟପୂର୍ଣ୍ଣ । ବହୁବିଧ ପରୀକ୍ଷାନିରୀକ୍ଷାରେ ସମୃଦ୍ଧିତ ତାଙ୍କର କବିତା କେତେବେଳେ କୌଣସି ବାଦ ପାଖରେ ବନ୍ଧା ପଡ଼ିନାହିଁ । ସେ କବିତାକୁ 'ନିଜ ସହିତ, ଅପର ସହିତ, ନିଖିଳ ସହିତ ବା ଈଶ୍ୱରଙ୍କ ସହିତ ଆଳାପନା' ବୋଲି ବିଚାର କରିଥାନ୍ତି । କବିତାକୁ ଅନ୍ତହୀନ ଯାତ୍ରା ଭାବରେ ବରଣ କରି ସେ କୁହନ୍ତି- ପହଞ୍ଚି ଯିବାଟା ମରିଯିବା । କବିତାକୁ ସେ ନିଆରା ଉପଲବ୍ଧିର ଜଗତ ଭାବରେ ଗ୍ରହଣ କରିଥାନ୍ତି । ଆପଣା ଉଚ୍ଚାରଣରେ ମୁକ୍ତ, ସ୍ୱଚ୍ଛନ୍ଦ ଓ ପ୍ରତିବଦ୍ଧ କବି ରାଜେନ୍ଦ୍ର କିଶୋର ତାଙ୍କ ସର୍ଜକ ସତ୍ତା କାହାର ଅନୁଗତ ନୁହେଁ ବୋଲି ଦୃଢ଼ ଘୋଷଣା କରିଥାନ୍ତି ।

ବିଦାୟ ରାଜେନ୍ଦ୍ର । ଓଡ଼ିଆ କବିତାରେ ଆପଣ ରହିବେ ବର୍ଣ୍ଣୋଜ୍ଜ୍ୱଳ ହୋଇ ।

- ସୂର୍ଯ୍ୟ ମିଶ୍ର, କବି

### କବିତାର ରାଜା ଓ ଇନ୍ଦ୍ର : ରାଜେନ୍ଦ୍ର

ଆମ ସମୟର ଅନ୍ୟତମ ଶ୍ରେଷ୍ଠ କବି ରାଜେନ୍ଦ୍ର କିଶୋର ପଣ୍ଡା । ନିଜ କବିତାରେ ମଣିଷକୁ ଆଶ୍ୱସନା ଓ ଆଶ୍ରୟ ଦେବାରେ ଏକ ନୂଆ ଦିଗ ଦେଇଛନ୍ତି ଓଡ଼ିଆ ସାହିତ୍ୟକୁ । ନୂଆ ନୂଆ ଶବ୍ଦ ନିର୍ମାଣ ଏବଂ ଶବ୍ଦ ବସାଣରେ ଧୁରନ୍ଧର କବି କବିତାକୁ ଦେଇଛନ୍ତି ନୂଆ ରୂପ । ତାଙ୍କର ଅକସ୍ମାତ ଏମିତି ବିଦାୟ ନେଇ ଚାଲିଯିବା ସ୍ତବ୍‌ଧ କରିଦେଇଛି ଓଡ଼ିଆ ସାହିତ୍ୟକୁ । ତାଙ୍କ ଅବର୍ତ୍ତମାନରେ ସୃଷ୍ଟି ହେଇଚି ଅପୂରଣୀୟ ଶୂନ୍ୟସ୍ଥାନ । ତେବେ ସେଇ ଶୂନ୍ୟସ୍ଥାନକୁ ପୂରଣ କରିପାରିବ କେବଳ ତାଙ୍କରି ସ୍ୱର ଓ ତାଙ୍କର ଶବ୍ଦ ।

ତାଙ୍କ କବିତାର ଠାଣୀ ସ୍ୱତନ୍ତ୍ର । ଅନନୁକରଣୀୟ । କେତେ ସଂଭ୍ରାନ୍ତ ତାଙ୍କର ଶୈଳୀ । ଗୁରୁଗମ୍ଭୀର ସ୍ୱରରେ ସାଧାରଣ ମଣିଷର ଅସହାୟତା ଓ ସାଧାରଣ ମଣିଷର ସୀମିତତାକୁ ପ୍ରକାଶ କରିପାରନ୍ତି ସେ । ଅସହାୟ ମଣିଷ ପାଇଁ ସାନ୍ତ୍ୱନାର ସ୍ୱରଟିଏ ଶୁଭେ ପୁଣି କେତେବେଳେ ଯୁଦ୍ଧ ପାଇଁ ଉଦାତ୍ତ ଗୁରୁଗମ୍ଭୀର ସ୍ୱର । ନିଜେ କବି ରାଜେନ୍ଦ୍ର ପଣ୍ଡା ମତ ଦିଅନ୍ତି -କବିତା ମାଧ୍ୟମରେ ଯେ ଏକ ବିରାଟ ବିପ୍ଳବ ସଂଘଟିତ ହେଇଯିବ ଏପରି ଦମ୍ଭ ପୋଷଣ ନ କରିବା ହିଁ ଉଚିତ । କିନ୍ତୁ ଏ କଥା ବି ସ୍ୱୀକାର କରନ୍ତି ଯେ, ଏଇ କବିତାର ସୌନ୍ଦର୍ଯ୍ୟ ଟିକକ ହିଁ କବିକୁ ସବୁ ଅପମାନକୁ, ସବୁ ଲାଞ୍ଛନାକୁ ଅତିକ୍ରମ କରିବାକୁ ଶକ୍ତି ଯୋଗାଏ ।

ଜୀବନକୁ ଓ ଜଗତକୁ ଗଭୀର ଭାବରେ ଭଲପାଉଥିବା କବି ଆଜି ସମସ୍ତଙ୍କୁ ଛାଡ଼ି ଦେଇ ଅନ୍ୟ ଏକ ଜଗତରେ । ହୁଏତ ସେଇଠି ସେ କବିତା ଲେଖୁଥିବେ ପ୍ରିୟ ସହକବିମାନଙ୍କ ପାଇଁ ଆଉ କହୁଥିବେ -

"କଲମ ଛାଡ଼ି ବଲମ ଉଠେଇବା କିଆଁ
ବୁନ୍ଦାଏ, କଣାଏ, ଦାନାଏ - ବସୁଧାକୁ ମଣିଷକୁ
କ'ଣ ବା ଦେଇପାରିବେ ନୂଆ ?"

- ପ୍ରୀତିଧାରା ସାମଲ, କବି

### ସ୍ମୃତି ରାଜେନ୍ଦ୍ର

ଭଞ୍ଜକଳା ମଣ୍ଡପରେ 'ଟାଇମପାସ୍'ର ସାହିତ୍ୟ ଉତ୍ସବରେ ପ୍ରଥମ ଥର ତାଙ୍କ ସହ ସାକ୍ଷାତ ଆଜକୁ ସାତ ବର୍ଷ ତଳେ । ପ୍ରଥମ ସାକ୍ଷାତ ଦିନ, ମୋ' କାନ୍ଧରେ ସେ ହାତ ପକେଇ ଠିଆ ହେଇଥିବା ବେଳର ଯେଉଁ ଫଟୋଟି ଉଠେଇଥିଲି, ସେଇଟି ମୋତେ ଖୁବ୍ ପ୍ରିୟ, ଏବଂ ମୋ ଦୃଷ୍ଟିରେ, ବିରଳ । କାରଣ ତାଙ୍କ ପାଖରେ ଠିଆହେବା, ତାଙ୍କ ସହିତ ଫଟୋ ଉଠେଇବା ବା ତାଙ୍କୁ ଭେଟିବାକୁ ଯାଇ ତାଙ୍କ ସହିତ କଥା ହେବା ପାଇଁ ମୁଁ (ମୋରି ଭଳି ଆହୁରି ଅନେକ) ସବୁବେଳେ କୁଣ୍ଠିତ । ଏ କୁଣ୍ଠାର କାରଣ ତାଙ୍କ ପ୍ରତି ଗଭୀର ସମ୍ମାନବୋଧ ଓ ଭଲପାଇବା । 'ବର୍ଣ୍ଣମାଳା' ପାଇଁ 'ଫୁଟ୍‌ପ୍ରିଣ୍ଟସ' ସଂକଳନ ପ୍ରସ୍ତୁତ କରିବା ବେଳେ ତାଙ୍କ ସହ ଦୀର୍ଘ ଆଲୋଚନା ହେଇଚି ଓ ଅନେକ ଥର ଆମର ମତାନ୍ତର ବି ଘଟିଛି । କିନ୍ତୁ ସବୁଥର, ତାଙ୍କ ଉଦାରତା ଓ ସ୍ନେହ ଆଗରେ ମୁଁ ଛୋଟ ହେଇଯାଇଛି ।

'ଇନ୍ଦ୍ରଧନୁ' ସିନେମାର ପର୍ଦ୍ଦାୟନ ବେଳେ ଅସୁସ୍ଥତା ସତ୍ତ୍ୱେ ସେ ଜୟଦେବ ଭବନକୁ ଆସିବା ଓ ଅଢ଼େଇ ଘଣ୍ଟା ଆମ ସହିତ ବିତେଇବା, ମତେ ସବୁବେଳେ ଭାବପ୍ରବଣ କରିବ । ଆହୁରି ବି ଅଧିକ ଭାବପ୍ରବଣ ଓ ଲୁହ ଛଳଛଳ କରିବ ଏ ସ୍ୱୀକାରୋକ୍ତି, ଯେ ତାଙ୍କ ଅସୁସ୍ଥତା ବେଳେ ତାଙ୍କୁ ଥରୁଟିଏ ଦେଖିପାରିଲିନି ମୁଁ । ଏପରିକି, ଶେଷ ଦର୍ଶନରୁ ବି ବଞ୍ଚିତ ହେଲି ମୁଁ ହତଭାଗା । ତାଙ୍କର କିନ୍ତୁ ମୃତ୍ୟୁ ନାହିଁ, ଏକଥା ମୁଁ ଖୁବ୍ ଦମ୍ଭର ସହ କହିପାରେ । ଅନ୍ତତଃ ଓଡ଼ିଆ କବିତାକୁ ଭଲପାଉଥିବା ପ୍ରତିଟି ପାଠକ ପାଇଁ ସେ ଚିର ଜୀବନ୍ତ ହେଇ ରହିବେ ।

- ସୂର୍ଯ୍ୟସ୍ନାତ ତ୍ରିପାଠୀ, କବି



# 'କଳିଙ୍ଗ'ରେ କଳଙ୍କ

## ଷ୍ଟାଡିୟମ ଭିତରେ ଗଦାଗଦା ମଦ ବୋତଲ, ମେଞ୍ଚାମେଞ୍ଚା କଣ୍ଡୋମ୍

ଭୁବନେଶ୍ୱର, ୧।୧୧ (ସମିସ): ନବୀନ ସରକାର ସମୟରେ କଳିଙ୍ଗ ଷ୍ଟାଡିୟମରେ ଉଡୁଥିଲା ବିଭିନ୍ନ ଦେଶର ଜାତୀୟ ପତାକା। ଭିନ୍ନ ସମୟରେ ଜାତୀୟ ଓ ଅନ୍ତର୍ଜାତୀୟ କ୍ରୀଡ଼ା ଆୟୋଜିତ ହେଉଥିଲା। କଳିଙ୍ଗର ଅନ୍ତର୍ଜାତୀୟ ସ୍ତରର ଟ୍ରାକ୍ ଓ ଟର୍ଫ ବିଦେଶୀ କ୍ରୀଡ଼ାବିତ୍‌ମାନଙ୍କୁ ଆକର୍ଷିତ କରୁଥିଲା। ଏହି ଷ୍ଟାଡିୟମକୁ ପ୍ରଶଂସାରେ କ୍ରୀଡ଼ାବିତ୍‌ମାନେ ପୋତି ପକାଉଥିଲେ। ମାତ୍ର ୧୬ ମାସ ମଧ୍ୟରେ ବଦଳିଯାଇଛି କଳିଙ୍ଗ ଷ୍ଟାଡିୟମର ଚିତ୍ର ଓ ଚରିତ୍ର। ଏବେ ଷ୍ଟାଡିୟମ ପରିସରରେ କେଉଁଠି ମଦ ବୋତଲ ଗଦା ହୋଇଥିବା ଦେଖିବାକୁ ମିଳୁଛି ତ ଷ୍ଟାଡିୟମର ବିଭିନ୍ନ ଶୌଚାଳୟ ଓ ପ୍ରସ୍ରାବାଗାରରେ ମେଞ୍ଚାମେଞ୍ଚା ବ୍ୟବହୃତ କଣ୍ଡୋମ ଭର୍ତ୍ତି ହୋଇଥିବା ଦେଖାଯାଉଛି। କଡ଼ା ସୁରକ୍ଷା ବଳୟ ଭେଦକରି ଷ୍ଟାଡିୟମ ପରିସରରେ କିଏ ମଦ୍ୟପାନ କରୁଛି ଓ ଏପରି ଅସାମାଜିକ କାର୍ଯ୍ୟ କରିବାକୁ ସାହସ କରୁଛି, ତାହାକୁ ନେଇ ଏବେ ବିଭିନ୍ନ ମହଲରେ ପ୍ରଶ୍ନ ଉଠିଛି। ଥରେ ଅଧେ ଗୋଟାଏ ବା ଯୋଡ଼ିଏ ନୁହେଁ, ଗଲା ୮ ମାସ ହେବ ଷ୍ଟାଡିୟମର ବିଭିନ୍ନ ଶୌଚାଳୟରୁ ମେଞ୍ଚାମେଞ୍ଚା କଣ୍ଡୋମ ବାହାରିବା ରାଜ୍ୟର ଏହି ଗରିମାମୟ କ୍ରୀଡ଼ା ପ୍ରତିଷ୍ଠାନର ସୁନାମରେ କାଳିମା ବୋଳିଦେଇଛି।

ଦେଶ ବିଦେଶରେ କଳିଙ୍ଗ ଷ୍ଟାଡିୟମର ପ୍ରସିଦ୍ଧି ରହିଛି। ଅନେକ ଅନ୍ତର୍ଜାତୀୟ କ୍ରୀଡ଼ା ପ୍ରତିଯୋଗିତା ଏଠାରେ ଆୟୋଜିତ ହୋଇଛି। ଓଡ଼ିଶାକୁ ଦେଶର କ୍ରୀଡ଼ା କ୍ୟାପିଟାଲରେ ପରିଣତ କରିବାରେ କଳିଙ୍ଗର ଅବଦାନ ଅନେକ। ଏଠାରେ ଥିବା ଉନ୍ନତମାନର ହାଇ ପରଫର୍ମାନ୍ସ ସେଣ୍ଟରରେ ନୀରଜ ଚୋପ୍ରାଙ୍କ ଭଳି ବହୁ ଜାତୀୟ ତଥା ଅନ୍ତର୍ଜାତୀୟ ସ୍ତରରେ ଆଥଲେଟ୍‌ଙ୍କ ସହ ଭାରତୀୟ ପୁରୁଷ ଓ ମହିଳା ହକି ଦଳର କ୍ରୀଡ଼ାବିତ୍‌ମାନେ ମଧ୍ୟ ଏଠାରେ ପ୍ରଶିକ୍ଷଣ ନେଉଛନ୍ତି। ଏହା ସହ ରାଜ୍ୟର ଅନେକ ଛୋଟଛୋଟ ପିଲା କଳିଙ୍ଗ ଷ୍ଟାଡିୟମ ପରିସରରେ ସକାଳ, ବ୍ୟାଡ୍‌ମିଣ୍ଟନ ପ୍ରଶିକ୍ଷଣ ନେଇ ଜାତୀୟ ଓ ଅନ୍ତର୍ଜାତୀୟ ସ୍ତରର ଆଥଲେଟ୍ ହେବାର ସ୍ୱପ୍ନ ଦେଖୁଛନ୍ତି। ଏଠାରେ ଟେନିସ୍, ଆଥଲେଟିକ୍, ଜିମ୍ନାଷ୍ଟିକ୍, ଟେବୁଲ ଟେନିସ, ସୁଟିଂ, ଫୁଟବଲ୍ ଖେଳିବା ପାଇଁ ସୁବିଧା ରହିଛି। ଭୁବନେଶ୍ୱର ତଥା ରାଜ୍ୟର ଅନେକ ସ୍ଥାନରୁ ଅଭିଭାବକମାନେ ସେମାନଙ୍କ ପିଲାଙ୍କୁ ଉନ୍ନତ କ୍ରୀଡ଼ା ତାଲିମ ପାଇଁ କଳିଙ୍ଗ ଷ୍ଟାଡିୟମ୍‌ର ହଷ୍ଟେଲରେ ଛାଡ଼ିଛନ୍ତି। ହେଲେ ଏହି ଷ୍ଟାଡିୟମ ପରିସରରେ ଥିବା ଅଧିକାଂଶ ଶୌଚାଳୟରେ ମାଳମାଳ ବ୍ୟବହୃତ କଣ୍ଡୋମ ବାହାରିବା ପରେ ଏବେ ପିଲାମାନଙ୍କ ପାଇଁ ଅଭିଭାବକଙ୍କ ମନରେ ଚିନ୍ତା ବଢ଼ିଛି।

କଳିଙ୍ଗ ଷ୍ଟାଡିୟମ ସମ୍ପୂର୍ଣ୍ଣ ରୂପେ ରାଜ୍ୟ କ୍ରୀଡ଼ା ଓ ଯୁବ ସେବା ବିଭାଗ ଦ୍ୱାରା ପରିଚାଳିତ ହେଉଛି। ଏହାର ପରିସର ମଧ୍ୟରେ କୌଣସି ବାସଭବନ ନାହିଁ ଓ ଷ୍ଟାଡିୟମକୁ ବାହାର ଲୋକଙ୍କ ଯିବା ଆସିବା ଉପରେ ସମ୍ପୂର୍ଣ୍ଣ କଟକଣା ରହିଛି। ବୈଧ ଅନୁମତିପତ୍ର ବିନା ଏଠାକୁ କେହି ଯାଇପାରିବେ ନାହିଁ। ଷ୍ଟାଡିୟମର ୯ଟି ଫାଟକରେ ସବୁବେଳେ ନିରାପତ୍ତା ରକ୍ଷୀ ମୁତୟନ ହୋଇଛନ୍ତି। ସାଧାରଣ ଲୋକ ଭିତରକୁ ଯିବା ପ୍ରାୟତଃ ନିଷେଧ। ଏହା ସତ୍ତ୍ୱେ ଷ୍ଟାଡିୟମ ଭିତରକୁ ଏତେ ପରିମାଣର ମଦ ବୋତଲ କିପରି ଯାଉଛି ଓ ଏହାକୁ କିଏ ପିଉଛି ତାକୁ ନେଇ ନେଇ ସନ୍ଦେହ ସୃଷ୍ଟି ହୋଇଛି। କଳିଙ୍ଗ ନିର୍ମାଣ ଆରମ୍ଭରୁ ତତ୍କାଳୀନ ସରକାର ଏହାର ସବୁଜିମାକୁ ଗୁରୁତ୍ୱ ଦେଇଛନ୍ତି। ଷ୍ଟାଡିୟମର ସୁରକ୍ଷା ଓ ସୁପରିଚାଳନାକୁ ସୁନିଶ୍ଚିତ କରିବା ପାଇଁ ଏଠାରେ କ୍ରୀଡ଼ା ବିଭାଗର ନିର୍ଦ୍ଦେଶକଙ୍କ ଠାରୁ ଆରମ୍ଭ କରି ସଚିବଙ୍କର କାର୍ଯ୍ୟାଳୟ ମଧ୍ୟ ରହିଛି। ପ୍ରଶିକ୍ଷାର୍ଥୀଙ୍କ ରହଣି ପାଇଁ ଅଲଗା ଅଲଗା ହଷ୍ଟେଲ୍ ନିର୍ମାଣ କରାଯାଇଛି। ଏହା ସତ୍ତ୍ୱେ ଷ୍ଟାଡିୟମ୍ ଭିତରେ ଏପରି ଅବ୍ୟବସ୍ଥାକୁ ବୁଦ୍ଧିଜୀବୀ ମହଲ ସହଜରେ ଗ୍ରହଣ କରିପାରୁନାହାଁନ୍ତି।

କିଛି ମାସ ତଳେ କଳିଙ୍ଗ ଷ୍ଟାଡିୟମ୍‌ର ସିନ୍ଥେଟିକ୍ ଗ୍ରାଉଣ୍ଡରେ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ ଗାଡ଼ି ଚାଲୁଥିବାର ଏକ ଭିଡିଓ ଭାଇରାଲ୍ ହୋଇଥିଲା। ଏହି ଭିଡିଓ ଆସିବା ପରେ ରାଜ୍ୟ ତଥା ଜାତୀୟ ସ୍ତରରେ କ୍ରୀଡ଼ାବିତ୍ ଓ କ୍ରୀଡ଼ା ବିଶେଷଜ୍ଞମାନେ ଏହାକୁ ନାପସନ୍ଦ କରିଥିଲେ। ମେଡ଼ିକାଲ ଇମର୍ଜେନ୍ସି କଥା କହି ସେତେବେଳେ ଏହାକୁ ଚାପି ଦେବାକୁ ଉଦ୍ୟମ ହୋଇଥିଲା। ମାତ୍ର ଏବେ ଷ୍ଟାଡିୟମ ପରିସରରେ ଏପରି ଆପତ୍ତିଜନକ ସାମଗ୍ରୀ ମିଳିବା 'କଳିଙ୍ଗ'ର ସୁନାମରେ କେବଳ କଳଙ୍କ ଲଗାଉନାହିଁ, ଷ୍ଟାଡିୟମ ପରିସରରେ ତାଲିମ ନେଉଥିବା ଛାତ୍ରୀମାନଙ୍କ ସୁରକ୍ଷା ଉପରେ ମଧ୍ୟ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଗତ ୮ ମାସ ହେବ ଏଭଳି ଘଟଣା ବଢ଼ିଚାଲିଥିବା ନଜରକୁ ଆସିଛି। ଖୋଦ୍ ସରକାରଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପରିଚାଳିତ ହେଉଥିବା ଏଭଳି ଏକ ଅନ୍ତର୍ଜାତୀୟସ୍ତରରେ ଷ୍ଟାଡିୟମ୍‌ର ଅଧୋଗତି ରାଜ୍ୟବାସୀଙ୍କୁ ବ୍ୟଥିତ କରିଛି ଓ ଏହି ଖ୍ୟାତିସମ୍ପନ୍ନ କ୍ରୀଡ଼ା ପ୍ରତିଷ୍ଠାନର ଭବିଷ୍ୟତକୁ ନେଇ କ୍ରୀଡ଼ାବିତ୍‌ମାନେ ଆଶଙ୍କା ପ୍ରକଟ କରିଛନ୍ତି।

**ଅସହ୍ୟ ହେଲା ପୁଅର ଅକାଳ ମୃତ୍ୟୁ**

# ଜୀବନ ହାରିଲେ ବୃଦ୍ଧ ଦମ୍ପତି

ବରଗଡ଼, ୧।୧୧(ସମିସ): ଅସହ୍ୟ ହେଲା ପୁଅର ଅକାଳ ମୃତ୍ୟୁ। ତାକୁ ଝୁରିଝୁରି ଶେଷରେ ଜୀବନ ହାରିଲେ ବୃଦ୍ଧ ବାପା-ମା'। ବରଗଡ଼ ଜିଲ୍ଲା ସଦର ଥାନା ଖୁଣ୍ଟପାଲି ପଞ୍ଚାୟତ ଅଧୀନ ଗଞ୍ଜିଆଟିକ୍ରାଠାରେ ଏପରି ଏକ ଦୁଃଖଦ ଘଟଣା ଘଟିଛି। ମୃତ ଦମ୍ପତି ହେଲେ, କିରୋଟି ପ୍ରଧାନ (୭୫) ଓ ତାଙ୍କ ପତ୍ନୀ ଶାନ୍ତି ପ୍ରଧାନ (୭୦)। ଗତକାଲି ସଂଧ୍ୟାରେ ଏହି ବୃଦ୍ଧ ଦମ୍ପତି ଘର ଭିତରେ ରଶି ଲଗାଇ ଆତ୍ମହତ୍ୟା କରିଛନ୍ତି। ଖବର ପାଇ ପୁଲିସ ଶବଦ୍ୱୟକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ତଦନ୍ତ ଆରମ୍ଭ କରିଛି। କେଉଁ କାରଣରୁ ଦମ୍ପତି ଏପରି ଚରମ ପଦକ୍ଷେପ ନେଲେ, ପୁଲିସ କାରଣ ଖୋଜୁଥିବା ବେଳେ ଗତବର୍ଷ ସାନପୁଅର ମୃତ୍ୟୁକୁ ନେଇ ଏପରି କରିଥାଇପାରନ୍ତି ବୋଲି ସମ୍ପର୍କୀୟ ଅନୁମାନ କରୁଛନ୍ତି।

# ବିରିକୋଟ ଜଙ୍ଗଲରେ ଦନ୍ତାହାତୀର ମୃତ୍ୟୁ



ଭଞ୍ଜନଗର, ୧।୧୧(ସମିସ): ଭଞ୍ଜନଗର ଉତ୍ତର ଘୁମୁସର ବନଖଣ୍ଡର ମୁଜାଗଡ ରେଞ୍ଜ ଅନ୍ତର୍ଗତ ବାଇବାଲି ସେକ୍ସନ ବିରିକୋଟ ସଂରକ୍ଷିତ ଜଙ୍ଗଲରେ ଏକ ଦନ୍ତା ହାତୀର ମୃତ୍ୟୁ ଘଟିଛି। ତେବେ ମୃତ୍ୟୁର କାରଣ ଅସ୍ପଷ୍ଟ ରହିଛି। ଏହି ବନଖଣ୍ଡରେ ଶିକାରୀ ମାନେ ଜନ୍ତୁ ଶିକାର ପାଇଁ ବିଦ୍ୟୁତ୍ ତାର ବିଛାଉଥିବାରୁ ଦନ୍ତାହାତୀଟି ତାରରେ ଲାଗି ମୃତ୍ୟୁବରଣ କରି ଥାଇପାରେ ବୋଲି ସନ୍ଦେହ କରାଯାଉଛି। ଡିଏଫଓ ହିମାଂଶୁ ଶେଖର ମହାନ୍ତି, ରେଞ୍ଜର ବିମ୍ବାଧର ସାହୁ ପ୍ରମୁଖ ଘଟଣାସ୍ଥଳକୁ ଯାଇଥିବାବେଳେ ଅପରାହ୍ନରେ ଜେଟିଏଫ୍ ଟିମ ଭୁବନେଶରରୁ ପହଞ୍ଚି ସମସ୍ତଙ୍କ ଉପସ୍ଥିତିରେ ମୃତ ହାତୀଟିର ବ୍ୟବଚ୍ଛେଦ କରିଛି। ହାତୀଟିର ବୟସ ୧୫ ରୁ ୧୬ ବର୍ଷ ମଧ୍ୟରେ ହେବ ବୋଲି ବନବିଭାଗ ପକ୍ଷରୁ କୁହାଯାଇଛି। ଶବ ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ହାତୀ ମୃତ୍ୟୁର କାରଣ ଜଣାପଡ଼ିବ ବୋଲି ଡିଏଫ୍‌ଓ ଶ୍ରୀ ମହାନ୍ତି କହିଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ୧୨ ଶ୍ରଦ୍ଧାଳୁ...

ପ୍ରଦେଶରେ ମନ୍ଦିରକୁ ନେଇ ଏଭଳି ଘଟଣାରେ ୨୪ ଜଣ ଭକ୍ତ ପ୍ରାଣ ହରାଇଲେଣି। ମିଳିଥିବା ସୂଚନା ଅନୁଯାୟୀ ମନ୍ଦିର ସିଡ଼ିରେ ଲୋକଙ୍କ ପ୍ରବଳ ଭିଡ଼ ହୋଇଥିଲା। ଏଥିରେ ଅଧିକାଂଶ ମହିଳା, ଛୋଟପିଲା ଓ ବୟସ୍କ ଲୋକ ରହିଛନ୍ତି। ଏତିକି ବେଳେ ରେଲିଂ ଭାଙ୍ଗିବାରୁ ଲୋକେ ତଳକୁ ପଡ଼ିବାକୁ ଆରମ୍ଭ କରିଥିଲେ। କେତେକ ଲୋକ ୬ ଫୁଟ ଉପରୁ ପଡୁଥିବାରୁ ଦେଖାଯାଇଥିଲା। ମହିଳା ଓ ପିଲାମାନେ ବାହାରକୁ ବାହାରିବା ପାଇଁ ଚିତ୍କାର କରିଥିଲେ। କେତେକ ଲୋକ ନିଜର ଜୀବନ ବଞ୍ଚାଇବାକୁ ଲୋକଙ୍କ ଉପରେ ହିଁ ଚଢ଼ି ବାହାରକୁ ବାହାରି ଯାଇଥିଲେ। ଏହାକୁ ନେଇ ସେଠାରେ ଦଳାଚକଟା ହୋଇଥିଲା। ପ୍ରତି ସପ୍ତାହରେ ପାଖାପାଖି ୧୫୦୦ରୁ ୨୦୦୦ ଶ୍ରଦ୍ଧାଳୁ ଦର୍ଶନ ପାଇଁ ଏହି ମନ୍ଦିରକୁ ଆସିଥାନ୍ତି ବୋଲି ଆନ୍ଧ୍ର ପ୍ରଦେଶ ଗୃହମନ୍ତ୍ରୀ ଅନୀତା କହିଛନ୍ତି। କିନ୍ତୁ ଶନିବାର ଏକାଦଶୀ ହେବା କାରଣରୁ ଶ୍ରଦ୍ଧାଳୁଙ୍କ ସଂଖ୍ୟା ବୃଦ୍ଧି ପାଇଥିଲା। ମନ୍ଦିର ପ୍ରଥମ ମହଲାରେ ସ୍ଥିତ ଓ ସେଠାକୁ ଯିବା ପାଇଁ ୨୦ଟି ସିଡ଼ି ଅଛି। ଶ୍ରଦ୍ଧାଳୁ ଚଢିବା ବେଳେ ଠେଲାପେଲା ହେବା କାରଣରୁ ରେଲିଂ ଭାଙ୍ଗିଥିଲା ଓ ଦଳଚକଟା ହୋଇଥିଲା ବୋଲି ସେ କହିଛନ୍ତି। ଏହି ମନ୍ଦିର ବେସରକାରୀ ସଂସ୍ଥା ଦ୍ୱାରା ପରିଚାଳିତ। ସେମାନେ ଆଜିର କାର୍ଯ୍ୟକ୍ରମ ପାଇଁ ପ୍ରଶାସନ ଠାରୁ ଅନୁମତି ନେଇନଥିଲେ। ତେଣୁ ଏହାର ଯାଞ୍ଚ ପାଇଁ ନିର୍ଦ୍ଦେଶ ଦିଆଯାଇଛି।

ଏହି ଦୁଃଖଦ ଘଟଣାରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓ ଆନ୍ଧ୍ରପ୍ରଦେଶ ମୁଖ୍ୟମନ୍ତ୍ରୀ ଚନ୍ଦ୍ରବାବୁ ନାଇଡୁ, ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଗଭୀର ଶୋକ ପ୍ରକାଶ କରିଛନ୍ତି।

### ଆଖିବୁଜିଲେ ପାତ୍ରପୁର...

ପ୍ରତିନିଧି ମୀନା ଦ୍ୟାନସାମନ୍ତରା ଶୋକପ୍ରକାଶ କରିଛନ୍ତି। ଗାଁରେ ରୂପାଙ୍କ ଶବ ପହଞ୍ଚିଥିବା ବେଳେ ସମ୍ପର୍କୀୟମାନେ ପହଞ୍ଚିବା ପରେ ରବିବାର ତାଙ୍କ ସଂସ୍କାର ହେବ। ପ୍ରକାଶଯୋଗ୍ୟ, ରୂପାଙ୍କ ମା' ପୂର୍ବରୁ ପ୍ରାଣ ହରାଇଥିଲେ। ରୂପାଙ୍କ ମୃତ୍ୟୁ ପରେ ତାଙ୍କ ବାପା ଦିଲେଶ ଏବେ ସଂପୂର୍ଣ୍ଣ ବେସାହାରା ହୋଇପଡ଼ିଛନ୍ତି।

### ଜାଭେଦ ଅଖତରଙ୍କୁ...

ଜାଭେଦ ଅଖତର ଏକାଧାରରେ ଜଣେ ସଂଳାପ ଲେଖକ, ଗୀତିକାର, କବି ଏବଂ ଚିନ୍ତକ। ତାଙ୍କର ଲେଖନୀ ଆଧୁନିକ ଭାରତର ଭାବପ୍ରବଣ ଓ ସାଂସ୍କୃତିକ ଦୃଶ୍ୟପଟ୍ଟକୁ ସମୃଦ୍ଧ କରିଆସିଛି। ଜଣେ ଉଚ୍ଚକୋଟୀର ଗୀତିକାର ଭାବେ ତାଙ୍କର କୃତି ଭାରତୀୟ ସିନେମାକୁ ଆହୁରି ସମୃଦ୍ଧ କରିବାରେ ସହାୟକ ହୋଇଛି। ପାଞ୍ଚଥର ଜାତୀୟ ଚଳଚ୍ଚିତ୍ର ପୁରସ୍କାର ଏବଂ ୧୫ଥର ଫିଲ୍ମଫେୟାର୍ ପୁରସ୍କାରରେ ସମ୍ମାନିତ ଅଖତରଙ୍କୁ ୧୯୯୯ ମସିହାରେ ପଦ୍ମଶ୍ରୀ, ୨୦୦୭ରେ ପଦ୍ମଭୂଷଣ ଓ ୨୦୧୪ରେ ସାହିତ୍ୟ ଅକାଦେମି ସମ୍ମାନରେ ସମ୍ମାନିତ କରାଯାଇଛି। ତାଙ୍କର କବିତା ସଂକଳନ 'ତର୍କଷ' ଓ 'ଲାଭା' ଆଧୁନିକ ହିନ୍ଦୀ ସାହିତ୍ୟରେ ସର୍ବାଦୃତ ପୁସ୍ତକ ଭାବେ ପରିଗଣିତ ହେବା ସହ ବିଭିନ୍ନ ଭାରତୀୟ ଏବଂ ବିଦେଶୀ ଭାଷାରେ ମଧ୍ୟ ଅନୁବାଦ କରାଯାଇଛି। ଉନ୍ନତ ଚିନ୍ତାଧାରାସମ୍ପନ୍ନ ଅଖତର୍ ହାର୍ଭାଡ୍, ଅକ୍ସଫୋର୍ଡ ଏବଂ କେମ୍ବ୍ରିଜ୍ ଭଳି ପୃଥିବୀର ଅଗ୍ରଣୀ ବିଶ୍ୱବିଦ୍ୟାଳୟଗୁଡ଼ିକରେ ଛାତ୍ରଛାତ୍ରୀ ଓ ପ୍ରଫେସରମାନଙ୍କୁ ସମ୍ବୋଧିତ କରିଛନ୍ତି। ଭାରତୀୟ ସିନେମାର ଶବ୍ଦର ଯାଦୁକର ଭାବେ ପରିଚିତ ଜାଭେଦ ଅଖତରଙ୍କ ସାହିତ୍ୟକୃତି ଯୁବପିଢ଼ିଙ୍କୁ ଉତ୍ସାହ ପ୍ରଦାନ କରିଆସିଛି।

ସୋଆ ପରିଚାଳିତ ସେଣ୍ଟର୍ ଫର୍ ପ୍ରିଜରଭେସନ୍, ପ୍ରୋପାଗେସନ୍ ଆଣ୍ଡ ରେଷ୍ଟୋରେସନ୍ ଅଫ୍ ଏନ୍‌ସିଏଣ୍ଟ କଲ୍‌ଚର୍ ଆଣ୍ଡ ହେରିଟେଜ୍ ଅଫ୍ ଇଣ୍ଡିଆ (ପ୍ରାଚୀନ) ପକ୍ଷରୁ ଆସନ୍ତା ନଭେମ୍ବର ୨୯ ଓ ୩୦ ଦୁଇଦିନ ଧରି ଆୟୋଜିତ ହେବାକୁ ଥିବା ଏହି ସାହିତ୍ୟ ଉତ୍ସବର ଚଳିତବର୍ଷର ପ୍ରସଙ୍ଗ ହେଉଛି 'କଲ୍‌ଚର, କ୍ରିଏଟିଭିଟି ଆଣ୍ଡ ଆର୍ଟିଫିସିଆଲ୍ ଇନ୍‌ଟେଲିଜେନ୍ସ' ଅର୍ଥାତ ସଂସ୍କୃତି, ସର୍ଜନଶୀଳତା ଓ କୃତ୍ରିମବୁଦ୍ଧିମତା। ଚଳିତବର୍ଷର ସାହିତ୍ୟ ଉତ୍ସବରେ ଦେଶର କୋଣଅନୁକୋଣରୁ ପ୍ରାୟ ୧୦୦ରୁ ଊର୍ଦ୍ଧ୍ୱ ବିଶିଷ୍ଟ ଲେଖକ, କବି, ଚିତ୍ରକାର, ଔପନ୍ୟାସିକ, ଅନୁବାଦକ, ପ୍ରକାଶକ, ଚିନ୍ତକ, ନାଟକ ଏବଂ ଗଣମାଧ୍ୟମ ଜଗତର ବିଶିଷ୍ଟ ବ୍ୟକ୍ତିବିଶେଷ ଯୋଗ ଦେବାର କାର୍ଯ୍ୟକ୍ରମ ରହିଛି। ଦୁଇଦିନିଆ ଏହି ଉତ୍ସବରେ ୩୦ଟି ବିଭିନ୍ନ ଅଧିବେଶନ ରଖାଯାଇଛି ବୋଲି ପ୍ରଫେସର୍ ପଣ୍ଡା ସୂଚନା ଦେଇଛନ୍ତି।

ଉଲ୍ଲେଖଯୋଗ୍ୟ, ସୋଆ ବିଶ୍ୱବିଦ୍ୟାଳୟ ପକ୍ଷରୁ ପ୍ରତିଷ୍ଠିତ ସୋଆ ସାହିତ୍ୟ ସମ୍ମାନ ଦେଶରେ ସାହିତ୍ୟ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ରଖିଥିବା ବିଶିଷ୍ଟ ବ୍ୟକ୍ତିବିଶେଷଙ୍କୁ ପ୍ରଦାନ କରାଯାଇଥାଏ। ଭାରତୀୟ ସମ୍ବିଧାନ ଅନୁମୋଦିତ ଯେକୌଣସି ଭାରତୀୟ ଭାଷାର ସାହିତ୍ୟିକଙ୍କୁ ଏହି ସମ୍ମାନ ପ୍ରଦାନ କରାଯାଇଥାଏ। ବିଶିଷ୍ଟ ଲେଖକ, କବି ଓ ଚିନ୍ତକ ଯେଉଁମାନଙ୍କର ଏହି କ୍ଷେତ୍ରରେ ଉତ୍କର୍ଷ, ସୃଜନଶୀଳତା ଓ ବୌଦ୍ଧିକ ଗଭୀରତା ରହିଛି, ସେମାନଙ୍କୁ ସମ୍ମାନିତ କରିବା ହିଁ ସୋଆ ସାହିତ୍ୟ ସମ୍ମାନର ଉଦ୍ଦେଶ୍ୟ।

### ନେପାଳ ସୀମାରୁ...

ସହଯୋଗ କରୁଥିଲା। ସେ କେବଳ ଏହି ଜାଲିଆତି ମାମଲାର ମାଷ୍ଟରମାଇଣ୍ଡ ନାଁ ତାଙ୍କ ଉପରେ ବି ଆଉ କିଏ କିଙ୍ଗପିନ୍ ରହିଛି ସେ ନେଇ କ୍ରାଇମ୍‌ବ୍ରାଞ୍ଚ ଖୋଳତାଡ଼ କରିବ। ଅନ୍ୟପକ୍ଷରେ ଏହି ମାମଲାରେ ଏକ ଅନ୍ତଃରାଜ୍ୟ ରାକେଟ୍‌ର ସମ୍ପୃକ୍ତି ରହିଛି ବୋଲି କ୍ରାଇମ୍‌ବ୍ରାଞ୍ଚ ଡିଜି ସୂଚନା ଦେଇଥିଲେ। ତାଙ୍କ ଗିରଫଦାରୀ ଏହି ଅନ୍ତରାଜ୍ୟ ରାକେଟ୍‌ର ପର୍ଦ୍ଦାଫାସ ହୋଇପାରିବ ବୋଲି ଆଶା କରାଯାଉଛି। ସୂଚନାଯୋଗ୍ୟ, ପରୀକ୍ଷା ପରିଚାଳନା ପାଇଁ କେନ୍ଦ୍ରୀୟ ପିଏସ୍‌ୟୁ ସଂସ୍ଥା ଆଇଟିଆଇ ଲିମିଟେଡ୍ ଟେଣ୍ଡର ପାଇଥିବା ବେଳେ ପରିବର୍ତ୍ତୀ ସମୟରେ ପରୀକ୍ଷା ପରିଚାଳନା ପାଇଁ ସିଲିକନ୍ ପ୍ରାଇଭେଟ୍ ଲିମିଟେଡ୍‌କୁ ସବ୍‌କଣ୍ଟ୍ରାକ୍ଟ ଦେଇଥିଲା। ଏହାପରେ ପୁଣି ସିଲିକନ୍ ପକ୍ଷରୁ ପରୀକ୍ଷା ପରିଚାଳନା ପାଇଁ ପଞ୍ଚସଫ୍ଟ କମ୍ପାନୀକୁ ସବ୍-କଣ୍ଟ୍ରାକ୍ଟ ଦେଇଥିଲା। ଏ ସମ୍ପର୍କରେ ଓପିଆର୍‌ବିକୁ ମଧ୍ୟ ଅବଗତ କରାଯାଇ ନଥିଲା। ପରୀକ୍ଷା ପାଇଁ ପ୍ରଶ୍ନପତ୍ର ପ୍ରସ୍ତୁତିଠାରୁ ଆରମ୍ଭ କରି ସମସ୍ତ ଗୋପନୀୟ କାର୍ଯ୍ୟ ପଞ୍ଚସଫ୍ଟ କମ୍ପାନୀର ନିର୍ଦ୍ଦେଶକ ଥିବା ଶଙ୍କର ପୃଷ୍ଟି କରୁଥିଲା ଏବଂ ସେହିଠାରୁ ହିଁ ସେ ପ୍ରଶ୍ନପତ୍ର ଲିକ୍ କରି ପରୀକ୍ଷା ପୂର୍ବରୁ ପିଲାଙ୍କୁ ପ୍ରସ୍ତୁତି କରିବାକୁ ଯୋଜନା କରିଥିବା ଅଭିଯୋଗ ହୋଇଥିଲା। ୧୧୪ଜଣ ପରୀକ୍ଷାର୍ଥୀଙ୍କ ସମେତ ୩ଜଣ ଦଲାଲ୍ ପରୀକ୍ଷା ପୂର୍ବରୁ ପ୍ରଶ୍ନପତ୍ର ପ୍ରସ୍ତୁତି କରିବା ପାଇଁ ବିଶାଖାପାଟଣା ଯାଉଥିବା ବେଳେ ଆନ୍ଧ୍ରପ୍ରଦେଶର ଶ୍ରୀକାକୁଳମ୍‌ଠାରୁ ଗତ ସେପ୍ଟେମ୍ବର ୩୦ ତାରିଖ ବିଳମ୍ବିତ ରାତିରେ ପୁଲିସ୍ ଗିରଫ କରିଥିଲା। ଏହାପରେ ଆଉ ଦୁଇ ଜଣ ଦଲାଲ୍ ବିଶ୍ୱରଞ୍ଜନ ବେହେରା ଓ ଅରବିନ୍ଦକୁ ଗିରଫ କରିବା ପରେ ଗିରଫଦାରୀ ସଂଖ୍ୟା ୧୧୯ରେ ପହଞ୍ଚିଥିଲା। ହେଲେ ଘଟଣାରେ କିଙ୍ଗପିନ୍ କୁହାଯାଉଥିବା ମୁନା ମହାନ୍ତି ଓ ତାର ସହଯୋଗୀଙ୍କୁ ଗିରଫ କରିବାରେ କ୍ରାଇମ୍‌ବ୍ରାଞ୍ଚକୁ ଝାଳନାଳ ହେବାକୁ ପଡ଼ିଥିଲା। ଘଟଣାର ୧୭ଦିନ ପରେ ଯାଇ ମୁନ୍ନା ସମେତ ତାର ସହଯୋଗୀ ଶ୍ରୀକାନ୍ତ ମହାରଣା ଓ ସିକାନ୍ତ ମହାରଣାକୁ ଦଶପଲ୍ଲାର ଏକ ଫାର୍ମହାଉସ୍‌ରୁ ଏବଂ ପିଲା ଯୋଗାଡ଼ କରୁଥିବା ପ୍ରିୟଦର୍ଶିନୀ ସାମଲକୁ ଗିରଫ କରାଯାଇଥିଲା। ଫଳରେ ଘଟଣାରେ ସମ୍ପୃକ୍ତି ଅଭିଯୋଗରେ ମୋଟ୍ ୧୨୩ ଜଣଙ୍କୁ ପୂର୍ବରୁ କ୍ରାଇମ୍‌ବ୍ରାଞ୍ଚ ଗିରଫ କରିଥିଲା।

### ବସ୍‌ରେ ଚାଳକଙ୍କୁ...

କରିଥିଲା। ଏହି ସମୟରେ ବସ୍ ଚାଳକ ଶରତ ନିଜ ଆତ୍ମୀୟଙ୍କ ସହ କଥାବାର୍ତ୍ତା ହେବା ପରେ ଗାଡ଼ି ଚାଳନା କରିବାକୁ ଉଦ୍ୟମ କରୁଥିବା ବେଳେ ତାଙ୍କର ହୃଦ୍‌ଘାତ ହୋଇଥିଲା ଏବଂ ସେ ଗାଡ଼ିର ଷ୍ଟିୟରିଂ ଉପରେ ସଂଜ୍ଞାହୀନ ହୋଇ ଲୋଟି ପଡ଼ିଥିଲେ। ପରେ ବସ୍‌ର ଅନ୍ୟ କର୍ମଚାରୀଙ୍କ ସହ ସ୍ଥାନୀୟ ଲୋକେ ତାଙ୍କୁ ଏକ ଅଟୋ-ରିକ୍ସାରେ ଚିକିତ୍ସା ନିମନ୍ତେ ବୋଲଗଡ଼ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ମାଜିଷ୍ଟ୍ରେଟ୍ ତଥା ତହସିଲ୍‌ଦାର ବିଜୟ କୁମାର ସେଠୀ ଓ ସ୍ଥାନୀୟ ରାଜସ୍ୱ ନିରୀକ୍ଷକ ଦିଲ୍ଲୀପ ରାଉଳ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ପହଞ୍ଚି ବସ୍ କର୍ମଚାରୀଙ୍କ ସହ ସମ୍ପର୍କୀୟମାନଙ୍କୁ ମୃତକ ଓ ଗାଡ଼ି ମାଲିକାନା ସମ୍ପର୍କରେ ବିଶଦ୍ ପଚରାଉଚରା କରି ଫେରିଥିଲେ। ଫାଣ୍ଡି ପୁଲିସ ଏକ ଅପମୃତ୍ୟୁ ମାମଲା ନଂ ୧୨/୨୫ ରୁଜୁ କରି ଶବ ବ୍ୟବଚ୍ଛେଦ ନିମନ୍ତେ ଜିଲ୍ଲା ସ୍ୱାସ୍ଥ୍ୟ କେନ୍ଦ୍ରକୁ ପଠାଇଛି।

### ସେମିକଣ୍ଡକ୍ଟର କ୍ଷେତ୍ରରେ...

ମୁଖ୍ୟମନ୍ତ୍ରୀ କହିଛନ୍ତି। ନିଜ ଅଭିଭାଷଣ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ସେମିକଣ୍ଡକ୍ଟର କ୍ଷେତ୍ରରେ ଓଡ଼ିଶାର ବିକାଶ ଯାତ୍ରା ଆହୁରି ମଜବୁତ୍ ହେଉଛି। ରାଜ୍ୟରେ ଯେଉଁ ସେମିକଣ୍ଡକ୍ଟର ନିର୍ମିତ ହେବ, ତାହା କ୍ଷେପଣାସ୍ତ୍ର, ବୈଦ୍ୟୁତିକ ଗାଡ଼ି, ପ୍ରତିରକ୍ଷା ଉପକରଣ, ରେଳବାଇ ଓ ସୌରଶକ୍ତି ଭଳି ଆଧୁନିକ କ୍ଷେତ୍ରରେ ବ୍ୟବହାର କରାଯିବ। ଆଜି ଭୁବନେଶ୍ୱର ଆଇଆଇଟିରେ ମଧ୍ୟ ସିକସେମ କମ୍ପାନୀ ୬୪ କୋଟି ଟଙ୍କା ବିନିଯୋଗରେ ଏକ ଗବେଷଣା ଓ ନବସୃଜନ କେନ୍ଦ୍ର ସ୍ଥାପନ କରିଛି। କେନ୍ଦ୍ର ରେଳମନ୍ତ୍ରୀ ତାଙ୍କ ସାଂସଦ ପାଣ୍ଠିରୁ ୫ କୋଟି ଟଙ୍କା ବିନିଯୋଗ କରି ଆଇଆଇଟି ଭୁବନେଶ୍ୱରରେ ଏକ 'ନମୋ ସେମିକଣ୍ଡକ୍ଟର ଲାବୋରେଟୋରି' ସ୍ଥାପନ ପାଇଁ ଅନୁମୋଦନ ଦେଇଛନ୍ତି। ଏହା ସ୍ଥାପନ ହେବା ଦ୍ୱାରା ଛାତ୍ରଛାତ୍ରୀ ମାନେ ସେମିକଣ୍ଡକ୍ଟର ସମ୍ପର୍କରେ ଅଧିକ ଗବେଷଣାର ସୁଯୋଗ ପାଇବେ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ। ମୁଖ୍ୟମନ୍ତ୍ରୀ ଆହୁରି ମଧ୍ୟ କହିଥିଲେ ଯେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ନେତୃତ୍ୱରେ ଭାରତ ଚିପ୍ ରୁ ସିପ୍ ପର୍ଯ୍ୟନ୍ତ ସମସ୍ତ ମିଶନରେ ଆଗକୁ ବଢୁଛି। ସେମିକଣ୍ଡକ୍ଟର ଏବଂ ଇଲେକ୍ଟ୍ରୋନିକ୍ସ ଉତ୍ପାଦନରେ ଆତ୍ମନିର୍ଭରଶୀଳତାର ଓଡ଼ିଶା ଏକ ନୂତନ କାହାଣୀ ସୃଷ୍ଟି କରୁଛି। ଆଗାମୀ ଦିନରେ ସେମିକଣ୍ଡକ୍ଟର କ୍ଷେତ୍ରରେ ଦେଶରେ ଓଡ଼ିଶା ଏକ ହବ୍ ଭାବେ ପରିଗଣିତ ହେବ ବୋଲି ମୁଖ୍ୟମନ୍ତ୍ରୀ ଆଶାବ୍ୟକ୍ତ କରିଥିଲେ। କାର୍ଯ୍ୟକ୍ରମରେ ଆଭାସୀ ମାଧ୍ୟମରେ ଯୋଗଦେଇ କେନ୍ଦ୍ର ରେଳ ମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ କହିଥିଲେ ଯେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସ୍ୱପ୍ନ ସାକାର ହେଉଛି, ଓଡ଼ିଶା ପୂର୍ବୋଦୟର ଗେଟ-ୱେ ଭାବେ ବିକଶିତ ହେଉଛି। ଅତ୍ୟାଧୁନିକ ଜ୍ଞାନକୌଶଳ ଦ୍ୱାରା ଶିଳ୍ପ ଏବଂ ଶିକ୍ଷାକୁ ସମନ୍ୱୟ କରି ଆଜି ଆଇ.ଆଇ.ଟି ଭୁବନେଶ୍ୱରରେ 'ନମୋ ସେମିକଣ୍ଡକ୍ଟର ଲାବୋରେଟୋରି' ସ୍ଥାପନ କରାଯିବ। କାର୍ଯ୍ୟକ୍ରମରେ ଇଲେକ୍ଟ୍ରୋନିକ୍ସ ଓ ସୂଚନା ପ୍ରଯୁକ୍ତି ବିଦ୍ୟା ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଆଇଆଇଟି ଭୁବନେଶ୍ୱରର ନିର୍ଦ୍ଦେଶକ ଶ୍ରୀପଦ କର୍ମଲ୍‌କର, ଆର୍କେନ୍ କେମିକାଲ୍ ଇଣ୍ଡଷ୍ଟ୍ରୀଜ୍‌ର ପରିଚାଳନା ନିର୍ଦ୍ଦେଶକ ରଞ୍ଜିତ ପେଣ୍ଡୁର୍ଥୀ, ସିକ୍‌ସେମ୍ ପ୍ରା.ଲିର ପରିଚାଳନା ନିର୍ଦ୍ଦେଶକ ଗୁରୁ ଥାଲ୍ଲାପାନେନୀ ପ୍ରମୁଖ ଉପସ୍ଥିତ ଥିଲେ।

### ରାଜଧାନୀରେ ବି...

ମିଟର ଦୂରରେ ପର୍ଶୁରାମଙ୍କର ମୃତ୍ୟୁ ହୋଇଥିଲା। ବଳରାମ ଗୁଣିଗାରେଡ଼ି କରି ତାଙ୍କ ବାପାଙ୍କୁ ହତ୍ୟା କରିଥିବା ସନ୍ଦେହ କରି କହ୍ନେଇ ପ୍ରତିଶୋଧ ପରାୟଣ ହୋଇଉଠିଥିଲା। ଘଟଣା ବିଷୟରେ ଅନ୍ୟତମ ଅଭିଯୁକ୍ତ ରାମ ସାମଦାକୁ ଜଣାଇବା ସହ ବଳରାମଙ୍କୁ ହତ୍ୟା କରିବାକୁ ଯୋଜନା କରିଥିଲା। ଦୁଇ ବର୍ଷ ପୂର୍ବରୁ ରାମର ବାପା ମଧ୍ୟ ଅଚାନକ ମୃତ୍ୟୁବରଣ କରିଥିବା ବେଳେ ତାଙ୍କ ମୃତ୍ୟୁ ପଛରେ ବଳରାମର ଗୁଣିଗାରେଡ଼ି ଥିବା ରାମ ସନ୍ଦେହ କରିଥିଲା। ଏହାପରେ କହ୍ନେଇ ଓ ରାମ ମିଶି ବଳରାମଙ୍କୁ ହତ୍ୟା କରିବାକୁ ଯୋଜନା କରିଥିଲେ।

ସେପ୍ଟେମ୍ବର ୩୦ ତାରିଖ ରାତିରେ ବଳରାମ ତାଙ୍କ ବିଲକୁ ଯାଇଥିବା ବେଳେ ପୂର୍ବ ଯୋଜନା ମୁତାବକ କହ୍ନେଇ ଓ ରାମ ସେଠାରେ ଲୁଚି ରହିଥିଲେ। ବଳରାମ ମଞ୍ଜା ଉପରକୁ ଯାଉଥିବା ବେଳେ କହ୍ନେଇ ତାଙ୍କୁ ଗୋଇଠା ମାରି ତଳେ ପକାଇ ଦେଇଥିଲା। ରାମ ତାଙ୍କ ଗୋଡ଼ ଦୁଇଟାକୁ ଧରିଥିବା ବେଳେ କହ୍ନେଇ ତାଙ୍କ ତଣ୍ଟିଚିପି ହତ୍ୟା କରିଥିଲା। ଉଭୟ ମିଶି ବଳରାମଙ୍କ ମୃତଦେହକୁ ଜଙ୍ଗଲ ଭିତରକୁ ନେଇ ଗାତ ଖୋଳି ପୋତି ଦେଇଥିଲେ। ବଳରାମ ସାଙ୍ଗରେ ଆଣିଥିବା ଟର୍ଚ୍ଚ, ପାଣି ବୋତଲ ଓ ଠେଙ୍ଗାକୁ ଅଭିଯୁକ୍ତମାନେ ନିକଟସ୍ଥ ଏକ ପୋଖରୀକୁ ଫୋପାଡ଼ି ଦେଇଥିଲେ।

ଗତକାଲି ସକାଳେ ପିତା ଗାଡ଼ିଆ ନିକଟସ୍ଥ ଜଙ୍ଗଲରୁ ନରକଙ୍କାଳ ମିଳିବା ପରେ ତଦନ୍ତ ଆରମ୍ଭ କରିଥିଲା ଚନ୍ଦକା ଥାନା ପୁଲିସ। ନରକଙ୍କାଳକୁ ଜବତ କରି ଏମ୍‌ସକୁ ପଠାଇବା ସହ ଗୋଟିଏ ମାଳି ଓ ଲୁଙ୍ଗି ଜବତ କରିଥିଲା। ମାଳି ଓ ଲୁଙ୍ଗିରୁ ମୃତଦେହଟି ବଳରାମଙ୍କର ବୋଲି ପୁଅ ରାମ ଚରଣ ଚିହ୍ନଟ କରିଥିଲେ। ସେ ଗତ ସେପ୍ଟେମ୍ବର ୩୦ ତାରିଖରୁ ନିଖୋଜ ଥିଲେ ବୋଲି ଜଣାପଡ଼ିଥିଲା। ପୂର୍ବରୁ ମଧ୍ୟ ବଳରାମ ବାରମ୍ବାର ଘରୁ କେଉଁଆଡ଼େ ଚାଲିଯାଆନ୍ତି ଓ ପରବର୍ତ୍ତୀ ସମୟରେ ଫେରି ଆସନ୍ତି। ତେଣୁ ସେ ଥାନାରେ ଅଭିଯୋଗ କରିନଥିଲେ ବୋଲି ରାମଚରଣ କହିଥିଲେ। ମୃତଦେହ ଚିହ୍ନଟ ହେବାପରେ ହତ୍ୟାକାରୀଙ୍କୁ ଖୋଜିଥିଲା ପୁଲିସ। ହ୍ୟୁମାନ ଇଣ୍ଟେଲିଜେନ୍ସରୁ କହ୍ନେଇ ଉପରେ ସନ୍ଦେହ କରି ପୁଲିସ ତାକୁ ଉଠାଇ ନେଇଥିଲା। ତାକୁ ଜେରା କରିବା ପରେ ସେ ଗୋଟି ଗୋଟି କରି ସବୁକଥା ପୁଲିସ ଆଗରେ ବଖାଣିଥିଲା। ତା'ଠାରୁ ପାଇଥିବା ତଥ୍ୟ ଆଧାରରେ ପୁଲିସ ରାମ ସାମଦାକୁ ମଧ୍ୟ ଉଠାଇ ଆଣିଥିଲା।

ଶନିବାର ପୂର୍ବାହ୍ନରେ କହ୍ନେଇକୁ ନେଇ ଘଟଣାସ୍ଥଳକୁ ଯାଇଥିଲା ଚନ୍ଦକା ଥାନା ପୁଲିସ। କିପରି ଓ କେଉଁଠାରେ ହତ୍ୟା କରିଥିଲେ ଏବଂ ମୃତଦେହକୁ କୋଉଠି ପୋତିଥିଲେ ତଦନ୍ତ କରିବା ସହ ଘଟଣାର ସିନ୍ ରିକ୍ରିଏସନ୍ କରିଥିଲା। ଘଟଣାସ୍ଥଳ ନିକଟରେ ଥିବା ଛୋଟ ପୋଖରୀରୁ ଗୋଟିଏ ଜରି ବ୍ୟାଗ, ବଳରାମଙ୍କ ଟର୍ଚ୍ଚ, ହାଣ୍ଡିଆ ଭର୍ତ୍ତି ବୋତଲ ଓ ଠେଙ୍ଗା ଜବତ କରିଥିଲା। ମୃତକ ବଳରାମ ଗୁଣିଗାରେଡ଼ିକୁ ନେଇ ସ୍ଥାନୀୟ ଅଞ୍ଚଳରେ ଜଣାଶୁଣା ଥିବା ଅଧିକ ତଦନ୍ତରୁ ଜଣାପଡ଼ିଥିଲା। ତଦନ୍ତ ପରେ ଦୁଇ ଅଭିଯୁକ୍ତଙ୍କୁ କୋର୍ଟ ଚାଲାଣ କରିଛି ପୁଲିସ। କମ୍ ସମୟ ମଧ୍ୟରେ ନରକଙ୍କାଳରୁ ପରିଚୟ ପାଇବା ଓ ହତ୍ୟାକାଣ୍ଡ ଉପରୁ ପରଦା ହଟାଇଥିବାରୁ ଚନ୍ଦକା ଥାନା ଅଧିକାରିଣୀ ସମିତା ମିଶ୍ର, ସବ୍ ଇନ୍ସପେକ୍ଟର ଆର୍ତ୍ତବଲ୍ଲଭ କର, ବିଜୟ କୁମାର ମାଝୀ, ପ୍ରିତମ ପ୍ରସାଦ ବେହେରାଙ୍କୁ ପ୍ରଶଂସା କରିଛନ୍ତି ପୁଲିସ କମିସନର ଡ. ସୁରେଶ ଦେବଦତ୍ତ ସିଂ।

**PUJA OFFER SALE**
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
**9437015112**

**AFFIDAVIT**
I, KAMAL KUMAR PALEI, aged about 38 years, S/o- Sathi Prasad Palei, Resident of At: Sipai, PO: Badajhada, PS: Krushnaprasad, Dist.: Puri, PIN-752030, Odisha, declared by this Affidavit No.1331/2025, Dated: 31.10.2025. That now onwards I shall be known as **KAMAL PALEI** for all future Purposes.

**Notice**
**(Above 18 years of age)**
By virtue of an affidavit sworn before Executive Magistrate, Kutra, Dtd.01.11/2025, I, MAGDALI EKKA, Address Vill.- Khatkurbahal (Malipada), P.O.- Khatkurbahal, P.S.- Kutra, Dist.- Sundargarh (Odisha), PIN-770018 declare that I have changed my name from MAGDALI TIRKEY to MAGDALI EKKA. Henceforth I shall be known as MAGDALI EKKA for all purposes.
**Sd/- MAGDALI EKKA**

**SALE**
1 Number of TRACTOR - SWARAJ 735 FE TRACTOR, Registration No.- OD-22-U-9417 Model- 2022, ENGINE NO - CJ1354NF004743, CHASSIS NO - MBNAJ48AFNTF15516, For Details, contact - 8895995989, 9437355692, Second floor, Plot No-353/2585, Building No-723/1793,At- Bypass Chhaka, Above Punjab National Bank, Po-Salandi Bypass,Via-Kuansa, BHADRAK-756100, PH. NO- 06784-250703

**AFFIDAVIT**
By virtue of an affidavit sworn before Executive Magistrate, Baripada, Mayurbhanj, I, Rajib Lochan Ratha, S/o- Niranjan Ratha, resident of Po/Ps- Bhanjpur, Baripada, Mayurbhanj, Pin-757002, Odisha declare by this affidavit No. 1373 dtd- 31/10/25 that I will be known and signed as Rajib Lochan Ratha for all purposes instead of Rajib Lachan Ratha, that reflects in my Matric Certificate.

**AFFIDAVIT**
By virtue of an affidavit sworn before Notary Public, Bhubaneswar, Affidavit on dated 29-10-2025 I, **SULOCHANA JENA,** permanent resident of Vill. At.- Baradia, Po- Nurtanga, PS- Mahanga, Dist- Cuttack, State- Odisha, Pin- 754204, declare that I have changed my daughter's name from **NAMITA JENA** (Old name) to **RASHMITA JENA** (New name), Henceforth, she shall be known as **RASHMITA JENA** for all future purposes.
Sd-**(SULOCHANA JENA)**

**AFFIDAVIT**
I, AJMER KHAN, aged about 46 years, S/o- SAIDU KHAN, Resident of At: Balisahi, PO: Balikuda, Dist.: Jagatsinghpur, PIN-754108, Odisha,declared by this Affidavit No.1330/ 2025, Dated: 31.10.2025. That now onwards I shall be known as **AJMEER KHAN** for all future Purposes.

**AFFIDAVIT**
By virtue of an affidavit sworn before the Executive Magistrate, Berhampur on dtd.30.10.2025, I, Tapas Ranjan Sahoo, S/o- Pramod Kumar Sahoo, At- Chakamadhupur, P.O.- Madhupur, P.S.-Mahanga, Dist.- Cuttack do hereby declare that my father's correct name is Pramod Kumar Sahoo but in my H.S.C. Certificate it wrongly mentioned as Pramoda Kumar Sahoo. That both the names are one and same person.
**Sd/- Tapas Ranjan Sahoo**

**AFFIDAVIT**
By virtue of an affidavit sworn before Executive Magistrate, Kutra, dated. 29.10.2025, I, Lili Toppo, W/o - Late Alexander Toppo, permanent resident of Vill.-Kukuda, P.O.- Kukuda, P.S.- Rajgangpur, Dist.- Sundargarh (Odisha), PIN-770023 declare that I have changed my son's name from AMARDEEP TOPPO to AMARJEET TOPPO. Henceforth, he shall be known as AMARJEET TOPPO for all purposes.
**Sd/- LILI TOPPO**

**AFFIDAVIT**
By virtue of an affidavit sworn before the Executive Magistrate, Nandapur, vide no.95 dated 29.10.2025 I, Asha Pangi, D/o- Sabana Pangi, W/o- Budra Khilo resident of Vill.- Totaguda, Po.- Hatibari, Ps.- Padwa, Dist.- Koraput, Pin- 764038, Odisha state that, I have changed my name from **Asha Pangi** to **Asha Khilo**. Henceforth I shall be known as **Asha Khilo** for all future purposes.

**AFFIDAVIT**
By virtue of an affidavit Sl. No.- 1291/2025, dtd. 31.10.2025 before the Notary Public, Tentuli Khunti, Dist.- Nabarangpur, I, Bapuni Subudhi, At/Po/Ps.- Khatiguda, Dist.- Nabarangpur have changed my minor daughter's name from Ausharani Subudhi to Aisha Subudhi. Henceforth she will be known as **Aisha Subudhi** for all purposes.
**Sd/- Bapuni Subudhi**

**AFFIDAVIT**
By virtue of an affidavit Sl. No.- 1087, dtd. 22.10.2025 in the court of the Executive Magistrate, Nabarangpur, I, Jasoda Gouda, At- Goudakostiguda, Po- Manchagaon, Dist.- Nabarangpur have changed my name from Yashoda Gauda to Jasoda Gouda. Henceforth I shall be known as Jasoda Gouda for all purposes.
**Sd/- Jasoda Gouda**

**AFFIDAVIT**
By virtue of an affidavit No- 6008 sworn before the Executive Magistrate, Champua on dtd- 31/10/2025, I **Anil Kumar Mahanta**, S/o- Karttika Mahanta, resident of At/Po- Raikala, Ps- Ghagarbeda, Dist- Mayurbhanj, Pin-757035. I am the deponent, I have changed my minor daughter's name from **Khusi Mohanta** (old name) to **Khusirani Mahanta** (new name). Henceforth both name **Khusi Mohanta** and **Khusirani Mahanta** is one & same person she will be known as **Khusirani Mahanta** for all future purposes.
**Anil Kumar Mahanta**

**AFFIDAVIT**
I, Sakyasingha Satapathy, S/o- Sarat Chandra Satapathy, resident of Nabinabag, Sarat Nivas, Lane-2, Near Swapneswar Temple, Dist- Khurda PIN- 752055, Odisha declared by this affidavit No-895, dtd- 01/11/2025 that now onwards I shall be known as **SAKYA SINGH SATAPATHY** for all future purposes.

**AFFIDAVIT**
I, Venkatasatyanarayana, S/o- Late Sanyasi Reddi, resident of Qtr No-C-141, Phase-1, Nalco Nagar, Maitri Vihar, Rail Vihar Road, PO- S.E Rly. Proj. Complex, Chandrasekharpur, Bhubaneswar, Dist- Khordha, Odisha-751023, declare by this affidavit No- 299, dtd 01.11.2025 that now onwards I shall be known as **Venkata Satyanarayana Reddi** for all future purposes.

### ବିଶେଷ ସୂଚନା

ଏତଦ୍ୱାରା ହୀରାକୁଦ ସେଚାଞ୍ଚଳ ଅଧିନସ୍ଥ ସମସ୍ତ ଚାଷୀ ଭାଇ ଓ ଭଉଣୀ ମାନଙ୍କ ଅବଗତି ନିମନ୍ତେ ଜଣାଇଦିଆଯାଉଅଛି ଯେ, ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟ ଓ ଚଳିତ ଖରିଫ ଧାନ ଅମଳ ପାଇଁ ଆସନ୍ତା ତା.୦୭-ନଭେମ୍ବର-୨୦୨୫ରିଖରେ ସମସ୍ତ କେନାଲକୁ ଜଳଯୋଗାଣ ବନ୍ଦ କରାଯିବ ଏବଂ ବିଭିନ୍ନ କାର୍ଯ୍ୟକୁ ତ୍ୱରାନ୍ୱିତ କରାଯିବା ନିମନ୍ତେ ଚଳିତ ଋତୁରେ ବରଗଡ ମୁଖ୍ୟ କେନାଲ ନଭେମ୍ବର-୦୮ ଠାରୁ ଡିସେମ୍ବର-୩୧ ପର୍ଯ୍ୟନ୍ତ ବନ୍ଦ ରହିବା ନିମନ୍ତେ ସ୍ଥିର କରାଯାଇଅଛି । ଏଣୁ ବରଗଡ ମୁଖ୍ୟ କେନାଲ ସେଚାଞ୍ଚଳ ଅଧିନସ୍ଥ ସମସ୍ତ ଚାଷୀ ଭାଇଭଉଣୀ ମାନଙ୍କୁ କେନାଲ ବନ୍ଦ ର ଅବଧିକୁ ଦୃଷ୍ଟିରେ ରଖି ଚଳିତ ଖରିଫ ଓ ଆସନ୍ତା ରବି ଚାଷ ନିମନ୍ତେ ବିହିତ ଯୋଜନା ପ୍ରସ୍ତୁତ କରିବା ପାଇଁ ଅନୁରୋଧ କରାଗଲା ।

ନିବେଦକ
ଅଧିକ୍ଷଣ ଯନ୍ତ୍ରୀ
ବରଗଡ ଜଳସେଚନ ବିଭାଜନ,
ବରଗଡ

### ଅଭିଯୁକ୍ତ ବ୍ୟକ୍ତିଙ୍କ ଉପସ୍ଥିତି ଆବଶ୍ୟକତା ସମ୍ପର୍କିତ ଘୋଷଣା

ଦଣ୍ଡ ପ୍ରକ୍ରିୟା ସଂହିତା ଧାରା ୮୨ ଅନୁସାରେ

ଯେଉଁଥିରେ ମୋ ପାଖରେ ଏହା ଅଭିଯୋଗ ଅଣାଯାଇଛି ଯେ, ଅଭିଯୁକ୍ତ ଅଜୟ କୁମାର ଯାଦବ, ପିତା- ରାମ ନାରାୟଣ ଯାଦବ, ଘର ନମ୍ବର ୧୩୩, ଗଳି ନମ୍ବର-୧୩, ତୁରିଆ ମହଲ୍ଲା, ତୁଗଲକାବାଦ, ଜୟପୁର, ନୂଆଦିଲ୍ଲୀ, ତାଙ୍କ ଉପରେ FIR ନମ୍ବର ୪୨୯/୨୦୨୦, ଧାରା ୩୮୧ IPC, ଥାନା- ନେବ ସରାଇ, ଦକ୍ଷିଣ ଜିଲ୍ଲା, ନୂଆଦିଲ୍ଲୀ ଅନୁସାରେ ଅପରାଧ କରିବା କିମ୍ବା ଅପରାଧର ସନ୍ଦେହ ରହିଛି ।

ଏହା ଦେଖାଯାଇଛି ଯେ ତାଙ୍କ ଗିରଫ ପାଇଁ ୱାରେଣ୍ଟ ଜାରି ହୋଇଛି କିନ୍ତୁ ଅଜୟ କୁମାର ଯାଦବ ମିଳୁନାହାନ୍ତି, ଏବଂ ଏହା ମୋ ସନ୍ତୁଷ୍ଟି ପାଇଁ ପ୍ରମାଣ ହୋଇଛି ଯେ ସେ ପଳାଇ ଯାଇଛନ୍ତି (କିମ୍ବା ନିଜକୁ ଲୁଚାଇ ରଖିଛନ୍ତି) ଯାହା ଦ୍ୱାରା ଗିରଫ ୱାରେଣ୍ଟ ର ସେବା ଠାରୁ ବଞ୍ଚି ଯାଇପାରିବେ ।

ଏହି ଘୋଷଣା ଦ୍ୱାରା ସୁଚିତ କରାଯାଉଛି ଯେ ଅଜୟ କୁମାର ଯାଦବ, ଉକ୍ତ FIR ନମ୍ବର ୪୨୯/୨୦୨୦, ଧାରା ୩୮୧ IPC, ଥାନା ନେବ ସରାଇ, ଦକ୍ଷିଣ ଜିଲ୍ଲା, ନୂଆଦିଲ୍ଲୀ ରେ ଅଭିଯୁକ୍ତ, ସେ ୦୬.୧୨.୨୦୨୫ ରେ କିମ୍ବା ତା' ପୂର୍ବରୁ ଏହି ଅଦାଲତ ସମ୍ମୁଖରେ ଉପସ୍ଥିତ ହୋଇ ଅଭିଯୋଗର ଉତ୍ତର ଦେବେ ।

ଆଦେଶାନୁସାରେ
ମିସ୍ ନିଧି ସିଂ
ନ୍ୟାୟିକ ମ୍ୟାଜିଷ୍ଟ୍ରେଟ୍ ପ୍ରଥମ ଶ୍ରେଣୀ-୦୩,
ଦକ୍ଷିଣ ଜିଲ୍ଲା, କକ୍ଷ ନମ୍ବର ୨୧୨,
ସାକେତ ଅଦାଲତ, ନୂଆଦିଲ୍ଲୀ

DP/14542/SD/2025
(Court Matter)

# ରାଣୀଗୋଡ଼ାରେ ମାଗଣା ସ୍ୱାସ୍ଥ୍ୟ ଶିବିର



**ଅନୁଗୋଳ,୧।୧୧(ସମିସ):** ସହର ଉପକଣ୍ଠ ରାଣୀଗୋଡ଼ା ବଗାଧର ପୀଠ ପରିସରରେ ଥିବା ବରିଷ୍ଠ ନାଗରିକ ମଞ୍ଚ ସଭାଗୃହରେ ରାଣୀଗୋଡ଼ା ବରିଷ୍ଠ ନାଗରିକ ମଞ୍ଚ ଏବଂ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ମିଳିତ ସହଯୋଗରେ ମାଗଣା ସ୍ୱାସ୍ଥ୍ୟ ଶିବିର ଅନୁଷ୍ଠିତ ହୋଇଛି। ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ମଦନମୋହନ ପ୍ରଧାନ ମୁଖ୍ୟଅତିଥି ଭାବେ ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ବରିଷ୍ଠ ନାଗରିକ ମଞ୍ଚ ସଭାପତି ରାଜକିଶୋର ଦାସଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ସମ୍ମାନିତ ଅତିଥି ଭାବେ ସମାଜସେବୀ ପ୍ରଦୀପ କୁମାର ସାହୁ ଉପସ୍ଥିତ ଥିଲେ। ମଞ୍ଚ ସମ୍ପାଦକ ପୂର୍ଣ୍ଣଚନ୍ଦ୍ର ସିଂହ ସାମନ୍ତ କାର୍ଯ୍ୟକ୍ରମ ସଂଯୋଜନା କରିଥିବା ବେଳେ ଉପସଭାପତି ରମେଶ ଚନ୍ଦ୍ର ସାହୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ସହଯୋଗ ପାଇଁ କୃତଜ୍ଞତା ଜ୍ଞାପନ କରିଥିଲେ।

ଡା. ଶଶିକାନ୍ତ ଚୌଧୁରୀ, ନୀଳମାଧବ ପ୍ରଧାନ, କଳ୍ପନା ଜେନା, ଟେକ୍ନିସିଆନ ମନୋରଞ୍ଜନ ପଣ୍ଡା, ଫାର୍ମାସିଷ୍ଟ ଗୋପାଳକୃଷ୍ଣ ରାଉତ, ସ୍ୱାସ୍ଥ୍ୟକର୍ମୀ ମାନସ ରଞ୍ଜନ ପ୍ରଧାନ, ମହିଳା ସ୍ୱାସ୍ଥ୍ୟକର୍ମୀ ବାସନ୍ତୀ ସାହୁ, ଆଶାକର୍ମୀ ଦମୟନ୍ତୀ ଦେହୁରୀ ଉପସ୍ଥିତ ଥିଲେ। ଶିବିରରେ ୧୨୧ ଜଣ ବରିଷ୍ଠ ନାଗରିକ ଅଂଶଗ୍ରହଣ କରି ଚିକିତ୍ସିତ ହେବା ସହ ଆବଶ୍ୟକ ଔଷଧ ନେଇଥିଲେ। ଜିଲ୍ଲା ସ୍ୱାସ୍ଥ୍ୟ ପରିଦର୍ଶକ ସୁଧୀର କୁମାର ବେହେରା ସହଯୋଗ କରିଥିବା ବେଳେ ବରିଷ୍ଠ ନାଗରିକ ମଞ୍ଚ ସଦସ୍ୟ ଗୋବିନ୍ଦ ଚନ୍ଦ୍ର ସାମନ୍ତ, ହୃଷୀକେଶ ସାହୁ, କିଶୋର ଚନ୍ଦ୍ର ସାହୁ, ନିମାଇଁ ଚରଣ ସାହୁ, ବାବାଜୀ ସାସମଲ, ଯୁଗ୍ମ ସମ୍ପାଦକ ଅରୁଣ କୁମାର ଦାସ, କୋଷାଧ୍ୟକ୍ଷ ଦାମୋଦର ଦାସ, ସଂଗଠନ ସମ୍ପାଦକ ତ୍ରେତାନନ୍ଦ ସାମନ୍ତ, ସମୀକ୍ଷକ ଧ୍ରୁବଚରଣ ସାହୁ, ସଦସ୍ୟ ଗନ୍ଧର୍ବ ବେହେରା, ଗୋକୁଳ ଚନ୍ଦ୍ର ସାମନ୍ତ ପ୍ରମୁଖ ଓ ଗ୍ରାମବାସୀଙ୍କ ତରଫରୁ ବୀରେନ ଦାସ, ଆଭାସ ଦାସ, ଜ୍ଞାନୀ ମହାପାତ୍ର ପ୍ରମୁଖ ସହଯୋଗ କରିଥିଲେ।

# ହାଣ୍ଡିଧୂଆ ଅଣ୍ଡରପାସ୍ ରାସ୍ତା ଶୋଚନୀୟ

## ● ମରାମତି କରିବାକୁ ଦାବିପତ୍ର

**ତାଳଚେର,୧।୧୧(ସମିସ):** ତାଳଚେର ପୌରାଞ୍ଚଳ ହାଣ୍ଡିଧୂଆ ରେଲୱେ ଅଣ୍ଡରପାସ୍ ରାସ୍ତା ଅବସ୍ଥା ଅତ୍ୟନ୍ତ ଶୋଚନୀୟ ହୋଇପଡ଼ିଛି। ଏହାର ମରାମତି କରିବା ପାଇଁ ସମାଜସେବୀ ସୁଲେଖ ସେଠୀ ଉପଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି। ଦାବିପତ୍ରରେ ଉଲ୍ଲେଖ କରାଯାଇଛି ଯେ ଏହି ରାସ୍ତା ଦେଇ ଦୈନନ୍ଦିନ ଶହ ଶହ ପଥଚାରୀ ଯାତାୟାତ କରନ୍ତି। ରାସ୍ତା ଖାଲଖମାରେ ପରିଣତ ହୋଇଥିବାରୁ ବର୍ଷ ସାରା ଏଠାରେ ପାଣି ଜମି ରହୁଛି। ଫଳରେ ଯାତାୟାତ ଘୋର ବାଧାପ୍ରାପ୍ତ ହେଉଛି। ପ୍ରତ୍ୟେକ ଦିନ ଛୋଟ ବଡ଼ ଦୁର୍ଘଟଣା ଘଟୁଛି। ଏହି ସମସ୍ୟା ଦୀର୍ଘଦିନ ଧରି ଲାଗି ରହିଛି। ସମସ୍ୟା ସମାଧାନ ପାଇଁ ବାରମ୍ବାର ଦାବି ହୋଇଆସୁଥିଲେ ମଧ୍ୟ ରେଲୱେ କର୍ତ୍ତୃପକ୍ଷ କିମ୍ବା ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେଉନାହାନ୍ତି। ଯଥାଶୀଘ୍ର ସମସ୍ୟା ସମାଧାନ କରା ନ ଗଲେ ଆଗାମୀ ଦିନରେ ଆନ୍ଦୋଳନାତ୍ମକ ପନ୍ଥା ଅବଲମ୍ବନ କରାଯିବ ବୋଲି ଦାବିପତ୍ରରେ ଉଲ୍ଲେଖ କରାଯାଇଛି।



# ଓପି ଜିନ୍ଦଲ ସ୍କୁଲରେ ସାଇବର ସୁରକ୍ଷା ସଚେତନତା



**ଅନୁଗୋଳ,୧।୧୧(ସମିସ):** ଓଡ଼ିଶା ସରକାର ଓ ଓଡ଼ିଶା ପୁଲିସ ମିଳିତ ଆନୁକୂଲ୍ୟରେ ଅନୁଗୋଳର ଓପି ଜିନ୍ଦଲ ସ୍କୁଲରେ ସାଇବର ସୁରକ୍ଷା ଉପରେ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ବିଦ୍ୟାଳୟ ଅଧ୍ୟକ୍ଷ ଡ. ଅଶ୍ୱିନୀ କୁମାର ସାହୁ, ଅତିରିକ୍ତ ଏସ୍‌ପି ଉପାସନା ପାଢ଼ୀ, ଡିଏସ୍‌ପି (ଡିଆଇବି) ଜିଜ୍ଞାସା ବେହେରା ଏବଂ ଅନୁଗୋଳ ନିଶା ଥାନାର ଅଧିକାରୀ ଓ କର୍ମଚାରୀ ଅତିଥି ଭାବେ ଯୋଗଦେଇଥିଲେ। ଛାତ୍ରଛାତ୍ରୀଙ୍କୁ ମୁଖ୍ୟମନ୍ତ୍ରୀଙ୍କ ଭିଡିଓ ବାର୍ତ୍ତା ପ୍ରଦର୍ଶନ କରାଯାଇଥିଲା। ପରେ ଅତିଥିମାନେ ଛାତ୍ରଛାତ୍ରୀଙ୍କୁ ଡିଜିଟାଲ ସୁରକ୍ଷାର ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ଦିଗ ଉପରେ ସଚେତନ କରିଥିଲେ। ଡ. ଅଶ୍ୱିନୀ କୁମାର ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

# ହୋ' ଭାଷାକୁ ମାନ୍ୟତା ପାଇଁ ଦାବିପତ୍ର



**ଖମାର,୧।୧୧(ସମିସ):** ଅଖିଳ ଭାରତ ହୋ' ଭାଷା କ୍ରିୟାନୁଷ୍ଠାନ କମିଟି ତରଫରୁ ଶନିବାର ଦିଲ୍ଲୀ ଜନ୍ତରମନ୍ତରରେ ହୋ' ଭାଷାକୁ ସମ୍ବିଧାନର ଅଷ୍ଟମ ଅନୁସୂଚୀରେ ସାମିଲ କରିବା ଲାଗି ଗଣଧାରଣ ଦିଆଯାଇଛି। ଅନ୍ୟପଟେ ଅନୁଗୋଳ ଜିଲ୍ଲାରୁ ମଧ୍ୟ ମୁଖ୍ୟମନ୍ତ୍ରୀ, ଗୃହମନ୍ତ୍ରୀ, ଆଦିବାସୀ ଲୋକସଭା କମିଟି, ଲୋକସଭା ବାଚସ୍ପତି ଓମ ବିର୍ଲାଙ୍କ ଉଦ୍ଦେଶ୍ୟରେ ପାଲଲହଡ଼ା ଉପଜିଲ୍ଲାପାଳଙ୍କ ଜରିଆରେ ଦାବିପତ୍ର ପ୍ରଦାନ କରାଯାଇଛି।

# ଜିଲ୍ଲାସ୍ତରୀୟ ଦୁର୍ନୀତି ନିବାରଣ ସଚେତନତା କାର୍ଯ୍ୟକ୍ରମ

**ଅନୁଗୋଳ,୧।୧୧(ସମିସ):**



ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ଅବସରରେ ଜିଲ୍ଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଜିଲ୍ଲାସ୍ତରୀୟ ଦୁର୍ନୀତି ନିବାରଣ ସଚେତନତା ବୈଠକ ଅନୁଷ୍ଠିତ ହୋଇଛି। ବୈଠକରେ ଜିଲ୍ଲାପାଳ ଅବଦାଲ୍ ମୁହମ୍ମଦ୍ ଅଖତର ମୁଖ୍ୟଅତିଥି ଭାବେ ଯୋଗଦେଇ ଦୁର୍ନୀତି ରୋକିବାରେ ସମସ୍ତଙ୍କ ସକ୍ରିୟ ଭୂମିକା ରହିଛି ବୋଲି ଉଲ୍ଲେଖ କରିଥିଲେ। ପ୍ରତ୍ୟେକ ଅଧିକାରୀ ଏଥିପ୍ରତି ଆତ୍ମଚିନ୍ତନ କରି ନିଜ କର୍ତ୍ତବ୍ୟ ସତ୍ୟନିଷ୍ଠାର ସହ ପାଳନ କରିବାର ଆବଶ୍ୟକତା ରହିଛି ବୋଲି କହିଥିଲେ। ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ପ୍ରତାପ ପ୍ରୀତିମୟ, ଅତିରିକ୍ତ ଏସ୍‌ପି ରାଜୀବ ଲୋଚନ ପଣ୍ଡା ଯୋଗଦେଇ ବ୍ୟାପକ ସଚେତନତା ହିଁ ସମାଜରେ ଦୁର୍ନୀତିର ମୂଳୋତ୍ପାଟନ କରିବାରେ ସାହାଯ୍ୟ କରିବ ବୋଲି କହିଥିଲେ। ମୁଖ୍ୟବକ୍ତା ଭାବେ ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦର ପୂର୍ବତନ ସଭାପତି ଡ. ଧରଣୀଧର ନାଥ ଯୋଗଦେଇ ଏ ବର୍ଷର ବାର୍ତ୍ତା 'ଦୁର୍ନୀତି ନିବାରଣ: ଆମ ସାମୂହିକ ଦାୟିତ୍ୱ' ଉପରେ ଆଲୋଚନା କରିଥିଲେ। ଦୁର୍ନୀତି ନିବାରଣ ସଚେତନତା ଅଭିଯାନ ପରିପ୍ରେକ୍ଷୀରେ ଆୟୋଜିତ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ। ଭିଜିଲାନ୍ସ ଡିଏସ୍‌ପି ପ୍ରଦୀପ କୁମାର ସାମଲ ଧନ୍ୟବାଦ ଅର୍ପଣ କରିଥିଲେ।

ଅନ୍ୟମାନଙ୍କ ମଧ୍ୟରେ ମୁଖ୍ୟ ଜିଲ୍ଲା କୃଷି ଅଧିକାରୀ ଉମାଶଙ୍କର ମିଶ୍ର, ଉଦ୍ୟାନ ବିଭାଗ ଉପନିର୍ଦ୍ଦେଶକ ଅମର ଲୁଗୁନ୍, ଅବକାରୀ ଏସ୍‌ପି ମଧୁସ୍ମିତା ନାୟକ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଜୟଜିତ୍ ଧଳ, ଜିଲ୍ଲା ସମାଜ ମଙ୍ଗଳ ଅଧିକାରିଣୀ ନିରୁପମା ପାଣି, ଜିଲ୍ଲା ଶିକ୍ଷା ଅଧିକାରୀ ନିରଞ୍ଜନ ସାହୁ, ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡା. ଧନଞ୍ଜୟ ବେହେରା, ଆସିଷ୍ଟାଣ୍ଟ କଲେକ୍ଟର ପ୍ରତାପହରି ପ୍ରଧାନ, ଅନୁଗୋଳ ପୌର ନିର୍ବାହୀ ଅଧିକାରୀ ସତ୍ୟପ୍ରକାଶ ତ୍ରିପାଠୀ, ଭିଜିଲାନ୍ସ ଇନ୍ସପେକ୍ଟର ଉର୍ମିଳା ଲାକ୍ରାଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲାସ୍ତରୀୟ ଅଧିକାରୀ, ଛାତ୍ରଛାତ୍ରୀ, ବୁଦ୍ଧିଜୀବୀ ଓ ଗଣମାଧ୍ୟମ ପ୍ରତିନିଧି ଯୋଗଦେଇଥିଲେ। ସକାଳେ ଛାତ୍ରଛାତ୍ରୀମାନଙ୍କୁ ନେଇ ଜିଲ୍ଲାସ୍ତରୀୟ ସଚେତନତା ଶୋଭାଯାତ୍ରା ଶୈଳଶ୍ରୀକ୍ଷେତ୍ରଠାରୁ ବାହାରି ସହର ପରିକ୍ରମା କରିଥିଲା। ଅତିରିକ୍ତ ଜିଲ୍ଲାପାଳ ଉଦୟ କୁମାର ମହାପାତ୍ର ସବୁଜ ପତାକା ଦେଖାଇ ଏହାର ଶୁଭାରମ୍ଭ କରିଥିଲେ।

# ଶିଶୁ, କିଶୋରଙ୍କ ହୃଦରୋଗ ପରୀକ୍ଷା ଶିବିର



**ଅନୁଗୋଳ,୧।୧୧(ସମିସ):** ରାଷ୍ଟ୍ରୀୟ ବାଲ୍ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ ଆରବିଏସ୍‌କେ ଓ ବେଙ୍ଗାଲୁରୁର ନାରାୟଣ କାର୍ଡିୟାକ୍ ସାଇନ୍ସ ଇନଷ୍ଟିଚ୍ୟୁଟ ସହାୟତାରେ ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଏନ୍‌ଆରସିରେ ଶିଶୁ, କିଶୋର ଓ କିଶୋରୀଙ୍କ ହୃଦରୋଗ ପରୀକ୍ଷା ଶିବିର ଅନୁଷ୍ଠିତ ହୋଇଛି। ଶିବିରରେ ୧୦୧ ଜଣ ପିଲାଙ୍କ ହୃଦରୋଗ ପରୀକ୍ଷା କରାଯାଇଥିଲା। ଜନ୍ମରୁ ୧୮ ବର୍ଷର ପିଲାଙ୍କ ପାଇଁ ଏହି ଶିବିର ପ୍ରଥମ ଥର ଆୟୋଜନ କରାଯାଇଥିଲା। ଶିବିରକୁ ଜିଲ୍ଲାପାଳ ଅବଦାଲ୍ ମୁହମ୍ମଦ୍ ଅଖତର ଉଦଘାଟନ କରିଥିଲେ। ଡା. ତରଙ୍ଗିନୀ ଦାସ କହିଥିଲେ ଯେ ଆଜିକାଲି ବହୁତ ପିଲା ଜନ୍ମଗତ ହୃଦରୋଗରେ ପୀଡ଼ିତ ହେଉଛନ୍ତି ଯାହାର ଚିକିତ୍ସା ବ୍ୟୟବହୁଳ। ଏହାକୁ ଦୃଷ୍ଟିରେ ରଖି ସରକାର ଏଭଳି ପଦକ୍ଷେପ ଗ୍ରହଣ କରିଛନ୍ତି। ଅଙ୍ଗନବାଡ଼ି କେନ୍ଦ୍ର ଓ ସ୍କୁଲରୁ ପିଲାଙ୍କ ସଂଖ୍ୟା ତାଲିକା ପ୍ରସ୍ତୁତ କରାଯାଇ ଏହି ନିର୍ଦ୍ଦିଷ୍ଟ ଦିନରେ ଶିବିର ଆୟୋଜନ କରାଯାଇଛି। ଏହି ପରୀକ୍ଷା ଶିବିରରେ ଚିହ୍ନଟ ହୋଇଥିବା ପିଲାଙ୍କ ହୃଦରୋଗ ଅସ୍ତ୍ରୋପଚାର ବେଙ୍ଗାଲୁରୁସ୍ଥିତ ନାରାୟଣ କାର୍ଡିୟାକ୍ ସାଇନ୍ସ ଇନଷ୍ଟିଚ୍ୟୁଟରେ କରାଯିବ। ସରକାର ଏଥିପାଇଁ ସବୁ ପ୍ରକାର ସୁବିଧା ଯୋଗାଇ ଦେଉଛନ୍ତି। ଏମିତିକି ରୋଗୀଙ୍କ ଯାତାୟାତ ଖର୍ଚ୍ଚ ମଧ୍ୟ ସରକାର ବହନ କରୁଛନ୍ତି ବୋଲି ସେ କହିଥିଲେ। ଶିବିରରେ ନାରାୟଣ କାର୍ଡିୟାକ୍ ସାଇନ୍ସ ଇନଷ୍ଟିଚ୍ୟୁଟରୁ ଆସିଥିବା ଶିଶୁ ହୃଦରୋଗ ବିଶେଷଜ୍ଞ ଡା. ଅତୁଲ ସୁରେନ୍ଦ୍ର ପ୍ରଭୁ ଯୋଗଦେଇ ପିଲାଙ୍କ ହୃଦରୋଗ ପରୀକ୍ଷା କରିଥିଲେ। କାର୍ଯ୍ୟକ୍ରମରେ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡା. ମଦନ ମୋହନ ପ୍ରଧାନ, ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ (ପରିବାର କଲ୍ୟାଣ) ଡା. ଅନ୍ତର୍ଯ୍ୟାମୀ ମିଶ୍ର, ପିଏଚି କଲେଜର ସୁପରିନଟେଣ୍ଡେଣ୍ଟ ତରଙ୍ଗିନୀ ଦାସ, ଡିପିଏମ୍ ସୌମ୍ୟାରାଣୀ ଗୌଡ଼, ଆରବିଏସ୍‌କେ ମ୍ୟାନେଜର ଦୀପ୍ତିରଞ୍ଜନ ଦାସ, ଜିଲ୍ଲା ଶିଶୁ ସ୍ୱାସ୍ଥ୍ୟ ପରିଚାଳିକା ସବିତା କୁମାରୀ ପଣ୍ଡା, ଅତିରିକ୍ତ ଜନସ୍ୱାସ୍ଥ୍ୟ ଯୋଗାଯୋଗ ଅଧିକାରିଣୀ ପୁଷ୍ପଲତା ପ୍ରଧାନ, ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଶିଶୁରୋଗ ବିଶେଷଜ୍ଞ ଡା. ଶିବଶଙ୍କର ବରିହାଙ୍କ ସହ ଆୟୁଷ ଡାକ୍ତର, ଫାର୍ମାସିଷ୍ଟ, ଷ୍ଟାପନର୍ସ, ହସ୍ପିଟାଲ ପରିଚାଳକ ଓ ଏନ୍‌ଆରସିର ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ।

# ଇକୋ ପାର୍କ ଓ ଗୋପବନ୍ଧୁ ପାର୍କର ଉନ୍ନତୀକରଣ ଖୁବ୍‌ଶୀଘ୍ର

**ଅନୁଗୋଳ,୧।୧୧(ସମିସ):** ଦୀର୍ଘଦିନ ହେବ ଅନୁଗୋଳର ପାର୍କଗୁଡ଼ିକର ଉନ୍ନତୀକରଣ ହୋଇନାହିଁ। ପାର୍କଗୁଡ଼ିକରେ ସକାଳ ବେଳା ବରିଷ୍ଠ ନାଗରିକ ମାନେ ଚଲାବୁଲା କରନ୍ତି। ସବୁଜିମାକୁ ଉପଭୋଗ କରନ୍ତି। ତେବେ କିଛିଦିନ ହେବ ପାର୍କଗୁଡ଼ିକର ଉନ୍ନତୀକରଣ ନ ହେବା ଫଳରେ ଏସବୁର ଶିରି ନଷ୍ଟ ହୋଇଛି। ଏ ନେଇ ଅସନ୍ତୋଷ ପ୍ରକାଶ ପାଇବା ପରେ ଇକୋ ପାର୍କ, ଗୋପବନ୍ଧୁ ପାର୍କର ସୌନ୍ଦର୍ଯ୍ୟକରଣ କରାଯିବାକୁ ନିଷ୍ପତ୍ତି ନିଆଯାଇଛି। ଜିଲ୍ଲା ପ୍ରଶାସନ ଖଣିଜ ପାଣ୍ଠି ରୁ ଏ ସବୁର ଉନ୍ନତୀକରଣ କରିବାକୁ ନିଷ୍ପତ୍ତି ନେଇଥିବା ବେଳେ ଖୁବ୍‌ଶୀଘ୍ର ଡିପିଆର, ଫିଜିବିଲିଟି ରିପୋର୍ଟ ତିଆରି ହେବ ବୋଲି ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି।

# ପୁଲିସକୁ ଆକ୍ରମଣ ଘଟଣାରେ ୩ ଗିରଫ



**ତାଳଚେର,୧।୧୧(ସମିସ):** ତାଳଚେର ବ୍ଲକ ଅନ୍ତର୍ଗତ ଅନନ୍ତ କୋଇଲା ଖଣି ପକ୍ଷରୁ ଉଚ୍ଛେଦ ସମୟରେ ଗୋଟିଏ ପରିବାର ପକ୍ଷରୁ ବିରୋଧ କରାଯିବା ସହ ପୁଲିସକୁ ଆକ୍ରମଣ ତଥା ହତ୍ୟା ଉଦ୍ୟମ କରାଯାଇଥିବା ଅଭିଯୋଗ ହୋଇଥିଲା। ଏହି ଘଟଣାରେ ପୁଲିସ ଜଣେ ନାବାଳକଙ୍କୁ ହେପାଜତକୁ ନେଇଥିବା ବେଳେ ପରିବାରର ଅନ୍ୟ ୩ ଜଣଙ୍କୁ ଗିରଫ କରିଛି। ଗିରଫ ଅଭିଯୁକ୍ତମାନେ ହେଲେ ସୁଷମା ନାଏକ (୩୮), ପ୍ରୀତୀଶ ନାଏକ ଓ ଶିଳାଦେବୀ ନାଏକ (୨୯)। ଏମାନଙ୍କଠାରୁ ଆକ୍ରମଣରେ ବ୍ୟବହୃତ ମାରଣାସ୍ତ୍ର ଜବତ କରାଯାଇଛି। ତେବେ ଏ ନେଇ ଉକ୍ତ ପରିବାର ପକ୍ଷରୁ କୌଣସି ପ୍ରତିକ୍ରିୟା ମିଳି ନ ଥିବା ବେଳେ ଏମସିଏଲ ପକ୍ଷରୁ ଏହି ଉଚ୍ଛେଦ ଘଟଣାକୁ ଓ ଏମସିଏଲର କୌଣସି ନୀତିନିୟମକୁ ସ୍ପଷ୍ଟ କରୁ ନ ଥିବାରୁ ସ୍ଥାନୀୟ କ୍ଷତିଗ୍ରସ୍ତ ପ୍ରଜାଙ୍କ ମଧ୍ୟରେ ଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଛି। ସୂଚନାଯୋଗ୍ୟ, ତାଳଚେର ବ୍ଲକ ଏକଡାଳ ଗ୍ରାମରେ କୋଇଲା ଖଣି ପକ୍ଷରୁ ଉଚ୍ଛେଦ କାର୍ଯ୍ୟକ୍ରମ ଚାଲିଥିବା ବେଳେ ଗୋପାଳପ୍ରସାଦ ଥାନା ଅଧିକାରୀଙ୍କ ନିର୍ଦ୍ଦେଶକ୍ରମେ ଏସଆଇ ପୁଷ୍ପିତା ତ୍ରିପାଠୀ, ବଳରାମ ବେହେରା, ସ୍ୱର୍ଣ୍ଣମୟୀ ଷଣ୍ଢ, ଭାବରଞ୍ଜନ ସାହୁ, ସବିତା ପଟ୍ଟନାୟକ, ଶ୍ରଦ୍ଧାଞ୍ଜଳି ଅମାନ୍ତ ପ୍ରମୁଖ ସେଠାରେ ମୁତୟନ ହୋଇଥିଲେ। ଗ୍ରାମର ପ୍ରଦୀପ ନାଏକଙ୍କ ଘର ଉଚ୍ଛେଦ ବେଳେ ତାଙ୍କ ପରିବାର ଲୋକେ ଏହାକୁ ବିରୋଧ କରିବା ସହ ପୁଲିସ କର୍ମଚାରୀଙ୍କୁ ଗାଳିଗୁଲଜ କରିଥିଲେ। ପୁଲିସ କର୍ମଚାରୀଙ୍କୁ କାମୁଡ଼ିବା ଏବଂ ହତ୍ୟା ଉଦ୍ଦେଶ୍ୟରେ ଟାଙ୍ଗିଆରେ ଆକ୍ରମଣ କରିଥିଲେ ବୋଲି ପୁଲିସ୍ ପକ୍ଷରୁ କୁହାଯାଇଛି। ଏହି ଘଟଣାକୁ କେନ୍ଦ୍ରକରି ଥାନାରେ ଏକ ମାମଲା ରୁଜୁ କରାଯାଇଛି।

# ଯୁବତୀଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

**କଣିହାଁ,୧।୧୧(ସମିସ):** କଣିହାଁ ଥାନା ତେଲସିଂହା ଗ୍ରାମର ଲୀଳାବତୀ ଦେହୁରୀ (୧୯)ଙ୍କ ଝୁଲନ୍ତା ମୃତଦେହ ଶୁକ୍ରବାର ତାଙ୍କ ଘରୁ ଉଦ୍ଧାର ହୋଇଛି। ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ମୃତଦେହ ଜବତ କରି ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି। ଶୁକ୍ରବାର ସନ୍ଧ୍ୟା ପ୍ରାୟ ସାଢ଼େ ୭ଟାରେ ଲୀଳାବତୀ ତାଙ୍କ ଘରେ ଶାଢ଼ି ସାହାଯ୍ୟରେ ଝୁଲୁଥିବା ଦେଖି ପରିବାର ଲୋକେ ପୁଲିସକୁ ସୂଚନା ଦେଇଥିଲେ। ତେବେ ମୃତ୍ୟୁର କାରଣ ଜଣାପଡ଼ିନାହିଁ।

# ବାଇକ ଚୋରି ଅଭିଯୋଗ

**କଣିହାଁ,୧।୧୧(ସମିସ):** କଣିହାଁ ଥାନା ଜମାନିଆ ଜଙ୍ଗଲରେ ଏକ ବାଇକ ଚୋରି ହୋଇଥିବା ଅଭିଯୋଗ ହୋଇଛି। ଗତ ୨୯ ତାରିଖ ପୂର୍ବାହ୍ନ ୯ଟାରେ କଣିହାଁ ଥାନା କଂସମୁଣ୍ଡା ଗ୍ରାମର ଅଭୟ ସାହୁ ନିଜର ବାଇକ ଯୋଗେ ଯାଉଥିବା ବେଳେ ଜମାନିଆ ଜଙ୍ଗଲ ପାଖରେ ତାଙ୍କ ମୁଣ୍ଡ ବୁଲାଇବାରୁ ବାଇକ ରଖି ସେଠାରେ ଶୋଇ ପଡ଼ିଥିଲେ। ଉଠିଲା ପରେ ବାଇକ ନ ଥିବା ଦେଖିଥିଲେ। ଖୋଜା ଖୋଜି କରି ନ ପାଇବାରୁ ଶୁକ୍ରବାର ଥାନାରେ ଅଭିଯୋଗ କରିଛନ୍ତି।

# ବୋଲେରୋ ଧକ୍କାରେ ବୃଦ୍ଧ ମୃତ

**ଛେଣ୍ଡିପଦା,୧।୧୧(ସମିସ):** ଅନୁଗୋଳ-ସମ୍ବଲପୁର ୫୫ନଂ ଜାତୀୟ ରାଜପଥର ଅନୁଗୋଳ ଜିଲ୍ଲା ଜରପଡ଼ା ଥାନା ତୁକୁଡ଼ା ଗ୍ରାମ ନିକଟରେ ବୋଲେରୋ ଧକ୍କାରେ ଜଣେ ବୃଦ୍ଧଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ ତୁକୁଡ଼ା ଗ୍ରାମର ମୁଚିଆ ମହାରଣା (୭୨)। ଶନିବାର ଭୋର ୫ଟା ବେଳେ ମୁଚିଆ ଜାତୀୟ ରାଜପଥରେ ଚାଲି ଚାଲି ଯାଉଥିବା ବେଳେ ବଇଣ୍ଡା ଆଡୁ ଅନୁଗୋଳ ଅଭିମୁଖେ ଯାଉଥିବା ଏକ ବୋଲେରୋ ତାଙ୍କୁ ଧକ୍କା ଦେଇ ଫେରାର ହୋଇଯାଇଥିଲା। ଫଳରେ ମୁଚିଆ ଗୁରୁତର ଆହତ ହୋଇ ରାସ୍ତାରେ ପଡ଼ିଯାଇଥିଲେ। ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଥିଲେ। ଚିକିତ୍ସାଧୀନ ଅବସ୍ଥାରେ ତାଙ୍କ ମୃତ୍ୟୁ ହୋଇଛି। ଏ ନେଇ ପରିବାର ଲୋକେ ଥାନାରେ ଅଭିଯୋଗ କରିବା ପରେ ପୁଲିସ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ମୃତଦେହ ଜବତ କରି ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି। ଦୁର୍ଘଟଣା ଘଟାଇଥିବା ଗାଡ଼ିକୁ ଧରିବା ପାଇଁ ପୁଲିସ ଉଦ୍ୟମ ଆରମ୍ଭ କରିଛି।

# ବିଜୟୀ ଛାତ୍ରଛାତ୍ରୀମାନେ ସାଇବର ଆମ୍ବାସଡର: ଏସପି



**ଅନୁଗୋଳ,୧।୧୧(ସମିସ):** ସାଇବର ଅପରାଧ ଦିନକୁ ଦିନ ବଢ଼ି ଚାଲିଥିବା ବେଳେ ଅନୁଗୋଳ ପୁଲିସ ପକ୍ଷରୁ ସାଇବର ସୁରକ୍ଷା ସଚେତନତା ଅଭିଯାନ ଆରମ୍ଭ ହୋଇଛି। ବିଭିନ୍ନ କାର୍ଯ୍ୟକ୍ରମ ଜରିଆରେ ଲୋକଙ୍କୁ ସଚେତନ କରାଯାଉଛି। ଶନିବାର ହାଇସ୍କୁଲ ଛାତ୍ରଛାତ୍ରୀଙ୍କ ମଧ୍ୟରେ କ୍ୱିଜ୍ ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ୨୪ ସ୍କୁଲର ଛାତ୍ରଛାତ୍ରୀ ଏଥିରେ ଭାଗନେଇଥିଲେ। ଲିଖିତ ପରୀକ୍ଷାରେ ୪ଟି ସ୍କୁଲ ମୌଖିକ ରାଉଣ୍ଡକୁ ଉନ୍ନୀତ ହୋଇଥିଲେ। ଫାଇନାଲରେ ତାଳଚେର ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ଡିଏଭି ଏନଟିପିସି, ପାଲଲହଡ଼ା ଆଦର୍ଶ ବିଦ୍ୟାଳୟ ଏବଂ ଅନୁଗୋଳ ଗାନ୍ଧୀମାର୍ଗ ଡିଏଭି ସ୍କୁଲ ମଧ୍ୟରେ କଡ଼ା ଟକ୍କର୍ ହୋଇଥିଲା। ତାଳଚେର ସ୍କୁଲ ୮୦ ନମ୍ବର୍ ସ୍କୋର କରିଥିବା ବେଳେ ଅନ୍ୟ ତିନି ସ୍କୁଲ ୧୦୦ ନମ୍ବର ରଖିଥିଲେ। ଅନୁଗୋଳ ଏସପି ରାହୁଲ ଜୈନ ମୁଖ୍ୟଅତିଥି ରୂପେ ଯୋଗଦେଇ ବିଜୟୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରିଥିଲେ। ବିଜୟୀ ପିଲାମାନେ ସାଇବର ଆମ୍ବାସାଡର ଏବଂ ସେମାନେ ନିଜ ପରିବାର ସଦସ୍ୟ ତଥା ଅନ୍ୟମାନଙ୍କୁ ସାଇବର ସୁରକ୍ଷା ସମ୍ପର୍କରେ ସଚେତନ କରିବାକୁ ଏସପି ପରାମର୍ଶ ଦେଇଥିଲେ। ଭୁବନେଶ୍ୱରର ସୀମାନ୍ତ ମହାନ୍ତି କ୍ୱିଜ୍ ପରିଚାଳନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଏସ୍‌ପି ରାଜୀବ ଲୋଚନ ପଣ୍ଡା, ବରିଷ୍ଠ ଅଧିକାରୀ ଯାଜ୍ଞସେନୀ ବେହେରା, ଉପାସନା ପାଢ଼ୀ ପ୍ରମୁଖ ସହଯୋଗ କରିଥିଲେ। ଅନୁଗୋଳ ସାଇବର ସେଲ କର୍ମଚାରୀମାନେ ଉପସ୍ଥିତ ଥିଲେ।

# ବଅଁରପାଳ ତହସିଲରେ ନୂତନ ଉପନିବନ୍ଧନ କାର୍ଯ୍ୟାଳୟ ଉଦଘାଟନ



**ବଅଁରପାଳ,୧।୧୧(ସମିସ):** ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶନିବାର ଅଭାସୀ ମାଧ୍ୟମରେ ରାଜ୍ୟର ୪୪ଟି ତହସିଲରେ ନୂତନ ଉପନିବନ୍ଧନ କାର୍ଯ୍ୟାଳୟ ଉଦଘାଟନ କରିଛନ୍ତି। ରାଜ୍ୟ ସରକାର ଲୋକଙ୍କୁ ଘର ପାଖରେ ସମସ୍ତ ସେବା ଯୋଗାଇଦେବାକୁ ପ୍ରତ୍ୟେକ ତହସିଲ କାର୍ଯ୍ୟାଳୟ ନିକଟରେ ଗ୍ରାମୀଣ ନ୍ୟାୟାଳୟଠାରୁ ଆରମ୍ଭ କରି ସ୍ୱାସ୍ଥ୍ୟସେବା ଓ ଜମି ରେଜିଷ୍ଟ୍ରେସନ କାର୍ଯ୍ୟାଳୟ ଖୋଲିବା ପାଇଁ ନିଷ୍ପତ୍ତି ନେଇ କାର୍ଯ୍ୟ ଆରମ୍ଭ କରିଥିବା ବେଳେ ଏହି କ୍ରମରେ ବଅଁରପାଳ ତହସିଲ ପରିସରରେ ରେଜିଷ୍ଟ୍ରେସନ ଅଫିସ୍ ଖୋଲାଯାଇଛି। ବିଡିଓ ଲୋଚନ ଦାସଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ବଅଁରପାଳ ଅତିରିକ୍ତ ତହସିଲଦାର ସୁଶାନ୍ତ କୁମାର ନାୟକ, ବ୍ଲକ ଓ ତହସିଲର ସମସ୍ତ ଅଧିକାରୀ, ଅଞ୍ଚଳର ଜନପ୍ରତିନିଧି ଓ ମାନ୍ୟଗଣ୍ୟ ବ୍ୟକ୍ତିମାନେ ଯୋଗଦେଇଥିଲେ।

# ରାଷ୍ଟ୍ରୀୟ ଏକତା ଦିବସରେ ଗଣଦୌଡ଼

**କଣିହାଁ,୧।୧୧(ସମିସ):**




ରାଷ୍ଟ୍ରୀୟ ଏକତା ଦିବସ ଉପଲକ୍ଷେ ଏନଟିପିସି ଟାଉନ ପୁଲିସ ପକ୍ଷରୁ ଶୁକ୍ରବାର ଗଣଦୌଡ଼ ଆୟୋଜିତ ହୋଇଛି। ଏଥିରେ ସ୍ୱରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ଛାତ୍ରଛାତ୍ରୀ, ଶିକ୍ଷକ ଶିକ୍ଷୟିତ୍ରୀ ସମେତ ଟିଟିଏସ କଲୋନୀବାସୀ ସାମିଲ ହୋଇ ରାଷ୍ଟ୍ରୀୟ ଏକତା ସଚେତନତା ବାର୍ତ୍ତା ଦେଇଥିଲେ। ଥାନା ଆଇଆଇସି ସନ୍ତୋଷ କୁମାର ସେଠୀଙ୍କ ସହ ବିଦ୍ୟାମନ୍ଦିରର ପ୍ରଧାନାଚାର୍ଯ୍ୟ ସୁଶାନ୍ତ କୁମାର ତ୍ରିପାଠୀ ଦେଶର ଏକତା ଅଖଣ୍ଡତା ରକ୍ଷାରେ ଲୌହମାନବ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ଭୂମିକା ଉପରେ ଆଲୋକପାତ କରିଥିଲେ। ତାଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ସମସ୍ତେ କାର୍ଯ୍ୟ କରିବାକୁ ସଂକଳ୍ପ ପାଠ କରାଇଥିଲେ। ଛାତ୍ରଛାତ୍ରୀଙ୍କୁ ନେଇ ଅନୁଷ୍ଠିତ ଚିତ୍ରାଙ୍କନ ଓ କୁଇଜ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ସମ୍ମାନିତ କରାଯାଇଥିଲା। ଏନଟିପିସି ଟାଉନ ପୁଲିସ ଓ ସିଆଇଏସଏଫ ସୁରକ୍ଷା କର୍ମୀଙ୍କ ନେତୃତ୍ୱରେ ସଙ୍ଗମ ମାର୍କେଟ କମ୍ପ୍ଲେକ୍ସଠାରୁ ଗଣଦୌଡ଼ ଆରମ୍ଭ ହୋଇ ଦୀପ୍ତିରଙ୍ଗ (ଆରସି) ଟାଉନସିପ ପର୍ଯ୍ୟନ୍ତ ଯାଇଥିଲା। ଏଥିରେ ଥାନା ଏସଆଇ ଏମଡି ପଣ୍ଡାଙ୍କ ସମେତ ପୁଲିସ କର୍ମଚାରୀମାନେ ସହଯୋଗ କରିଥିଲେ।

ସେହିପରି ରେଙ୍ଗାଲି ଥାନା ପୁଲିସ ପକ୍ଷରୁ ଏକତା ଦିବସ ଉପଲକ୍ଷେ ଗଣଦୌଡ଼ ଅନୁଷ୍ଠିତ ହୋଇଛି। ତାରିଣୀ ଛକରେ ଥାନା ଅଧିକାରୀ ଜୟନ୍ତ କୁମାର ମହାନ୍ତି ଲୌହମାନବଙ୍କ ଜୀବନୀ ଉପରେ ଆଲୋକପାତ କରିବା ସହ ଏକତାର ସଂକଳ୍ପ ପାଠ କରାଇଥିଲେ। ପରେ ଗଣଦୌଡ଼ ଆରମ୍ଭ ହୋଇ ରେଙ୍ଗାଲି ବଜାର ପରିକ୍ରମା କରିଥିଲା। ଏଥିରେ ରେଙ୍ଗାଲି ପ୍ରକଳ୍ପ ଉଚ୍ଚ ବିଦ୍ୟାଳୟ ଓ ଅରବିନ୍ଦ ପୂର୍ଣ୍ଣାଙ୍ଗ ବିଦ୍ୟାଳୟର ଛାତ୍ରଛାତ୍ରୀ ଓ ଶିକ୍ଷକ ଶିକ୍ଷୟିତ୍ର ଅଂଶଗ୍ରହଣ କରିଥିଲେ। ଥାନା ଏସଆଇ ରେବତୀ ସାହୁ କନଷ୍ଟେବଳ ଦ୍ୱିତୀୟା କିସାନ, ଡଲିରାଣୀ ସାମଲ, ଜୟପାଲ ଶୁଣ୍ଡୀ, ଲିଟୁ ପ୍ରଧାନ, ଝୁନୁ ଦେହୁରୀ ପ୍ରମୁଖ ସହଯୋଗ କରିଥିଲେ।

# ପୁଲିସ ପକ୍ଷରୁ ଏକତା ଦୌଡ଼



**ଛେଣ୍ଡିପଦା,୧।୧୧(ସମିସ):** ଲୌହମାନବ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ୧୫୦ତମ ଜୟନ୍ତୀ ଅବସରରେ ଅନୁଗୋଳ ଜିଲ୍ଲା ପୁଲିସ ପକ୍ଷରୁ ବିଭିନ୍ନ ଥାନାରେ ରନ ଫର ୟୁନିଟି (ଏକତା ଦୌଡ଼) ଅନୁଷ୍ଠିତ ହୋଇଛି। ଏହି ପରିପ୍ରେକ୍ଷୀରେ ବାଗଡ଼ିଆ ଓ ଛେଣ୍ଡିପଦା ଥାନା ପକ୍ଷରୁ ଏକତା ଦୌଡ଼ ଆୟୋଜିତ ହୋଇଛି। ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀ, ଯୁବକ ଯୁବତୀମାନେ ଏଥିରେ ସାମିଲ ହୋଇଥିଲେ। ଛେଣ୍ଡିପଦା ଥାନା ଅଧିକାରୀଙ୍କ ତତ୍ତ୍ୱାବଧାନରେ ଛେଣ୍ଡିପଦା ଜଗନ୍ନାଥ ମନ୍ଦିରଠାରୁ ଥାନା ଛକ ପର୍ଯ୍ୟନ୍ତ ଗଣଦୌଡ଼ ହୋଇଥିଲା। ଦେଶର ଅଖଣ୍ଡତାକୁ ବଜାୟ ରଖିବା ପାଇଁ ଶପଥପାଠ କରାଯାଇଥିଲା।

## ଏଥର କଳିଙ୍ଗ ବାଲିଯାତ୍ରା ୭ ଦିନ

# ଲାଗିଛି ୭୦ ସିସିଟିଭି, ମୁତୟନ ହେବେ ୧୦ ପ୍ଲାଟୁନ୍ ଫୋର୍ସ

**ପାରାଦୀପ, ୧।୧୧ (ସମିସ)**

୪ରୁ ପାରାଦୀପ ବିଜୁ ମଇଦାନରେ ଆରମ୍ଭ ହେବାକୁ ଥିବା କଳିଙ୍ଗ ବାଲିଯାତ୍ରା ସାତଦିନ ଧରି ଚାଲିବ। ଏହି ଐତିହାସିକ ବାଲିଯାତ୍ରାର ପ୍ରସ୍ତୁତି ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ମୁଖ୍ୟମନ୍ତ୍ରୀ ଏହାକୁ ଉଦ୍‌ଘାଟନ କରିବେ। ମୁଖ୍ୟମନ୍ତ୍ରୀଙ୍କ ଗସ୍ତକୁ ଦୃଷ୍ଟିରେ ରଖି ସୁରକ୍ଷା ବ୍ୟବସ୍ଥାକୁ କଡ଼ାକଡ଼ି କରାଯାଇଛି। ବାଲିଯାତ୍ରାକୁ ଶୃଙ୍ଖଳିତ କରିବାକୁ ୭୦ ସିସିଟିଭି ଲଗାଯିବା ସହ ୧୦ ପ୍ଲାଟୁନ ପୁଲିସ ଫୋର୍ସ ମୁତୟନ ହେବେ। ମେରାଇନ ରାସ୍ତା ପାଖରେ ଥିବା କମ୍ପାନୀ ଷ୍ଟଲ୍‌କୁ ଉଠାଇ ଦିଆଯାଇଛି। ଯେପରି ମେରାଇନ ରାସ୍ତା ଉପରୁ ଲୋକେ ସିଧାସଳଖ ଷ୍ଟେଜର ବିଭିନ୍ନ



କାର୍ଯ୍ୟକ୍ରମକୁ ଦେଖିପାରିବେ। ଉଦଘାଟନୀ କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମୁଖ୍ୟଅତିଥି ଭାବେ ଯୋଗ ଦେବାର କାର୍ଯ୍ୟକ୍ରମ ରହିଛି। ତାଙ୍କ ସହିତ ରାଜ୍ୟ ସରକାରଙ୍କ ବହୁ ବରିଷ୍ଠ ମନ୍ତ୍ରୀ ଓ ଜିଲ୍ଲାର ସମସ୍ତ ବିଧାୟକ, ସାଂସଦ ଅତିଥି ଭାବେ ଯୋଗ ଦେବାର କାର୍ଯ୍ୟକ୍ରମ ରହିଛି।

ବାଲିଯାତ୍ରା ପଡ଼ିଆରେ ହଜାରରୁ ଅଧିକ ଷ୍ଟଲ ଏବେ ସୁଦ୍ଧା ଲାଗି ସାରିଥିବାବେଳେ ଫୁଟପାଥ ଓ ବୁଲା ବିକାଳିଙ୍କୁ ମିଶାଇଲେ ଏହି ସଂଖ୍ୟା ୨ ହଜାର ଟପିବ ବୋଲି ଅନୁମାନ କରାଯାଉଛି। ଲକ୍ଷାଧିକ ଲୋକଙ୍କ ସମାଗମ ହେବାକୁ ଲକ୍ଷ୍ୟରେ ରଖି ପରିମଳ ବ୍ୟବସ୍ଥା ମଧ୍ୟ ବିଭିନ୍ନର ସମ୍ଭାବନା ରହିଛି। ଏଣୁ ପାରାଦୀପ ପୌରପାଳିକା ପକ୍ଷରୁ ଯଥାସମ୍ଭବ ପଦକ୍ଷେପ ନିଆଯାଇଛି। ସଫେଇ କର୍ମଚାରୀଙ୍କୁ ବାଲିଯାତ୍ରା ପଡ଼ିଆ ଓ ପାଖଆଖ ଅଞ୍ଚଳରେ ସଫେଇ ଦାୟିତ୍ୱ ଦିଆଯାଇଛି। ବ୍ୟବସାୟୀ ପଲିଥିନ ବ୍ୟବହାର ନ କରିବାକୁ ପୌରପାଳିକା ପକ୍ଷରୁ ଆଗୁଆ ସୂଚନା ଦିଆଯାଇଛି। ବ୍ୟବସାୟୀଙ୍କ ପାଇଁ ନଳକୂପ ଖୋଲାଯାଇଛି। ସେଠାରେ ଏକ ଗୋଷ୍ଠୀ ଶୌଚାଳୟ ରହିଥିବାରୁ ଆଉ କେତେକ ଅସ୍ଥାୟୀ ଶୌଚାଳୟର ବ୍ୟବସ୍ଥା ମଧ୍ୟ କରାଯାଇଛି। ମହିଳାଙ୍କ ପାଇଁ ପୂର୍ବରୁ ଏକ ବସ୍ ରହିଥିଲାବେଳେ ଏବେ ସ୍ୱତନ୍ତ୍ର ଭାବେ ମହିଳା ଶୌଚାଳୟର ବ୍ୟବସ୍ଥା କରାଯାଇଛି। ଅଧିକ ଜନସମାଗମକୁ ଦୃଷ୍ଟିରେ ରଖି ୧୦ ପ୍ଲାଟୁନ ପୁଲିସ ଫୋର୍ସ ମୁତୟନ ହେବାକୁ ଥିବାବେଳେ ୭୦ଟି ସିସିଟିଭି ବାଲିଯାତ୍ରା ପଡ଼ିଆରେ ଲଗାଯାଇଛି। ସିସିଟିଭି ମାଧ୍ୟମରେ ଛୁଟରୋଙ୍କ ଗତିବିଧି ପୁଲିସର ଅସ୍ଥାୟୀ କଣ୍ଟ୍ରୋଲ ରୁମ୍‌ରୁ ଜଣାପଡ଼ିବ। ଏଥର ସ୍ୱତନ୍ତ୍ର ନୃତ୍ୟ ଗ୍ରୁପ ନୃତ୍ୟ ପରିବେଷଣ କରିବା ସହ ଓଲିଉଡ ଗାୟକ ସଙ୍ଗୀତ ପରିବେଷଣ କରିବେ।

## ଗୋଠିଣା ମହିମା ଆଶ୍ରମରେ ବ୍ରହ୍ମଧୂନୀ

**ରଘୁନାଥପୁର, ୧।୧୧(ସମିସ):** ଜଗତସିଂହପୁର ଜିଲ୍ଲା ରଘୁନାଥପୁର ବ୍ଲକ ଅନ୍ତର୍ଗତ ଗୋଠିଣାସ୍ଥ ମହିମା ଆଶ୍ରମରେ ଆଜି ବ୍ରାହ୍ମ ମୁହୂର୍ତ୍ତରେ ମହିମା ଧର୍ମର ଯଥା ବିଧିବିଧାନ ଅନୁସାରେ ଅଖଣ୍ଡ ବତୀ ଅର୍ପଣ ପୂର୍ବକ ମହିମା ମହାପ୍ରଭୁଙ୍କ ଅମଣିଆ ଅର୍ପଣ କରାଯାଇଥିଲା। ସନ୍ଧ୍ୟା ୫ଟା ସମୟରେ ଜଗତ ଭକତଙ୍କ ଉଦେଶ୍ୟରେ ସାନ୍ଧ୍ୟ ଘୃତବତୀ ଅର୍ପଣ ଓ ବ୍ରହ୍ମଧୂନୀ ସ୍ଥାପନ କରାଯାଇଥିଲା। ଏହି କାର୍ଯ୍ୟକ୍ରମକୁ ବ୍ରହ୍ମ ଅବଧୂତ ସନ୍ନ୍ୟାସୀ ବେଣୁଧର ବାବାଙ୍କ ତତ୍ତ୍ୱାବଧାନରେ ଅତିଥି ପୂଜ୍ୟ ସାଧୁଚରଣ ଦାସ, ସାଧୁ ହରମୋହନ ଦାସ ଓ ସାଧୁ କୃତିକେଶ ଦାସ, ଉକ୍ତ ସମ୍ପାଦନା କରିଥିବାବେଳେ ସାଧୁ ଅନନ୍ତ ଚରଣ ଦାସ ପରିଚାଳନା କରିଥିଲେ। ଭକ୍ତ ଓ ଗୋଠିଣା ଗ୍ରାମବାସୀ ସହଯୋଗ କରିଥିଲେ। ଏହି କାର୍ଯ୍ୟକ୍ରମରେ ଜିଲ୍ଲାର ବହୁ ଭକ୍ତ ଯୋଗ ଦେଇଥିଲେ।

## ଶ୍ରୀଗଣେଶଙ୍କ ପୀଠରେ ପଞ୍ଚକ ବ୍ରତ ଆରମ୍ଭ

**ବାଲିକୁଦା, ୧।୧୧(ସମିସ):** ବାଲିକୁଦା ମଧୁ ବୈଶ୍ୟ ସମିତି ପକ୍ଷରୁ ପ୍ରଭୁ ଶ୍ରୀଗଣେଶଙ୍କ ପୀଠରେ ପଞ୍ଚକ ବ୍ରତ ଓ ହବିଷ ଆରମ୍ଭ ହୋଇଛି। ପ୍ରତ୍ୟୁଷରୁ ମନ୍ଦିରରେ ମଙ୍ଗଳ ଆଳତୀ ସହ ନାମ ସଂକୀର୍ତ୍ତନ କରାଯାଇଥିଲା। ସମିତି ମୁଖ୍ୟ ଅମୀୟ ସାହୁଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ ଉକ୍ତ କାର୍ଯ୍ୟକ୍ରମରେ ମନ୍ଦିର ପୂଜକ ଶ୍ରୀନିବାସ ଦାଶଙ୍କ ଦ୍ୱାରା ସମସ୍ତ ରୀତିନୀତି ସମ୍ପନ୍ନ ପରେ ପ୍ରସାଦ ସେବନ କରାଯାଇଥିଲା। ଏଥିରେ ଶରତ ସାହୁ, ହେମନ୍ତ ସାହୁ, ବିଜୟ ସାହୁ, ଚିତ୍ତରଞ୍ଜନ ସାହୁ, ହଟକିଶୋର ସାହୁ, ବିଜୟ ସାହୁ, ଝାଟୁ ସାହୁ, କବିନ୍ଦ୍ର ପରିଡ଼ା, କଣ୍ଠ ସାହୁ, ମାନସ ସାହୁ ସହଯୋଗ କରିଥିବାବେଳେ ଆଖପାଖ ଗ୍ରାମର ଶତାଧିକ ମହିଳା ହବିଷ ବ୍ରତ ପକାଇଥିଲେ।

## ମତ୍ସ୍ୟ ବ୍ୟବସାୟୀ ସଂଘ ପକ୍ଷରୁ କାର୍ତ୍ତିକେଶ୍ୱର ପୂଜା

**ପାରାଦୀପ, ୧।୧୧(ସମିସ):** ପାରାଦୀପର ସର୍ବପୁରାତନ ସଂଘ କାର୍ତ୍ତିକେଶ୍ୱର ମତ୍ସ୍ୟ ବ୍ୟବସାୟୀ ସଂଘ ପକ୍ଷରୁ ବାଲିଫ୍ଲାଟରେ କାର୍ତ୍ତିକେଶ୍ୱରଙ୍କ ପୂଜା ଆରମ୍ଭ ହୋଇଛି। କାର୍ତ୍ତିକେଶ୍ୱରଙ୍କ ନାମ ଅନୁସାରେ ଏହି ବ୍ୟବସାୟୀ ସଂଘ ଗଠନ କରାଯାଇଥିବାରୁ ଏହି ପୂଜାକୁ ବ୍ୟବସାୟୀ ୫ ଦିନ ଧରି ପାଳନ କରିଥା'ନ୍ତି। ପୂର୍ଣ୍ଣିମା ଦିନ ପୂର୍ଣ୍ଣାହୁତି ହେବ। ଏହି ପୂଜାରେ ରୁଦ୍ର ମହାଯଜ୍ଞ ଅନୁଷ୍ଠିତ ହୁଏ। ଗତକାଲି ଦଶମୀରେ କଳସ ଯାତ୍ରା ହୋଇ ପୂଜା ଆରମ୍ଭ ହୋଇଥିବାବେଳେ ଆଜି ଏକାଦଶୀ ତିଥିରେ ଯଜ୍ଞ ପାଇଁ କଳସ ଶୋଭାଯାତ୍ରା ସଂଘର କର୍ମକର୍ତ୍ତା, ସଦସ୍ୟ ଓ ମହିଳାଙ୍କୁ ନେଇ କରାଯାଇଥିଲା। ପ୍ରତ୍ୟେକ ଦିନ ସନ୍ଧ୍ୟାରେ ପୂର୍ଣ୍ଣାହୁତି, ପୁଷ୍ପାଞ୍ଜଳି ପରେ ଭଜନ ସମାରୋହ ୫ ଦିନ ଧରି ଚାଲିବ। ମୃତ୍ୟୁଞ୍ଜୟ ମହାପାତ୍ରଙ୍କୁ ପୁରୋହିତ ଭାବେ ନିମନ୍ତ୍ରଣ କରାଯାଇଛି। ପୁରୋହିତଙ୍କ କହିବା ଅନୁଯାୟୀ ଏହି ଯଜ୍ଞ ଉତ୍ସବରେ ଶିବପାର୍ବତୀଙ୍କ ସହିତ ଗଣେଶ, ଲକ୍ଷ୍ମୀନାରାୟଣ ଓ ନବଗ୍ରହ ପୂଜା ପାଇବେ।

## ଓଡ଼ିଶା ପୁଲିସର ସାଇବର ସୁରକ୍ଷା ସଚେତନତା

**ତିର୍ତ୍ତୋଲ, ୧।୧୧(ସମିସ):** ତିର୍ତ୍ତୋଲସ୍ଥ ଜାଭିୟର ସ୍କୁଲ ପ୍ରାଙ୍ଗଣରେ ଓଡ଼ିଶା ପୁଲିସର ସାଇବର ସେଲ ପକ୍ଷରୁ ଏକ ସାଇବର ସୁରକ୍ଷା ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଜନସାଧାରଣ କିପରି ସାଇବର ଠକେଇର ଶିକାର ନ ହେବେ, ସେ ସମ୍ପର୍କରେ ନାଟକ ମାଧ୍ୟମରେ ଅଭିନୟ ଦ୍ୱାରା ସଚେତନତା ସୃଷ୍ଟି କରାଯାଇଥିଲା। ଏହି ଶିବିରରେ ତିର୍ତ୍ତୋଲ ଥାନା ଭାରପ୍ରାପ୍ତ ଅଧିକାରୀ ପ୍ରଦୀପ୍ତ ସେଠୀ, ଅନୁଷ୍ଠାନର ଅଧ୍ୟକ୍ଷ ଜୀବନବଲ୍ଲଭ ସାହୁ, ବିଦ୍ୟାଳୟର ଅଧ୍ୟକ୍ଷା ପ୍ରିୟଦର୍ଶିନୀ ମହାନ୍ତି, ଗୀତାଞ୍ଜଳି ଦାସ, ଇତିଶ୍ରୀ ଜେନା ପ୍ରମୁଖ ଯୋଗ ଦେଇଥିଲେ।

## ସହକାରୀ ଶିକ୍ଷୟିତ୍ରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

**ପାରାଦୀପ, ୧।୧୧(ସମିସ):** ପାରାଦୀପଗଡ଼ ଶ୍ରୀମା ସରକାରୀ ଉଚ୍ଚବିଦ୍ୟାଳୟର ସହକାରୀ ଶିକ୍ଷୟିତ୍ରୀ କୁନି ଦେଇଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ପ୍ରଧାନଶିକ୍ଷୟିତ୍ରୀ ଶ୍ରୀମତୀ ଇତିଶ୍ରୀ ସାହୁଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବରିଷ୍ଠ ଆଇନଜୀବୀ ସଞ୍ଜୟ ବେହେରା, ମୁଖ୍ୟବକ୍ତା ଭାବେ ସିଆରସିସି ସମୀର ଓଝା, ସମ୍ମାନିତ ଅତିଥି ଭାବେ ପୂର୍ବତନ ଶିକ୍ଷକ ବିଷ୍ଣୁ ଚରଣ ମଙ୍ଗରାଜ, ବିଶ୍ୱନାଥ ମହାପାତ୍ର, ମନୋରଞ୍ଜନ ସାହୁ ଓ ସ୍କୁଲ ଅଭିଭାବକ କମିଟି ସଭାପତି ଜୀବନଧନ ବେହେରା ପ୍ରମୁଖ ଯୋଗଦେଇ ଶିକ୍ଷୟିତ୍ରୀ କୁନି ଦେଇ ଚାକିରୀ ଜୀବନୀ ଛାତ୍ର, ଛାତ୍ରୀ ଙ୍କୁ ଭଲପାଇବା ଉପରେ ବକ୍ତବ୍ୟ ରଖିଥିଲେ। କୁନି ଦେଇଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବରିଷ୍ଠ ଶିକ୍ଷୟିତ୍ରୀ ପ୍ରଭାତ ନଳିନୀ ବେହେରା, ବିଷ୍ଣୁପ୍ରିୟା ସ୍ୱାଇଁ, ଏଲିନା ମହାନ୍ତି, ସାଗରିକା ସ୍ୱାଇଁ, ମିନର୍ଭା ସ୍ୱାଇଁ, ଆୟସ୍ମିତା ସାହୁ, ଦୀପିକା ସୋରେନ, ସୁମିତ୍ରା ମୁର୍ମୁ, ବିଜୟଲକ୍ଷ୍ମୀ ସ୍ୱାଇଁ, ପ୍ରଭାତୀ ବେହେରା, ମିନର୍ଭା ପଣ୍ଡା, ଶିକ୍ଷକ ସମ୍ପଦ ମୁଦୁଲି, ରମାକାନ୍ତ ଖଣ୍ଡୁଆଳ ପ୍ରମୁଖ ଯୋଗ ଦେଇଥିଲେ।

## ଶିକ୍ଷୟିତ୍ରୀ ରଞ୍ଜିତା ତ୍ରିପାଠୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

**ବିରିଡ଼ି, ୧।୧୧(ସମିସ):** ବିରିଡ଼ି ବ୍ଲକ ଜନତା ଉଚ୍ଚପ୍ରାଥମିକ ବିଦ୍ୟାଳୟର ଆଦର୍ଶ ଶିକ୍ଷୟିତ୍ରୀ ରଞ୍ଜିତା ତ୍ରିପାଠୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ପ୍ରଧାନଶିକ୍ଷୟିତ୍ରୀ ଶୁଭଶ୍ରୀ ରଥଙ୍କ ସଂଯୋଜନାରେ ଆୟୋଜିତ ସଭାରେ ପୂର୍ବତନ ସରପଞ୍ଚ ନିହାର ରଞ୍ଜନ ସ୍ୱାଇଁ ସଭାପତିତ୍ୱ କରିଥିଲେ। ପୂର୍ଣ୍ଣଚନ୍ଦ୍ର ମହାନ୍ତି ସ୍ୱାଗତ ଭାଷଣ ଦେଇଥିବାବେଳେ ସୟଦ ଆଜାଦ ରାଜଇ ଅତିଥି ପରିଚୟ ପ୍ରଦାନ କରିଥିଲେ। ଅତିଥି ଭାବେ ସରପଞ୍ଚ କନକଲତା ବେହେରା, ବ୍ଲକ ଶିକ୍ଷାଧିକାରୀ ମିହିର ପାଲ, ଏବିଇଓ ପ୍ରକାଶ ଦାଶ, ରଞ୍ଜନା ଦାସ, ରବୀନ୍ଦ୍ର ସୂତାର, ଜଚିନ୍ଦ୍ର ଦାସ, କପିଳେନ୍ଦ୍ର ମିଶ୍ର, ସିଆରସିସି ଆନନ୍ଦ ବେହେରା, ପ୍ରଭାକର ବେହେରା, ସେକ କଲିମ, ରଶ୍ମିରେଖା ନାୟକ ପ୍ରମୁଖ ଯୋଗଦେଇ ବିଦାୟୀ ଶିକ୍ଷୟିତ୍ରୀ ଶ୍ରୀମତୀ ତ୍ରିପାଠୀଙ୍କୁ ଉପଢୌକନ, ଫୁଲତୋଡ଼ା ଓ ମାନପତ୍ର ଦେଇ ସମ୍ବର୍ଦ୍ଧିତ କରିଥିଲେ। ଶିକ୍ଷକ ଶିକ୍ଷୟିତ୍ରୀ ପ୍ରଦ୍ୟୁମ୍ନ ବେହେରା, ରଶ୍ମିରେଖା ନାୟକ, କେଦାରେଶ୍ୱର ରାଉତ, ମମତା ସ୍ୱାଇଁ, ମିନତୀ ବେହେରା, ରାଧାକାନ୍ତ ପଣ୍ଡା ପ୍ରମୁଖ ଉପହାର ପ୍ରଦାନ କରିଥିଲେ। ସୂର୍ଯ୍ୟନାରାୟଣ ବିଶ୍ୱାଳ, ଅମ୍ରିତା ପତି, ଭାରତୀ ବେହେରା, ପଦ୍ମଜାନନ୍ଦିନୀ ସ୍ୱାଇଁ, ଲଳିତା ଲାବଣ୍ୟବତୀ ସ୍ୱାଇଁ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଭାଗୀରଥି ଦାସଙ୍କୁ ପଦ୍ମଶ୍ରୀ ସମ୍ମାନ ପ୍ରଦାନ ଦାବି

**କୁଜଙ୍ଗ, ୧।୧୧(ସମିସ):** ଓଡ଼ିଆ ଭାଷା ସାହିତ୍ୟର ପ୍ରଥିତଯଶା ସାହିତ୍ୟିକ ତଥା ୬ ଶହରୁ ଊର୍ଦ୍ଧ୍ୱ ପୁସ୍ତକର ରଚୟିତା ଔପନ୍ୟାସିକ ଭାଗୀରଥି ଦାସଙ୍କ ୮୭ତମ ଜୟନ୍ତୀ ଉତ୍ସବ ଅବସରରେ ତାଙ୍କୁ ପଦ୍ମଶ୍ରୀ ସମ୍ମାନ ପ୍ରଦାନ କରାଯିବାକୁ ରାଜ୍ୟ ସରକାର କେନ୍ଦ୍ର ସରକାରଙ୍କୁ ସୁପାରିଶ କରିବାକୁ ଦାବି ହୋଇଛି।



ପ୍ରିୟବନ୍ଧୁ ସାରସ୍ୱତ ଏକାଡେମୀ ସଭାପତି ତଥା ଉତ୍କଳ ସାହିତ୍ୟ ସମାଜ କାର୍ଯ୍ୟନିର୍ବାହିକା ସମିତି ସଦସ୍ୟ ଡକ୍ଟର ରଘୁ ସାହୁ, ତିର୍ତ୍ତୋଲର ଝଙ୍କଡ଼ ସାହିତ୍ୟ ସଂସଦ ସମ୍ପାଦକ ଗୋଲେକ ପଲାଇ, ଓଡ଼ିଶା ସାହିତ୍ୟ ଏକାଡେମୀ ପୁରସ୍କାରପ୍ରାପ୍ତ କବି ପୀତାମ୍ବର ତରାଇ, ବାଲିଘର ଫାଉଣ୍ଡେସନ ସଭାପତି କୈଳାସ ସ୍ୱାଇଁ, ସାହିତ୍ୟିକ ନିର୍ମଳ ରାଉତ ଓ ଡକ୍ଟର କେଶବ ଦଳେଇ, ଯୁବ ସାହିତ୍ୟିକ ଜୟଦେବ ଲେଙ୍କା ପ୍ରମୁଖ ଦାବି କରିବା ସହ ଶ୍ରୀ ଦାସଙ୍କ ଦୀର୍ଘ ଜୀବନ କାମନା କରିଛନ୍ତି। ତାଙ୍କ ରଚିତ ଉପନ୍ୟାସ କଲେଜ ପଢ଼ୁଆ ଯୁବକ/ଯୁବତୀଙ୍କଠାରୁ ନବବିବାହିତା ବଧୂ, ବୁଢାବୁଢ଼ୀ ପର୍ଯ୍ୟନ୍ତ ସମସ୍ତଙ୍କ ହାତରେ ଥିଲା। ଉପନ୍ୟାସ ବ୍ୟତିରେକ ତାଙ୍କ ନାଟକ ଯାତ୍ରା ଓ ଚଳଚ୍ଚିତ୍ରରେ ମଧ୍ୟ ଦର୍ଶକଙ୍କ ମନ ମୋହିଥିଲା। ଏଭଳି ଜଣେ ବିରଳ ସାହିତ୍ୟିକଙ୍କୁ ସରକାର ପଦ୍ମଶ୍ରୀ ସମ୍ମାନ ପ୍ରଦାନ କଲେ, ଓଡ଼ିଆ ସାହିତ୍ୟର ମାନବୃଦ୍ଧି ହେବା ସହିତ ଶ୍ରୀ ଦାସଙ୍କ ପ୍ରତି ଶ୍ରେଷ୍ଠ ସମ୍ମାନ ହେବ ବୋଲି ମତ ପ୍ରକାଶ ପାଇଛି।

## ଆନ୍ତର୍ଜାତିକ ସମବାୟ ବର୍ଷ ପାଳିତ



**ଜଗତସିଂହପୁର, ୧।୧୧(ସମିସ):** ଆନ୍ତର୍ଜାତିକ ସମବାୟ ବର୍ଷ ଉପଲକ୍ଷେ ପ୍ରାଥମିକ କୃଷି ସମବାୟ ସମିତିର ସମୀକ୍ଷା ଓ କମ୍ପ୍ୟୁଟରୀକରଣ ସମ୍ପର୍କିତ ସଚେତନତା କର୍ମଶାଳା ସ୍ଥାନୀୟ ଆଦିକବି ସାରଳା ଦାସ ସଂସ୍କୃତି ଭବନରେ ଅନୁଷ୍ଠିତ ହୋଇଯାଇଛି। ପ୍ରାରମ୍ଭରେ ସମବାୟ ସମିତି ସମୂହ ଉପନିବନ୍ଧକ ପ୍ରଭାତ ଚନ୍ଦ୍ର ଶତପଥୀ ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ସମବାୟ ସମିତିର ସମୀକ୍ଷା, କମ୍ପ୍ୟୁଟରୀକରଣ ଓ ଅତି କମ୍‌ରେ ଗୋଟିଏ ଏକର ଜମି ଆଲିନେସନ କରିବା ପାଇଁ ସମିତି ସମ୍ପାଦକଙ୍କୁ ପରାମର୍ଶ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ସହକାରୀ ନିବନ୍ଧକ ରଶ୍ମିପ୍ରଭା ଦାସ ସମବାୟ ସମିତି ସମୂହ ସମିତି ସମ୍ପାଦକଙ୍କୁ କମ୍ପ୍ୟୁଟରୀକରଣ ଦ୍ୱାରା କିପରି ସ୍ୱଚ୍ଛତା ଆସିପାରିବ, ଏହା ଉପରେ ସୂଚନା ଦେଇଥିଲେ। ନାବାର୍ଡ଼ର ଡିଡିଏମ ବିଦ୍ୟୁତଲତା ବେହେରା ପ୍ରାଥମିକ ସମବାୟ ସମିତିର କମ୍ପ୍ୟୁଟରୀକରଣ ପାଇଁ ସମ୍ପାଦକଙ୍କୁ ଉତ୍ସାହିତ କରିଥିଲେ। ଏହି କାର୍ଯ୍ୟକ୍ରମରେ ଇଫ୍‌କୋର ଲୋକ ସମ୍ପର୍କ ଅଧିକାରୀ ପ୍ରସନ୍ନ ବେଉରା ଓ ବୈଜ୍ଞାନିକ କୁଳମଣି ମାଝି ନାନୋ ୟୁରିଆ ଓ ଜୈବିକ ସାରର ବ୍ୟବହାର ସମ୍ପର୍କରେ ବିସ୍ତୃତ ଭାବେ ଆଲୋଚନା କରିଥିଲେ। ସହକାରୀ ସମୀକ୍ଷକ ସନ୍ତୋଷ ଜାଲି ପ୍ରାଥମିକ କୃଷି ସମବାୟ ସମିତିଙ୍କ ସମୀକ୍ଷା ପାଇଁ କେଉଁ ପ୍ରମୁଖ ରେକର୍ଡ ଦରକାର, ସେ ବିଷୟରେ ସୂଚନା ଦେଇଥିଲେ। ଚଏସ୍ କମ୍ପାନୀର ଜିଲ୍ଲା ସଂଯୋଜକ ଦେବୀ ପ୍ରସନ୍ନ ସାହୁ ଓ ସହକାରୀ ନିବନ୍ଧକ ପ୍ରଭାତ ମହାପାତ୍ର ଯୋଗ ଦେଇଥିଲେ। ଜଗତସିଂହପୁର ନିୟନ୍ତ୍ରିତ ବଜାର କମିଟି ସମ୍ପାଦକ ସୂର୍ଯ୍ୟକାନ୍ତ ଦାସ ଧନ୍ୟବାଦ ଅର୍ପଣ କରିଥିଲେ। ସମବାୟ ସମିତି ଉପନିବନ୍ଧକ ବିବେକାନନ୍ଦ ବେହେରା, ରାଖାଲ ସାମଲ, ସୁମନ ବେହେରା, ମିତାଲି ବୋଷ, ଚିତ୍ରା ଚିନ୍ମୟୀ ଦାସ, ସ୍ୱର୍ଣ୍ଣଲତା ନାୟକ, ପିଙ୍କି ହାଁସଦା ଓ ରୁବୁ ମହାନ୍ତି ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ଝିଅ ଅତ୍ୟାଚାରରେ ଅତିଷ୍ଠ ମାଆ ଉପଜିଲ୍ଲାପାଳଙ୍କ ଦ୍ୱାରସ୍ଥ



**ଏରସମା, ୧।୧୧(ସମିସ):** ଜପା ପଞ୍ଚାୟତ ଅନ୍ତର୍ଗତ ଧୋବେଇ ଗ୍ରାମର ସୁଷମା ମଣ୍ଡଳ (୬୮) ସ୍ୱାମୀ ଆରପାରିକୁ ଯିବା ପରେ ବହୁ କଷ୍ଟରେ ଦୁଇ ଝିଅଙ୍କୁ ବିବାହ କରାଇ ଦୁଃଖେ କଷ୍ଟେ ଚଳିଆସୁଥିଲେ। ବଡ଼ଝିଅ ସଂଯୁକ୍ତା ବିଧବା ହେଲା ପରେ ନିଜ ପିଲାଙ୍କୁ ଧରି ମାଆ ପାଖରେ ରହିଆସୁଥିଲା। କିଛି ଦିନ ରହିବା ପରେ ମାଆଝିଅଙ୍କ ସମ୍ପର୍କରେ ତିକ୍ତତା ସୃଷ୍ଟି ହେଇଥିଲା। ନିଜ ମାଆକୁ ମାଡ଼ ମାରିବା ସହ ମାନସିକ ନିର୍ଯାତନା ଦେଉଥିଲା। ଏ ଘଟଣା ଜଣାପଡ଼ିବା ପରେ ଗ୍ରାମର ମହିଳା ମହାସଂଘ ପକ୍ଷରୁ ଥାନାରେ ବାରମ୍ବାର ଅଭିଯୋଗ କରାଯାଉଥିଲା। ବୁଧବାର ବିଳମ୍ବିତ ରାତିରେ ସଂଯୁକ୍ତା ନିଜ ମାଆକୁ କଟୁରୀ ଧରି ଗୋଡ଼ାଉଥିବା ସମୟରେ ଗ୍ରାମର କିଛି ମହିଳା କର୍ମୀ ଓ ମୂରବୀ ପହଞ୍ଚି ସୁଷମାଙ୍କୁ ଉଦ୍ଧାର କରିଥିଲେ। ଝିଅର ଅତ୍ୟାଚାରରୁ ବଞ୍ଚିବା ଓ ଅନ୍ତିମ ସମୟ ଭଲରେ ଅତିବାହିତ କରିବାକୁ ବ୍ୟାସ ଫାଉଣ୍ଡେସନର ଅଧ୍ୟକ୍ଷା ସ୍ନେହମୟୀ ଆଚାର୍ଯ୍ୟଙ୍କୁ ଅବଗତ କରାଇଥିଲେ। ଶ୍ରୀମତୀ ଆଚାର୍ଯ୍ୟ ପହଞ୍ଚି ସମସ୍ତ କଥା ଜାଣିବା ପରେ ପ୍ରଥମେ ସୁଷମାଙ୍କୁ ନେଇ ଏରସମା ଥାନାରେ ଲିଖିତ ଅଭିଯୋଗ ଦେବା ପରେ ଆଜି ଉପଜିଲ୍ଲାପାଳଙ୍କୁ ଭେଟିଥିଲେ। ଉପଜିଲ୍ଲାପାଳଙ୍କ ମାଧ୍ୟମରେ ଅନେକ ଅବହେଳିତ ମାଆବାପା ଉପଯୁକ୍ତ ନ୍ୟାୟ ପାଇଥିବାବେଳେ ସୁଷମା ଉପଜିଲ୍ଲାପାଳଙ୍କ ନିକଟରୁ ଉଚିତ୍ ନ୍ୟାୟ ପାଇବାକୁ ଆଶା ପୋଷଣ କରିଛନ୍ତି। ନଚେତ୍ ଶେଷ ଜୀବନକୁ ବୃଦ୍ଧାଶ୍ରମରେ କାଟିବାକୁ ନିଷ୍ପତ୍ତି ନେଇଛନ୍ତି।

## ଜିଲ୍ଲାସ୍ତରୀୟ ଦୁର୍ନୀତି ନିବାରଣ ସଚେତନତା ସପ୍ତାହ

# 'ଦେଶ ଓ ରାଜ୍ୟର ପ୍ରଗତିରେ ବାଧକ ସାଜିଛି ଦୁର୍ନୀତି ରୂପକ ବିଷବୃକ୍ଷ'



**ଜଗତସିଂହପୁର, ୧।୧୧(ସମିସ):** ଦୁର୍ନୀତି ଏପରି ଏକ ବିଷବୃକ୍ଷ। ଯାହା ଦେଶ ଓ ରାଜ୍ୟର ପ୍ରଗତି ପଥରେ ସାଜିଛି ପ୍ରତିବନ୍ଧକ। ତେଣୁ ଓଡ଼ିଶା ସରକାରଙ୍କ ଦୁର୍ନୀତି ନିବାରଣ ବିଭାଗ ପକ୍ଷରୁ ରାଜ୍ୟବ୍ୟାପୀ ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ଅକ୍ଟୋବର ୨୭ରୁ ନଭେମ୍ବର ୨ ତାରିଖ ପର୍ଯ୍ୟନ୍ତ ପାଳନ କରାଯାଉଛି। ଏଥିପାଇଁ ଜିଲ୍ଲା ସ୍ତରରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟସ୍ଥ ସଦ୍‌ଭାବନା ସଭାଗୃହରେ ଅତିରିକ୍ତ ଜିଲ୍ଲାପାଳ ଜ୍ୟୋତି ଶଙ୍କର ରାୟଙ୍କ ଅଧ୍ୟକ୍ଷତାରେ ଏକ ସଚେତନତା ସଭାର ଆୟୋଜନ କରାଯାଇଥିଲା। 'ଦୁର୍ନୀତି ନିବାରଣ: ଆମ ସାମୂହିକ ଦାୟିତ୍ୱ' ଶୀର୍ଷକରେ ଆୟୋଜିତ ଏହି ସଭାରେ ମୁଖ୍ୟଅତିଥି ଭାବେ ଜିଲ୍ଲାପାଳ ଜେ ସୋନାଲ ଯୋଗଦେଇ ସଚେତନତା ଓ ସହଭାଗିତା ଦ୍ୱାରା ଦୁର୍ନୀତିମୁକ୍ତ ସମାଜ ଗଠନ ସମ୍ଭବ ବୋଲି କହିଥିଲେ। ମନୁଷ୍ୟର ଚରିତ୍ର ହିଁ ତା'ର ପରିଚୟ, ତେଣୁ ଚାରିତ୍ରିକ ସ୍ୱଚ୍ଛତା ହିଁ ସୁସ୍ଥ ସମାଜ ଗଠନର ସୂତ୍ରଧର ବୋଲି ଜିଲ୍ଲାପାଳ ମତବ୍ୟକ୍ତ କରିଥିଲେ।

ସେହିପରି ଅତିରିକ୍ତ ଜିଲ୍ଲାପାଳ ଜ୍ୟୋତି ଶଙ୍କର ରାୟ ଦୁର୍ନୀତିକୁ ଏକ ବ୍ୟାଧି ରୂପେ ଅଭିହିତ କରି ଏଥିପ୍ରତି ସତର୍କ ଓ ସଚେତନ ରହିବାକୁ ପରାମର୍ଶ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଯୋଗଦେଇ ଉପଆରକ୍ଷୀ ଅଧୀକ୍ଷକ ପ୍ରଭାସ ଚନ୍ଦ୍ର ସାହୁ କହିଥିଲେ, ଦୁର୍ନୀତି ଏକ ବିକୃତ ମାନସିକତା। ତେଣୁ ସଜାଗ ଓ ସତର୍କ ରହି ସତ୍ୟନିଷ୍ଠ ଦାୟିତ୍ୱ ପାଳନ ଦ୍ୱାରା ଦୁର୍ନୀତି ନିବାରଣ ହୋଇପାରିବ ବୋଲି ଶ୍ରୀ ସାହୁ କହିଥିଲେ। ସଭାରେ ରାଜ୍ୟ ଦୁର୍ନୀତି ନିବାରଣ ବିଭାଗରୁ ଆସିଥିବା ଏକ ବୃତ୍ତଚିତ୍ର ପ୍ରଦର୍ଶନ କରାଯାଇଥିଲା। ଶେଷରେ ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନ ଅବସରରେ ଆୟୋଜିତ ବିଦ୍ୟାଳୟ ଓ ମହାବିଦ୍ୟାଳୟ ସ୍ତରୀୟ ଓଡ଼ିଆ ଓ ଇଂରାଜୀ ବକ୍ତୃତା ଓ ପ୍ରବନ୍ଧ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ। କାର୍ଯ୍ୟକ୍ରମ ପ୍ରାରମ୍ଭରେ ଦୁର୍ନୀତି ନିବାରଣ ବିଭାଗର ଉପଆରକ୍ଷୀ ଅଧୀକ୍ଷକ ଅନୁପମା ସାହୁ ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ଶେଷରେ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ପ୍ରତିଚି ତନୟା ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ। ଶିକ୍ଷାବିତ୍ ସୁଭାଷ ରାଉତ ସଭା ପରିଚାଳନା କରିଥିଲେ।

## ମହିମା ଅଲେଖ ଆଶ୍ରମ ଜମି ଓ ଲକ୍ଷାଧିକ ଟଙ୍କା ହଡ଼ପ ଅଭିଯୋଗ

# ଉଭୟ ପକ୍ଷ ଥାନାରେ ହାଜର

**ନାଉଗାଁ, ୧।୧୧(ସମିସ):** ଶାଳିଜଙ୍ଗାସ୍ଥ ମହିମା ଅଲେଖ ଆଶ୍ରମ ଜମି ଓ ଲକ୍ଷାଧିକ ଟଙ୍କା ହଡପ କରାଯାଇଥିବା ନେଇ ମଠାଧୀଶ ବାବା ଗଦାଧର ଦାସ ଓ ଗ୍ରାମବାସୀଙ୍କ ପକ୍ଷରୁ ଗତ ୨୬ ତାରିଖରେ ଦୁଇଟି ଅଭିଯୋଗ ନାଉଗାଁ ଥାନାରେ ହୋଇଥିଲା। ଆଶ୍ରମରେ ମାଆ ଭାବେ ରହୁଥିବା ରୀନାରାଣୀ ଦାସ ଓ ତାଙ୍କ ସମ୍ପର୍କୀୟ ଭାଇଁ ମାନସ ଦାସ ମିଳିତ ଭାବେ ଚଞ୍ଚକତା କରି ମଠର ମଠାଧୀଶ ବାବା ଗଦାଧର ଦାସଙ୍କ ଅନୁପସ୍ଥିତ ଓ ସରଳତାର ସୁଯୋଗ ନେଇ ମଠ ନାମରେ ଥିବା କିଛି ଜମିକୁ ନିଜ ନାମରେ କରିନେବା ସହିତ ଭିକ୍ଷା ବାବଦକୁ ଆୟହେଉଥିବା ଟଙ୍କା ଓ ମୂଲ୍ୟବାନ ସାମଗ୍ରୀ ହଡପ କରିନେଇଛନ୍ତି। ଏ ନେଇ ମଠାଧୀଶ ଗଦାଧର ଦାସ ଓ ଗ୍ରାମବାସୀ, ଭକ୍ତଙ୍କ ପକ୍ଷରୁ ଅଭିଯୋଗ କରାଯାଇଥିଲା। ଅଭିଯୋଗକୁ ଭିତ୍ତି କରି ନାଉଗାଁ ପୁଲିସ ତଦନ୍ତ ଆରମ୍ଭ କରିଥିବାବେଳେ ଘଟଣାରେ ସତ୍ୟତା ଅନୁଭବ କରି ନାଉଗାଁ ପୁଲିସ ଆଜି ଉଭୟ ପକ୍ଷଙ୍କୁ ଥାନାକୁ ଡାକିଥିଲେ। ଉଭୟ ପକ୍ଷ ଥାନାରେ ହାଜର ହେବା ପରେ ନାଉଗାଁ ଅତିରିକ୍ତ ତହସିଲଦାର, ଥାନା ଅଧିକାରୀ, ମଠାଧୀଶ ଓ ଗ୍ରାମବାସୀଙ୍କ ଉପସ୍ଥିତିରେ ଆଗାମୀ ୧୧ ତାରିଖରେ ଏକ ୧୫ ଜଣିଆ ସ୍ୱତନ୍ତ୍ର ଦଳ ଗଠନ କରାଯାଇ ଏହି ଘଟଣାର ଫୈସଲା କରାଯିବା ପାଇଁ ସ୍ଥିର କରାଯାଇଛି।

## ଉଚ୍ଚତର ଗବେଷଣା ନିମନ୍ତେ ଯୁବ ଇଞ୍ଜିନିୟରଙ୍କ ବିଦେଶ ଯାତ୍ରା



**ଜଗତସିଂହପୁର, ୧।୧୧(ସମିସ):** ଭାରତୀୟ ପ୍ରଯୁକ୍ତି ବିଦ୍ୟା ପ୍ରତିଷ୍ଠାନରେ ନିର୍ମାଣ ପ୍ରଯୁକ୍ତି ବିଦ୍ୟା ଉପରେ ଗବେଷଣାରତ ଯୁବ ଇଞ୍ଜିନିୟର ରୁଦ୍ରନାରାୟଣ ନାୟକ ଭାରତ ସରକାରଙ୍କଠାରୁ ବୃତ୍ତି ପାଇ ଆମେରିକାସ୍ଥ ମିଚିଗାନ ରାଜ୍ୟ ବିଶ୍ୱବିଦ୍ୟାଳୟର ନିର୍ମାଣ ବିଭାଗ ପ୍ରଫେସର ଭି. କୋଦୁରଙ୍କ ଅଧୀନରେ ନିର୍ମାଣ ପ୍ରଯୁକ୍ତିବିଦ୍ୟାରେ କୃତ୍ରିମ ବୁଦ୍ଧିମତାର ସଫଳ ପ୍ରୟୋଗ ନିମନ୍ତେ ଉଚ୍ଚତର ଗବେଷଣା ପାଇଁ ଯାଇଛନ୍ତି। ରୁଦ୍ରନାରାୟଣ ଖଇରଙ୍ଗ ଶ୍ରୀଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷାକେନ୍ଦ୍ରରୁ ପ୍ରାଥମିକ ଶିକ୍ଷା ଆରମ୍ଭ କରି ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ମାଧ୍ୟମିକ, କିଟ୍ ବିଜ୍ଞାନ ମହାବିଦ୍ୟାଳୟରୁ ଉଚ୍ଚମାଧ୍ୟମିକ ଓ ବୀର ସୁରେନ୍ଦ୍ର ସାଏ ଯାନ୍ତ୍ରିକ ବିଶ୍ୱବିଦ୍ୟାଳୟରୁ ବି-ଟେକ ଓ ଏମ୍-ଟେକ ଶିକ୍ଷା କୃତିତ୍ୱର ସହ ପ୍ରଥମ ଶ୍ରେଣୀରେ ସମାପ୍ତ କରି ଅଧୁନା ଭୁବନେଶ୍ୱର ପ୍ରଯୁକ୍ତି ବିଦ୍ୟା ପ୍ରତିଷ୍ଠାନର ପ୍ରଫେସର ଶରତ ପଣ୍ଡାଙ୍କ ତତ୍ତ୍ୱାବଧାନରେ ଗବେଷଣା କରୁଥିଲେ। ସେ ଜଗତସିଂହପୁର ବ୍ଲକ ଅନ୍ତର୍ଗତ ଶାଳଜଙ୍ଗ ନିବାସୀ ଅବସରପ୍ରାପ୍ତ ଯନ୍ତ୍ରୀ କୈଳାସ ନାୟକ ଓ ରଞ୍ଜିତା ପାଣିଗ୍ରାହୀଙ୍କ ପୁତ୍ର ଅଟନ୍ତି।

## ଗଣପତି ଶିଶୁ ବିଦ୍ୟାମନ୍ଦିରରେ ଦୁର୍ନୀତି ନିବାରଣ ସଚେତନତା

**ପାରାଦୀପ, ୧।୧୧(ସମିସ):** ଭାରତୀୟ ତଟରକ୍ଷକ ବାହିନୀ ସିପ ଭରଦା ପକ୍ଷରୁ ବଲିଝରା ଗଣପତି ଶିଶୁ ବିଦ୍ୟାମନ୍ଦିରରେ ଦୁର୍ନୀତି ନିବାରଣ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ପ୍ରଧାନଆଚାର୍ଯ୍ୟା ଗୀତାଞ୍ଜଳି ତରାଇଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ କୋଷ୍ଟଗାର୍ଡ ଆସିଷ୍ଟାଣ୍ଟ କମାଣ୍ଡାଣ୍ଟ ପିପି ହାଜଙ୍ଗ, ପ୍ରଧାନ ନାବିକ ଆରପିଏ ନାରାୟଣ ଗିରି, ହିମାଂଶୁ ପାଣିଗ୍ରାହୀ ଓ ଡିଇଓ ହୃଦାନନ୍ଦ ନାଥଶର୍ମା ପ୍ରମୁଖ ଯୋଗ ଦେଇଥିଲେ। କର୍ମଚାରୀ କର୍ମକ୍ଷେତ୍ରରେ ନିଜର ନୈତିକ ଆଚରଣକୁ ସୁଦୃଢ଼ କରିବା ପାଇଁ ସଚେତନତା ସୃଷ୍ଟି କରିବା ଓ ନିଜ ଜୀବନରେ ସଚ୍ଚୋଟତା ଓ ସତ୍ୟ ନିଷ୍ଠା ଜାଗ୍ରତ କରିବାକୁ ଉପସ୍ଥିତ ଭାରତୀୟ ତଟରକ୍ଷକ ବାହିନୀର ବରିଷ୍ଠ ଅଧିକାରୀ ପରାମର୍ଶ ଦେଇଥିଲେ। ବିଦ୍ୟାଳୟର ରାଜଶ୍ରୀ ଗୁରୁମା, ନିବେଦିତା ଗୁରୁମା, ଦିବ୍ୟଜ୍ୟୋତି ଗୁରୁଜୀ, ବିପ୍ଳବ ଗୁରୁଜୀ, ସୁଧାକର ଗୁରୁଜୀ, ଶ୍ରୀକାନ୍ତ ଗୁରୁଜୀ, ସ୍ନେହଲତା ଗୁରୁମା, ତିଳୋତ୍ତମା ଗୁରୁମା, ମଇନା ଗୁରୁମା ପ୍ରମୁଖ ସହଯୋଗ କରିଥିଲେ।

# ଶ୍ରୀଜଗନ୍ନାଥଙ୍କ ପଢୁଆଁ ନୀତିକୁ ସ୍ୱୀକୃତି ଓ ଆର୍ଥିକ ଅନୁଦାନ ଦାବି

**ଜଗତସିଂହପୁର, ୧।୧୧(ସମିସ)**

ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଶ୍ରୀମନ୍ଦିରରେ ପଢୁଆଁ ଅଷ୍ଟମୀ ନୀତିକାନ୍ତି ବହୁ ବର୍ଷ ଆଗରୁ ବନ୍ଦ ହୋଇଯାଇଥିଲା। ପ୍ରଥମାଷ୍ଟମୀ ଦିନ ବଡ଼ ଦେଉଳରେ ବଡ଼ଠାକୁର ନୂଆବସ୍ତ୍ର ପିନ୍ଧୁ ନ ଥିଲେ। ଜଗନ୍ନାଥ ସଂସ୍କୃତିକୁ ମାନି ଚଳୁଥିବା ପ୍ରତ୍ୟେକ ପରିବାରରେ ଏହିଦିନ ବଡ଼ପୁଅ ଓ ଝିଅମାନେ ନୂଆ ପିନ୍ଧି ଅଷ୍ଟମୀ ପାଳନ କରନ୍ତି। ଶ୍ରୀଜଗନ୍ନାଥ ଚେତନା ସୁରକ୍ଷା ଅଭିଯାନର ପ୍ରସ୍ତାବ ଓ ସକ୍ରିୟ ସହଯୋଗରେ ୨୦୧୯ରୁ ନିଆଳି ମାଧବାନନ୍ଦଜୀଉ ବିକାଶ ପରିଷଦ ପକ୍ଷରୁ ମହାପ୍ରଭୁଙ୍କୁ ପଢୁଆଁ ଅଷ୍ଟମୀ ପାଳନ କରାଯାଉଛି। ହଜାର ହଜାର ଜଗନ୍ନାଥପ୍ରେମୀ, ଭକ୍ତ, ସାଧୁସନ୍ଥ ପଢୁଆଁଭାର ଶୋଭାଯାତ୍ରାରେ ଭାଗ ନେଉଛନ୍ତି। ଉତ୍କଳୀୟ ପରମ୍ପରା ଅନୁସାରେ ଅଷ୍ଟମୀ ଭାରରେ ରତ୍ନସିଂହାସନରେ ବିଜେ ସାତଦିଅଁଙ୍କ ପାଇଁ ଖଣ୍ଡୁଆ ପାଟ, ଫୁଲ, ତୁଳସୀ, ଘିଅ, ଚୁଆ, ଚନ୍ଦନ, ଅଗୁରୁ, କର୍ପୁର ସହିତ ଅରୁଆ ଚାଉଳ, ବିରି, ଗୁଡ଼, ନଡ଼ିଆ, କଦଳୀ, ଫଳମୂଳ, ପାନଗୁଆ ଆଦି ବହୁ ସାମଗ୍ରୀ ଯାଉଛି। ଏସବୁ ମାଧବରୁ ଯାଉଛି। ଜଗତସିଂହପୁରରୁ ନୀଳଚକ୍ରରେ ବନ୍ଧା ହେବାକୁ ବଡ଼ ପତାକା ଯାଉଛି।

ଚଳିତ ବର୍ଷ ଗୁମୁଟ ଲକ୍ଷ୍ମୀଙ୍କ ପାଇଁ ପାଟ, ଗରୁଡ଼ ସ୍ତମ୍ଭ ପାଇଁ ଘାଗରା, ଶ୍ରୀମନ୍ଦିର ବୃନ୍ଦାବତୀ ପାଇଁ ଘାଗରା, ମା' ଲକ୍ଷ୍ମୀଙ୍କ ପାଇଁ ପାଟ ଦିଆଯିବ। ଏହି ପଢୁଆଁ ଶୋଭାଯାତ୍ରା ରଥଯାତ୍ରା ପରେ ବଡ଼ଦାଣ୍ଡରେ ଦ୍ୱିତୀୟ




ବଡଯାତ୍ରା ହୋଇପାରିଛି। ସରକାର ଏ ପର୍ଯ୍ୟନ୍ତ ଏହାକୁ ସ୍ୱୀକୃତି ଦେଇନାହାନ୍ତି। ପଢୁଆଁ ଭାରରେ ଯାଇଥିବା ସାମଗ୍ରୀରେ ଅଷ୍ଟମୀ ଦିନ ମହାପ୍ରଭୁଙ୍କ କୋଠ ଭୋଗ ପ୍ରସ୍ତୁତ ହେଉଛି। ଖଣ୍ଡୁଆପାଟରେ ରତ୍ନବେଦୀରେ ବିଜେ ଦିଅଁଙ୍କୁ ବେଶ କରାଯାଉଛି। ତେଣୁ ଏତେବଡ ଆଧ୍ୟାତ୍ମିକ କାର୍ଯ୍ୟକ୍ରମକୁ ସରକାର ସ୍ୱୀକୃତି ଦେବାକୁ ଜିଲ୍ଲାପାଳଙ୍କ ଜରିଆରେ ବିଭିନ୍ନ ସଂଗଠନ ଓ ବ୍ୟକ୍ତିବିଶେଷଙ୍କ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କୁ ନିବେଦନ କରାଯାଇଛି। ସାମାଜିକ କର୍ମୀ ଅରୁଣ ଆଚାର୍ଯ୍ୟ, ଜଗତସିଂହପୁର ସାରସ୍ୱତ ପରିଷଦ ସଭାପତି ହିମାଂଶୁ ଆଚାର୍ଯ୍ୟ, ବ୍ୟାସ ଫାଉଣ୍ଡେସନ ଅଧ୍ୟକ୍ଷା ସ୍ନେହମୟୀ ଆଚାର୍ଯ୍ୟ, ଓକିଲ ସଂଘ ପକ୍ଷରୁ ଗଣେଶ୍ୱର ମାଣିଆ, ଦୁର୍ଯ୍ୟୋଧନ ରାଉତ, ଅନିରୁଦ୍ଧ ସାବତ, ବରିଷ୍ଠ ସାମ୍ବାଦିକ ଶଶାଙ୍କ ଶେଖର ପଣ୍ଡା, ଜ୍ୟୋତି ରଞ୍ଜନ ପରିଡ଼ା, ସରୋଜ ନାୟକ, ତପନ ରାଉତରାୟ, ବିକ୍ରମ ମହାନ୍ତି, ବେଣୁଧର ନାୟକ, ସମାଜସେବୀ ଡକ୍ଟର ଧୃତିଧର ଦାସ ପ୍ରମୁଖ ଦାବି ଉପସ୍ଥାପନ କରିଛନ୍ତି।

# ବ୍ୟବସାୟୀଙ୍କୁ ଅପହରଣ କରି ୨ କୋଟିର ମୁଣ୍ଡ ଜାମିନ



## ୪ ଗିରଫ; ୨ଟି କାର୍, ୮ ଲକ୍ଷ ଟଙ୍କା ଜବତ

## ପ୍ରାକ୍ତନ କନେଷ୍ଟବଲ ଅଟକ

ବାରିପଦା/ବେତନଟୀ/ବୈଶିଙ୍ଗା,୧।୧୧ (ସମିସ): ଜଣେବ୍ୟବସାୟୀଙ୍କୁଅପହରଣକରି୨ କୋଟି ଟଙ୍କା ମୁଣ୍ଡ ଜାମିନ ରଖିବା ଅଭିଯୋଗରେ ମୟୂରଭଞ୍ଜ ପୁଲିସ ୪ଜଣ ଅପହର୍ତ୍ତାଙ୍କୁ ଗିରଫ କରିଛି। ସେମାନେ ହେଲେ, ବାଲେଶ୍ୱର ଜିଲ୍ଲା ରୁପ୍ସା ଥାନା ଅନ୍ତର୍ଗତ ଗଡ଼ପଦା ଗ୍ରାମର ଅର୍ମାନ ଖାଁ (୩୪), ଆଗରବେଡ଼ା ଗ୍ରାମର ରାଜେଶ ବାରିକ (୩୦), ମିରିଗିମୁଣ୍ଡି ଗ୍ରାମର ଭବେଶ ଚନ୍ଦ୍ର ବେହେରା (୧୯) ଓ ହାଟଡ଼ିହି ଗ୍ରାମର ବଳରାମ ରାଉତ (୨୦)। ସେମାନଙ୍କ ନିକଟରୁ ପୁଲିସ ୮,୭୪,୭୦୦ଟଙ୍କା, ଦୁଇଟି କାର୍, ୭ଟି ମୋବାଇଲ୍ ଓ ୪ଟି ତେଲେଙ୍ଗା କଟୁରି ଜବତ କରିଛି। ଏନେଇ ବୈଶିଙ୍ଗା ପୁଲିସ ଏକ ମାଲା ରୁଜୁ କରି ସମସ୍ତ ଅଭିଯୁକ୍ତଙ୍କୁ କୋର୍ଟଚାଲାଣ କରିଛି। ସେହିପରି ଏହି ଘଟଣାରେ ପୁଲିସ ଜଣେ ପ୍ରାକ୍ତନ କନେଷ୍ଟବଲଙ୍କୁ ଅଟକ ରଖିଅଧିକ ତଦନ୍ତ ଚଳାଇଛି। ଶନିବାର ଅପରାହ୍ଣରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ମୟୂରଭଞ୍ଜ ଏସ୍‌ପି ବରୁଣ ଗୁଣ୍ଟୁପାଲ୍ଲି ଏ ସଂପର୍କରେ ବିସ୍ତୃତ ସୂଚନା ଦେଇଛନ୍ତି। ପୁଲିସ୍ ସୂଚନାନୁଯାୟୀ, ବାରିପଦା ସହରର ଷ୍ଟେସନ୍ ବଜାର ଅଞ୍ଚଳର ସୁନୀଲ ଅଗ୍ରୱାଲଙ୍କ ବୈଶିଙ୍ଗା ଅଞ୍ଚଳରେ ଏକ ରାଇସ୍ ମିଲ୍ ରହିଛି। କିଛି ଲୋକଙ୍କ ସହ ମିଶି ସେ ବେତନଟୀ ବ୍ଲକ ଅଞ୍ଚଳରେ ଏକ ଜମି କାରବାର କରିଥିଲେ। ଉକ୍ତ ଜମି କାରବାର ଭାଗ ଟଙ୍କା ଦେବେ ବୋଲି ଡିଲ୍ ହୋଇଥିଲା। କିନ୍ତୁ ଜମି କାରବାର ପରେ ସୁନୀଲ ଟଙ୍କା ଦେଇନଥିଲେ। ଏହାକୁ ନେଇ ବିବାଦ ସୃଷ୍ଟି ହୋଇଥିଲା। ଏହାକୁ ନେଇ ମାରପିଟ୍, ଗଣ୍ଡଗୋଳ ହୋଇ ଥାନାରେ ଅଭିଯୋଗ ହୋଇଥିଲା। ତେବେ ଡିଲ୍ ଟଙ୍କା ଆଦାୟ କରିବା ପାଇଁ ସମସ୍ତ ଗ୍ରୁପ୍ ସଦସ୍ୟମାନେ ତାଙ୍କୁ ଅପହରଣ କରି ମୁଣ୍ଡ ଜାମିନରେ ଟଙ୍କା ଆଦାୟ କରିବାର ଯୋଜନା କରିଥିଲେ। ତେଣୁ ସୁନୀଲଙ୍କୁ ଯୋଜନା କରି ଅପହରଣ କରିନେଇଥିଲେ।

ଗତ ଅକ୍ଟୋବର ୨୩ରେ ସୁନୀଲ କାର୍‌ରେ ବାରିପଦାରୁ ବାଲେଶ୍ୱର ଯାଉଥିବା ବେଳେ ଦୁର୍ବୃତ୍ତମାନେ ଦୁଇଟି କାର ଓ ଦୁଇଟି ବାଇକରେ ତାଙ୍କୁ ପିଛା କରିଥିଲେ। ୧୮ ନମ୍ବର ଜାତୀୟ ରାଜପଥର ପଦ୍ମନାଭପୁର ଟୋଲଗେଟ୍ ନିକଟରେ ସେମାନେ ତାଙ୍କୁ ଜୋରଜବରଦସ୍ତ ଅଟକାଇଥିଲେ। ତାଙ୍କ ମୁଣ୍ଡକୁ ଆକ୍ରମଣ କରି ଚେତାଶୂନ୍ୟ କରିବା ପରେ ଅପହରଣ କରି ରୁପ୍ସା ନେଇଯାଇଥିଲେ। ସେଠାରେ ସେମାନେ ସୁନୀଲଙ୍କୁ ବନ୍ଧୁକ ଓ କଟୁରି ଦେଖାଇ ଭୟଭୀତ କରିବା ସହ ମୁକ୍ତ କରିବା ପାଇଁ ତାଙ୍କ ପରିବାରଲୋକଙ୍କୁ ୨ କୋଟି ଟଙ୍କା ଦାବି କରିଥିଲେ। ତେବେ କଥା ୮୦ଲକ୍ଷରେ ଛିଡ଼ିଥିଲା। ପରିବାରଲୋକେ ଶୁକ୍ରବାର ୮୦ଲକ୍ଷ ଟଙ୍କା ନେଇ ସୁନୀଲଙ୍କୁ ଉଦ୍ଧାର କରିବା ପାଇଁ ଯାଇଥିଲେ। ଅପହରଣକାରୀମାନେ ଟଙ୍କା ନେଇ ସୁନୀଲଙ୍କୁ ଛାଡ଼ି ଦେଇଥିଲେ। କିନ୍ତୁ, ପରେ ଅପହରଣକାରୀମାନେ ଜାଣିବାକୁ ପାଇଥିଲେ ଯେ ସୁନୀଲଙ୍କ ପରିବାରଲୋକ ତାଙ୍କୁ ୮୦ ଲକ୍ଷ ବଦଳରେ ୪୦ଲକ୍ଷ ଟଙ୍କା ଦେଇ ଠକି ଦେଇଛନ୍ତି। ତେଣୁ ସେମାନେ ବାକି ଟଙ୍କା ଦେବାକୁ ପୁଣି ଫୋନ୍‌ରେ ଧମକ ଦେଇଥିଲେ। କିନ୍ତୁ ପରିବାରଲୋକେ ଏ ସଂପର୍କରେ ଜିଲ୍ଲା ଆରକ୍ଷୀ ଅଧୀକ୍ଷକଙ୍କୁ ଜଣାଇଥିଲେ।

ଏସ୍‌ପିଙ୍କ ନିର୍ଦ୍ଦେଶକ୍ରମେ ଅତିରିକ୍ତ ଏସପି ଓ ବେତନଟୀ ଏସ୍‌ଡିପିଓଙ୍କ ନେତୃତ୍ୱରେ ବେତନଟୀ, ବୈଶିଙ୍ଗା, ମୋରଡ଼ା, ରାସଗୋବିନ୍ଦପୁର ଥାନା ଅଧିକାରୀଙ୍କୁ ନେଇ ଗଠିତ ପୁଲିସ ଟିମ ଚଢ଼ଉ କରି ରୁପ୍ସା ଅଞ୍ଚଳରୁ ୪ଜଣ ଅପହରଣକାରୀଙ୍କୁ ଧରିଥିଲେ। ଘଟଣାର ତଦନ୍ତ ଜାରି ଥିବାବେଳେ ମୁଖ୍ୟ ସୂଚନାଦାତା ପ୍ରାକ୍ତନ କନେଷ୍ଟବଳ ଦାମା ଓରଫ ଦାମୋଦର ପାତ୍ର ସହିତ ୫ଜଣ ସମ୍ପୃକ୍ତ ରହିଛନ୍ତି। ଦାମ ପାଖରେ ବାକି ଟଙ୍କା ଥିବା କୁହାଯାଉଛି। ସେ ସ୍ୱେଚ୍ଛାକୃତ ଅବସର ନେଇ ଜମି କାରବାରରେ ଲିପ୍ତ ରହିଛନ୍ତି। ଅନ୍ୟ ସମସ୍ତଙ୍କୁ ଖୁବ୍‌ଶୀଘ୍ର ଗିରଫ କରାଯିବ ବୋଲି ଏସପି କହିଛନ୍ତି।

ଏହି ସାମ୍ବାଦିକ ସମ୍ମିଳନୀରେ ଅତିରିକ୍ତ ଏସପି ଦୀପକ କୁମାର ଗୋଛାୟତ, ବେତନଟୀ ଏସ୍‌ଡିପିଓ ମିନତୀ ବିଶ୍ୱାଳ, ବୈଶିଙ୍ଗା ଥାନା ଅଧିକାରୀ ବାରୁଣୀ ଦାସ ଓ ଅନ୍ୟମାନେ ଉପସ୍ଥିତ ଥିଲେ।

# ଏମ୍‌କେସିଜି ମେଡିକାଲରେ ପୁଣି ରାଗିଂ

ବ୍ରହ୍ମପୁର, ୧।୧୧ (ସମିସ): ଏମ୍‌କେସିଜିରେ ପୁଣି ରାଗିଂ। ମେଡିକାଲ କଲେଜ ହଷ୍ଟେଲ ୨ ଓ ୩ ନମ୍ବରର ୫ଜଣ ସିନିୟର୍ ଛାତ୍ର କିଛି ଜୁନିୟର୍ ଛାତ୍ରଙ୍କୁ ରାଗିଂ କରିଥିବା ନେଇ ଦିଲ୍ଲୀସ୍ଥିତ ଆଣ୍ଟି ରାଗିଂସେଲ୍ ନିକଟରେ ଅଭିଯୋଗ ହୋଇଛି। ଜୁନିୟର୍ ଛାତ୍ରଙ୍କୁ ସେମାନେ ଶାରୀରିକ ଓ ମାନସିକ ନିର୍ଯାତନା ଦେଉଥିବା ନେଇ ଅଭିଯୋଗରେ ଦର୍ଶାଯାଇଛି। ଏହି ଘଟଣା ପଦାକୁ ଆସିବା ପରେ ଆଜି ମେଡିକାଲ କଲେଜ ଓ ହସ୍ପିଟାଲ୍ ଡିନ୍ ପ୍ରଫେସର୍ ଡା. ସୁଚିତ୍ରା ଦାଶଙ୍କ ଅଧ୍ୟକ୍ଷତାରେ ଆଣ୍ଟି ରାଗିଂ କମିଟିର ଏକ ଜରୁରି ବୈଠକ ବସିଥିଲା। ଏଥିରେ ବିଭିନ୍ନ ବର୍ଷର ବହୁ ଛାତ୍ରଛାତ୍ରୀଙ୍କୁ ଡାକି ସେମାନଙ୍କ ମତାମତ ସଂଗ୍ରହ କରାଯାଇଥିଲା। ତେବେ କୌଣସି ସିନିଅର ଛାତ୍ର ଜୁନିୟର୍ ଛାତ୍ରଙ୍କୁ ରାଗିଂ କରି ନଥିବା ନେଇ ମତ ପ୍ରକାଶ କରିଥିଲେ।

ଅନ୍ୟପକ୍ଷରେ, ମେଡିକାଲ କଲେଜ କର୍ତ୍ତୃପକ୍ଷ କହିଛନ୍ତି ଯେ ପୂର୍ବରୁ ମଧ୍ୟ ଏଭଳି ଅନେକ ଅଭିଯୋଗ ଆସିଛି, କିନ୍ତୁ ତଦନ୍ତ ପରେ ତାହା ଭିତ୍ତିହୀନ ବୋଲି ପ୍ରମାଣିତ ହୋଇଛି। ବାରମ୍ବାର ଏଭଳି ମିଥ୍ୟା ଅଭିଯୋଗ ଦ୍ୱାରା ଏମ୍‌କେସିଜି ମେଡିକାଲ କଲେଜ ଓ ହସ୍ପିଟାଲ ବଦ୍‌ନାମ ମୁଣ୍ଡାଉଛି। ସେହିପରି, ଛାତ୍ରଛାତ୍ରୀମାନେ ତଦନ୍ତ ପାଇଁ ଘଣ୍ଟାଘଣ୍ଟା ଅପେକ୍ଷା କରିବା ସହ ମାନସିକ ସ୍ତରରେ ଦୁର୍ବଳ ହେଉଥିବା ଅଭିଯୋଗ କରିଛନ୍ତି। ଏଭଳି ବାରମ୍ବାର ଅଭିଯୋଗ ଆସୁଥିବା ବେଳେ ବେନାମୀ ରାଗିଂ ଅଭିଯୋଗର ସତ୍ୟାସତ୍ୟ ଯାଞ୍ଚ

- ବସିଲା ଆଣ୍ଟି ରାଗିଂ କମିଟି ବୈଠକ; ଚିହ୍ନଟ ହେଉନି ଅଭିଯୋଗକାରୀ
- ମିଛ ଅଭିଯୋଗକୁ ନେଇ ଛାତ୍ରଙ୍କ ମଧ୍ୟରେ ଅସନ୍ତୋଷ

କରାଯାଉନାହିଁ। ତେଣୁ ତୁରନ୍ତ ଏହି ଘଟଣାର ତଦନ୍ତ କରିବା ସହ ଅଭିଯୋଗକାରୀଙ୍କୁ ଚିହ୍ନଟ କରିବାକୁ ଛାତ୍ରଛାତ୍ରୀଙ୍କ ପକ୍ଷରୁ ଦାବି ହୋଇଛି। ଯଦି ଅଭିଯୋଗ ମିଥ୍ୟା ପ୍ରମାଣିତ ହୁଏ, ତେବେ ସେମାନଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି ହୋଇଛି। ଆଜିର ଏହି ବୈଠକରେ ଏମ୍‌କେସିଜି ମେଡିକାଲ ଅଧୀକ୍ଷକ ପ୍ରଫେସର୍ ଡା. ଦୁର୍ଗାମାଧବ ଶତପଥୀ, ରେଜିଷ୍ଟ୍ରାର୍ ସଂଗ୍ରାମ ଶେଖର ପଣ୍ଡାଙ୍କ ସମେତ କମିଟିର ଅନ୍ୟ ସଦସ୍ୟମାନେ ଉପସ୍ଥିତ ଥିଲେ।

# ସୋମବାରରୁ ହାଇକୋର୍ଟ ୩ ଦିନ ଛୁଟି

କଟକ,୧।୧୧(ସମିସ): ଆସନ୍ତା ସୋମବାର ନଭେମ୍ବର ୩ ତାରିଖରେ ହାଇକୋର୍ଟ ଛୁଟି ରହିବ। ସେହିପରି ବଡ଼ଓଷା ଓ କାର୍ତ୍ତିକ ପୂର୍ଣ୍ଣିମା ପାଇଁ ନଭେମ୍ବର ୪ ଓ ୫ ତାରିଖ ମଧ୍ୟ ଛୁଟି ରହିବ। ଚାଲିଥିବା କାର୍ତ୍ତିକ ବ୍ରତ ପାଇଁ ୩ ତାରିଖକୁ ହାଇକୋର୍ଟ ପକ୍ଷରୁ ଛୁଟି ଘୋଷଣା କରାଯାଇଛି। ଏହା ବଦଳରେ ନଭେମ୍ବର ୨୯ ତାରିଖ ଶନିବାର ଦିନକୁ କୋର୍ଟ କାର୍ଯ୍ୟ ଦିବସ ଭାବେ ଘୋଷଣା କରାଯାଇଛି। ଏନେଇ ହାଇକୋର୍ଟ ପକ୍ଷରୁ ଆଜି ବିଜ୍ଞପ୍ତି ପ୍ରକାଶ ପାଇଛି। ହାଇକୋର୍ଟ ଗୁରୁବାର ଦିନ ଖୋଲିବ।



## ଚେକ୍ ବାଉନ୍ସ ମାମଲା

# ପୂର୍ବତନ ବ୍ୟାଙ୍କ ମ୍ୟାନେଜରଙ୍କୁ ୨ ବର୍ଷ ଜେଲ୍, ୫୦ ଲକ୍ଷ ଜରିମାନା

ବ୍ୟାସନଗର, ୧।୧୧ (ସମିସ): ଯାଜପୁର ରୋଡ୍ ଅତିରିକ୍ତ ଜିଲ୍ଲା ଦୌରାଜଜ୍‌ଙ୍କ କୋର୍ଟର ସିଭିଲ ଜଜ୍ ତଥା ଫାଷ୍ଟକ୍ଲାସ୍ ମାଜିଷ୍ଟ୍ରେଟ୍ ବିରଜା ପ୍ରସାଦ ପଣ୍ଡା ଶନିବାର ଏକ ଅର୍ଥନୈତିକ ଠକେଇ ମାମଲାର ବିଚାର କରି ଅଭିଯୁକ୍ତ ପୂର୍ବତନ ଅର୍ବାନ କୋ-ଅପରେଟିଭ ବ୍ୟାଙ୍କ ମ୍ୟାନେଜର୍ ଗୌରୀପ୍ରସାଦ ଦାସଙ୍କୁ ୨ବର୍ଷ ସଶ୍ରମ କାରାଦଣ୍ଡ ସହ ୫୦ ଲକ୍ଷ ଟଙ୍କା ଜରିମାନାରେ ଦଣ୍ଡିତ କରିଛନ୍ତି। ଜରିମାନା ଅନାଦେୟ ହେଲେ ଆଉ ୨ ମାସ ଜେଲ୍ ଦଣ୍ଡ ଭୋଗିବାକୁ ରାୟରେ ନିର୍ଦ୍ଦେଶ ରହିଛି।

ସୂଚନାଯୋଗ୍ୟ, ଯାଜପୁର ରୋଡ୍ ଆଦର୍ଶ ଥାନା ଅନ୍ତର୍ଗତ ଦଳା ମହିଳା କଲେଜ ନିକଟରେ ରହୁଥିବା ଉଦୟ ଚନ୍ଦ୍ରିକା ପେସାରେ ଜଣେ ଠିକାଦାର। ସେ ଯାଜପୁର ରୋଡ୍‌ରେ ଥିବା ଅର୍ବାନ କୋ ଅପରେଟିଭ ବ୍ୟାଙ୍କରେ ତାଙ୍କ ଠିକାଦାର କାର୍ଯ୍ୟର ଅର୍ଥନୈତିକ କାରବାର କରିଥାନ୍ତି। ଏହି ଅବସରରେ ସେଠାରେ ପରିଚାଳକ ଭାବେ କାର୍ଯ୍ୟ କରୁଥିବା ଅଭିଯୁକ୍ତ ଗୌର ପ୍ରସାଦ ଦାସ ଉଦୟ ଚନ୍ଦ୍ରିକାଙ୍କ ସଂସ୍ପର୍ଶରେ ଆସିବା ସହିତ ୨୦୧୮ ଅଗଷ୍ଟ ମାସରେ ତାଙ୍କଠାରୁ ୨୫ଲକ୍ଷ ଟଙ୍କା ସହାୟତା କରଜ ରାଶି ନେବା ସହିତ ୨୦୧୮ ନଭେମ୍ବର ମାସରେ ଏହି ଅର୍ଥ ଫେରାଇବାକୁ ପ୍ରତିଶ୍ରୁତି ଦେଇଥିଲେ। ଏନେଇ ସେ ଅର୍ବାନ ବ୍ୟାଙ୍କ କଟକ ତିନିକୋଣିଆ ବଗିଚାର ୧୨୩୦୯୦ ନଂ. ଚେକ୍ ତା ୯-୧୧-୨୦୧୮ ର ସମ୍ପୃକ୍ତ ମହିଳା ଠିକାଦାରଙ୍କୁ ପ୍ରଦାନ କରିଥିଲେ। ତେବେ ସମ୍ପୃକ୍ତ ଠିକାଦାର ବ୍ୟାଙ୍କ ମ୍ୟାନେଜର ଦେଇଥିବା ଚେକ୍ ନିଜ ଖାତାରେ ଲଗାଇବାରୁ ଏହା ବାଉନ୍ସ ହୋଇଯାଇଥିଲା। ଏନେଇ ସମ୍ପୃକ୍ତ ମହିଳା ଠିକାଦାର ଚିଠି ପଠାଇବା ପରେ କିଛି ସୁଫଳ ନ ମିଳିବାରୁ ବାଧ ହୋଇ ଅଦାଲତଙ୍କ ଦ୍ୱାରସ୍ଥ ହୋଇଥିଲେ।

ଅଦାଲତ ଏହି ମାମଲାର ଶୁଣାଣି କରି ଅଭିଯୁକ୍ତ ପୂର୍ବତନ ବ୍ୟାଙ୍କ ମ୍ୟାନେଜର ଗୌରୀ ପ୍ରସାଦ ଦାସଙ୍କୁ ୫୦ଲକ୍ଷ ଟଙ୍କା ଜରିମାନା ସମେତ ୨ ବର୍ଷ କାରାଦଣ୍ଡ, ଅନାଦେୟ ଆଉ ୨ମାସ ସଶ୍ରମ କାରାଦଣ୍ଡ ନିର୍ଦ୍ଦେଶ ଦେଇଥିଲେ। ଠିକାଦାର ଉଦୟ ଚନ୍ଦ୍ରିକାଙ୍କ ତରଫରୁ ଯାଜପୁର ରୋଡ୍ କୋର୍ଟର ବରିଷ୍ଠ ଆଇନଜୀବୀ ଜଗନ୍ନାଥ ପ୍ରସାଦ ପତି ମାମଲା ପରିଚାଳନା କରୁଥିବା ବେଳେ ଅଭିଯୁକ୍ତ ପୂର୍ବତନ ବ୍ୟାଙ୍କ ମ୍ୟାନେଜରଙ୍କ ତରଫରୁ ଆଇନଜୀବୀ ସୁବାସ ଚନ୍ଦ୍ର ନନ୍ଦ ମାମଲା ପରିଚାଳନା କରୁଥିଲେ।

# 'ସୁଭଦ୍ରା ଶକ୍ତିମେଳା-୨୦୨୫' ଉଦ୍‌ଘାଟିତ

ଭୁବନେଶ୍ୱର, ୧।୧୧(ସମିସ): 'ସୁଭଦ୍ରା ଶକ୍ତି ମେଳା' କେବଳ ଉତ୍ପାଦିତ ସାମଗ୍ରୀର ପ୍ରଦର୍ଶନୀ ବା ବିକ୍ରୟର ସ୍ଥାନ ନୁହେଁ; ମା'ମାନଙ୍କର ଶ୍ରମ, ସୃଜନଶୀଳତା ଓ ସଫଳତାର ମେଳା ବୋଲି 'ସୁଭଦ୍ରା ଶକ୍ତି ମେଳା' ଦ୍ୱିତୀୟ ସଂସ୍କରଣକୁ ଉଦ୍ଘାଟନ କରି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ଭୁବନେଶ୍ୱର ଇଡ୍‌କୋ ପ୍ରଦର୍ଶନୀ ପଡ଼ିଆରେ ଆଜିଠାରୁ ଆରମ୍ଭ ହୋଇଥିବା ଏହି ମେଳାରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା କହିଥିଲେ ଯେ ସୁଭଦ୍ରାର ମା'ମାନେ ତାଙ୍କର ଉତ୍ପାଦିତ ସାମଗ୍ରୀ ଜରିଆରେ ରାଜ୍ୟ ପାଇଁ ସୁନାମ ଆଣୁଛନ୍ତି। ପ୍ରତ୍ୟେକ ଘରୁ ଜଣେ ଲେଖାଏଁ ଲକ୍ଷପତି ଦିଦି ସୃଷ୍ଟି କରିବା ଆମର ଲକ୍ଷ୍ୟ। ଗତ ସଂସ୍କରଣରେ ୮ କୋଟି ଟଙ୍କାର ବ୍ୟବସାୟ ହୋଇଥିବା ବେଳେ ଚଳିତ ସଂସ୍କରଣରେ ୧୫ କୋଟି ଟଙ୍କାର ବ୍ୟବସାୟ ପାଇଁ ଆଶା ରହିଛି ବୋଲି ସେ କହିଥିଲେ।

ଆସନ୍ତା ୧୨ ତାରିଖ ଯାଏଁ ଚାଲିବାକୁ ଥିବା ଏହି ମେଳାରେ ରାଜ୍ୟର ସମସ୍ତ ଜିଲ୍ଲାରୁ ୩୦୦ରୁ ଊର୍ଦ୍ଧ୍ୱ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ଭାଗନେଇ ସେମାନଙ୍କ ଉତ୍ପାଦିତ ଦ୍ରବ୍ୟର ପ୍ରଦର୍ଶନ ଓ ବିକ୍ରୟ କରୁଛନ୍ତି। ଏଥିସହିତ ପଞ୍ଜାବ, ଝାଡ଼ଖଣ୍ଡ, ଆନ୍ଧ୍ର ପ୍ରଦେଶ, ବିହାର, ଆସାମ, ପଶ୍ଚିମବଙ୍ଗ, ଛତିଶଗଡ଼, ଗୁଜୁରାଟ ଆଦି ୧୧ଟି ରାଜ୍ୟରୁ ନିମନ୍ତ୍ରିତ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ସେମାନଙ୍କ ରାଜ୍ୟର ଉତ୍କୃଷ୍ଟ ଉତ୍ପାଦକୁ ଷ୍ଟଲ୍‌ରେ ପ୍ରଦର୍ଶନ କରିଛନ୍ତି। ଉଦ୍ଘାଟନୀ ଉତ୍ସବରେ ମିଶନ ଶକ୍ତି ବିଭାଗର କମିସନର ତଥା ଶାସନ ସଚିବ ଗିରିଶ ଏସ.ଏନ୍ ସ୍ୱାଗତ ଭାଷଣ ଦେଇଥିବା ବେଳେ ବିଭାଗୀୟ ନିର୍ଦ୍ଦେଶିକା ଡ. ମୋନିକା ପ୍ରିୟଦର୍ଶିନୀ ଧନ୍ୟବାଦ ଅର୍ପଣ କରିଥିଲେ।

# ଅଚେତ କରି ବିଲରେ ଯୁବତୀଙ୍କୁ ଗଣଦୁଷ୍କର୍ମ



- ଅଫିସରୁ ଫେରୁଥିବା ବେଳେ ବାଟରୁ ଟେକିନେଲେ
- ୨ ଯୁବକ ଅଟକ

ସୋନପୁର, ୧।୧୧ (ସମିସ): ସୁବର୍ଣ୍ଣପୁରରେ ଲଜ୍ଜା। ବୀରମହାରାଜପୁର ଥାନା ଉଲୁଣ୍ଡା ବ୍ଲକ୍ ହିକୁଡି ଅଞ୍ଚଳରେ ଦୁର୍ବୃତ୍ତମାନେ ଜଣେ ଯୁବତୀଙ୍କୁ ଗଣଦୁଷ୍କର୍ମ କରିଛନ୍ତି। ଶୁକ୍ରବାର ସଂଧ୍ୟାରେ ୨୦ ବର୍ଷୀୟା ଏହି ଯୁବତୀଜଣଙ୍କ ଅଫିସ୍ ସାରି ଘରକୁ ଫେରୁଥିବା ବେଳେ ୩ଜଣ ଯୁବକ ତାଙ୍କୁ ଅଚେତ କରି ଏକ ବିଲ ମଝିକୁ ନେଇଯାଇଥିଲେ। ସେଠାରେ ସେମାନେ ତାଙ୍କୁ ଗଣଦୁଷ୍କର୍ମ କରିଥିଲେ। ଏ ସଂପର୍କରେ ଯୁବତୀଜଣଙ୍କ ଆଜି ବୀରମହାରାଜପୁର ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ଏହାକୁ ଗୁରୁତ୍ୱର ସହ ନେଇ ପୁଲିସ ୨ଜଣ ଯୁବକଙ୍କୁ ଉଠାଇ ନେଇ ପଚରାଉଚରା କରୁଛି।

ଅପରପକ୍ଷେ, ଏହି ଖବର ପ୍ରଘଟ ହେବା ପରେ ସ୍ଥାନୀୟ ଅଞ୍ଚଳରେ ତୀବ୍ର ଆଲୋଡ଼ନ ସୃଷ୍ଟି ହୋଇଛି। ସୂଚନାନୁଯାୟୀ, ଯୁବତୀଜଣଙ୍କ ଏକ ଘରୋଇ କମ୍ପାନୀରେ କାମ କରନ୍ତି। ଗତକାଲି ସଂଧ୍ୟାରେ ସେ ଅଫିସ୍‌ରୁ ଘରକୁ ଫେରୁଥିବା ବେଳେ ହିକୁଡି ଆଇଟିଆଇ କଲେଜ ପାଖ ବନ୍ଧ ନିକଟରେ ୩ଜଣ ମୁଖାପିନ୍ଧା ଦୁର୍ବୃତ୍ତ ତାଙ୍କୁ ଅଟକାଇଥିଲେ। ସେ କିଛି ବୁଝିବା ପୂର୍ବରୁ ଦୁର୍ବୃତ୍ତମାନେ ତାଙ୍କ ମୁହଁରେ ଏକ ତରଳ ପଦାର୍ଥ ସ୍ପ୍ରେ' କରିଦେଇଥିଲେ। କିଛି ସମୟ ମଧ୍ୟରେ ଯୁବତୀଜଣଙ୍କ ଚେତାଶୂନ୍ୟ ହୋଇଯିବା ପରେ ଯୁବକମାନେ ତାଙ୍କୁ ଏକ ବିଲ ମଧ୍ୟକୁ ଟେକି ନେଇଥିଲେ। ସେଠାରେ ସେମାନେ ତାଙ୍କୁ ଗଣଦୁଷ୍କର୍ମ କରିଥିଲେ। ଯୁବତୀଙ୍କ ଚେତା ଫେରିବା ପରେ ସେ ଘଟଣା ବିଷୟରେ ଜାଣିପାରିଥିଲେ। ଖବର ପାଇ ପ୍ରଥମେ ଧର୍ମଶାଳା ଫାଣ୍ଡି ଅଧିକାରୀ ବସନ୍ତ ରଥ ଘଟଣାସ୍ଥଳରେ ପହଞ୍ଚିଥିଲେ। ଏନେଇ ସେ ଉଚ୍ଚ ପୁଲିସ ଅଧିକାରୀଙ୍କୁ ଜଣାଇଥିଲେ। ଘଟଣାକୁ ଗୁରୁତ୍ୱର ସହ ନେଇ ସୁବର୍ଣ୍ଣପୁର ଏସ୍‌ପି ନାରାୟଣ ନାଏକ, ଉପଖଣ୍ଡ ପୁଲିସ ଅଧିକାରୀ ହେମନ୍ତ କୁମାର ରାଓ, ବୀରମହାରାଜପୁର ଥାନାଧିକାରୀ ସାରଙ୍ଗଧର ପାଣିଗ୍ରାହୀ ଶୁକ୍ରବାର ରାତିସାରା ତନାଘନା କରିଥିଲେ। ଶନିବାର ସକାଳେ ଯୁବତୀଜଣଙ୍କ ଥାନାରେ ଅଭିଯୋଗ କରିବା ପରେ ପୁଲିସ ଏକ ମାମଲା ରୁଜୁ କରି୨ଜଣ ଯୁବକଙ୍କୁ ଅଟକ ରଖି ପଚରାଉଚରା କରୁଛି। ବିଶ୍ୱସ୍ତ ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ ପୀଡ଼ିତାଙ୍କ ଜଣେ ଅତି ନିକଟତମ ସମ୍ପର୍କୀୟ ବନ୍ଧୁ ଏଭଳି କରିଥିବା କୁହାଯାଉଛି।

# ମାଓ ନେତା ଆଜାଦଙ୍କ ସଂପର୍କରେ ରିପୋର୍ଟ ମାଗିଲେ ମାନବାଧିକାର ଆୟୋଗ

ଭୁବନେଶ୍ୱର,୧।୧୧(ସମିସ): ଶୁଣାଣିରେ ବିଳମ୍ବ ହେଉଥିବାରୁ ଆମରଣ ଅନଶନ କରିଥିବା ମାଓନେତା ଡି. କେଶବ ରାଓ ଓରଫ ଆଜାଦ ଗୁରୁତର ହୋଇ କ୍ୟାପିଟାଲ ହସ୍ପିଟାଲରେ ଚିକିତ୍ସିତ ହେଉଛନ୍ତି। ଏହି ମାମଲା ଓଏଚ୍‌ଆରସି(ରାଜ୍ୟ ମାନବାଧିକାର ଆୟୋଗ)ଙ୍କ ନିକଟରେ ପହଞ୍ଚିବା ପରେ ଆୟୋଗ ଅସନ୍ତୋଷ ବ୍ୟକ୍ତ କରିଛନ୍ତି। ମାମଲାର ରିପୋର୍ଟ ୪ ତାରିଖ ସୁଦ୍ଧା ଦେବାକୁ ଅତିରିକ୍ତ ମୁଖ୍ୟ ଶାସନ ସଚିବଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଆମରଣ ଅନଶନରେ ଥିବାରୁ ତାଙ୍କୁ ହେପାଟାଇଟିସ୍ ହୋଇଛି। ତେଣୁ ଏକ ମେଡ଼ିକାଲ ଟିମ୍ ଗଠନ କରି ଚିକିତ୍ସା କରିବାକୁ ମଧ୍ୟ ଜେଲ ଡିଜିଙ୍କୁ ନିର୍ଦ୍ଦେଶ ଦିଆଯାଇଛି।

ସୁପ୍ରିମ୍‌କୋର୍ଟ ଆଜାଦଙ୍କ ମାମଲାର ଶୁଣାଣି ପାଇଁ କମିଟି ଗଠନ କରିବାକୁ ନିର୍ଦ୍ଦେଶ ଦେଇଥିଲେ। କୋର୍ଟଙ୍କ ନିର୍ଦ୍ଦେଶ ଆଧାରରେ ଆଇନ୍ ଅନୁସାରେ କଣ କାର୍ଯର୍‌ଯାନୁଷ୍ଠାନ ନେଇଛ, ତାହା ଜଣାଇବାକୁ ମଧ୍ୟ ଆୟୋଗ କହିଛନ୍ତି। ଆମରଣ ଅନଶନରେ ରହି ଆଜାଦ ଗୁରୁତର ହେବା ପରେ ତାଙ୍କ ଭାଇ ଏବଂ ମାନବାଧିକାର କର୍ମୀ ବିଶ୍ୱପ୍ରିୟ କାନୁନ୍‌ଗୋ ରାଜ୍ୟ ମାନବାଧିକାର ଆୟୋଗଙ୍କ ନିକଟରେ ପିଟିସନ୍ ଦାଖଲ କରିଥିଲେ। ଏହି ପିଟିସନର ଶୁଣାଣି କରି ଆୟୋଗ ଇତିମଧ୍ୟରେ ଅତିରିକ୍ତ ମୁଖ୍ୟ ଶାସନ ସଚିବ ଏବଂ ଜେଲ ଡିଜିଙ୍କୁ ରିପୋର୍ଟ ତଲବ କରିଛନ୍ତି।

ଆଜାଦ ଗତ ୧୭ ଦିନ ହେବ ଆମରଣ ଅନଶନ ଜାରି ରଖିଛନ୍ତି। ଆଜାଦଙ୍କ ସମସ୍ତ ମାମଲା ଏକ କମିଟି ଗଠନ କରି ଶୁଣାଣି ଶେଷ କରିବା ପାଇଁ ସୁପ୍ରିମ୍‌କୋର୍ଟ ଆନ୍ଧ୍ରପ୍ରଦେଶ ଏବଂ ଓଡ଼ିଶା ସରକାରଙ୍କୁ ନିର୍ଦ୍ଦେଶ ଦେଇଥିଲେ। କୋର୍ଟଙ୍କ ଏହି ନିର୍ଦ୍ଦେଶ ଆଧାରରେ ଆନ୍ଧ୍ର ସରକାର କମିଟି ଗଠନ କରିଥିବା ବେଳେ ଓଡ଼ିଶା ସରକାର ଏପର୍ଯ୍ୟନ୍ତ କରିନାହାଁ। ପୂର୍ବରୁ ମଧ୍ୟ ସେ ଏନେଇ ରାଷ୍ଟ୍ରପତି ଏବଂ ରାଜ୍ୟପାଳଙ୍କୁ ଚିଠି ଲେଖି ଜଣାଇଥିଲେ। କିଛି ଫଳ ନମିଳିବାରୁ ସେ ଆମରଣ ଅନଶନ କରିଛନ୍ତି।

- ଅତିରିକ୍ତ ମୁଖ୍ୟ ଶାସନ ସଚିବ, ଜେଲ ଡିଜିଙ୍କୁ ନୋଟିସ
- ମେଡିକାଲ ଟିମ୍ ଗଠନ କରି ଚିକିତ୍ସା କରାଅ: ଆୟୋଗ

ସୂଚନାଯୋଗ୍ୟ ଯେ ମାଓନେତା ଆଜାଦ ଓଡ଼ିଶାରେ ବିଭିନ୍ନ ହିଂସାକାଣ୍ଡରେ ସମ୍ପୃକ୍ତି ମାମଲାରେ ଝାରପଡା ଜେଲରେ ଅଛନ୍ତି। ମେ' ୧୮, ୨୦୧୧ରେ ଆଜାଦ ଆନ୍ଧ୍ରପ୍ରଦେଶ ପୁଲିସ ଡିଜିଙ୍କ ନିକଟରେ ଆତ୍ମସମର୍ପଣ କରିଥିଲେ। ଏହା ପରେ ଓଡ଼ିଶା ପୁଲିସ ଆଜାଦଙ୍କୁ ଗିରଫ କରିଥିଲା। ସ୍ୱାମୀ ଲକ୍ଷ୍ମଣାନନ୍ଦ ହତ୍ୟା ଘଟଣା, ନୟାଗଡ ଅସ୍ତ୍ରାଗାର ଲୁଟ, ଆର.ଉଦୟଗିରି ଜେଲ ଆକ୍ରମଣ ପରି ବହୁ ବଡ଼ ବଡ଼ ହିଂସା କାଣ୍ଡରେ ଆଜାଦଙ୍କ ସମ୍ପୃକ୍ତି ଥିବା ନେଇ ଅଭିଯୋଗ ରହିଛି। ତେବେ ୧୪ବର୍ଷ ଧରି ଜେଲରେ ରହିଥିବାରୁ ଆଜାଦଙ୍କ ସମ୍ପର୍କୀୟ ସୁପ୍ରିମକୋର୍ଟର ଦ୍ୱାରସ୍ଥ ହୋଇଥିଲେ। ସୁପ୍ରିମକୋର୍ଟ ଉଭୟ ଆନ୍ଧ୍ର ଓ ଓଡ଼ିଶାରେ ସ୍ପେଶାଲ କୋର୍ଟ ଗଠନ କରି ମାଓ ସମ୍ପର୍କିତ ମାମଲାର ବିଚାରଣ ଲାଗି ନିର୍ଦ୍ଦେଶ ଦେଇଥିଲେ। ଏକ ବର୍ଷ ମଧ୍ୟରେ ସମସ୍ତ ମାମଲାର ବିଚାର କରିବା ଲାଗି ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେବା ସହ ସେପ୍ଟେମ୍ବର ପହିଲାରୁ ଶୁଣାଣି ଆରମ୍ଭ ହେବାର ଥିଲା। ଏବେ ଶୁଣାଣି ଆରମ୍ଭ ହୋଇ ନଥିବାରୁ ଆମରଣ ଅନଶନ ଆରମ୍ଭ କରିଛି ଆଜାଦ।

# ବସ୍ ଯାତ୍ରୀଙ୍କ ସୁରକ୍ଷା ପାଇଁ ଅଗ୍ନି ନିରାପତ୍ତା ମକଡ୍ରିଲ୍

କଟକ, ୧।୧୧ (ସମିସ): ବସ୍ ଯାତ୍ରୀଙ୍କ ସୁରକ୍ଷା ପାଇଁ ଅଗ୍ନି ନିରାପତ୍ତା ବ୍ୟବସ୍ଥାର ସଠିକ୍ ଅନୁପାଳନ ସଂକ୍ରାନ୍ତରେ ଆଜି ରାଜ୍ୟର ୧୦ଟି ପ୍ରମୁଖ ସ୍ଥାନରେ ଅଗ୍ନି ନିରାପତ୍ତା ସଚେତନତା ମକଡ୍ରିଲ୍ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ବସ୍ ପାଇଁ ଥିବା ଅଗ୍ନି ନିରାପତ୍ତା ଗାଇଡଲାଇନ୍ ଓ ଏହାର ଆବଶ୍ୟକତା ସଂପର୍କରେ ବସ୍ ମାଲିକମାନଙ୍କୁ ଅବଗତ କରାଯାଇଥିଲା। ଆଗାମୀ ତିନିଟି ଶନିବାର ମଧ୍ୟରେ ପର୍ଯ୍ୟାୟକ୍ରମେ ରାଜ୍ୟର ଅବଶିଷ୍ଟ ସମସ୍ତ ଆର୍‌ଟିଓଙ୍କ ଦ୍ୱାରା ଏଭଳି କାର୍ଯ୍ୟକ୍ରମ ଆୟୋଜନ କରାଯିବ। ସମସ୍ତ ସ୍ଥାନରେ ପ୍ରଶିକ୍ଷଣ ଶେଷ ପରେ ବସ୍‌ରେ ଅଗ୍ନି ନିରାପତ୍ତା ସଂପର୍କରେ ଏନ୍‌ଫୋର୍ସମେଣ୍ଟକୁ କଡ଼ାକଡ଼ି କରାଯିବ ବୋଲି ପରିବହନ ବିଭାଗ ପକ୍ଷରୁ କୁହାଯାଇଛି।

## ଆଗକୁ ଏନ୍‌ଫୋର୍ସମେଣ୍ଟ

ଅଗ୍ନିଶମ ଓ ଜରୁରୀକାଳୀନ ନିର୍ଦ୍ଦେଶାଳୟ ଏବଂ ରାଜ୍ୟ ମାଲିକ ସଂଘ ସହଭାଗିତାରେ ବାଣିଜ୍ୟ ଓ ପରିବହନ ବିଭାଗ ଦ୍ୱାରା ଆୟୋଜିତ ଏହି କାର୍ଯ୍ୟକ୍ରମରେ ଅଗ୍ନିଶମ ବାହିନୀ ବସ୍ କର୍ମଚାରୀମାନଙ୍କୁ ଅଗ୍ନି ନିରାପତ୍ତାର ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ଦିଗ ସଂପର୍କରେ ବୁଝାଇଛନ୍ତି। ଏହାସହ ଯଦି କୌଣସି ଅଘଟଣ ଘଟେ, ତେବେ କିଭଳି ନିଆଁକୁ ନିୟନ୍ତ୍ରଣ କରିହେବ, ସେ ସଂପର୍କରେ ମଧ୍ୟ ପ୍ରଶିକ୍ଷଣ ପ୍ରଦାନ କରିଥିଲେ।

ଭୁବନେଶ୍ୱର ବରମୁଣ୍ଡାସ୍ଥିତ ବାବାସାହେବ ଆମ୍ବେଦକର ବସ୍ ଟର୍ମିନାଲ, କଟକର ନେତାଜୀ ବସ୍ ଟର୍ମିନାଲ, ସୁନ୍ଦରଗଡ଼ ନୂଆ ବସଷ୍ଟାଣ୍ଡ, ରାଉରକେଲା ବସଷ୍ଟାଣ୍ଡ, କୋରାପୁଟ ବସଷ୍ଟାଣ୍ଡ, ସମ୍ବଲପୁର ବସଷ୍ଟାଣ୍ଡ, ଅନୁଗୋଳ ନୂଆ ବସଷ୍ଟାଣ୍ଡ, ତାଳଚେର ବସଷ୍ଟାଣ୍ଡ, ଗଞ୍ଜାମ ଜିଲ୍ଲାର ହଳଦିଆପଦର ବସଷ୍ଟାଣ୍ଡ ଓ ଝାରସୁଗୁଡ଼ା ଫାୟାର୍ ଷ୍ଟେସନ୍‌ରେ ଏହି ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଆଜି ଅପରାହ୍ଣରେ ଅନୁଷ୍ଠିତ ହୋଇଥିଲା। ପୂର୍ବରୁ ଅଗ୍ନିଶମ ଡିଜି ଡ. ସୁଧାଂଶୁ ଷଡ଼ଙ୍ଗୀ ଓ ପରିବହନ ଆୟୁକ୍ତ ଅମିତାଭ ଠାକୁର ଏ ସଂକ୍ରାନ୍ତରେ ବସ୍ ମାଲିକ ସଙ୍ଘ ସହ ବୈଠକ କରି ଆଲୋଚନା କରିସାରିଛନ୍ତି।

# ଜନଗଣନା -୨୦୨୭ ପାଇଁ ନିଯୁକ୍ତ ହେଲେ ପ୍ରମୁଖ ଜନଗଣନା ଅଧିକାରୀ

ଭୁବନେଶ୍ୱର,୧।୧୧(ସମିସ): ଆସନ୍ତା ୨୦୨୭ ଜନଗଣନା ପ୍ରରିପେକ୍ଷୀରେ ରାଜ୍ୟ ସରକାର ପ୍ରମୁଖ ଜନଗଣନା ଅଧିକାରୀଙ୍କୁ ନିଯୁକ୍ତି ଦେଇଛନ୍ତି। ରାଜ୍ୟର ସମସ୍ତ ଜିଲ୍ଲାପାଳ ଓ ମହାନଗର ନିଗମର କମିସନରଙ୍କୁ ନିଜ ନିଜ ଜିଲ୍ଲା ଏବଂ ମହାନଗର ନିଗମର ପ୍ରମୁଖ ଜନଗଣନା ଅଧିକାରୀ ଭାବେ ନିଯୁକ୍ତ କରାଯାଇଛି। ଏନେଇ ରାଜସ୍ୱ ବିଭାଗ ପକ୍ଷରୁ ଶନିବାର ଏକ ବିଜ୍ଞପ୍ତି ପ୍ରକାଶ ପାଇଛି।

## ଅନାହାରରେ ରିସା ମାଙ୍କଡ଼ିଆଙ୍କ ମୃତ୍ୟୁ ଘଟଣା

# ରାଜ୍ୟପାଳଙ୍କୁ କଂଗ୍ରେସ ପ୍ରତିନିଧି ଦଳର ୪ଦଫା ଦାବିପତ୍ର

ଭୁବନେଶ୍ୱର, ୧।୧୧(ସମିସ): ଖାଦ୍ୟାଭାବରୁ ଯାଜପୁର ଜିଲ୍ଲା ସୁକିନ୍ଦା ବ୍ଲକ୍ ରାସୋଳ ପଞ୍ଚାୟତର ରିସା ମାଙ୍କଡ଼ିଆଙ୍କ ମୃତ୍ୟୁ ଘଟଣାରେ ଶନିବାର ପ୍ରଦେଶ କଂଗ୍ରେସର ୧୭ ଜଣିଆ ପ୍ରତିନିଧି ଦଳ ରାଜ୍ୟପାଳଙ୍କୁ ସାକ୍ଷାତ କରିଛନ୍ତି। ମାଙ୍କିଡିଆମାନଙ୍କୁ ଖାଦ୍ୟ ସୁରକ୍ଷା ଯୋଜନାରେ ତୁରନ୍ତ ସାମିଲ କରିବା, ଥଇଥାନ କରିବା, ପକ୍କାଘର ଓ ବିଶୁଦ୍ଧ ପାଣି ଯୋଗାଇବା, ସ୍ୱାସ୍ଥ୍ୟ ବ୍ୟବସ୍ଥା ସହ ଗାଁକୁ ରାସ୍ତା ଏବଂ ଜଙ୍ଗଲ ଜମି ଯୋଗାଇ ଦେବା ପାଇଁ ଦଳ ପକ୍ଷରୁ ରାଜ୍ୟପାଳଙ୍କୁ ଦାବିପତ୍ର ପ୍ରଦାନ କରାଯାଇଛି।

ସୂଚନାଯୋଗ୍ୟ, ଖାଇବାକୁ ନ ପାଇ ରିସା ମାଙ୍କଡ଼ିଆ ମୃତ୍ୟୁ ଘଟଣାରେ ପ୍ରଦେଶ କଂଗ୍ରେସ ଏକ ସତ୍ୟ ଅନୁସନ୍ଧାନକାରୀ ଦଳ ଗଠନ କରିଥିଲା। ପିସିସି ସଭାପତି ଭକ୍ତଚରଣ ଦାସଙ୍କ ନିର୍ଦ୍ଦେଶକ୍ରମେ ବିଧାୟକ ଦଳର ଉପନେତା ଅଶୋକ ଦାସଙ୍କ ନେତୃତ୍ୱରେ ଗତ ୨୮ ତାରିଖରେ ଏହି ପ୍ରତିନିଧି ଦଳର ସଦସ୍ୟମାନେ ମଲ୍ଲାହାର ସାହିକୁ ଯାଇ ପୀଡ଼ିତଙ୍କ ପରିବାରକୁ ଭେଟିଥିଲେ। ଏନେଇ



ଜିଲ୍ଲା କଂଗ୍ରେସ ସଭାପତିଙ୍କ ନେତୃତ୍ୱରେ ୩୦ ତାରିଖ ଦିନ ଯାଜପୁର ଜିଲ୍ଲାପାଳଙ୍କୁ ଅଭିଯୋଗ କରାଯାଇଥିଲା। ହେଲେ ଜିଲ୍ଲା ପ୍ରଶାସନ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କରିବାରୁ ପ୍ରତିନିଧି ଦଳର ସଦସ୍ୟମାନେ ଆଜି ରାଜ୍ୟପାଳଙ୍କୁ ଭେଟିଛନ୍ତି। ଏହି ପ୍ରତିନିଧିମଣ୍ଡଳୀରେ ପୂର୍ବତନ ମନ୍ତ୍ରୀ ଶରତ ରାଉତ ଓ ଦେବାଶିଷ ନାୟକ, ସୃଜନ ଅଭିଯାନର ଉପାଧ୍ୟକ୍ଷ ସୁଧାଂଶୁ ଦେଓ, ପିସିସି ମୁଖପାତ୍ର ହିମାଂଶୁ ଲେଙ୍କା, ଯାଜପୁର ଜିଲ୍ଲା ସଭାପତି ମାଗୁଣି ଚରଣ ଜେନା, ଏଆଇସିସି ସଭ୍ୟ ମଧୁସ୍ମିତା ଆଚାର୍ଯ୍ୟ, ପୂର୍ବତନ ଜିଲ୍ଲା ସଭାପତି ମନୋଜ ରାଉତ, ରାଜ୍ୟ ମହିଳା କଂଗ୍ରେସର ସାଧାରଣ ସମ୍ପାଦିକା ସ୍ୱର୍ଣ୍ଣ ବନାରା, ଆଦିବାସୀ କଂଗ୍ରେସ ସାଧାରଣ ସମ୍ପାଦକ ହିନ୍ଦୁ ଜାମୁଦା ଏବଂ କଂଗ୍ରେସ ନେତା ବିଭୁ ପ୍ରସାଦ ରାଉତଙ୍କ ସମେତ ସୁକିନ୍ଦାର ବହୁ କଂଗ୍ରେସ କର୍ମୀ ସାମିଲ୍ ଥିଲେ।

# ଗୁଣି ଗାରେଡ଼ି ସନ୍ଦେହ ନେଲାଣି ୧୨୨୧ ଜୀବନ

- ଆଦିବାସୀ ଅଧ୍ୟୁଷିତ ଅଞ୍ଚଳଗୁଡ଼ିକ ସର୍ବାଧିକ ପ୍ରଭାବିତ
- ଗୁଣିଗାରେଡ଼ି ରୋକିବାକୁ ଆଇନ ଆହୁରି କଠୋର ହେଉ

ଭୁବନେଶ୍ୱର,୧।୧୧(ସମିସ): ରାଜ୍ୟରେ ପ୍ରତିଦିନ ଗୁଣିଗାରେଡ଼ି ପାଇଁ ଏକାଧିକ ଜୀବନ ଯାଉଛି। ଲୋକ ଅନ୍ଧ ବିଶ୍ୱାସର ବଶବର୍ତ୍ତୀ ହୋଇ ଲୋକଙ୍କୁ ହତ୍ୟା କରୁଛନ୍ତି। ଏହାକୁ ରୋକିବାକୁ ପୁଲିସ ବିଭିନ୍ନ ପ୍ରକାର କାର୍ଯ୍ୟକ୍ରମ କରିଥିଲେ ମଧ୍ୟ ସଫଳ ହୋଇପାରୁନି। ଯେଉଁଥି ପାଇଁ ରାଜ୍ୟ ମାନବାଧିକାର ଆୟୋଗ(ଓଏଚ୍‌ଆରସି) ଅନ୍ୟ ରାଜ୍ୟ ଭଳି ବ୍ଲାକ୍ ମ୍ୟାଜିକ୍ ଆଇନ୍ ଆଣିବାକୁ ରାଜ୍ୟ ସରକାରଙ୍କୁ ପରାମର୍ଶ ଦେଇଥିଲେ। ହେଲେ ରାଜ୍ୟ ସରକାର ଏଦିଗରେ କୌଣସି ପଦକ୍ଷେପ ଗ୍ରହଣ କରି ନାହାନ୍ତି।

ଗୁଣିଗାରେଡ଼ି ଯୋଗୁଁ ୨୦୦୧ରୁ ରାଜ୍ୟରେ ବର୍ତ୍ତମାନ ପର୍ଯ୍ୟନ୍ତ ୧ହଜାର ୨୨୧ଜଣ ନିରୀହ ଲୋକଙ୍କ ମୃତ୍ୟୁ ଘଟିଲାଣି। ଏହି ତାଲିକାରେ ଗଞ୍ଜାମ,ମୟୂରଭଞ୍ଜ, ସୁନ୍ଦରଗଡ଼, ରାୟଗଡ଼ା, ମାଲକାନଗିରି ଆଗରେ ଥିବା ଜଣାପଡିଛି। ଏହି ଅଞ୍ଚଳରେ ଗୁଣିଗାରେଡି ଭଳି ଅନ୍ଧବିଶ୍ୱାସ ଯୋଗୁଁ ସର୍ବାଧିକ ହତ୍ୟାକାଣ୍ଡ ଘଟୁଛି। ଗୁଣିଗରାରେଡ଼ି, ଖଟବୁଲା, କୁଲାବୁଲା, ନଖଦର୍ପଣ ଆଦି କଳାଯାଦୁକୁ ଧର୍ତ୍ତବ୍ୟ ଅପରାଧ ଦର୍ଶାଇ ୨୦୧୩ ମସିହାରେ ଗୁଣି ଗାରେଡ଼ି ବିଲୋପ ପାଇଁ ସରକାର ତିଆରି କରିଥିଲେ 'ଓଡ଼ିଶା ପ୍ରିଭେନ୍ସନ୍ ଅଫ୍ ଉଇଚ୍ ହଣ୍ଟିଂ' ଆଇନ୍। ମାତ୍ର ତାହା ଏବେ କଡ଼ାକଡ଼ି ଭାବେ କାର୍ଯ୍ୟକାରୀ ହୋଇପାରୁନି। ଏହି ଆଇନ୍ ଅନୁସାରେ ଡାହାଣୀ କହି କାହାରିକୁ ଶାରୀରିକ ଏବଂ ମାନସିକ ନିର୍ଯାତନା ଦେଲେ ୭ ବର୍ଷ ପର୍ଯ୍ୟନ୍ତ ଜେଲ୍‌ଦଣ୍ଡ ଭୋଗିବାକୁ ପଡ଼ିବ।

ନିକଟରେ ୨୦୧୫ ମାସରେ ଗଜପତି ଜିଲ୍ଲାରେ ଗୁଣିଗାରେଡ଼ି କରୁଥିବା ସନ୍ଦେହରେ ଜଣେ ବ୍ୟକ୍ତିଙ୍କୁ ୧୪ଜଣ ମିଶି ହତ୍ୟା କରିଥିଲେ। ଏପରିକି ଶରୀରର ବିଭିନ୍ନ ଅଂଶକୁ କାଟି ହରଭାଙ୍ଗି ଡ୍ୟାମ୍‌ରେ ଫିଙ୍ଗି ଦେଇଥିଲେ। ୨୦୨୪ ଅଗଷ୍ଟ ମାସରେ ଯାଜପୁର ଜିଲ୍ଲାରେ ସଲୁକୁ ହାଁସଦା ନାମକ ଜଣେ ୬୫ ବର୍ଷୀୟ ବ୍ୟକ୍ତିଙ୍କୁ ୬ଜଣ ମିଶି ହତ୍ୟା କରିଥିଲେ। ଗୁଣି ପାଇଁ ଗାଁରେ ଏକାଧିକ ଲୋକଙ୍କ ମୃତ୍ୟୁ ଘଟୁଥିବା ସନ୍ଦେହ କରିଥିଲେ ଅଭିଯୁକ୍ତମାନେ। ସେହିଭଳି ୨୦୨୪ରେ ବଲାଙ୍ଗୀର ଜିଲ୍ଲା କଣ୍ଟାବାଞ୍ଜି ଇଚ ଗାଁରେ ଜଣେ ଯୁବତୀଙ୍କ ପରିବାର ଲୋକ ଗୁଣିଆ ପାଖକୁ ନେଇଥିଲେ। ସେ ତାଙ୍କୁ ଭଲ କରିବା ଆଳରେ ତାଙ୍କ ମୁଣ୍ଡରେ ୭୩ଟି ଛୁଞ୍ଚି ଭୁସିଥିଲେ। ୨୦୨୪ ଜୁଲାଇରେ ଗତ ୪ତାରିଖରେ ବାଲେଶ୍ୱର ଔପଦ ଥାନା ଅଧୀନ ବରପଦା ଗ୍ରାମରେ ଗୁଣି ଗାରେଡ଼ି ପାଇଁ ୩ଜଣଙ୍କୁ ହତ୍ୟା କରାଯାଇଥିଲା।

ଅନ୍ୟପଟରେ ମହାରାଷ୍ଟ୍ର ଭଳି ରାଜ୍ୟରେ ବ୍ଲାକ୍ ମ୍ୟାଜିକ୍ ଆଇନ୍ ଆଣିବା ପାଇଁ ଦାବି ହେଉଛି। ୨୦୧୩ ମସିହାରେ ମହାରାଷ୍ଟ୍ର ବିଧାନସଭାରେ ଏହି ଆଇନ୍ ପାରିତ ହେବା ପରେ ଆଇନ୍ କାର୍ଯ୍ୟକାରୀ ହେଉଛି। ବ୍ଲାକ୍ ମ୍ୟାଜିକ୍ କଲେ ୭ ବର୍ଷ ଜେଲ ଦଣ୍ଡ ସହ ୫ ହଜାରରୁ ୫୦ ହଜାର ଟଙ୍କା ପର୍ଯ୍ୟନ୍ତ ଜରିମାନାର ନିୟମ ରହିଛି। ତେଣୁ ମହାରାଷ୍ଟ୍ର ଏବଂ ଅନ୍ୟ ରାଜ୍ୟ ପରି ଓଡ଼ିଶାରୁ ଏହି ଆଇନ୍ ଲାଗୁ କରାଯିବାକୁ ଅନେକ ମାନବାଧିକାର ଆୟୋଗ ଏବଂ ସାମାଜିକ ଅନୁଷ୍ଠାନ ଦାବି କରୁଛନ୍ତି। ଏଭଳି ଆଇନ୍ ଆଣିବା ପାଇଁ ଏନେଇ ମାନାବାଧିକାର କର୍ମୀ ହିମାଂଶୁ ଶେଖର ନାୟକ ଆୟୋଗଙ୍କ ନିକଟରେ ପିଟିସନ୍ କରିଛନ୍ତି। ଆୟୋଗ ଏହି ପିଟିସନର ଆଗାମି ଦିନରେ ଶୁଣାଣି କରିବେ ବୋଲି ଜଣାପଡ଼ିଛି।



# ଖଳନାୟକ ଭୂମିକାରେ ‘ଶୁଭମ୍’


ନୂଆ ଓଡ଼ିଆ ଚଳଚ୍ଚିତ୍ର ‘ଚକ୍ରାନ୍ତ’ ଜାନୁଆରୀରେ ଶୁଭମୁକ୍ତି ପାଇଁ ପ୍ରସ୍ତୁତ ହୋଇସାରିଛି । ତେବେ ମୁଖ୍ୟ ଆକର୍ଷଣ ହେଲା ଫିଲ୍ମରେ ଖଳନାୟକ ଚରିତ୍ରରେ ନବାଗତ ଅଭିନେତା ଶୁଭମ୍ ପାଢ଼ୀ ଏଣ୍ଟ୍ରି କରିଛନ୍ତି । ଶୁଭମ ପୂର୍ବରୁ ଦୁଇଟି ଫିଲ୍ମ ‘କେମିତି କହିବି ମୁଁ’ ଓ ‘ଶ୍ରୀମାନ ଶ୍ରୀଯୁକ୍ତ’ରେ ଅଭିନୟ କରିସାରିଛନ୍ତି । ତେବେ ଓଲିଉଡ୍‌ରେ ଖଳନାୟକର ଅଭାବ ଥିବା ବେଳେ ଆଉ ଜଣେ ନୂଆ ଖଳନାୟକ ଶୁଭମ୍‌ଙ୍କର ଏଣ୍ଟ୍ରି ନିଶ୍ଚିତ ଏହି ଅଭାବକୁ ପୂରଣ କରିବ । ଯାହାକି ଆଗାମୀ ଦିନ ପାଇଁ ଶୁଭ ଖବର । ଲକ୍ଷେଶ୍ୱର ପ୍ରଡକସନ୍ ବ୍ୟାନରରେ ପ୍ରସ୍ତୁତ ତଥା ସୌରଭ ପାଢ଼ୀଙ୍କ ପ୍ରଯୋଜିତ ଏହି ନୂଆ ଓଡ଼ିଆ ଚଳଚ୍ଚିତ୍ରରେ ଭୂମିକାଙ୍କ ସହିତ ନାୟକ ମଣ୍ଟୁ ନଜର ଆସୁଛନ୍ତି । ‘ଚକ୍ରାନ୍ତ’ର ଚିତ୍ରନାଟ୍ୟ ଓ ନିର୍ଦ୍ଦେଶନା ଭାର କାନ୍ଧେଇଛନ୍ତି ନିର୍ଦ୍ଦେଶକ ପିନୁ ନାୟକ । କାହାଣୀ ରଚନା କରିଛନ୍ତି ଦିଶା ପାଢ଼ୀ ଏବଂ ସଂଳାପ ରଚନା କରିଛନ୍ତି ଜିତେନ୍ଦ୍ର କୁମାର ବରାଳ । ଗୀତ ଡ. ନିର୍ମଳ ନାୟକ ଏବଂ ଡ. ରଘୁନାଥ ସାହୁ ରଚନା କରିଥିବା ବେଳେ ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି ଅଭିଜିତ ମଜୁମଦାର । ଚିତ୍ରଉତ୍ତୋଳନ ଦାୟିତ୍ୱରେ ସୁଦର୍ଶନ ସେନାପତି ଅଛନ୍ତି । ହରିହର ମହାପାତ୍ର, ଚୌଧୁରୀ ଜୟପ୍ରକାଶ ଦାସ, ପ୍ରଦ୍ୟୁମ୍ନ ଲେଙ୍କା, ଧରିତ୍ରୀ ଖଣ୍ଡୁଆଳ, ସୁରଭି, ସୌମ୍ୟ ଶତପଥୀ, ଶୁଭମ ପାଢ଼ୀ, ସୁମନ ମହାନ୍ତି, କୁସୁମ ତ୍ରିପାଠୀ, ପ୍ରମୋଦ ରାଉତ, ତୁଷାର, ଉମାକାନ୍ତ, ନିରଞ୍ଜନ ନିରୁଆ, ପୁଣ୍ୟତୋୟା ମିଶ୍ର ଏବଂ କ୍ରିଷ୍ଣାରାଣୀ ଦାଶ ପ୍ରମୁଖ ଏଥିରେ ଅଭିନୟ କରୁଛନ୍ତି । ରହସ୍ୟ ଓ ରୋମାନ୍ସରେ ଭରା ଏଇ ଫିଲ୍ମଟି ସମ୍ପୂର୍ଣ୍ଣ ମନୋରଞ୍ଜନର ଖୋରାକ ଯୋଗାଇବ । ସିନେମାଟିରେ ଭରପୂର କମେଡ଼ି ମଧ୍ୟ ଅଛି । ଏହି ଫିଲ୍ମରେ ଗାଁ ପରିବେଶ ତଥା ମାଟିର ବାସ୍ନା ଅନୁଭବ କରି ହେବ । ■

**ପରଦା ପଛର କାହାଣୀ**



# ‘ମୋଗାମ୍ବୋ’ ପାଇଁ ସାତ ଦିନରେ କଷ୍ଟ୍ୟୁମ୍ ତିଆରି

ହିନ୍ଦୀ ସିନେମାରେ ଅନେକ ଫିଲ୍ମ ରହିଛି, ଯେଉଁଥିରେ ଅଭିନେତାଙ୍କଠୁ ଅଧିକ ଖଳନାୟକ ଚରିତ୍ର ଲୋକପ୍ରିୟ ହୋଇଛନ୍ତି । ସେଭଳି ଜଣେ ପ୍ରସିଦ୍ଧ ଖଳନାୟକ ଚରିତ୍ର ମଧ୍ୟରେ ‘ମୋଗାମ୍ବୋ’ ଅନ୍ୟତମ । ଏହି ଚରିତ୍ରଟିରେ ପ୍ରସିଦ୍ଧ କଳାକାର ଅମରିଶ୍ ପୁରୀ ଅଭିନୟ କରିଥିଲେ । ୧୯୮୭ ମସିହାରେ ମୁକ୍ତିଲାଭ କରିଥିଲା ‘ମିଷ୍ଟର ଇଣ୍ଡିଆ’ ଫିଲ୍ମ । ଏହି ସିନେମାରେ ଅମରିଶ୍ ପୁରୀଙ୍କ ସମେତ ଅନିଲ୍ କପୁର୍, ଶ୍ରୀଦେବୀ ଓ ସତୀଶ୍ କୌଶିକ୍‌ଙ୍କ ଲୋକପ୍ରିୟ କଳାକାରମାନେ ଚମତ୍କାର ଅଭିନୟ କରିଥିଲେ । ନିକଟରେ କଷ୍ଟ୍ୟୁମ୍ ଡିଜାଇନ୍‌ର ମାଧବ ଅଗସ୍ତୀ ଫିଲ୍ମର ଲୋକପ୍ରିୟ ଚରିତ୍ର ‘ମୋଗାମ୍ବୋ’ର କଷ୍ଟ୍ୟୁମ୍ ପଛର ରୋଚକୀୟ କଥା ପ୍ରକାଶ କରିଛନ୍ତି । ଏହାକୁ ସେ ତାଙ୍କ ପୁସ୍ତକ ‘ଷ୍ଟିଚିଂ ଷ୍ଟାରଡମ୍ : ଫର୍ ଆଇକନ୍ସ, ଅନ୍ ଆଣ୍ଡ ଅଫ୍‌ସ୍କ୍ରିନ୍’ରେ ବର୍ଣ୍ଣନା କରିଛନ୍ତି । ଏହି ପୁସ୍ତକରେ ସେ ଉଲ୍ଲେଖ କରିଛନ୍ତି – ଫିଲ୍ମ ନିର୍ଦ୍ଦେଶକ ଶେଖର୍ କପୁର୍ ଓ ନିର୍ମାତା ବୋନି କପୁର୍ ତାଙ୍କ ଦୋକାନକୁ ଆସିଥିଲେ । ଆଉ ତାଙ୍କୁ କହିଥିଲେ “ ଆମକୁ ଖଳନାୟକ ପୋଷାକ ଆବଶ୍ୟକ, ଯେଉଁଥିରେ ଉଭୟ ବିଦେଶୀ ଏକଛତ୍ରବାଦୀ ଶାସନ ଓ ଦେଶୀ ଜମିଦାରୀର ସ୍ପର୍ଶ ଥିବ ।” ଏଥିପାଇଁ ମଧାବ ବିଦେଶୀ ଖବରକାଗଜ, ପତ୍ରିକା ଏବଂ ଫିଲ୍ମ ଇତିହାସର ପୁସ୍ତକ ଉପରେ ଗବେଷଣା କରିଥିଲେ । ଅନେକ ପେପର୍ କଟିଂ କରିବା ପରେ ଶେଷରେ ସେ ମୋଗାମ୍ବୋ ପାଇଁ କଷ୍ଟ୍ୟୁମ୍ ଡିଜାଇନ କରିଥିଲେ । ଏହି ପୋଷାକ ପ୍ରସ୍ତୁତ କରିବା ପାଇଁ ତାଙ୍କୁ ସାତ ଦିନ ସମୟ ଲାଗିଥିଲା । ଏହାକୁ ଦେଖି ଫିଲ୍ମ ପ୍ରଯୋଜକ ବୋନି କପୁର୍ ବେଶ୍ ଖୁସି ହୋଇଥିଲେ । ପୋଷାକ ପ୍ରସ୍ତୁତ କରିବାକୁ ମାଧବ ପାରିଶ୍ରମିକ ବାବଦକୁ ୨୫ ହଜାର ଟଙ୍କା ନେଇଥିଲେ । କିନ୍ତୁ ବୋନି କପୁର୍ ତାଙ୍କ ସୃଜନଶୀଳତା ଦେଖି ଖୁସି ହୋଇ ମାଧବଙ୍କୁ ଆହୁରି ୧୦ ହଜାର ଟଙ୍କା ଅଧିକ ଦେଇଥିଲେ । ଶେଷରେ ଏହି ପୋଷାକକୁ ଦେଖି ଅମରିଶ୍ କହିଥିଲେ ‘ମୋଗାମ୍ବୋ ଖୁସ୍ ହୁଆ...’ । ■



# ଅନୀସଙ୍କ ଫିଲ୍ମରେ ଅକ୍ଷୟ

ବଲିଉଡ୍‌ର ଲୋକପ୍ରିୟ ଅଭିନେତା ଅକ୍ଷୟ କୁମାରଙ୍କୁ ଅନୀସ ବଜ୍‌ମିଙ୍କର ଆଗାମୀ ସିନେମାରେ ଦେଖିବାକୁ ମିଳିବ । ପୂର୍ବରୁ ଦୁହେଁ ‘ଥ୍ୟାଙ୍କ ୟୁ’, ‘ୱେଲକମ୍’ ଭଳି ସିନେମାରେ କାମ କରିସାରିଛନ୍ତି । ତେଣୁ ଏବେ ଏହି ଯୋଡ଼ିଙ୍କୁ ପୁଣି ଥରେ ଏକ ନୂଆ ଫିଲ୍ମରେ ଦେଖିବାକୁ ମିଳିବ । ତେବେ ଫିଲ୍ମଟିର ବିଶେଷତ୍ୱ ହେଉଛି ଏହା ଡବଲ୍ ରୋଲ୍ ଉପରେ ଆଧାରିତ । ଅକ୍ଷୟ ଏହି ସିନେମାରେ ମୁଖ୍ୟ ଚରିତ୍ରରେ ନଜର ଆସିବେ । ତେବେ ଏହା ଡବଲ ରୋଲ୍ ଉପରେ ଆଧାରିତ କୌଣସି କମେଡ଼ି ସିନେମା ନୁହେଁ, ବରଂ ଏହା ଏକ ନୂଆ ପାରିବାରିକ ଡ୍ରାମା ଉପରେ ପର୍ଯ୍ୟବସିତ । ଅନ୍ୟପଟେ ପୂର୍ବରୁ କୁହାଯାଉଥିଲା ଅନୀସ ରାମ ଏବଂ ଶ୍ୟାମ ନାମକ ଫିଲ୍ମ ନିର୍ମାଣ କରୁଛନ୍ତି । ଏହା ଏକ ଡବଲ୍ ରୋଲ୍ ଫିଲ୍ମ ହେବ । ଯେଉଁଥିପାଇଁ ପ୍ରଥମେ କାର୍ତ୍ତିକ ଆର୍ଯ୍ୟନ, ରଣବୀର କପୁର, ରଣବୀର ସିଂହ ସାମିଲ ହେବା ନେଇ ଚର୍ଚ୍ଚା ହେଉଥିଲା । ହେଲେ ଏବେ ସିନେମା ଲାଗି ଅକ୍ଷୟ ମନୋନୀତ ହୋଇଛନ୍ତି । ଏବେ ଏହା ପ୍ରି-ପ୍ରଡକସନ ପର୍ଯ୍ୟାୟରେ ଅଛି ଏବଂ ଏହାର ସୁଟିଂ ୨୦୨୬ରେ ଆରମ୍ଭ ହେବ । ଅନ୍ୟପଟେ ଫିଲ୍ମ ନିର୍ମାତା ଫିଲ୍ମ ସହ ଜଡ଼ିତ ଅନ୍ୟ ତଥ୍ୟ ଗୋପନ ରଖିଛନ୍ତି । ■

# ‘ଜେମ୍‌ସ ଅଫ୍ ଓଡ଼ିଶା ୨୦୨୫’ର ବିଜୟିନୀ ଶ୍ରଦ୍ଧା

ଛତ୍ରପୁର ନିକଟ ତାମ୍ପରାଠାରେ ‘ଜେମ୍‌ସ ଅଫ୍ ଓଡ଼ିଶା ଇଣ୍ଡିଆ ୨୦୨୫’ର ଦୁଇ ଦିବସୀୟ କାର୍ଯ୍ୟକ୍ରମ ଉଦ୍‌ଯାପିତ ହୋଇଯାଇଛି । ଏହି ଉଦ୍‌ଯାପନୀ ଉତ୍ସବରେ ଡକ୍ଟର ସୁନୀତା ୱାଧବନ, ଶ୍ରୀମତୀ ସୁଧା ଚନ୍ଦ୍ରାଣୀ ଖାତ୍ରୀ, ଡକ୍ଟର ଭୁବନେଶ୍ୱରୀ ଦେୱଙ୍ଗନ, ପ୍ରତିଷ୍ଠାତ୍ରୀ ଶ୍ରୀମତୀ ଅନିତା ମଣ୍ଡଳ, ଆୟୋଜକ ଉମାଶଙ୍କର ଦାସ ପ୍ରମୁଖ ଉପସ୍ଥିତ ଥିଲେ । ସେଲିବ୍ରିଟି ବିଚାରକ ଭାବେ ଅଭିନେତା ହରିହର ଦାସ, ଅଭିନେତ୍ରୀ ସୂର୍ଯ୍ୟମୟୀ ମହାପାତ୍ର ଏବଂ ବ୍ରାଣ୍ଡ ଅମ୍ବାସଡ଼ର ଭାବେ ଅର୍ଚ୍ଚିତା ସାହୁ, ଉପସ୍ଥାପନାରେ ଶୁଭୋଜିତ ପଣ୍ଡା, ଉପଦେଷ୍ଟା ଭାବେ ଟିଭି ଏବଂ ମିଡ଼ିଆ ପ୍ଲାନର କ୍ରିଏଟିଭ୍ ହେଡ୍ ପ୍ରଣୟ ଜେଠୀ ଉପସ୍ଥିତ ଥିଲେ । ଏହି କାର୍ଯ୍ୟକ୍ରମକୁ ୨ଟି ଭାଗରେ ବିଭକ୍ତ କରାଯାଇଛି । ରାଣୀ ଏବଂ ଦିବ୍ୟାଙ୍ଗ ମାନଙ୍କ ପାଇଁ ଶ୍ରୀଶକ୍ତି । ରାଣୀ ବର୍ଗରେ ସମ୍ବଲପୁରର ଝିଅ ଶ୍ରଦ୍ଧା ପ୍ରଧାନ ବିଜୟୀ ହୋଇଥିବା ବେଳେ ଭୁବନେଶ୍ୱରର ଡାକ୍ତର ମୋନାଲିସା ମିଶ୍ର ପ୍ରଥମ ରନର୍ ଅପ୍ ଏବଂ ସବିତାରାଣୀ ମଲ୍ଲିକ ଦ୍ୱିତୀୟ ରନର ଅପ୍ ହୋଇଛନ୍ତି । ସେହିପରି ଶ୍ରୀଶକ୍ତି ବର୍ଗରେ ଛତିଶଗଡ଼ର ମହିମା ସହାରେ ଏବଂ ତେଷା ୱିନର ହୋଇଥିବା ବେଳେ ମାଳତୀ ଜଇଶ୍ୱାଲ ଏବଂ ଭୈଭବୀ ପ୍ରଥମ ରନର ଅପ୍ ଏବଂ ବ୍ରହ୍ମପୁରର ଜଣେ ଭିନ୍ନକ୍ଷମ ଝିଅ ରଞ୍ଜନା ନାହାକ ଦ୍ୱିତୀୟ ରନର୍ ଅପ୍ ହୋଇଛନ୍ତି । ପ୍ରତ୍ୟେକ ନାରୀର ଇଚ୍ଛା ଥାଏ ହେଲେ କୌଣସି କାରଣରୁ ସେ ତାର ସ୍ୱାଧୀନ ଚିନ୍ତାଧାରାକୁ ଆଗକୁ ଆଣିବାରେ ସକ୍ଷମ ହୋଇନଥାଏ । ତାହାକୁ ଲୋକ ଲୋଚନକୁ ଆଣିବା ପାଇଁ ଏବଂ ସେମାନଙ୍କ ଲୁକ୍କାୟିତ ପ୍ରତିଭାକୁ ଆଗକୁ ବଢ଼ାଇବା ପାଇଁ ଭୁବନେଶ୍ୱରର ଜେମ୍ସ ଅଫ୍ ଓଡ଼ିଶା ଆରମ୍ଭ କରିଥିଲା ଏହି ପ୍ରୟାସ । ରାଜ୍ୟ ଭିତର ଏବଂ ରାଜ୍ୟ ବାହାରୁ ଛତିଶଗଡ଼, ଗୋଆ, ମୁମ୍ବାଇ ଏବଂ ବେଙ୍ଗାଲୁରୁର ବିଭିନ୍ନ ବର୍ଗର ମହିଳା, ଯୁବତୀ, ଏପରିକି ଦିବ୍ୟାଙ୍ଗମାନଙ୍କୁ ଗତ ୨ମାସ ଧରି ପ୍ରଶିକ୍ଷକଙ୍କ ଦ୍ୱାରା ଯୋଗ, ବିୟୁଟି ସହ ଅନ୍ୟାନ୍ୟ ଇଭେଣ୍ଟରେ ତାଲିମ ଦିଆଯାଇଥିଲା । ତେବେ ଜୁରୀମାନଙ୍କ ଦ୍ୱାରା ମନୋନୀତ କୃତୀ ପ୍ରତିଯୋଗୀମାନେ ଫାଇନାଲ୍ ରାଉଣ୍ଡରେ ଭାଗ ନେଇଥିଲେ । ■




# ‘ମହାକାଳୀ’ରେ ଭୂମି

ଫିଲ୍ମ ନିର୍ଦ୍ଦେଶକ ପ୍ରଶାନ୍ତ ବର୍ମା ତାଙ୍କ ଆଗାମୀ ସିନେମା ‘ମହାକାଳୀ’କୁ ନେଇ ଦୀର୍ଘ ଦିନ ହେବ ଚର୍ଚ୍ଚାରେ ଅଛନ୍ତି । ଏହି ସିନେମାରେ ଅକ୍ଷୟ ଖାନ୍ନା ଦୈତ୍ୟ ଗୁରୁ ଶୁକ୍ରାଚାର୍ଯ୍ୟ ଚରିତ୍ରରେ ନଜର ଆସିବେ । ତେବେ ଏବେ ସିନେମାର ମୁଖ୍ୟ ଚରିତ୍ର ଉପରୁ ପରଦା ହଟିଛି । ପ୍ରଶାନ୍ତ ପ୍ରଥମ ମହିଳା ସୁପରହିରୋ ଭାବେ ଭୂମି ସେଟ୍ଟିଙ୍କୁ ପରିଚିତ କରାଇଛନ୍ତି । ଭୂମି ୨୦୨୧ ମସିହାରେ କନ୍ନଡ଼ ସିନେମା ‘ଇକ୍କତ’ରୁ ନିଜ ସିନେମା କ୍ୟାରିୟର ଆରମ୍ଭ କରିଥିଲେ । ସିନେମାର ପ୍ରଥମ ପୋଷ୍ଟର୍ ମଧ୍ୟ ରିଲିଜ୍ କରାଯାଇଛି । ଏଥିରେ ଭୂମିଙ୍କ ଦମ୍‌ଦାର ତଥା ମହାବତାର ଲୁକ୍ ସାମ୍ନାକୁ ଆସିଛି । ଯାହାକୁ ଲୋକେ ପସନ୍ଦ ମଧ୍ୟ କରିଛନ୍ତି । ତେବେ ସିନେମାର ୫୦ ପ୍ରତିଶତରୁ ଅଧିକ ଭାଗ ସୁଟିଂ ପୂରା ହୋଇଗଲାଣି । ଏବେ ହାଇଦ୍ରାବାଦରେ ବିଶେଷ ଭାବେ ନିର୍ମିତ ଏକ ଭବ୍ୟ ସେଟ୍‌ରେ ଏହାର ସୁଟିଂ ଜାରି ରହିଛି । ତେବେ ସିନେମାର ନାଁରୁ ଏକଥା ଏକପ୍ରକାର ସ୍ପଷ୍ଟ ହେଉଛି ଯେ, ଏହା ଦେବୀ କାଳୀଙ୍କ କାହାଣୀ ସହିତ ଜଡ଼ିତ । ଏହାର କାହାଣୀ ବି ପ୍ରଶାନ୍ତ ବର୍ମା ଲେଖିଛନ୍ତି । ■





**ନୃତ୍ୟର ଅଙ୍ଗଭଙ୍ଗୀ ମାଧ୍ୟମରେ ସେ ନିଜ ମନର ଭାବନାକୁ ପ୍ରକାଶ କରୁଥିଲେ । ନିଜର ସଂସ୍କୃତି ଓ ପରମ୍ପରାକୁ ଉଜ୍ଜୀବିତ ରଖିବାକୁ ନୃତ୍ୟ ପରିବେଷଣ କରୁଥିଲେ । ପିଲାଟି ଦିନରୁ ଅଭିନେତ୍ରୀ ହେବାକୁ ସ୍ୱପ୍ନ ଦେଖିଥିଲେ କଟକର ତୃପ୍ତି ମିରାମ୍ବିକା । ନୃତ୍ୟକଳା କ୍ଷେତ୍ରରେ ପାରଦର୍ଶିତା ପ୍ରଦର୍ଶନ କରିବା ସହିତ ବଡ଼ ପରଦା ମଧ୍ୟ ଅଭିନେତ୍ରୀ ଭାବେ ଖ୍ୟାତି ଅର୍ଜନ କରିଛନ୍ତି । ପ୍ରାୟ ୫ରୁ ୬ଟି ସିନେମାରେ ମୁଖ୍ୟ ନାୟିକାଭାବେ ଅଭିନୟ କରିଛନ୍ତି ତୃପ୍ତି । ଖୁବ୍ ଶୀଘ୍ର ତାଙ୍କ ଅଭିନୀତ ‘ଦର୍ପଣ’ ଏବଂ ‘ମଙ୍ଗଳପୁର ଡାଏରୀ’ ସିନେମା ରିଲିଜ୍ ହେବ । ତେବେ ଏହି ଅଭିନେତ୍ରୀଙ୍କ ଅଭିନୟ ଯାତ୍ରା କେମିତି ରହିଥିଲା ଜାଣିବା ତାଙ୍କ ମୁହଁରୁ ।**



# “ଭିନ୍ନ ଭିନ୍ନ ଚରିତ୍ରରେ କାମ କରିବାକୁ ଭଲ ଲାଗେ”

**ତୃପ୍ତି ମିରାମ୍ବିକା, ଅଭିନେତା**

**ଆପଣ ଜଣେ ଓଡ଼ିଶୀ ନୃତ୍ୟଶିଳ୍ପୀ । ନାୟିକା ହେବାର ରାଜ୍?**

● ପିଲାଟି ଦିନରୁ ଓଡ଼ିଶୀ ନୃତ୍ୟ କରୁଥିଲି । ମଞ୍ଚରେ ମୁଁ ନୃତ୍ୟ ପରିବେଷଣ କରିଛି । ବହୁତ ସମ୍ମାନ ମିଳିଛି ମୋତେ । ସ୍କୁଲରେ ଛୋଟ ଛୋଟ ଅଭିନୟ କରୁଥିଲି । ତେଣୁ ଅଭିନେତ୍ରୀ ହେବାର ଇଚ୍ଛା ଥିଲା । ‘ମହାଦେବୀ’ ଧାରାବାହିକରେ ମୁଖ୍ୟ ନାୟିକା ଭାବେ ଅଭିନୟ କରିଛି । ସିନେମାରେ କାମ କରିବାକୁ ଅଡିସନ୍ ଦେଇ ପ୍ରଥମ ଚଳଚ୍ଚିତ୍ର ‘ପ୍ରୀତି ବନ୍ଧନ’ କରିଥିଲି । ମୋ ବିପକ୍ଷରେ ଥିଲେ ସମ୍ବିତ । ଏହା ପରେ ଏକାଧିକ ସିନେମାରେ ମୁଁ ଭିନ୍ନ ଭିନ୍ନ ଚରିତ୍ରରେ କାମ କରିଛି । ଆଉ ଦର୍ଶକଙ୍କ ଭଲ ପାଇବା ପାଇଛି ।

**ପ୍ରଥମେ କ୍ୟାମେରାକୁ କେମିତି ସାମ୍ନା କଲେ?**

● ନୃତ୍ୟ ମାଧ୍ୟମରେ ଭିନ୍ନ ଭିନ୍ନ ଅଭିନୟ କରିବାକୁ ପଡ଼େ । ହେଲେ କ୍ୟାମେରାକୁ ସାମ୍ନା କରିବା ସମୟରେ ମୁଁ ପୂରା ନୂଆ ଥିଲି । ଭୟ ବି ଲାଗୁଥିଲା । ହେଲେ ସମସ୍ତ ଗୁରୁଜନଙ୍କ କଥାକୁ ଶୁଣି କ୍ୟାମେରାକୁ ସାମ୍ନା କରିଥିଲି । ସମୟକ୍ରମେ ମୋର ଅଭ୍ୟାସ ହୋଇଗଲା ।

**ଆଗାମୀ ଯୋଜନା ବିଷୟରେ କିଛି କୁହନ୍ତୁ?**

● ଓଲିଉଡ୍ ଫିଲ୍ମ ଇଣ୍ଡଷ୍ଟ୍ରିରେ ଭିନ୍ନ ଭିନ୍ନ ଚରିତ୍ରରେ କାମ କରିବା ମୋ ପାଇଁ ସୌଭାଗ୍ୟର ବିଷୟ । ପୂର୍ବରୁ ଅମ୍ଲାନ ସାର୍‌ଙ୍କ ସହିତ ‘ସମୟ କହିବ କିଏ କାହାର’ କରିଥିଲି । ଏହି ସିନେମାକୁ ଦର୍ଶକ ବହୁତ ଭଲପାଇବା ଦେଇଥିଲେ । ଏହାବାଦ୍ ୫ରୁ ୬ଟି ସିନେମାରେ କାମ କରିଛି । ଆଗକୁ ମୋର ସିନେମା ‘ଦର୍ପଣ’ ରିଲିଜ୍ ହେବ । ଏଥିରେ ସ୍ପିରିଚୁଆଲ ଗୀତ ରହିଛି । ଘଞ୍ଚ ଜଙ୍ଗଲ, ବିଳମ୍ବିତ ରାତିରେ ସୁଟିଂ ହୋଇଛି ସିନେମାଟି । ମୋତେ ଡାହାଣୀ ଲାଗୁଛି, ଯେତେବେଳେ ହୋସ୍ ଆସୁଛି ମୁଁ ଠାକୁରଙ୍କୁ ଡାକୁଛି । ସିନେମା ପାଇଁ ପୂରା ଟିମ୍ ପରିଶ୍ରମ କରିଛୁ । ଓଲିଉଡ୍ ଇଣ୍ଡଷ୍ଟ୍ରିରେ ଭୂତପ୍ରେତକୁ ନେଇ ତିଆରି ହେଉଥିବା ‘ଦର୍ପଣ’କୁ ଦର୍ଶକ ନିଶ୍ଚୟ ଭଲ ପାଇବା ଦେବେ । ଠିକ୍ ସେହିପରି ‘ମଙ୍ଗଳପୁର ଡାଏରୀ’ରେ ମୁଁ ଓଡ଼ିଶୀ ନୃତ୍ୟଶିଳ୍ପୀ ଚରିତ୍ର ନିଭାଉଛି । ଏବେ ଏହି ଫିଲ୍ମର ସୁଟିଂ ଚାଲିଛି । ଏହା ଏକ ସସପେନ୍ସ ଥ୍ରିଲର । ଏଥିରେ ଅମ୍ଲାନ ଅଛନ୍ତି । ତେବେ ଦୁଇଟି ସିନେମାର ମୁଁ ମୁଖ୍ୟ ନାୟିକା ।

**ପଢ଼ା ସହ ଅଭିନୟ କରିବାରେ କେବେ ସମସ୍ୟା ହୋଇନି?**

● ବର୍ତ୍ତମାନ ଏମ୍‌ବିଏ ପଢୁଛି । ନିଜ କାମ ଭିତରୁ ସମୟ କାଢ଼ି ପାଠ ପଢ଼େ । ସୁଟିଂ ନଥିଲେ କ୍ଲାସ୍ କରେ । ଅନ୍‌ଲାଇନ୍‌ରେ ବି ପଢ଼େ । ପଢ଼ାରେ କେବେ ଅବହେଳା କରିନି କି କରିବିନି । ସେମିତି ଯେଉଁ ଚରିତ୍ର ମିଳୁଛି ତାହାକୁ ଶତ ପ୍ରତିଶତ ଦେବାକୁ ଚେଷ୍ଟା କରେ । ଚରିତ୍ରକୁ ନିଖୁଣ ଭାବେ ଫୁଟାଇବାକୁ ମୁଁ ଦର୍ପଣ ସାମ୍ନାରେ ଅଭ୍ୟାସ କରେ । ଭିନ୍ନ ଭିନ୍ନ ଭାଷାଭାଷୀର ସିନେମା ଦେଖି ସମସ୍ତ ଚରିତ୍ରକୁ ଅନୁକରଣ କରେ । ଏଲାଇନ୍‌ରେ ଥିବା ଯାଏଁ ମୁଁ ଅଭ୍ୟାସ କରୁଥିବି ।

**ଅଭିନୟକୁ ବାଦ୍ ଦେଲେ କ’ଣ କରନ୍ତି?**

● ଅଭିନୟ ନୃତ୍ୟକୁ ବାଦ୍ ଦେଲେ, ପେଣ୍ଟିଂ କରେ । ମୁରୁଜ ପକାଏ । ନୂଆ ନୂଆ ସ୍ଥାନକୁ ବୁଲିବାକୁ ଭଲ ଲାଗେ ।

**ଆପଣଙ୍କ ଡ୍ରିମ୍ ରୋଲ?**

● ପ୍ରତ୍ୟେକ କଳାକାର ନିଜ ଜୀବନରେ ସବୁ ଚରିତ୍ରରେ ଅଭିନୟ କରିବାକୁ ଇଚ୍ଛା ରଖନ୍ତି । ମୁଁ ମଧ୍ୟ ଭିନ୍ନ ଭିନ୍ନ ଚରିତ୍ରରେ କାମ କରିବାକୁ ସ୍ୱପ୍ନ ଦେଖିଛି । ହେଲେ ଆକ୍ସନ୍ ସିନେମା କାମ କରିବାକୁ ମୋର ବହୁତ ଇଚ୍ଛା ଅଛି । ଯାହା ବି ରୋଲ୍ ମିଳିବ ତାହାକୁ ସୁରୁଖୁରୁରେ କରିବି ।

**ଅଭିନୟ ଜଗତରେ ତିଷ୍ଠି ରହିବାକୁ ହେଲେ କ’ଣ କରିବା ଦରକାର?**

● ନିଜ ଉପରେ ବିଶ୍ୱାସ ରଖନ୍ତୁ । ନିଜ ଦକ୍ଷତାକୁ ଚିହ୍ନନ୍ତୁ । ନିଜ କାମକୁ ଭଲ ପାଆନ୍ତୁ । ଗୁରୁଜନଙ୍କ କଥା ମାନି ଚାଲିବା ଭଲ । ଲକ୍ଷ୍ୟ ସ୍ଥଳରେ ପହଁଚିବା ପାଇଁ କଠିନରୁ କଠିନ ପରିଶ୍ରମ କରନ୍ତୁ । ■

ମହିଳା ବିଶ୍ୱକପ୍ କ୍ରିକେଟ

# ଭାରତ-ଦକ୍ଷିଣ ଆଫ୍ରିକା ଗ୍ରାଣ୍ଡ ଫାଇନାଲ ଆଜି

ନଭି ମୁମ୍ବଇ,୧।୧୧(ଏଜେନ୍ସି): ୨୦୨୪ ମହିଳା ଟି-୨୦ ବିଶ୍ୱକପ୍ କ୍ରିକେଟ ଫାଇନାଲରେ ଇଂଲଣ୍ଡ କିମ୍ବା ଅଷ୍ଟ୍ରେଲିଆ ଖେଳି ନ ଥିଲେ। ଏବେ ୨୦୨୫ ମହିଳା ଦିନିକିଆ ବିଶ୍ୱକପ୍ କ୍ରିକେଟରେ ସମାନ କଥା। ଆସନ୍ତାକାଲି ବା ରବିବାର ଏଠାରେ ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ମହିଳା ଦିନିକିଆ ବିଶ୍ୱକପ୍ କ୍ରିକେଟର ଫାଇନାଲ ଖେଳାଯିବ। ଏହି ଟୁର୍ଣ୍ଣାମେଣ୍ଟର ୧୩ତମ ସଂସ୍କରଣରେ ପ୍ରଥମଥର ଇଂଲଣ୍ଡ କିମ୍ବା ଅଷ୍ଟ୍ରେଲିଆ ଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିନାହାନ୍ତି। ସେମିଫାଇନାଲରେ ଦକ୍ଷିଣ ଆଫ୍ରିକା ୧୨୫ ରନ୍‌ରେ ଇଂଲଣ୍ଡକୁ ଓ ଭାରତ ୫ ୱିକେଟରେ ୭ଥର ଏବଂ ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆକୁ ପରାସ୍ତ କରି ବିଶ୍ୱ ମହିଳା କ୍ରିକେଟର ସର୍ବଶ୍ରେଷ୍ଠ ଟ୍ରଫି ଜିତିବାକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ଦକ୍ଷିଣ ଆଫ୍ରିକାର ଏହା ପ୍ରଥମ ଓ ଭାରତର ତୃତୀୟ ଫାଇନାଲ। ୨୦୦୫ ଓ ୨୦୧୭ରେ ଭାରତ ରନର୍ସ ଅପ୍‌ରେ ସନ୍ତୁଷ୍ଟ ହୋଇଥିଲା। ଏହାର ଅର୍ଥ ଆସନ୍ତାକାଲି ଫାଇନାଲରେ ଯେଉଁ ଦଳ ବିଜୟୀ ହେବ ସେହି ଦଳ ପ୍ରଥମଥର ମହିଳା ଦିନିକିଆ ବିଶ୍ୱକପ୍ ଚାମ୍ପିଅନ ହେବ। ଏଣୁ ଉଭୟ ଦଳ ମଧ୍ୟରେ ଏହି ଫାଇନାଲ ମୁକାବିଲାଟି ବେଶ ରୋମାଞ୍ଚକର ହେବ ବୋଲି ନିଃସନ୍ଦେହରେ କୁହାଯାଇପାରେ।





**ସମ୍ଭାବ୍ୟ ଖେଳାଳି ଦଳ**

**ଭାରତ:** ସ୍ମୃତି ମନ୍ଧାନା, ଶେଫାଳି ବର୍ମା, ଜେମିମା ରୋଡ୍ରିଗ୍ସେଜ୍, ହରମନପ୍ରୀତ କୌର (ଅଧିନାୟିକା), ଦୀପ୍ତି ଶର୍ମା, ରିଚା ଘୋଷ (ୱିକେଟରକ୍ଷକ), ଅମନଜ୍ୟୋତ୍ କୌର, ରାଧା ଯାଦବ/ ସ୍ନେହ ରାଣା, ଶ୍ରୀ ଚରଣି, କ୍ରାନ୍ତି ଗୌଡ଼ ଓ ରେଣୁକା ଠାକୁର।

**ଦକ୍ଷିଣ ଆଫ୍ରିକା:** ଲୌରା ୱଲଭାର୍ଟ (ଅଧିନାୟିକା/ୱିକେଟରକ୍ଷକ), ତାଜମିନ ବ୍ରିଟ୍ସ, ଆନେକେ ବୋଶ୍/ ମାସାବାତା କ୍ଲାସ୍, ସୁନ ଲ୍ୟୁସ୍, ମାରିଜାନ କାପ୍, ସିନାଲୋ ଜାଫ୍ତା (ୱିକେଟରକ୍ଷକ), ଆନେରି ଡେରେକସନ, ଟୋଲେ ଟ୍ରାୟନ, ନାଦିନ ଡି କ୍ଲେର୍କ, ଆୟାବୋଙ୍ଗା ଖାଖା, ନୋନକୁଲେକୋ ମାଲ୍‌ବା।

## କେମିତି ଖେଳିଛନ୍ତି ପ୍ରତିଦ୍ୱନ୍ଦ୍ୱୀ

ଏହି ଟୁର୍ଣ୍ଣାମେଣ୍ଟରେ ଭାରତ ଚତୁର୍ଥ ତଥା ଶେଷ ଦଳ ଭାବେ ସେମିଫାଇନାଲରେ ପ୍ରବେଶ କରିଥିଲା। ଦଳ ରାଉଣ୍ଡ ରବିନ ଲିଗ୍ ପର୍ଯ୍ୟାୟରେ ସେମିଫାଇନାଲରେ ପ୍ରବେଶ କରିଥିବା ଅନ୍ୟ ୩ ଦଳଠାରୁ କ୍ରମାଗତ ମୁକାବିଲାରେ ପରାଜିତ ହୋଇଥିଲା। କିନ୍ତୁ ପରବର୍ତ୍ତୀ ମ୍ୟାଚ୍‌ରେ ନ୍ୟୁଜିଲାଣ୍ଡକୁ ବିରାଟ ବ୍ୟବଧାନରେ ହରାଇବା ପରେ ଭାରତକୁ ସେମିଫାଇନାଲ ଟିକଟ ମିଳିଥିଲା। ସେମିଫାଇନାଲରେ ଭାରତ ମହିଳା ଦିନିକିଆ କ୍ରିକେଟରେ ରେକର୍ଡ ୩୩୯ ରନ୍‌କୁ ଚେଜ୍ କରି ବିଶ୍ୱରେକର୍ଡ କରିବା ସହ ଫାଇନାଲରେ ପ୍ରବେଶ କରିଥିଲା। ଅନ୍ୟପକ୍ଷରେ ଦକ୍ଷିଣ ଆଫ୍ରିକା କ୍ରମାଗତ ୫ଟି ମ୍ୟାଚ୍‌ରେ ବିଜୟୀ ହୋଇ ସେମିଫାଇନାଲରେ ପ୍ରବେଶ କରିଛି। ଏହି ଦଳ କିନ୍ତୁ ଇଂଲଣ୍ଡ ବିପକ୍ଷରେ ମାତ୍ର ୬୯ ଓ ଅଷ୍ଟ୍ରେଲିଆ ବିପକ୍ଷରେ ୯୭ ରନ୍‌ରେ ଆଉଟ ହୋଇଥିଲା। ଭାରତ ଓ ବାଂଲାଦେଶ ସ୍ପିନରଙ୍କ ବିପକ୍ଷରେ ଦଳ ବିପର୍ଯ୍ୟୟର ଶିକାର ହୋଇଥିଲେ ମଧ୍ୟ ଦୁଇ ଅଲରାଉଣ୍ଡର ନାଦିନ ଡି କ୍ଲେର୍କ ଓ ଟୋଲେ ଟ୍ରାୟନ ଦଳର ପରାଜୟକୁ ବିଜୟରେ ପରିବର୍ତ୍ତନ କରିଦେଇଥିଲେ। ସେମିଫାଇନାଲରେ ଦଳ ପରଫେକ୍ଟ ଅଲରାଉଣ୍ଡ ଖେଳ ପ୍ରଦର୍ଶନ କରି ଇଂଲଣ୍ଡକୁ ଶୋଚନୀୟ ପରାସ୍ତ କରି ଫାଇନାଲରେ ପ୍ରବେଶ କରିଥିଲା। ଏଣୁ ଉଭୟ ଦଳ କିଛି ଦର୍ଶନୀୟ ଓ ପ୍ରତିଦ୍ୱନ୍ଦ୍ୱିତାମୂଳକ ଖେଳ ପ୍ରଦର୍ଶନ କରି ଟାଇଟଲ ଲଢ଼େଇରେ ଅବତୀର୍ଣ୍ଣ ହୋଇଛି।

## ୱଲଭାର୍ଟ ଓ କାପ୍‌ଙ୍କୁ ଭାରତର ଭୟ

ଏହି ଟୁର୍ଣ୍ଣାମେଣ୍ଟରେ ବ୍ୟକ୍ତିଗତଭାବେ ଯେଉଁ ଦୁଇ ଖେଳାଳି ଶ୍ରେଷ୍ଠ ପ୍ରଦର୍ଶନ କରିଛନ୍ତି ସେମାନେ ହେଉଛନ୍ତି ଦକ୍ଷିଣ ଆଫ୍ରିକା ଦଳର ଅଧିନାୟକ ତଥା ଓପନର ଲୌରା ୱଲଭାର୍ଟ ଓ ମାରିଜାନ କାପ୍। ଏହି ବିଶ୍ୱକପ୍‌ରେ ଜଣେ ମାତ୍ର ଫାଷ୍ଟ ବୋଲର ଘଣ୍ଟାପ୍ରତି ୧୩୦ କିଲୋମିଟରରୁ ଅଧିକ ବେଗରେ ବୋଲିଂ କରିଛନ୍ତି। ସେ ହେଉଛନ୍ତି ଦକ୍ଷିଣ ଆଫ୍ରିକାର ଫାଷ୍ଟ ବୋଲର ମାରିଜାନ କାପ୍। ସେ ଭାରତର ଟପ୍ ଅର୍ଡର ବ୍ୟାଟରଙ୍କୁ ବାନ୍ଧି ରଖିବାରେ କାପ୍‌ଙ୍କର ବେଶ ଦକ୍ଷତା ରହିଛି। ଅନ୍ୟପକ୍ଷରେ ୱଲଭାର୍ଟ ଇଂଲଣ୍ଡ ବିପକ୍ଷ ସେମିଫାଇନାଲରେ ୧୬୯ ରନ୍‌ର ଇନିଂସ ଖେଳିବା ସହ ଟୁର୍ଣ୍ଣାମେଣ୍ଟରେ ସର୍ବାଧିକ ୪୭୦ ରନ୍ କରିଛନ୍ତି। ଏମାନଙ୍କ ବ୍ୟତୀତ ଦଳରେ ଅନ୍ୟ ଖେଳାଳିମାନେ ମଧ୍ୟ ଏକାକୀ ମ୍ୟାଚ୍ ଜିତାଇବାର ଦକ୍ଷତା ରଖିଛନ୍ତି। ଅନ୍ୟତମ ଓପନର ତାଜମିନ ବ୍ରିଟ୍ସ, ଦୁଇ ଅଲରାଉଣ୍ଡର ନାଦିନ ଓ ଟୋଲେ ଭାରତକୁ ହରାଇଛନ୍ତି। ଭାରତୀୟ ଦଳରେ ଏକାଧିକ ତାରକା ଥିଲେ ମଧ୍ୟ ଓପନର ପ୍ରତୀକା ରାୱଲ ଆଘାତଜନିତ କାରଣରୁ ଦଳରୁ ବାଦ୍ ପଡ଼ିଛନ୍ତି ଓ ତାଙ୍କ ସ୍ଥାନରେ ଶେଫାଳି ବର୍ମାଙ୍କୁ ସୁବର୍ଣ୍ଣ ସୁଯୋଗ ମିଳିଛି। ବିସ୍ଫୋରକ ବ୍ୟାଟିଂ ଲାଗି ଜଣାଶୁଣା ଶେଫାଳି ଯଦି ଏହାର ଫାଇଦା ଉଠାନ୍ତି ତେବେ ତାଙ୍କ କ୍ୟାରିୟର ସଜାଡି ନେବେ। ଭଲ ଫର୍ମରେ ଥିବା ଉପଅଧିନାୟିକା ସ୍ମୃତି ମନ୍ଧାନା ଓ ଅଧିନାୟିକା ହରମନପ୍ରୀତ୍ କୌରଙ୍କଠାରୁ ବଡ଼ ଇନିଂସ ଆଶା କରାଯାଉଛି। ସେମିରେ ନଂ. ୩ରେ ବ୍ୟାଟିଂ କରି ଜେମିମା ଶତକ ସହ ଭାରତର ରେକର୍ଡ ରନ୍ ଚେଜ୍ କରି ଜିତାଇଛନ୍ତି।

## ଫିଲ୍ଡିଂକୁ ନେଇ ଭାରତର ଚିନ୍ତା

ଏହି ଟୁର୍ଣ୍ଣାମେଣ୍ଟରେ ଭାରତ ୩୫ଟି କ୍ୟାଚ୍ ନେଇଛି। କିନ୍ତୁ ସର୍ବାଧିକ ୧୮ଟି କ୍ୟାଚ୍ ଡ୍ରପ୍ କରିଛି। ଦଳର ସଫଳତା ହେଉଛି ୬୬ ଶତକଡ଼ା ଓ ଖରାପ କରିଥିବା ଦଳମାନଙ୍କ ମଧ୍ୟରେ ଭାରତର ସ୍ଥାନ ଦ୍ୱିତୀୟ। ଏହା ବ୍ୟତୀତ ଏହି ଟୁର୍ଣ୍ଣାମେଣ୍ଟରେ ଯୁଗ୍ମ ସର୍ବାଧିକ ୩ଟି ଷ୍ଟମ୍ପିଂ ମିସ୍ କରିଥିଲାବେଳେ ସର୍ବାଧିକ ୬ଥର ଓଭରଥ୍ରୋ କରିଛି। ଦଳର ମିସ୍‌ଫିଲ୍ଡ ୭୪ଥର ହୋଇଛି। ଭାରତକୁ ଟାଇଟଲ ଜିତିବାକୁ ହେଲେ ବ୍ୟାଟିଂ ଓ ବୋଲିଂ ସହ ତୃତୀୟ ଗୁରୁତ୍ୱପୂର୍ଣ୍ଣ ବିଭାଗ ଫିଲ୍ଡିଂରେ ମଧ୍ୟ ଉନ୍ନତି କରିବାକୁ ପଡ଼ିବ।

## ସ୍ପିନର ନେବେ ଗୁରୁତ୍ୱପୂର୍ଣ୍ଣ ଭୂମିକା

ଦୁଇ ଦେଶ ମଧ୍ୟରେ ଖେଳାଯାଇଥିବା ଦିନିକିଆ ଅନ୍ତର୍ଜାତୀୟ ମ୍ୟାଚ୍‌ରେ ଭାରତ ୨୦ଟିରେ ଓ ଦକ୍ଷିଣ ଆଫ୍ରିକା ୧୩ଟିରେ ବିଜୟୀ ହୋଇଛି। କୌଣସି ଦଳ ଏକତରଫା ମ୍ୟାଚ୍ ଜିତିନାହାନ୍ତି। ଦିନିକିଆ ବିଶ୍ୱକପ୍‌ରେ ଉଭୟଙ୍କ ମଧ୍ୟରେ ୬ଥର ଭେଟାଭେଟି ହୋଇଛନ୍ତି। ଏହା ମଧ୍ୟରୁ ଭାରତ ୫ଥର ଓ ୨୦୨୨ରେ ଦକ୍ଷିଣ ଆଫ୍ରିକା ମାତ୍ର ଥରେ ବିଜୟୀ ହୋଇଛି। ଚଳିତ ବିଶ୍ୱକପ୍‌ରେ ମଧ୍ୟ ଭାରତ ପରାଜିତ ହୋଇଛି। ସେହିପରି ଗତ ୩ଟି ଭିନ୍ନ ଭିନ୍ନ ବିଶ୍ୱକପ୍‌ରେ ଦକ୍ଷିଣ ଆଫ୍ରିକାଠାରୁ ଭାରତ ପରାଜିତ ହୋଇଛି। ଭାରତର ୮୦ ଭାଗ ବିଜୟ ସ୍ପିନରଙ୍କ ପ୍ରଦର୍ଶନ ଯୋଗୁ ସମ୍ଭବ ହୋଇଛି। ଫାଇନାଲ ଜିତିବାକୁ ହେଲେ ଭାରତର ସ୍ପିନରମାନେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବେ। ଦକ୍ଷିଣ ଆଫ୍ରିକାର ଏହି ଗୋଟିଏ ଦୁର୍ବଳତାରୁ ରାଧା ଯାଦବ, ଶ୍ରୀ ଚରଣି ଓ ଦୀପ୍ତି ଶର୍ମା ଫାଇଦା ଉଠାଇଲେ ଭାରତକୁ ଟାଇଟଲ ମିଳିବା ରାସ୍ତା ପରିଷ୍କାର ହୋଇଯିବ। ଅବଶ୍ୟ ଭାରତୀୟ ଦଳ ସ୍ପିନରମାନଙ୍କୁ ଭଲ ଖେଳିଛନ୍ତି। କିନ୍ତୁ ଦକ୍ଷିଣ ଆଫ୍ରିକା ପେସରଙ୍କୁ ମୁକାବିଲା କରିପାରିଲେ ଦଳକୁ ଶ୍ରେଷ୍ଠ ସଫଳତା ମିଳିପାରିବ।

## ବର୍ଷା ହେଲେ ରିଜର୍ଭ ଡେ’

ଫାଇନାଲ ଲାଗି ଉଭୟ ଦଳ ଜୋରଦାର ପ୍ରସ୍ତୁତି କରିଥିଲେ ମଧ୍ୟ ନଭି ମୁମ୍ବଇରେ ଦିନସାରା ସ୍ୱଳ୍ପ ବର୍ଷା ହେବ ବୋଲି ପାଣିପାଗ ବିଭାଗ ପକ୍ଷରୁ ପୂର୍ବାନୁମାନ କରାଯାଇଛି। କିନ୍ତୁ ରାତିରେ କମ୍ ବର୍ଷା ହେବ ବୋଲି କୁହାଯାଇଛି। ଖେଳ ଅପରାହ୍ଣ ୩ଟାରୁ ଆରମ୍ଭ ହେବ। ଏଣୁ ପଛରେ ବ୍ୟାଟିଂ କରିଥିବା ଦଳକୁ ଏଠାରେ ଫାଇଦା ମିଳିବ। ବର୍ଷା ଯୋଗୁ ଯଦି ଖେଳ ସମ୍ଭବ ନ ହୁଏ, ତେବେ ରିଜର୍ଭ ଡେ ଅର୍ଥାତ୍ ସୋମବାର ଖେଳାଯିବ। ଯେଉଁଠାରୁ ଖେଳ ବନ୍ଦ ରହିବ ସେହିଠାରୁ ରିଜର୍ଭ ଡେ’ରେ ଖେଳ ହେବ ବୋଲି ଆଇସିସି ପକ୍ଷରୁ ସ୍ପଷ୍ଟ କରାଯାଇଛି।

**ଖେଳ ଆରମ୍ଭ : ଅପରାହ୍ଣ ୩ଟା**
**ପ୍ରସାରଣ : ଷ୍ଟାରସ୍ପୋର୍ଟ୍ସ ନେଟ୍‌ୱର୍କ**
**ଲାଇଭ୍ ଷ୍ଟ୍ରିମିଂ : ଜିଓହଟ୍‌ଷ୍ଟାର**

# ଭାରତ-ଅଷ୍ଟ୍ରେଲିଆ ୩ୟ ଟି-୨୦ ଆଜି

ହୋବାର୍ଟ, ୧।୧୧ (ଏଜେନ୍ସି): ଅଷ୍ଟ୍ରେଲିଆ ଗସ୍ତରେ ଥିବା ଭାରତୀୟ ପୁରୁଷ କ୍ରିକେଟ୍ ଦଳ ଟି-୨୦ ସିରିଜର ତୃତୀୟ ମୁକାବିଲାରେ ରବିବାର ଘରୋଇ ଦଳକୁ ଭେଟିବ। ସ୍ଥାନୀୟ ବେଲେରିଭ ଓଭାଲ ଗ୍ରାଉଣ୍ଡରେ ଏହି ମ୍ୟାଚ୍ ଅପରାହ୍ଣ ୧ଟା ୪୫ ମିନିଟରେ ଆରମ୍ଭ ହେବ। ପାଞ୍ଚ ମ୍ୟାଚ୍‌ବିଶିଷ୍ଟ ସିରିଜର ଏହି ୩ୟ ଟି-୨୦ ଉଭୟ ଦଳ ପାଇଁ ବେଶ୍ ଗୁରୁତ୍ୱବହନ କରୁଛି। ପୂର୍ବରୁ କାନବେରାରେ ଖେଳାଯାଇଥିବା ପ୍ରଥମ ମୁକାବିଲା ବର୍ଷା ଲାଗି ବାତିଲ ହୋଇଥିଲା। ଏହାପରେ ଶୁକ୍ରବାର ମେଲବୋର୍ଣ୍ଣରେ ଅନୁଷ୍ଠିତ ଦ୍ୱିତୀୟ ମ୍ୟାଚକୁ ଘରୋଇ ଅଷ୍ଟ୍ରେଲିଆ ୪୦ ବଲ୍ ଓ ୪ ୱିକେଟ୍ ବଳକା ଥାଇ ବିଜୟୀ ହୋଇଥିଲା। ଫଳରେ ସିରିଜରେ ଅଷ୍ଟ୍ରେଲିଆ ଏବେ ୧-୦ରେ ଅଗ୍ରଣୀ ରହିଛି। ମିଚେଲ ମାର୍ଶଙ୍କ ନେତୃତ୍ୱାଧୀନ ଘରୋଇ ଅଷ୍ଟ୍ରେଲିଆ ବିଜୟଧାରା ବଜାୟ ରଖିବା ଲକ୍ଷ୍ୟରେ ରହିଛି। ଯଦି ଅଷ୍ଟ୍ରେଲିଆ ଏହି ମୁକାବିଲାରେ ବିଜୟୀ ହୁଏ ତେବେ ଭାରତର ସିରିଜ ଜିତିବାର ଆଶା ମଉଳିଯିବ। ଶେଷ ଦୁଇ ଟି-୨୦ରେ ଭାରତ ବିଜୟୀ ହେଲେ ସିରିଜ ଡ୍ର ରହିବ ନ ହେଲେ ଅଷ୍ଟ୍ରେଲିଆ ବାଜିମାତ୍ କରିନେବ। ଏଭଳିସ୍ଥଳେ ସୂର୍ଯ୍ୟକୁମାର ଯାଦବଙ୍କ ନେତୃତ୍ୱାଧୀନ ଭ୍ରମଣକାରୀ ଭାରତୀୟ ଦଳ ପାଇଁ ଏହି ତୃତୀୟ ଟି-୨୦ ବେଶ୍ ଗୁରୁତ୍ୱବହନ କରୁଛି। ମେଲବୋର୍ଣ୍ଣରେ ଅଷ୍ଟ୍ରେଲିଆ ଦ୍ରୁତ ବୋଲିଂ ଆଗରେ ଯେପରି ଭାରତୀୟ ବ୍ୟାଟର୍ ଆତ୍ମସମର୍ପଣ କଲେ ତାହା ଏବେ ଟିମ୍ ମ୍ୟାନେଜମେଣ୍ଟ ପାଇଁ ଚିନ୍ତାର କାରଣ ପାଲଟିଛି।

**ତୃତୀୟ ଟି-୨୦**
**ସ୍ଥାନ- ହୋବାର୍ଟ**
**ମ୍ୟାଚ ଆରମ୍ଭ: ଅପରାହ୍ଣ ୧ଟା ୪୫**
**ପ୍ରସାରଣ: ଷ୍ଟାର ସ୍ପୋର୍ଟ୍ସ ନେଟୱର୍କ**

## ହସ୍ପିଟାଲରୁ ବାହାରିଲେ ଆୟର

ସିଡ୍‌ନୀ, ୧।୧୧ (ଏଜେନ୍ସି): ଭାରତୀୟ କ୍ରିକେଟର୍ ଶ୍ରେୟସ ଆୟରଙ୍କୁ ନେଇ ଖୁସି ଖବର ଆସିଛି। ଅଷ୍ଟ୍ରେଲିଆ ବିପକ୍ଷ ତୃତୀୟ ଦିନିକିଆରେ ଫିଲ୍ଡିଂ ସମୟରେ ଛାତିରେ ଗୁରୁତର ଆଘାତ ଲାଗି ସିଡ୍‌ନୀରେ ଚିକିତ୍ସିତ ହେଉଥିବା ଆୟରଙ୍କୁ ଶନିବାର ହସ୍ପିଟାଲରୁ ରିଲିଜ କରାଯାଇଛି। କ୍ୟାଚ୍ ଧରିବାକୁ ଯାଇ ଆୟରଙ୍କ ପଞ୍ଜରାରେ ଆଘାତ ଲାଗି ଆଭ୍ୟନ୍ତରୀଣ ରକ୍ତକ୍ଷରଣ ହୋଇଥିଲା। ଯେଉଁଥି ପାଇଁ ସିଡ୍‌ନୀ ଏକ ହସ୍ପିଟାଲରେ ତାଙ୍କର ଜରୁରୀ ଅସ୍ତ୍ରୋପଚାର କରାଯାଇଥିଲା। ତାଙ୍କୁ ଏବେ ରିଲିଜ କରାଯାଇଥିବା ନେଇ ବିସିସିଆଇ ପକ୍ଷରୁ ସୂଚନା ଦିଆଯାଇଛି। ବିସିସିଆଇ ପକ୍ଷରୁ ଆହୁରି ମଧ୍ୟ କୁହାଯାଇଛି ଯେ ଆୟରଙ୍କ ସ୍ୱାସ୍ଥ୍ୟାବସ୍ଥା ଏବେ ସ୍ଥିର ରହିଛି। ସେ ଧିରେ ଧିରେ ସୁସ୍ଥ ହେଉଛନ୍ତି। ବିସିସିଆଇର ମେଡିକାଲ ଟିମ୍ ସହ ସିଡ୍‌ନୀର ଏକ ଡାକ୍ତରୀ ଦଳ ତାଙ୍କ ସ୍ୱାସ୍ଥ୍ୟାବସ୍ଥା ଉପରେ ନଜର ରଖିଛି। ସେ ଏବେ ସିଡ୍‌ନୀରେ ରହିବେ। ଯେବେ ବିମାନରେ ବସିବା ଲାଗି ଉପଯୁକ୍ତ ହେବେ ସେତେବେଳେ ତାଙ୍କୁ ଭାରତ ଅଣାଯିବ ବୋଲି ବିସିସିଆଇ ପକ୍ଷରୁ କୁହାଯାଇଛି।

# ନିରାଶ କଲେ ଓଡ଼ିଶା ବୋଲର; ଆନ୍ଧ୍ର ୨୨୨/୩

**ବାରବାଟୀ ରଣଜୀ**

ଭୁବନେଶ୍ୱର, ୧।୧୧ (ସମିସ): ଘରୋଇ ଓଡ଼ିଶା ଓ ଆନ୍ଧ୍ର ପ୍ରଦେଶ ମଧ୍ୟରେ ଚଳିତ ରଣଜୀ ଟ୍ରଫିର ତୃତୀୟ ରାଉଣ୍ଡ ମୁକାବିଲା ଶନିବାରଠାରୁ ବାରବାଟୀ ଷ୍ଟାଡିୟମରେ ଆରମ୍ଭ ହୋଇଛି। ଏହି ମ୍ୟାଚର ପ୍ରଥମ ଦିବସରେ ଘରୋଇ ଓଡ଼ିଶା ବୋଲର ନିରାଶ କରିଛନ୍ତି। ଟସ୍ ଜିତି ବ୍ୟାଟିଂ କରିଥିବା ଭ୍ରମଣକାରୀ ଆନ୍ଧ୍ର ପ୍ରଦେଶ ପ୍ରଥମ ଦିବସ ଖେଳ ଶେଷବେଳକୁ ୬୮ ଓଭରରେ ୩ ୱିକେଟ ହରାଇ ୨୨୨ ରନ ସଂଗ୍ରହ କରିଛି। ଖରାପ ଆଲୋକ ଯୋଗୁ ପ୍ରଥମ ଦିବସରେ ୨୨ ଓଭର ଖେଳ ସମ୍ଭବ ହୋଇପାରି ନ ଥିଲା।


ଭ୍ରମଣକାରୀ ଆନ୍ଧ୍ର ପ୍ରଦେଶ ପାଇଁ ଦୁଇ ଓପନର୍ ଶ୍ରୀକର ଭରତ ଓ ଅଭିଷେକ ରେଡ୍ଡୀ ଦମ୍‌ଦାର ଆରମ୍ଭ କରିଥିଲେ। ଉଭୟ ଓପନିଂ ୱିକେଟ୍ ଯୋଡ଼ିରେ ୧୬୧ ରନ ସଂଗ୍ରହ କରି ଘରୋଇ ଦଳର ବୋଲରଙ୍କୁ ନିରାଶ କରିଥିଲେ। ଭାରତୀୟ ଟେଷ୍ଟ ଦଳର ୱିକେଟ୍‌କିପର ଦାୟିତ୍ୱ ସମ୍ଭାଳିଥିବା ଶ୍ରୀକର ୯୩ ରନ କରି ଅଳ୍ପକେ ଶତକରୁ ବଞ୍ଚିତ ହୋଇଥିଲେ। ୧୨୯ ବଲର ଏହି ପାଳିରେ ସେ ୧୦ ଚୌକା ଓ ୩ଟି ଛକା ମାରିଥିଲେ। ଶ୍ରୀକରଙ୍କୁ ଆଉଟ୍ କରି ସମ୍ବିତ ବରାଳ ଓଡ଼ିଶାକୁ ପ୍ରତୀକ୍ଷିତ ବ୍ରେକ୍ ଥ୍ରୁ ଦେଇଥିଲେ। ଏହାପରେ ଦଳୀୟ ସ୍କୋର ୨୦୧ ରନ ହୋଇଥିବାବେଳେ ଓଡ଼ିଶାକୁ କ୍ରମାଗତ ୨ଟି ସଫଳତା ମିଳିଥିଲା। ଅନ୍ୟତମ ଓପନର୍ ଅଭିଷେକ ୭୬ ରନ କରି ପ୍ରଥମେ ବାଦଲ ବିଶ୍ୱାଳଙ୍କ ଶିକାର ବନିଥିଲେ। ଏହାପରେ କ୍ରିଜକୁ ଆସିଥିବା ଅଧିନାୟକ ରିକି ଭୁଇ ମଧ୍ୟ ୫ଟି ବଲ୍ ସାମ୍ନା କରି ଥିଲେ ମଧ୍ୟ ଖାତା ଖୋଲି ନ ପାରି ସମ୍ବିତଙ୍କ ବଲରେ ଏଲ୍‌ବିଡବ୍ଲ୍ୟୁ ହୋଇଯାଇଥିଲେ। ତେବେ ସେକ୍ ରଶିଦ ଓ କିର୍ଦାନ୍ତ କରଣ ସିନ୍ଧେ ଦଳକୁ ଆଉ କ୍ଷତି ହେବାକୁ ଦେଇ ନ ଥିଲେ। ଖେଳ ଶେଷବେଳକୁ ରଶିଦ ୨୫ ଓ ସିନ୍ଧେ ୧୬ ରନ କରି ଖେଳୁଛନ୍ତି। ଘରୋଇ ଓଡ଼ିଶା ପାଇଁ ମଧ୍ୟଗତିର ଦ୍ରୁତ ବୋଲର ସମ୍ବିତ ସବୁଠୁ ସଫଳ ବୋଲର ରହି ୨ଟି ଓ ବାଦଲଙ୍କୁ ଗୋଟିଏ ୱିକେଟ୍ ମିଳିଥିଲା। ଏହି ମ୍ୟାଚରେ ଖେଳି ୱିକେଟ୍ କିପର ସୌରଭ ଗୌଡ଼ା ଓଡ଼ିଶା ପାଇଁ ପ୍ରଥମଶ୍ରେଣୀ କ୍ରିକେଟ୍‌ରେ ପଦାର୍ପଣ କରିଛନ୍ତି। ଓଡ଼ିଶା ପ୍ରଥମ ମ୍ୟାଚରେ ବରୋଦା ନିକଟରୁ ୭ ୱିକେଟ୍‌ରେ ପରାସ୍ତ ହୋଇଥିବାବେଳେ ଦ୍ୱିତୀୟ ମୁକାବିଲାରେ ୟୁପି ବିପକ୍ଷରେ ଗୋଟିଏ ପଏଣ୍ଟ ପାଇଛି।

**ଭାରତୀୟ ଟେନିସରେ ଏକ ଯୁଗର ଅନ୍ତ**

# ୪୫ ବର୍ଷରେ ଅବସର ନେଲେ ବୋପନ୍ନା

ବେଙ୍ଗାଲୁରୁ, ୧।୧୧ (ଏଜେନ୍ସି): କିମ୍ବଦନ୍ତୀ ଟେନିସ ଖେଳାଳି ରୋହନ ବୋପନ୍ନା ଶେଷରେ ତାଙ୍କର ଦୁଇ ଦଶନ୍ଧିର ଜ୍ୱାଜଲ୍ୟମୟ କ୍ୟାରିୟରରେ ପୂର୍ଣ୍ଣଚ୍ଛେଦ ଟାଣି ଶନିବାର ଅବସର ଘୋଷଣା କରିଛନ୍ତି। ବୋପନ୍ନାଙ୍କ ଅବସର ସହ ଭାରତୀୟ ଟେନିସରେ ଏକ ଯୁଗର ଅବସାନ ଘଟିଛି। ବେଙ୍ଗାଲୁରୁ ଜନ୍ମିତ ୪୫ ବର୍ଷୀୟ ବୋପନ୍ନା ଶେଷଥର ଲାଗି ଗତ ୨୮ ତାରିଖରେ କାଜାଖସ୍ତାନର ଆଲେକ୍ସଜାଣ୍ଡର ବଲ୍‌ବିକଙ୍କୁ ସାଥୀ କରି ପ୍ୟାରିସ ମାଷ୍ଟର୍ସ ଟୁର୍ଣ୍ଣାମେଣ୍ଟ ଖେଳିଥିଲେ। ଯେଉଁଥିରେ ସେ ରାଉଣ୍ଡ-୩୨ରୁ ହାରି ବିଦାୟ ନେଇଥିଲେ।

ସାମାଜିକ ଗଣମାଧ୍ୟମ ଇନଷ୍ଟାଗ୍ରାମରେ ବୋପନ୍ନା ତାଙ୍କ ଅବସର ବାର୍ତ୍ତାରେ କହିଛନ୍ତି, ‘ତୁମର ଜୀବନକୁ ଏପରି ଅର୍ଥ ଦେଇଥିବା ଜିନିଷକୁ ତୁମେ କିଭଳି ଅଲ୍‌ବିଦା କରିପାରିବ। ଅବିସ୍ମରଣୀୟ ୨୦ ବର୍ଷର ଯାତ୍ରା ପରେ ଏବେ ସମୟ ଆସିଯାଇଛି। ଅଫିସିଆଲ୍ ଭାବେ ମୁଁ ମୋ ର୍‌ୟାକେଟ୍ ଝୁଲାଇଦେଉଛି। ଭାରତ ପକ୍ଷରୁ ପ୍ରତିନିଧିତ୍ୱ କରିବା ମୋ ଜୀବନର ସବୁଠୁ ବଡ଼ ସମ୍ମାନ ଥିଲା।’



### ୪୩ ବର୍ଷରେ ନଂ-୧ ଖେଳାଳି

ଗତବର୍ଷ ପ୍ରାରମ୍ଭରେ ବୋପନ୍ନା ୪୩ ବର୍ଷ ବୟସରେ ବିଶ୍ୱର ଏକ ନମ୍ବର ପୁରୁଷ ଡବଲ୍ସ ଖେଳାଳି ମାନ୍ୟତା ପାଇଥିଲେ। ଅଷ୍ଟ୍ରେଲିଆନ ଓପନ୍ କ୍ୱାର୍ଟର ଫାଇନାଲରେ ବିଜୟ ହାସଲ କରିବା ପରେ ସେ ଏହି ସଫଳତା ପାଇଥିଲେ। ଏହି ଟୁର୍ଣ୍ଣାମେଣ୍ଟରେ ସେ ମାଥ୍ୟୁ ଏବଡେନଙ୍କୁ ସାଥୀ କରି ଅଷ୍ଟ୍ରେଲିଆନ ଓପନ ଟ୍ରଫି ଜିତିଥିଲେ। ଫଳରେ ଓପନ୍ ଏରାରେ ବୟୋଜ୍ୟେଷ୍ଠ ଖେଳାଳି ଭାବେ ଗ୍ରାଣ୍ଡସ୍ଲାମ ଟାଇଟଲ୍ ଜିତିବାର ରେକର୍ଡ ବୋପନ୍ନାଙ୍କ ନାମରେ ଲିପିବଦ୍ଧ ହୋଇଥିଲା। ଏଥିପୂର୍ବରୁ ବୋପନ୍ନା ତାଙ୍କର ପ୍ରଥମ ଗ୍ରାଣ୍ଡସ୍ଲାମ ଟ୍ରଫି ୨୦୧୭ରେ ଫ୍ରେଞ୍ଚ ଓପନ୍ ମିକ୍ସଡ ଡବଲ୍ସରେ ହାସଲ କରିଥିଲେ।

### ଅଳ୍ପକେ ଅଲିମ୍ପିକ ପଦକରୁ ବଞ୍ଚିତ

ତିନିଥର (୨୦୧୨, ୨୦୧୬ ଓ ୨୦୨୪) ଅଲିମ୍ପିକ ଖେଳିବାର ସୌଭାଗ୍ୟ ଲାଭ କରିଥିବା ବୋପନ୍ନା ଅଳ୍ପକେ ପଦକ ଜିତିବାରୁ ବଞ୍ଚିତ ହୋଇଥିଲେ। ୨୦୧୬ ରିଓ ଅଲିମ୍ପିକ୍ସରେ ସାନିଆ ମିର୍ଜାଙ୍କୁ ସାଥୀ କରି ଖେଳିଥିବା ରୋହନ ମିକ୍ସଡ ଡବଲ୍ସରେ ୪ର୍ଥ ସ୍ଥାନ ହାସଲ କରିଥିଲେ। ବୋପନ୍ନା ୨୦୧୯ରେ ‘ଅର୍ଜୁନ’ ଓ ୨୦୨୪ରେ ‘ପଦ୍ମଶ୍ରୀ’ ପୁରସ୍କାର ଜିତିଥିଲେ।

# ଖେତବର, ନିର୍ମଳା ଜିତିଲେ ରାଜ୍ୟ ସ୍କୁଲଚେସ୍



ଭୁବନେଶ୍ୱର,୧।୧୧(ସମିସ): ଓଡ଼ିଶା ରାଜ୍ୟ ସ୍କୁଲ ସ୍ପୋର୍ଟ୍ସ ଆସୋସିଏସନ ଆନୁକୂଲ୍ୟରେ ୬୯ତମ ରାଜ୍ୟ ସ୍କୁଲ ସମୂହର ୧୭ ବର୍ଷରୁ କମ୍ ଚେସ୍ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏହି ପ୍ରତିଯୋଗିତାର ବାଳକ ବିଭାଗରେ ଭୁବନେଶ୍ୱରର ଖେତବର ମାଝୀ ଓ ବାଳିକା ବିଭାଗରେ ମଧ୍ୟ ଭୁବନେଶ୍ୱରର ନିର୍ମଳା କୁଲୁ ଚାମ୍ପିଅନ ହୋଇଛନ୍ତି। ବାଳକ ବିଭାଗରେ ଭୁବନେଶ୍ୱରର ଚେମ୍ପୁରୁ ହେମ୍ବ୍ରମ୍, ପୁରୀର ଆଦିତ୍ୟ ପଟ୍ଟନାୟକ, ଗଞ୍ଜାମର ବିଶାଳଜ୍ୟୋତି ପଣ୍ଡା ଓ କେନ୍ଦୁଝରର ଆଶୁତୋଷ ଖୁଣ୍ଟିଆ ଦ୍ୱିତୀୟରୁ ପଞ୍ଚମ ସ୍ଥାନ ଅଧିକାର କରିଛନ୍ତି। ସେହିପରି ବାଳିକା ବିଭାଗରେ ଗଞ୍ଜାମର ପ୍ରତ୍ୟୁଷାରାଣୀ କର, କଟକର ଜୟୀତା ବେହେରା, ସୁନ୍ଦରଗଡର ଭାଗ୍ୟଶ୍ରୀ ସିଂ ଓ କଳାହାଣ୍ଡିର ବବିତା ବେହେରା ଦ୍ୱିତୀୟରୁ ପଞ୍ଚମ ସ୍ଥାନ ଅଧିକାର କରିଛନ୍ତି। ପ୍ରଥମରୁ ପଞ୍ଚମ ସ୍ଥାନ ଅଧିକାର କରିଥିବା ଖେଳାଳିମାନେ ସର୍ବଭାରତୀୟ ୧୭ ବର୍ଷରୁ କମ୍ ସ୍କୁଲ ଚେସରେ ଓଡ଼ିଶାରୁ ପ୍ରତିନିଧିତ୍ୱ କରିବାକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ଏହି ପ୍ରତିଯୋଗିତା ତ୍ରିପୁରାର ଅଗରତାଲାରେ ଚଳିତମାସ ଖେଳାଯିବ। ଆର୍ବିଟର ଦେବାଶିଷ ପାଣିଗ୍ରାହୀ ଏହି ପ୍ରତିଯୋଗିତାକୁ ପରିଚାଳନା କରିଥିଲେ। ଆର୍ବିଟର ସୌମ୍ୟକାନ୍ତ ସାହୁ, ବିଭୁଦତ୍ତ ରଥ, ଶ୍ରବଣ ପ୍ରଧାନ ଓ ସନ୍ତୋଷ ସାହୁ ତାଙ୍କୁ ସହାୟତା କରିଥିଲେ। ଖୋର୍ଦ୍ଧାର ବିଜେବି ହାଇସ୍କୁଲରେ ଏହି ପ୍ରତିଯୋଗିତା ୨ ଦିନ ଧରି ଆୟୋଜିତ ହୋଇଥିଲା। ଖେଳ ଶେଷରେ ଶାରିରୀକ ଶିକ୍ଷା ବିଭାଗର ଯୁଗ୍ମ ନିର୍ଦ୍ଦେଶକ ଜ୍ୟୋତିପ୍ରସାଦ ପରିଡ଼ା ମୁଖ୍ୟ ଅତିଥି, ବିଏସ୍‌ଇର ନିର୍ଦ୍ଦେଶକ ବୀରେନ୍ଦ୍ର କୋରକୋରା, ଜିଲ୍ଲା ଶିକ୍ଷାଅଧିକାରୀ ସୋନାମିକା ରାୟ, ସହକାରୀ ଜିଲ୍ଲା ଶିକ୍ଷାଅଧିକାରୀ ପ୍ରଜ୍ଞାପାରମିତା ଜେନା ଅନ୍ୟତମ ଅତିଥିଭାବେ ଯୋଗଦେଇଥିଲେ।

# ଟାର୍ଗେଟ୍- ୨୭୫; ଭାରତ-ଏ ୧୧୯/୪

ବେଙ୍ଗାଲୁରୁ, ୧।୧୧ (ଏଜେନ୍ସି): ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା-ଏ ଓ ଭାରତ-ଏ ମଧ୍ୟରେ ଏଠାରେ ଚାଲିଥିବା ପ୍ରଥମ ଅନ୍‌ଅଫିସିଆଲ୍ ଟେଷ୍ଟ ରୋଚକସ୍ଥିତିରେ ପହଞ୍ଚିଛି। ୨୭୫ ରନର ଟାର୍ଗେଟ୍‌କୁ ପିଛା କରିଥିବା ଭାରତ-ଏ ଶନିବାର ତୃତୀୟ ଦିବସ ଷ୍ଟମ୍ପ ସୁଦ୍ଧା ୪ ୱିକେଟ୍ ହରାଇ ୧୧୯ ରନ ସଂଗ୍ରହ କରିଛି। ଆହତ ସମସ୍ୟାରୁ ସୁସ୍ଥ ହୋଇ ପ୍ରତ୍ୟାବର୍ତ୍ତନ କରିଥିବା ଅଧିନାୟକ ରଷଭ ପନ୍ତ ୬୪ ରନ ଓ ଆୟୁଷ ବଦୋନୀ କୌଣସି ରନ ନ କରି କ୍ରିଜରେ ଅପରାଜିତ ରହିଛନ୍ତି। ରବିବାର ମ୍ୟାଚର ଅନ୍ତିମ ତଥା ୪ର୍ଥ ଦିବସ। ଭାରତକୁ ବିଜୟ ଲାଗି ବଳକା ୬ ୱିକେଟ୍‌ରେ ଆଉ ୧୫୬ ରନ ଆବଶ୍ୟକ। ୭୫ ରନରେ ଆଗୁଆଥିବା ଦ. ଆଫ୍ରିକା-ଏ ଶନିବାର ଦ୍ୱିତୀୟ ପାଳିରେ ୧୯୯ ରନ କରିଥିଲା।

**GROOM WANTED**
for Business Enturpuneer
Brahmin cast
Bride:- 25year, 5.4 feet,
Post Graduate, Father
Established Industrialist
of Eastern India /
Contact- 8984661780

PRINTED & PUBLISHED BY AMIT KUMAR MALLICK FOR ‘THE SAKALA’ A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ: ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS